

▶ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-132 ◆SATURDAY ◆8 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୩୨ ◆ଶନିବାର ◆୮ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


# ରଙ୍ଗ ମାରିଲେ ବିକାଶ ହୁଏନି: ନବୀନ

## ୧୧ରେ ନୂଆପଡ଼ାବାସୀ ଦେବେ 'ବେଇମାନୀ'ର ଜବାବ୍



**ସାଧାରଣ ଲୋକଙ୍କୁ ନବୀନଙ୍କ ପ୍ରଶ୍ନ**

- ଆପଣମାନଙ୍କୁ ୩୦୦ ୟୁନିଟ୍ ମାଗଣା ବିଜୁଳି ମିଳିଛି କି ?
- ବୁଢ଼ାବୁଢ଼ୀମାନଙ୍କୁ ୩୫୦୦ ଟଙ୍କା ପେନ୍‌ସନ ମିଳିଛି କି ?
- ଚାଷୀଭାଇଙ୍କୁ ୟୁରିଆ ସାର ସରକାର ଦେଇପାରିଛନ୍ତି କି ?
- ଧାନ ବିକ୍ରିରେ କଟ୍‌ନୀଛଟ୍‌ନୀ ବନ୍ଦ ହୋଇପାରିଛି କି ?
- ଯୁବବର୍ଗଙ୍କୁ ସରକାରୀ ଚାକିରି ପ୍ରତିଶ୍ରୁତି ପୂରଣ ହୋଇଛି କି?

■ **ନୂଆପଡ଼ା/ଭୁବନେଶ୍ୱର,୭।୧୧ (ସମିସ):** ଖାଲି ରଙ୍ଗ ମାରି ଦେଲେ ବିକାଶ ହୁଏ ନାହିଁ; ମିଛ ପ୍ରତିଶ୍ରୁତିରେ ସରକାର ଚାଲେ ନାହିଁ। ମିଛ କହି ସରକାର ଗଠନ କରିପାରନ୍ତି, ପ୍ରାର୍ଥୀ ଚୋରି କରିପାରନ୍ତି; କିନ୍ତୁ ଲୋକଙ୍କ ହୃଦୟକୁ ଜିତି ପାରିବେ ନାହିଁ। ଶାସନ କରିବାର ୫୦୦ ଦିନ ମଧ୍ୟରେ ଡବଲ ଇଞ୍ଜିନ୍ ସରକାର ଲୋକଙ୍କୁ କେବଳ ଦେଇଛି ଧୋକା, ଧୋକା, ଡବଲ ଧୋକା। ଲୋକଙ୍କ ସହିତ, ବିଜେଡି ସହିତ ଓ ତାଙ୍କ ସହିତ କିପରି ବେଇମାନି କରାଯାଇଛି, ତାହା ନୂଆପଡ଼ାବାସୀ

- ◆ ଅଟକିଛି ବିକାଶ କାର୍ଯ୍ୟ, ମିଛ ପ୍ରତିଶ୍ରୁତିରେ ଚାଲେ ନାହିଁ ସରକାର
- ◆ ୫୦୦ ଦିନରେ ଡବଲ୍ ଧୋକା ଦେଇଛି ଡବଲ୍ ଇଞ୍ଜିନ୍ ସରକାର
- ◆ ପ୍ରାର୍ଥୀ ଚୋରି କରିପାରନ୍ତି; କିନ୍ତୁ ଲୋକଙ୍କ ହୃଦୟ ଜିତିପାରିବେ ନାହିଁ

ଭଲ ଭାବେ ଜାଣନ୍ତି। ନୂଆପଡ଼ାର ଭୋଟରମାନେ ୧୧ ତାରିଖ ଦିନ ଏହାର ଜବାବ ଭୋଟରେ ଦେବେ। ଆଜି ନୂଆପଡ଼ାରେ ବିଜେଡି ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆଙ୍କ ସପକ୍ଷରେ ନିର୍ବାଚନ ପ୍ରଚାର ଅବସରରେ ଶାସକ ବିଜେପିକୁ ଏପରି କଟାକ୍ଷ କରିଛନ୍ତି ବିଜେଡି ସଭାପତି ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ। ଖରିଆରରୋଡ଼ ଓ ନୂଆପଡ଼ା ଏନ୍‌ଏସିରେ ଆୟୋଜିତ ରୋଡ ଶୋ' ଓ ଜନସଭାରେ ବିଜୁ ଜନତା ଦଳ ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କୁ ଶଙ୍ଖ ଚିହ୍ନରେ ଭୋଟ ଦେଇ ଆଶୀର୍ବାଦ କରିବା ପାଇଁ ଶ୍ରୀ ପଟ୍ଟନାୟକ ଜନସାଧାରଣଙ୍କୁ ନିବେଦନ କରିଛନ୍ତି।

ଶ୍ରୀ ପଟ୍ଟନାୟକ ଆଜି ଦିନିକିଆ ନୂଆପଡ଼ା ଗସ୍ତରେ ଯାଇ ସେଠାରେ ମାରାଥନ୍ ନିର୍ବାଚନ ପ୍ରଚାର କରିଥିଲେ। ଖରିଆର ରୋଡ୍ ଓ ନୂଆପଡ଼ାରେ ବିଶାଳ ରୋଡ ଶୋ'ରେ ଯୋଗଦେଇ ବିଜେଡି ▶ପୃଷ୍ଠା-୭

### ଏଟିସିରେ ବୈଷୟିକ ସମସ୍ୟା

# ଦିଲ୍ଲୀରେ ୮୦୦ ବିମାନ ଉଡ଼ାଣ ବିଳମ୍ବିତ



**ବିମାନ ଲ୍ୟାଣ୍ଡିଂ-ଟେକ୍‌ଅଫ୍‌ର କାର୍ଯ୍ୟସୂଚୀ ମିଳୁନି**

**ଭୋପାଳ, ଚଣ୍ଡିଗଡ଼, ଅହମଦାବାଦରେ ମଧ୍ୟ ସମସ୍ୟା**

■ **ନୂଆଦିଲ୍ଲୀ, ୭।୧୧ (ଏଜେନ୍ସି):** ଦିଲ୍ଲୀ ବିମାନ ବନ୍ଦରରେ ଶୁକ୍ରବାର ୮୦୦ରୁ ଅଧିକ ଉଡ଼ାଣ ବିଳମ୍ବିତ ହୋଇଛି। ବିମାନ ବନ୍ଦରର ଏୟାର ଟ୍ରାଫିକ୍ କଣ୍ଟ୍ରୋଲ (ଏଟିସି) ପ୍ରଣାଳୀରେ ବୈଷୟିକ ତ୍ରୁଟି ଦେଖା ଦେବାରୁ ଏଭଳି ସମସ୍ୟା ସୃଷ୍ଟି ହୋଇଛି। ଏହି ବୈଷୟିକ ତ୍ରୁଟି କାରଣରୁ ଏଟିସିର ବିମାନ ଅବତରଣ ଓ ଉଡ଼ାଣ ନେଇ କାର୍ଯ୍ୟସୂଚୀ ମିଳିପାରୁନାହିଁ। ଗଣମାଧ୍ୟମଗୁଡ଼ିକର ସୂଚନା ଅନୁଯାୟୀ, ଏଟିସିର ଅଟୋମେଟିକ୍ ମେସେଜ ସୁଇଚ୍ ସିଷ୍ଟମ (ଏଏମ୍‌ଏସ୍‌ଏସ୍)ରେ ତ୍ରୁଟି ଦେଖିବାକୁ ମିଳିଛି। ଏଏମ୍‌ଏସ୍‌ଏସ୍ ବିମାନଗୁଡ଼ିକର ଟେକ୍‌ଅଫ୍ ଓ ଲ୍ୟାଣ୍ଡିଂ ନେଇ ସୂଚନା ପ୍ରଦାନ କରିଥାଏ। ଏଟିସି ଅଧିକାରୀମାନେ ପୂର୍ବରୁ ଉପଲବ୍ଧ ତଥ୍ୟକୁ ଆଧାର କରି ବିମାନଗୁଡ଼ିକର ଉଡ଼ାଣ ଓ ଅବତରଣ କାର୍ଯ୍ୟସୂଚୀ ସ୍ଥିର କରୁଛନ୍ତି। ଦିଲ୍ଲୀ ବିମାନ ବନ୍ଦରର ଏହି ସମସ୍ୟା ଦ୍ୱାରା ଅନ୍ୟ ବିମାନ ବନ୍ଦରଗୁଡ଼ିକ ମଧ୍ୟ ପ୍ରଭାବିତ ହୋଇଛି। ଦିଲ୍ଲୀରୁ ଅନ୍ୟ ବିମାନ ବନ୍ଦରକୁ ଯିବା ▶ପୃଷ୍ଠା-୭

# ୪୨ ଦିନରେ ୫୨ ଲକ୍ଷ ଗାଡ଼ି ବିକ୍ରି



■ **ନୂଆଦିଲ୍ଲୀ, ୭।୧୧ (ଏଜେନ୍ସି):** ଚଳିତବର୍ଷର ପାର୍ବଣ ଋତୁରେ ସାରା ଦେଶରେ ଯାନବାହାନ ବିକ୍ରିରେ ପ୍ରତିଷ୍ଠା ହୋଇଛି ନୂଆ ରେକର୍ଡ। ଏହି ୪୨ ଦିନର ପାର୍ବଣରେ ୫୨ ଲକ୍ଷ ଗାଡ଼ି ବିକ୍ରି ହୋଇଛି। ଫେଡେରେସନ ଅଫ୍ ଅଟୋମୋବାଇଲ୍ ଡିଲର୍ସ ଆସୋସିଏସନ୍ (ଫାଡା)ର ତଥ୍ୟ ଅନୁଯାୟୀ, ଏଥର ପାର୍ବଣ ଋତୁରେ ଖୁଚୁରା ଗାଡ଼ି ବିକ୍ରି ୨୧% ବୃଦ୍ଧି ପାଇ ୫୨, ୩୮, ୪୦୧ ୟୁନିଟ୍ ହୋଇଛି, ଯାହା ଗତ ବର୍ଷର ୪୩,୨୫,୬୩୨ ୟୁନିଟ୍ ତୁଳନାରେ ବହୁତ ଅଧିକ। ଅପରପକ୍ଷେ ଏହି ସମୟ ମଧ୍ୟରେ, ପାସେଞ୍ଜର ଗାଡ଼ି କ୍ଷେତ୍ରରେ ବିକ୍ରି ୨୩% ବୃଦ୍ଧି ପାଇ ୭,୬୬,୯୧୮ ୟୁନିଟ୍ ରହିଛି। ସେହିଭଳି ଦୁଇଚକିଆ ବିକ୍ରି ୨୨% ବୃଦ୍ଧି ପାଇ ୪୦,୫୨,୫୦୩ ୟୁନିଟ୍‌ରେ ପହଞ୍ଚିଛି। ▶ପୃଷ୍ଠା-୭

## ପୁଲିସ ଏସ୍‌ଆଇ ଚାକିରି ବିକ୍ରି କେଳେଙ୍କାରୀ

# ଏସ୍‌ଆଇଟି ବୈଠକରେ ଉଦ୍‌ବେଗ

### ଅର୍ଥ କାରବାର ଉପରେ ଇଡି ନଜର ରଖିଛି: ଜଷ୍ଟିସ୍ ପଶାୟତ



■ **କଟକ, ୭।୧୧ (ସମିସ):** ଓଡ଼ିଶାରେ ପୁଲିସ ଏସ୍‌ଆଇ ଚାକିରି କେଳେଙ୍କାରୀ ସମେତ ଆଉ କେତେକ ପ୍ରସଙ୍ଗକୁ ନେଇ କଳାଟଙ୍କା କାରବାର ସଂପର୍କରେ ତଦନ୍ତ କରୁଥିବା ସ୍ୱତନ୍ତ୍ର ତଦନ୍ତକାରୀ ସଂସ୍ଥା(ଏସ୍‌ଆଇଟି)ର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ କଟକରେ ଅନୁଷ୍ଠିତ ହୋଇଯାଇଛି। ଏସ୍‌ଆଇଟି ଉପାଧ୍ୟକ୍ଷ ଜଷ୍ଟିସ୍ ଅରିଜିତ ପଶାୟତ ଏଥିରେ ଅଧ୍ୟକ୍ଷତା କରି ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଳେଙ୍କାରୀ ଘଟଣାକୁ ନେଇ ଚିନ୍ତା ପ୍ରକଟ କରିଛନ୍ତି। ବିଶେଷକରି ଏହି କେଳେଙ୍କାରୀରେ ବିପୁଳ ଅର୍ଥ କାରବାର ହୋଇଥିବା ନେଇ ତଦନ୍ତକାରୀ ସଂସ୍ଥା ପକ୍ଷରୁ ଅବଗତ କରାଯାଇଛି। ଏଣୁ ଏହା ଉପରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ(ଇଡି) ନଜର ରଖିଛି ବୋଲି ଜଷ୍ଟିସ ପଶାୟତ କହିଛନ୍ତି। ଏହା ସମେତ ଆଉ କେତେକ ପରୀକ୍ଷା କେଳେଙ୍କାରୀ ତଥା ଓଟିଇଟି ପ୍ରଶ୍ନପତ୍ର ଲିକ୍ ପ୍ରସଙ୍ଗରେ ବୈଠକରେ ଆଲୋଚନା ହୋଇଥିଲା। ଏହି ଅବସରରେ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଳେଙ୍କାରୀ ଘଟଣାରେ ଅଦ୍ୟାବଧି କ୍ରାଇମବ୍ରାଞ୍ଚ କରିଥିବା ତଦନ୍ତର ଷ୍ଟାଟସ୍ ରିପୋର୍ଟକୁ ▶ପୃଷ୍ଠା-୭

# ଶଙ୍କର, ସୁରେଶଙ୍କର ହେବ ମିଛଧରା ପରୀକ୍ଷା

■ **କଟକ, ୭।୧୧ (ସମିସ):** ପୁଲିସ ଏସ୍‌ଆଇ ଚାକିରି କେଳେଙ୍କାରୀର ମୁଖ୍ୟ ଅଭିଯୁକ୍ତ ତଥା ପଞ୍ଚସଫ୍ଟ ଟେକ୍ନୋଲୋଜିର ମାଲିକ ଶଙ୍କର ପୃଷ୍ଟିକୁ କ୍ରାଇମବ୍ରାଞ୍ଚ ରିମାଣ୍ଡରେ ଆଣି ପଚରାଉଚରା କରୁଛି। କିନ୍ତୁ ସେ ତଦନ୍ତକାରୀ ଅଧିକାରୀଙ୍କୁ ସହଯୋଗ କରୁନଥିବା ଜଣାଯାଇଛି। ବାରମ୍ବାର ବୟାନ ବଦଳାଇ ତଦନ୍ତକାରୀ ଅଧିକାରୀଙ୍କୁ ବିଭ୍ରାନ୍ତ କରୁଛି। ଏହାକୁ ନେଇ କ୍ରାଇମବ୍ରାଞ୍ଚର ଚିନ୍ତା ବଢ଼ିଛି। ତେଣୁ ତା'ର ମିଛଧରା (ପଲିଗ୍ରାଫ୍) ପରୀକ୍ଷା କରି ସତ ପଦାକୁ ଆଣିବାକୁ କ୍ରାଇମବ୍ରାଞ୍ଚ ଯୋଜନା କରିଛି। ଏନେଇ ଅନୁମତି ପ୍ରଦାନ ପାଇଁ ଖୁବ୍‌ଶୀଘ୍ର ଅଦାଲତଙ୍କୁ ଆବେଦନ କରାଯିବ ବୋଲି ଜଣାଯାଇଛି। କ୍ରାଇମବ୍ରାଞ୍ଚ ସୂତ୍ରରୁ ଜଣାପଡ଼ିଛି ଯେ ▶ପୃଷ୍ଠା-୭

**ପୀତବାସ ହତ୍ୟା ମାମଲା: ବଢ଼ିଲା ବ୍ରହ୍ମପୁର ଏସ୍‌ପିଙ୍କ ଅଡୁଆ**

# ହାଇକୋର୍ଟରେ ସତ୍ୟପାଠ ସହ ହାଜର ନିର୍ଦ୍ଦେଶ



■ **କଟକ, ୭।୧୧ (ସମିସ):** ପୀତବାସ ପଣ୍ଡା ହତ୍ୟା ମାମଲାରେ ବ୍ରହ୍ମପୁର ବିଧାନସଭା ନିର୍ବାଚନୀ ମକଦ୍ଦମା ସମ୍ପର୍କିତ ତଥ୍ୟ ସାର୍ବଜନୀନ କରାଯିବା ପ୍ରସଙ୍ଗକୁ ହାଇକୋର୍ଟ ଗୁରୁତ୍ୱର ସହ ନେଇ ଶୁଣାଣି କରୁଛନ୍ତି। ଏହି ମାମଲାରେ ଆଜି ବ୍ରହ୍ମପୁର ଏସ୍‌ପି ସର୍ବଣା ବିବେକ ଏମ୍‌ଙ୍କ ପକ୍ଷରୁ ଲିଖିତ ଜବାବ ଦାଖଲ କରାଯାଇଛି। କିନ୍ତୁ, ସତ୍ୟପାଠ ଜରିଆରେ ଆସନ୍ତା ୧୦ ତାରିଖ ସୁଦ୍ଧା ଏହାକୁ ଦାଖଲ କରିବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏଥିସହ ବ୍ରହ୍ମପୁର ଏସ୍‌ପିଙ୍କୁ ମାମଲାର ପରବର୍ତ୍ତୀ ଶୁଣାଣି ସମୟରେ ଅଦାଲତରେ ବ୍ୟକ୍ତିଗତ ହାଜର ହେବା ପାଇଁ କହିଛନ୍ତି। ମନୋଜ କୁମାର ପଣ୍ଡାଙ୍କ ପକ୍ଷରୁ ବ୍ରହ୍ମପୁର ବିଧାୟକ କେ. ଅନୀଲ କୁମାରଙ୍କ ବିରୋଧରେ ରୁଜୁ ନିର୍ବାଚନୀ ମାମଲାର ଶୁଣାଣି କରି ଜଷ୍ଟିସ ଶଶିକାନ୍ତ ମିଶ୍ର ଏପରି ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ଦେଇଛନ୍ତି। ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ୧୧ ତାରିଖକୁ ଧାର୍ଯ୍ୟ ▶ପୃଷ୍ଠା-୭

## ଅନାହାର ମୃତ୍ୟୁକୁ ନେଇ ୩ ସଂଗଠନର ତଥ୍ୟ ଅନୁସନ୍ଧାନ ରିପୋର୍ଟ

# ଇ-କେୱାଇସି ନେଇଛି ରିସା ମାଙ୍କଡ଼ିଆଙ୍କ ଜୀବନ

■ **ଭୁବନେଶ୍ୱର,୭।୧୧(ସମିସ):** ଯାଜପୁର ଜିଲ୍ଲା ସୁକିନ୍ଦା ବ୍ଲକରେ ଅନାହାରରେ ମୃତ୍ୟୁବରଣ କରିଥିବା ଆଦିମ ଜନଜାତି ସମ୍ପ୍ରଦାୟର (ପିଭିଟିଜି ) ୭୦ ବର୍ଷ ବୟସ୍କ ରିସା ମାଙ୍କିଡିଆ ମୃତ୍ୟୁ କେବଳ ରାଜ୍ୟ ସରକାରଙ୍କ ଇ-କେୱାସି ଯୋଗୁଁ ହିଁ ହୋଇଛି। ରିସା ମାଙ୍କିଡ଼ିଆଙ୍କର ଆଧାର କାର୍ଡ ନ ଥିବାରୁ ସେ ଇ-କେୱାଇସି କରିପାରି ନ ଥିଲେ। ତେଣୁ ତାଙ୍କୁ ଗତ ଏପ୍ରିଲ୍ ମାସଠାରୁ ଆଉ ଚାଉଳ ମିଳି ନଥିଲା। ତେଣୁ ସେ ଭିକମାଗି ବା ଅନ୍ୟର ଦୟାରେ ଚଳୁଥିଲେ। ମାତ୍ର ଖାଦ୍ୟାଭାବ ଯୋଗୁଁ ଗତ ୨୧ ଅକ୍ଟୋବରରେ ତାଙ୍କର ଜୀବନ ଯାଇଥିଲା। ଏହି ଅନାହାରରେ ମୃତ୍ୟୁ ପରେ ସିଭିଲ ସୋସାଇଟି ଫୋରମ୍ ଫର ହ୍ୟୁମାନ୍ ରାଇଟ୍ସ (ସିଏସଏଫଏଚଆର), ଓଡିଶା ଖାଦ୍ୟ ଅଧିକାର ଅଭିଯାନ (ଆରଟିଏଫ) ଓ ଜନସ୍ୱାସ୍ଥ୍ୟ ଅଭିଯାନ (ଜେଏସଏ) ଆଦି ୩ ଟି ସଂଗଠନର କର୍ମକର୍ତ୍ତାମାନେ ଘଟଣା ସ୍ଥଳକୁ ଯାଇ ତଥ୍ୟ ଅନୁଧ୍ୟାନ କରିଛନ୍ତି। ପରେ ଏହି ସଂଗଠନଗୁଡ଼ିକ ଶୁକ୍ରବାର ଭୁବନେଶ୍ୱର ଲୋହିଆ ଏକାଡେମୀଠାରେ ସାମ୍ବାଦିକ ସମ୍ମିଳନୀ କରି ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି। ସଂଗଠନ ପକ୍ଷରୁ ଦିଆଯାଇଥିବା ତଥ୍ୟ ▶ପୃଷ୍ଠା-୭

- ଇ-କେୱାଇସି ହୋଇ ନ ଥିବାରୁ ମିଳି ନ ଥିଲା ଚାଉଳ
- ଆଧାର କାର୍ଡ ନ ଥିବାରୁ ହୋଇପାରି ନ ଥିଲା ଇ-କେୱାଇସି
- ବୟସ ହୋଇଥିଲେ ମଧ୍ୟ ବାର୍ଦ୍ଧକ୍ୟ ଭତ୍ତାରୁ ବଞ୍ଚିତ ଥିଲେ ରିସା
- ଏପ୍ରିଲ୍‌ରୁ ମିଳି ନ ଥିଲା ଚାଉଳ, ସନ୍ଦେହରେ ଶେଷ ଦୁଇ କିସ୍ତି


## ଆପଣଙ୍କ ପୁରୁଣା ବ୍ୟାଙ୍କ ଖାତାରେ ଟଙ୍କା ରଖି ଭୁଲିଯାଇଛନ୍ତି କି?



ଯାହା ଆପଣଙ୍କର ତାହାକୁ ପ୍ରାପ୍ତ କରିବାରେ ଆର୍‌ବିଆଇ ଆପଣଙ୍କୁ ସାହାଯ୍ୟ କରିବ ।

ଆପଣଙ୍କ ବ୍ୟାଙ୍କରେ ଅଚଳ ଖାତା (2 ବର୍ଷରୁ ଅଧିକ ଓ 10 ବର୍ଷ ପର୍ଯ୍ୟନ୍ତ ସମୟ ଧରି ନିଷ୍କ୍ରିୟ ଥିବା)ରେ ପଡ଼ିରହିଥିବା ଟଙ୍କା / ଦାବିହୀନ ଜମା (10 ବର୍ଷରୁ ଅଧିକ ସମୟ ଧରି)ଗୁଡ଼ିକୁ ଆର୍‌ବିଆଇର ଡିଇଏ ପାଣ୍ଠିକୁ ସ୍ଥାନାନ୍ତର କରିଦିଆଯାଇଥାଏ । ଆପଣ କିମ୍ବା ଆପଣଙ୍କର ଆଇନଗତ ଉତ୍ତରାଧିକାରୀ ତାହାକୁ ଯେକୌଣସି ସମୟରେ ଦାବି କରିପାରିବେ ।

### ନିଜ ଟଙ୍କାକୁ ଦାବି କରିବାର 3ଟି ସହଜ ସୋପାନ

1. ଆପଣଙ୍କ ବ୍ୟାଙ୍କର ଯେକୌଣସି ଶାଖା ପରିଦର୍ଶନ କରନ୍ତୁ, ତାହା ଆପଣଙ୍କ ନିୟମିତ ଶାଖା ନ ହୋଇଥିଲେ ମଧ୍ୟ କିଛି ଅସୁବିଧା ନାହିଁ
2. କେୱାଇସି ଦସ୍ତାବିଜ (ଆଧାର, ପାସ୍‌ପୋର୍ଟ, ମତଦାତା ପରିଚୟପତ୍ର କିମ୍ବା ଡ୍ରାଇଭିଂ ଲାଇସେନ୍ସ) ସହ ଏକ ଫର୍ମ ଦାଖଲ କରନ୍ତୁ
3. ଯାଞ୍ଚ ପରେ, ଯଦି ଆପଣଙ୍କର କୌଣସି ଅର୍ଥରାଶି ପ୍ରାପ୍ୟ ହୋଇଥାଏ ତେବେ ତାହାକୁ ସୁଧ ସହ ପ୍ରାପ୍ତ କରନ୍ତୁ

### ଆପଣଙ୍କର ଦାବିହୀନ ଜମାକୁ ଠାବ କରିବା ପାଇଁ

ଆପଣଙ୍କ ବ୍ୟାଙ୍କର ୱେବ୍‌ସାଇଟ୍‌ରେ ସନ୍ଧାନ କରନ୍ତୁ କିମ୍ବା ସମ୍ପ୍ରତି 30ଟି ବ୍ୟାଙ୍କକୁ ଅନ୍ତର୍ଭୁକ୍ତ କରୁଥିବା ଆର୍‌ବିଆଇର ଉଦ୍‌ଗମ ପୋର୍ଟାଲ (https://udgam.rbi.org.in) ଯାଞ୍ଚ କରନ୍ତୁ ।




ଅଧିକ ବିବରଣୀ ପାଇଁ, ପରିଦର୍ଶନ କରନ୍ତୁ: https://rbikehtahai.rbi.org.in
ମତାମତ ପାଇଁ, rbikehtahai@rbi.org.in କୁ ଲେଖନ୍ତୁ
କ୍ୟୁଆର୍ କୋଡ୍ ସ୍କାନ୍ କରନ୍ତୁ
ଆନୁଷ୍ଠାନିକ ହ୍ୱାଟ୍ସଆପ୍ ନମ୍ବର 99990 41935

ଜନହିତରେ ଜାରି କରିଛନ୍ତି
भारतीय रिज़र्व बैंक
RESERVE BANK OF INDIA
www.rbi.org.in

## ବନ୍ଦେ ମାତରମ୍ ଗାନ ନେଇ ମହାରାଷ୍ଟ୍ରରେ ବିବାଦ

ମୁମ୍ବଇ, ୭ ।୧୧(ଏଜେନ୍ସି): ମହାରାଷ୍ଟ୍ରରେ 'ବନ୍ଦେ ମାତରମ୍'ର ୧୫୦ ବର୍ଷ ପୂରଣ ନେଇ ଆୟୋଜିତ ହୋଇଥିବା ସରକାରୀ କାର୍ଯ୍ୟକ୍ରମକୁ ନେଇ ବିବାଦ ସୃଷ୍ଟି ହୋଇଛି । ସମାଜବାଦୀ ପାର୍ଟି ବିଧାୟକ ଆବୁ ଆଜମି ମୁମ୍ବଇ ବିଜେପି ଅଧ୍ୟକ୍ଷ ଅମିତ ସାଟମଙ୍କ ନିମନ୍ତ୍ରଣକୁ ପ୍ରତ୍ୟାଖାନ କରିଛନ୍ତି । ଅମିତ ବନ୍ଦେ ମାତରମ୍‌ର ସାମୁହିକ ଗାନ ପାଇଁ ଆଜମୀଙ୍କୁ ନିମନ୍ତ୍ରଣ କରିଥିଲେ । ବନ୍ଦେ ମାତରମ୍‌ର ୧୫୦ ବର୍ଷ ପୂର୍ତ୍ତୀ ପାଳନ ପାଇଁ ମହାରାଷ୍ଟ୍ର ସରକାର ସପ୍ତାହବ୍ୟାପୀ ଉତ୍ସବ ପାଳନ କରୁଛନ୍ତି । ଏଥିପାଇଁ ରାଜ୍ୟସାରା ଏକାଧିକ କାର୍ଯ୍ୟକ୍ରମର ଆୟୋଜନ ହେଉଛି । ବନ୍ଦେ ମାତରମ୍ ଗାନ କରିବା ବେଳେ ଏହାର କିଛି ଶ୍ଳୋକ ପୂଜା ଓ ଆରାଧନା ସହିତ ଜଡିତ ରହିଛି । ହିନ୍ଦୁମାନେ ଯେଉଁଭଳି ନମାଜ ପଢ଼ିବେ ନାହିଁ, ଠିକ୍ ସେହିପରି ମୁସଲମାନ ବନ୍ଦେ ମାତରମ୍ ଗାନ କରିପାରିବେ ନାହିଁ ବୋଲି ଆଜମୀ ସ୍ପଷ୍ଟ କରିଛନ୍ତି । ପୁଣି ଏହାକୁ ଗାନ କରିବା ପାଇଁ କାହାକୁ ବାଧ୍ୟ କରାଯାଇପାରିବ ନାହିଁ ବୋଲି ସୁପ୍ରିମକୋର୍ଟ ପୂର୍ବରୁ ସ୍ପଷ୍ଟ କରିଛନ୍ତି ବୋଲି ସେ କହିଛନ୍ତି । ଏଥିପାଇଁ ଆଜମୀଙ୍କୁ ବିଜେପି ତରଫରୁ ସମାଲୋଚନା କରାଯାଇଛି ।

## ବେଙ୍ଗଡୁବି ସେନା ଠିକଣାରୁ ବାଂଲାଦେଶୀ ଗିରଫ

କୋଲକାତା, ୭ ।୧୧(ଏଜେନ୍ସି): ଉତ୍ତର ବେଙ୍ଗଲର ବେଙ୍ଗଡୁବ ସେନା ଠିକଣାରେ ଜଣେ ବାଂଲାଦେଶ ନାଗରିକଙ୍କୁ ଗିରଫ କରାଯାଇଛି । ସେ ଜଣେ ଶ୍ରମିକ ଭାବେ ଏଠାରେ କାର୍ଯ୍ୟ କରୁଥିଲା । ସିଲିଗୁଡ଼ି କରିଡର ଓ ଚିକେନ ନେକ ନିକଟରେ ଏହି ସେନା ଠିକଣା ଅବସ୍ଥିତ ଥିବାରୁ ଏହାକୁ ବେଶ ସମ୍ବେଦନଶୀଳ ମନେ କରାଯାଉଛି । ତାଙ୍କଠାରୁ ନକଲି ଆଧାର, ପାନ ଓ ଭୋଟର ପରିଚୟ ପତ୍ର ଜବତ କରାଯାଇଛି ବୋଲି ଜଣେ ଅଧିକାରୀ ସୂଚନା ଦେଇଛନ୍ତି । ସେନା ଠିକଣାର ସୁରକ୍ଷା ବ୍ୟବସ୍ଥାକୁ ମଜଭୁତ କରିବା ପାଇଁ ସବୁ କର୍ମଚାରୀଙ୍କର ପୁନଃ ସଂସ୍ଥାପନ ଅଭିଯାନ କରାଯାଇଥିଲା । ଶ୍ରମିକମାନଙ୍କ ଦସ୍ତାବିଜ ଯାଞ୍ଚ କରିବା ବେଳେ ଏହି ବାଂଲାଦେଶ ନାଗରିକଙ୍କ ଉପରେ ସନ୍ଦେହ ସୃଷ୍ଟି ହୋଇଥିଲା । ତାଙ୍କଠାରୁ ବାଂଲାଦେଶର ପରିଚୟ ପତ୍ର ମିଳିଥିଲା । ଏହାପରେ ପରବର୍ତ୍ତୀ ଯାଞ୍ଚ ପାଇଁ ତାଙ୍କୁ ପୁଲିସକୁ ହସ୍ତାନ୍ତର କରାଯାଇଥିଲା । ତାଙ୍କଠାରୁ ନକଲି ପରିଚୟ ପତ୍ର ମିଳିଥିଲା । ରୋଜଗାର ପାଇଁ ବାଂଲାଦେଶ ନାଗରିକମାନେ ବହୁ ସଂଖ୍ୟାରେ ନକଲି ପରିଚୟପତ୍ର ବାହାର କରି ଭାରତ ଆସୁଛନ୍ତି ବୋଲି ଅଧିକାରୀ ଜଣକ କହିଛନ୍ତି ।

## ରୁଷ ସେନାରେ ୪୪ଜଣ ଭାରତୀୟ ଅଛନ୍ତି

ନୂଆଦିଲ୍ଲୀ, ୭ ।୧୧(ଏଜେନ୍ସି): ରୁଷ୍ ଓ ୟୁକ୍ରେନ ମଧ୍ୟରେ ଚାଲିଥିବା ଯୁଦ୍ଧ ଥମିବାର ନାମ ନେଉନାହିଁ । ଏହି ଯୁଦ୍ଧରେ ଭାରତୀୟ ମାନେ ସାମିଲ ଅଛନ୍ତି ବୋଲି ଜଣାପଡ଼ିଛି । ରୁଷ ସୈନ୍ୟବାହିନୀରେ ୪୪ ଜଣ ଭାରତୀୟ ସାମିଲ ଅଛନ୍ତି ଭାରତୀୟ ବୈଦେଶକିକ ମନ୍ତ୍ରଣାଳୟ ମୁଖପାତ୍ର ରଣଧୀର ଜୟସ୍ୱାଲ କହିଛନ୍ତି । ଏ ନେଇ ଭାରତ ରୁଷ୍ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଛି । ଏହି ସୈନକଙ୍କ ପରିବାର ସହ ସମ୍ପର୍କ ସ୍ଥାପନ କରାଯାଇଛି ବୋଲି ସେ କହିଛନ୍ତି । ଭାରତୀୟ ଯୁବକମାନେ ରୁଷ ସେନାରେ ଭର୍ତ୍ତି ହେଉଥିବାର ସୂଚନା ଆମର ହସ୍ତଗତ ହୋଇଥିଲା । ତୁରନ୍ତ ସେମାନଙ୍କୁ ସୁରକ୍ଷିତ ଭାବେ ଛାଡି ଦେବାକୁ ରୁଷିଆକୁ କୁହାଯାଇଛି ବୋଲି ଜୟସ୍ୱାଲ ସାପ୍ତାହିକ ପ୍ରେସ୍ ବ୍ରିଫିଙ୍ଗରେ କହିଛନ୍ତି । ଭାରତୀୟ ଯୁବକଙ୍କୁ ରୁଷ୍ ସେନାରେ ଭର୍ତ୍ତି କରାଯିବା ପଛରେ ଏଜେଣ୍ଟମାନଙ୍କ ହାତ ରହିଛି । ଏହି ଏଜେଣ୍ଟମାନଙ୍କୁ ଚିହ୍ନଟ କରିବାର ଆବଶ୍ୟକତା ରହଛି । ଏଥିସହ ସେନାରେ ଭର୍ତ୍ତି ହେବା ପାଇଁ ରୁଷ୍‌ର ପ୍ରସ୍ତାବକୁ ଗ୍ରହଣ ନ କରିବାକୁ ବିଦେଶ ମନ୍ତ୍ରଣାଳୟ ତରଫରୁ ସତର୍କ କରାଯାଇଛି ।

## ନମାଜବେଳେ ଇଣ୍ଡୋନେସିଆରେ ବିସ୍ଫୋରଣ; ୫୪ ଆହତ

ଜାକର୍ତ୍ତା, ୭ ।୧୧(ଏଜେନ୍ସି): ଇଣ୍ଡୋନେସିଆ ରାଜଧାନୀ ଜାକର୍ତ୍ତାରେ ଶୁକ୍ରବାର ନମାଜ ପାଠ ବେଳେ ଏକ ମସଜିଦ୍‌ରେ ଭୟଙ୍କର ବିସ୍ଫୋରଣ ହୋଇଥିଲା । ଏଥିରେ ୫୪ ଜଣ ଲୋକ ଆହତ ହୋଇଛନ୍ତି । ସମସ୍ତଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି । ଉତ୍ତର ଜାକର୍ତ୍ତାର କେଲାପ ଗାଣ୍ଡିଙ୍ଗ ଅଞ୍ଚଳରେ ସ୍କୁଲ ପରିସରରେ ଥିବା ଏକ ମସଜିଦ୍‌ରେ ଏହି ବିସ୍ଫୋରଣ ହୋଇଥିଲା । ଏବେ ପୁଲିସ ଏହି ଘଟଣା ଯାଞ୍ଚ କରୁଛି । ଯାଞ୍ଚ୍ ଅବସରରେ ପୁଲିସକୁ ଘଟଣାସ୍ଥଳରେ କିଛି ସଂଦିଗ୍ଧ ଜନିଷ ମିଳିଛି । ପୁଲିସ ହାତରେ ତିଆର ବିସ୍ଫୋଟକ ଉପକରଣ (ଆଇଇଡି)ର ଅଂଶ, ଏକ ରିମୋଟ କଣ୍ଟ୍ରୋଲ, ଏୟାର ସଫ୍ଟ ଓ ରିଭଲଭର ଭଳି ବନ୍ଧୁକ ଜବତ କରିଛି । କାଚ ଖଣ୍ଡ ଓ ଦ୍ରୁତ ଗତିରେ ଆସିଥିବା ପବନ ଯୋଗୁଁ ଲୋକେ ଆହତ ହୋଇଥିଲେ ।



## ଅଭିନେତ୍ରୀ-ଗାୟିକା ସୁଲକ୍ଷଣାଙ୍କ ପରଲୋକ

ମୁମ୍ବଇ, ୭ ।୧୧(ଏଜେନ୍ସି): ଜଣାଶୁଣା ବଲିଉଡ ଅଭିନେତ୍ରୀ ତଥା ଗାୟିକା ସୁଲକ୍ଷଣା ପଣ୍ଡିତ ୭୧ ବର୍ଷ ବୟସରେ ପରଲୋକ ଗମନ କରିଛନ୍ତି । ଗୁରବାର ସନ୍ଧ୍ୟା ୭ଟାରେ ହୃଦ୍‌ଘାତ କାରଣରୁ ସେ ମୃତ୍ୟୁବରଣ କରିଛନ୍ତି । ଗତ କିଛିଦିନ ହେବ ସେ ଅସୁସ୍ଥ ରହି ଆସୁଥିଲେ । ମୁମ୍ବଇର ନାନାବତୀ ହସ୍ପିଟାଲରେ ସେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି । ସ୍ଥାନୀୟ ବିଲେ ପାର୍ଲେ ପବନ ହଂସ ଶ୍ମଶାନ ଘାଟରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଥିଲା । ଏହି ଅବସରରେ ଅଭିନେତ୍ରୀ ଶବାନା ଆଜମି, ପୁନମ ଧିଲନ ଓ ଅନ୍ୟ ବଲିଉଡ୍ ତାରକା ଉପସ୍ଥିତ ଥିଲେ । ସେ ଜଣାଶୁଣା ସଙ୍ଗୀତକାର ଯତିନ ଓ ଲଳିତ ପଣ୍ଡିତଙ୍କ ଭଉଣୀ । ଜଣାଶୁଣା ଅଭିନେତ୍ରୀ ବିଜେତା ପଣ୍ଡିତ ମଧ୍ୟ ତାଙ୍କର ଭଉଣୀ ଥିଲେ । ସେ ଅଭିନେତା ସଞ୍ଜୀବ କୁମାରଙ୍କୁ ବିବାହ କରିବାକୁ ଚାହୁଁଥିଲେ । କିନ୍ତୁ ସଞ୍ଜୀବ ତାଙ୍କ ପ୍ରସ୍ତାବକୁ ପ୍ରତ୍ୟାଖାନ କରିବା ପରେ ସେ ମାନସିକ ଭାବେ ଗଭୀର ଆଘାତ ପାଇଥିଲେ । ସେ ସାରା ଜୀବନ ବିବାହ ମଧ୍ୟ କରିନଥିଲେ । ସେ ୧୯୫୪ରେ ଏକ ସଙ୍ଗୀତ ସହିତ ଜଡିତ ଥିବା ଏକ ପରିବାରରେ ଜନ୍ମ ଗ୍ରହଣ କରିଥିଲେ ଓ ମାତ୍ର ୯ ବର୍ଷରେ ସେ ଗୀତ ଗାଇବା ଆରମ୍ଭ କରିଥିଲେ । ୧୯୭୫ରେ 'ଉଲଝନ' ଓ ୧୯୭୬ରେ 'ସଂକଳ୍ପ' ସିନେମାରେ ଗୀତ ଗାଇ ସେ ଲୋକପ୍ରିୟତା ହାସଲ କରିଥିଲେ । ୧୯୭୦ ଓ ୮୦ ଦଶକରେ ସେ ଉଭୟ ଅଭିନେତ୍ରୀ ଓ ଗାୟିକା ଭାବେ ସଫଳତା ହାସଲ କରିଥିଲେ ମଧ୍ୟ ପରେ ବ୍ୟକ୍ତିଗତ ଓ ପେସାଦାର ଭାବେ କଷ୍ଟକର ସ୍ଥିତିର ସମ୍ମୁଖୀନ ହୋଇଥିଲେ । ସେ ଜିତେନ୍ଦ୍ରେ, ସଞ୍ଜୀବ କୁମାର, ରାଜେଶ ଖାନ୍ନା, ବିନୋଦ ଖାନ୍ନା, ଶଶି କପୁର ଓ ଶତ୍ରୁଘ୍ନ ସିହ୍ନାଙ୍କ ସହ ଏକାଧିକ ସିନେମାରେ ଅଭିନୟ କରି ସଫଳତା ହାସଲ କରିଥିଲେ ।

## ତୃଣମୂଳ ସାଂସଦଙ୍କ ଆକାଉଣ୍ଟରୁ ୫୬ ଲକ୍ଷ ଟଙ୍କା ଗାଏବ



କୋଲକାତା, ୭ ।୧୧(ଏଜେନ୍ସି): ତୃଣମୂଳ ସାଂସଦ କଲ୍ୟାଣ ବାନାର୍ଜୀ ସାଇବର ଠକେଇର ଶିକାର ହୋଇଛନ୍ତି । ତାଙ୍କ ବ୍ୟାଙ୍କ ଆକାଉଣ୍ଟରୁ ୫୬ ଲକ୍ଷ ଟଙ୍କା ଗାଏବ ହୋଇଛି । ଗତ ଅକ୍ଟୋବର ୨୮ ରେ ସାଇବର ଠକମାନେ ନକଲି ପାନ ଓ ଆଧାର କାର୍ଡ ବ୍ୟବହାର କରି କେୱାଇସି ଅପଡେଟ୍ କରିବା ବାହାନାରେ ପଞ୍ଜୀକୃତ ମୋବାଇଲ ନମ୍ବରର ଲିଙ୍କ ବଦଳାଇ ଏହି କାଣ୍ଡ ଘଟାଇଛନ୍ତି ବୋଲି ପୁଲିସ କହିଛି । ପର୍ଯ୍ୟାୟକ୍ରମେ ଠକମାନେ ମୋଟ୍ ୫୬ ଲକ୍ଷ ଟଙ୍କା ଉଠାଇ ନେଇଛନ୍ତି । ଏନେଇ କୋଲକାତା ପୋଲିସ ସାଇବର କ୍ରାଇମ ବ୍ରାଞ୍ଚ୍ ନିକଟରେ ଷ୍ଟେଟ ବ୍ୟାଙ୍କ ଅଫ୍ ଇଣ୍ଡିଆ ଅଭିଯୋଗ କରିଛି । ୨୦୦୧ରୁ ୨୦୦୬ ମଧ୍ୟରେ ଦକ୍ଷିଣ ଆସାନସୋଲରେ ବିଧାୟକ ଥିବା ବେଳେ କଲ୍ୟାଣ ଏସ୍‌ବିଆଇ ଉପଶାଖାରେ ଏହି ଆକାଉଣ୍ଟ ଖୋଲିଥିଲେ । କଲ୍ୟାଣ ଏବେ ଶ୍ରୀରାମପୁରରେ ସାଂସଦ ଅଛନ୍ତି । ଏହା ଏକ ପୁରୁଣା ଆକାଉଣ୍ଟ ଓ ଦୀର୍ଘ ସମୟଧରି ଏଥିରେ ନେଣଦେଣ ହୋଇନାହିଁ ବୋଲି ସେ କହିଛନ୍ତି । ଏନେଇ ଯାଞ୍ଚ ଜାରି ରହିଛି । ଟଙ୍କା ଏକାଧିକ ଭିନ୍ନ ଏକାଉଣ୍ଟକୁ ପଠାଯାଇଛି । ଏହି ଅର୍ଥରେ ଗହଣା କ୍ରୟ କରାଯାଇଛି ଓ ଏଟିଏମ୍‌ରୁ ପଇସା ମଧ୍ୟ ଉଠାଯାଇଛି ବୋଲି ପୁଲିସ କହିଛି ।

### ଟ୍ରମ୍ପଙ୍କ ସଟ୍‌ଡାଉନ୍ ପାଇଁ କର୍ମଚାରୀଙ୍କ ସଂଖ୍ୟା ହ୍ରାସ

# ଆମେରିକାରେ ୭୦୦ ବିମାନ ଉଡ଼ାଣ ବାତିଲ

ୱାଶିଂଟନ, ୭ ।୧୧(ଏଜେନ୍ସି): ଆମେରିକାରେ ଚାଲିଥିବା ସଟ୍‌ଡାଉନ୍ ୩୭ ଦିନରେ ପହଞ୍ଚିଛି । ଏହା ଦ୍ୱାରା ବିମାନ ଯାତ୍ରା ସବୁଠାରୁ ନକାରାତ୍ମକ ଭାବେ ପ୍ରଭାବିତ ହୋଇଛି । ଫେଡେରାଲ ଆଭିଏସନ ଆଡମିନିଷ୍ଟ୍ରେସନ (ଏଫ୍‌ଏଏ) ଗୁରୁବାର ଦେଶର ୪୦ଟି ବୃହତ୍ ବିମାନ ବନ୍ଦରରେ ଉଡ଼ାଣ ସଂଖ୍ୟାକୁ ହ୍ରାସ କରିଛି । ଶୁକ୍ରବାର ଏହି ପ୍ରକ୍ରିୟାକୁ ଆରମ୍ଭ କରାଯାଇଛି । ଏଥିରେ ନ୍ୟୁୟର୍କ ଓ ୱାସିଂଟନର ବଡ଼ ବିମାନ ବନ୍ଦରଗୁଡିକ ସାମିଲ ରହିଛି । ଏହି ୪୦ଟି ବିମାନ ବନ୍ଦର ଦେଶର ସବୁଠାରୁ ବ୍ୟସ୍ତ ବହୁଳ ରହିଆସିଛି । ଏଥିପାଇଁ 'ଥ୍ୟାଙ୍କସ ଗିଭିଂ ୱିକ୍' ପୂର୍ବରୁ ଛୁଟି ଥିବାରୁ ଯାତ୍ରା କରିବାକୁ ଥିବା ଲୋକଙ୍କ ଚିନ୍ତା ବଢ଼ିଯାଇଛି । ଏକ ଜଣାଶୁଣା ନ୍ୟୁଜ୍ ଏଜେନ୍ସିର ସୂଚନା ଅନୁସାରେ କେତେକ ବଡ଼ ଏୟାର ଲାଇନ୍ସ ଆଗୁଆ ନିଜର ଉଡାଣକୁ ବାତିଲ କରିସାରିଛନ୍ତି । ଏପର୍ଯ୍ୟନ୍ତ ମୋଟ୍ ଉପରେ ୭୦୦ରୁ ଊର୍ଦ୍ଧ୍ୱ ଉଡାଣ ବାତିଲ ହୋଇ ସାରିଛି । ଏଥିରେ ଆଞ୍ଚଳିକ ଓ ମୁଖ୍ୟ ଉଡାଣ ମଧ୍ୟ ସାମିଲ ରହିଛି । କିନ୍ତୁ ଅନ୍ତର୍ଜାତୀୟ ଉଡାଣ ଏହା ଦ୍ୱାରା ପ୍ରଭାବିତ ହେବ ନାହିଁ ବୋଲି କୁହାଯାଇଛି । ଏୟାର ଟ୍ରାଫିକ୍ କଣ୍ଟ୍ରୋଲର୍ସଙ୍କ ଅଭାବକୁ କମ୍ କରିବା ପାଇଁ ଏପରି ନିଷ୍ପତ୍ତି ନିଆଯାଇଛି ବୋଲି ଏଫ୍‌ଏଏ ତରଫରୁ କୁହାଯାଇଛି । କଣ୍ଟ୍ରୋଲରମାନେ ଗତ ଗୋଟିଏ ମାସ ହେବ ବିନା ଦରମାରେ କାର୍ଯ୍ୟ କରୁଛନ୍ତି ।



ଏହି ପ୍ରକ୍ରିୟା ଧୀରେ ଧୀରେ ଆଗକୁ ବଢ଼ିବ । ଶୁକ୍ରବାରଠାରୁ ୪ ପ୍ରତିଶତ ଉଡାଣ କମ୍ ହୋଇଛି । ନଭେମ୍ବର ୧୪ ବେଳକୁ ଏହା ୧୦ ପ୍ରତିଶତ ପର୍ଯ୍ୟନ୍ତ ପହଞ୍ଚିବ । ଉଡାଣ ବାତିଲ ପ୍ରକ୍ରିୟା ସକାଳ ୬ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ଚାଲିବ । ଏହା ଦ୍ୱାରା ଘରୋଇ ଉଡାଣ ପ୍ରଭାବିତ ହେବ । ଏହା ଦ୍ୱାରା ପ୍ରତିଦିନ ୧, ୮୦୦ ଉଡାଣ ବାତିଲ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ଫଳରେ ୨.୬୮ ଲୋକ ଏହା ଦ୍ୱାରା ପ୍ରଭାବିତ ହେବେ । ଡେଲ୍ଟା ଏୟାର ଲାଇନ୍ସ ଶୁକ୍ରବାର ୧୭୦ ଉଡାଣ ବାତିଲ କରିଛି । ସେହିପରି ୟୁନାଇଟେଡ ଏୟାର ଲାଇନ୍ସର ୨୦୦ ଉଡାଣ ଓ ଆମେରିକାନ ଏୟାର ଲାଇନ୍ସର ୨୨୦ ଉଡାଣ ବାତିଲ ହୋଇଛି । ସାଉଥୱେଷ୍ଟ ଏୟାର ଲାଇନ୍ସ ୧୦୦ଟି ଉଡାଣକୁ ବାତିଲ କରିଛି । ଏୟାର ଲାଇନ୍ସ ଫର ଆମେରିକା କହିଛି ଯେ, ଆମେ ସରକାରଙ୍କ ସହ ସାଥି ହୋଇ ଯାତ୍ରୀଙ୍କ ସମସ୍ୟା କମ୍ କରିବାକୁ ପ୍ରୟାସ କରୁଛୁ । କେଉଁ ଉଡାଣକୁ ବାତିଲ କରାଯିବ ଏୟାର ଲାଇନ୍ସ ନିଜେ ସ୍ଥିର କରିବେ ବୋଲି ଏଫ୍‌ଏଏ କହିଛି । ଏହି ସସମ୍ୟାକୁ ଦୃଷ୍ଟିରେ ରଖି ଏୟାରଲାଇନ୍ସଗୁଡିକର ମାର୍ଗ ଦର୍ଶିକା ଜାରି ରହିଛି । ବ୍ୟାକ୍‌ଅପ୍ ଟିକଟ୍ ବୁକ୍ କରିବାକୁ ପରାମର୍ଶ ଦିଆଯାଇଛି । ଆମେରିକାରେ ଚାଲିଥିବା ସଟ୍‌ଡାଉନ୍ କାରଣରୁ ୧୩,୦୦୦ କଣ୍ଟ୍ରୋଲର୍ସ ଓ ୫୦,୦୦୦ ପରିବହନ ସୁରକ୍ଷା ଏଜେଣ୍ଟ (ଟିଏସ୍‌ଏ) ବିନା ପାଉଣାରେ କାର୍ଯ୍ୟ କରୁଛନ୍ତି । ଉଲ୍ଲେଖଥାଉ କି, ଅକ୍ଟୋବର ପହିଲାରୁ ଲାଗୁ ହୋଇଥିବା ଏହି ସଟ୍‌ଡାଉନ୍ ୩୭ ଦିନରେ ପହଞ୍ଚିଛି । ଆମେରିକା ଇତିହାସର ଏହା ସବୁଠାରୁ ବଡ଼ ସଟ୍‌ଡାଉନ୍ । ଏହାପୂର୍ବରୁ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ୨୦୧୮ରେ ୩୫ ଦିନ ସଟ୍‌ଡାଉନ ଜାରି ହୋଇଥିଲା । ଏହି କାରଣରୁ ୬.୭ ଲକ୍ଷ ସରକାରୀ କର୍ମଚାରୀ ଛୁଟିରେ ଯାଇସାରିଛନ୍ତି । ୭.୩ ଲକ୍ଷ କର୍ମଚାରୀ ବିନା ଦରମାରେ କାର୍ଯ୍ୟ କରୁଛନ୍ତି । ୧୪ ଲକ୍ଷ ଲୋକ ଧାରଉଧାର କରି ଘର ଚଳାଉଛନ୍ତି । ଟ୍ରମ୍ପ ହେଲ୍‌ଥ କେୟାର ପ୍ରୋଗ୍ରାମ୍‌ର ସବସିଡି ବଢ଼ାଇବାକୁ ପ୍ରସ୍ତୁତ ନାହାନ୍ତି । ଏହି କାରଣରୁ ଆମେରିକା ସଂସଦର ଉପର ଗୃହରେ ସିନେଟ୍‌ରେ ଫଣ୍ଡିଂ ବିଲ୍ ପାସ୍ ହୋଇପାରୁନାହିଁ । ଏହି ବିଲ୍‌କୁ ନେଇ ଏପର୍ଯ୍ୟନ୍ତ ୧୪ଥର ଭୋଟିଂ ହୋଇ ସାରିଲାଣି । କିନ୍ତୁ ପ୍ରତ୍ୟେକଥର ବହୁମତ ପାଇଁ ୬୦ଟି ଭୋଟ ମିଳିପାରି ନାହିଁ । ପ୍ରତ୍ୟେକ ଦିନ ୩୩୦୦ କୋଟି ଟଙ୍କାର ଦରମା କ୍ଷତି ହେଉଛି ।

## ସ୍କୁଲ, କଲେଜ, ହସ୍ପିଟାଲରୁ ବୁଲା କୁକୁରଙ୍କୁ ହଟାଇବାକୁ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ

ନୂଆଦିଲ୍ଲୀ, ୭ ।୧୧(ଏଜେନ୍ସି): ସ୍କୁଲ, କଲେଜ, ହସ୍ପିଟାଲ ଓ ବସ୍‌ଷ୍ଟାଣ୍ଡରୁ ବୁଲା କୁକୁରଙ୍କୁ ହଟାଇବାକୁ ଅର୍ଥାତ ଦୂରେଇ ନେବାକୁ ସୁପ୍ରିମକୋର୍ଟ ଶୁକ୍ରବାର ନିର୍ଦ୍ଦେଶ ଦେଇଛନ୍ତି । କୁକୁରଙ୍କୁ ରୋକିବା ପାଇଁ ସ୍କୁଲ୍, କଲେଜ ଓ ହସ୍ପିଟାଲରେ ବାଡ଼ ବସାଯିବାକୁ କୋର୍ଟ କହିଛନ୍ତି । ଧରାଯାଇଥିବା କୁକୁରଙ୍କୁ ଯେଉଁଠାରୁ ଉଠାଯାଉଛି, ସେହି ସ୍ଥାନରେ ପୁଣି ନ ଛାଡିବାକୁ ଓ ଏହି କୁକୁରଙ୍କୁ ଆଶ୍ରୟ ଗୃହରେ ରଖିବାକୁ କୁହାଯାଇଛି । ସେହିପରି ସବୁ ଜାତୀୟ ଓ ରାଜ୍ୟ ରାଜପଥରୁ ବୁଲା ପଶୁଙ୍କୁ ସ୍ଥାନାନ୍ତର କରିବାକୁ ମଧ୍ୟ ଆଦେଶ ଦେଇଛନ୍ତି । ସବୁ ରାଜ୍ୟର ମୁଖ୍ୟ ଶାସନ ସଚିବଙ୍କୁ ଏହି ଆଦେଶ କଡ଼ାକଡ଼ି ଭାବେ ପାଳନ କରିବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । ଏହି



ମାମଲାରେ ଆଗାମୀ ୩ ସପ୍ତାହ ମଧ୍ୟରେ ରିପୋର୍ଟ ଓ ସତ୍ୟପାଠ ଦାଖଲ କରିବାକୁ ମଧ୍ୟ କୁହାଯାଇଛି । ଉଲ୍ଲେଖଥାଉ କି, ରାଜସ୍ଥାନ ହାଇକୋର୍ଟ ୩ ମାସ ତଳେ ସରକାରୀ ଏଜେନ୍ସିଗୁଡିକୁ ସଡକରୁ ବୁଲା ପଶୁଙ୍କୁ ହଟାଇବାକୁ ନିର୍ଦ୍ଦେଶ ଦେଇଥିଲେ । ଏହି କାର୍ଯ୍ୟକ୍ରମକୁ ପ୍ରଭାବିତ କରୁଥିବା ବ୍ୟକ୍ତିଙ୍କ ବିରୋଧରେ ଏଫ୍‌ଆଇଆର ରୁଜୁ କରିବାକୁ ମଧ୍ୟ କୋର୍ଟ ନିର୍ଦ୍ଦେଶ ଦେଇଥିଲେ । ରାଜସ୍ଥାନ ହାଇକୋର୍ଟଙ୍କ ଏହି ନିଷ୍ପତ୍ତି ସାରା ଦେଶରେ ଲାଗୁ ହେବ ବୋଲି ସୁପ୍ରିମକୋର୍ଟ କହିଛନ୍ତି । ଏହାପୂର୍ବରୁ ନଭେମ୍ବର ୩ରେ ସୁପ୍ରିମକୋର୍ଟ କହିଥିଲେ ଯେ, ସରକାରୀ କ୍ୟାମ୍ପସ୍‌ରେ କୁକୁରଙ୍କୁ ଖାଦ୍ୟ ଦେବା ପାଇଁ ନିୟମ ଜାରି ହେବ । ଉଲ୍ଲେଖଥାଉ କି, ଜୁଲାଇ ୨୮ରେ ଏକ ଗଣମାଧ୍ୟମ ରିପୋର୍ଟକୁ ଭିତ୍ତିକରି ସୁପ୍ରିମକୋର୍ଟ ସମସ୍ୟାକୁ ହୃଦୟଙ୍ଗମ କରିଥିଲେ । ବୁଲା କୁକୁରଙ୍କ କାମୁଡାର ଶିକାର ହୋଇ ଜଳାତଙ୍କ ରୋଗରେ ମୃତ୍ୟୁ ସଂଖ୍ୟା କୋର୍ଟଙ୍କ ନଜରକୁ ଆସିବା ପରେ ଏହି ପ୍ରକ୍ରିୟା ଆରମ୍ଭ ହୋଇଛି ।

## ଗାଜା ସୁଡ଼ଙ୍ଗରେ ଫସିଛନ୍ତି ୨୦୦ ହମାସ୍ ଯୋଦ୍ଧା

ଗାଜା, ୭ ।୧୧(ଏଜେନ୍ସି): ଗାଜାର ରଫା ସୀମା ନିକଟରେ ୨୦୦ ହମାସ ଯୋଦ୍ଧା ଏକ ସୁଡଙ୍ଗରେ ଫସି ରହିଛନ୍ତି ଓ ସେଠାରୁ ବାହାରକୁ ବାହରି ପାରୁନାହାନ୍ତି । ୨୦୨୫ ମାର୍ଚ୍ଚ ମାସରୁ ଏମାନେ ଏହି ସୁଡଙ୍ଗରେ ଫସି ରହିଛନ୍ତି ବୋଲି ଇସ୍ରାଏଲ ଗଣମାଧ୍ୟମଗୁଡିକ ସେମାନଙ୍କ ରିପୋର୍ଟରେ ଉଲ୍ଲେଖ କରିଛନ୍ତି । ଇସ୍ରାଏଲ ନିୟନ୍ତ୍ରଣରେ ଥିବା ଅଞ୍ଚଳରେ ଏହି ହାମାସ ଯୋଦ୍ଧାମାନେ ଫସି ରହିଛନ୍ତି ବୋଲି ଜଣେ ଅଧିକାରୀ କହିଛନ୍ତି । ଏମାନେ ସମସ୍ତେ ସୁଡଙ୍ଗ ଭିତରରେ ଲୁଚି ରହିଛନ୍ତି । କିନ୍ତୁ ଯଦି ଏମାନେ ପଛକୁ ହଟିବାକୁ ଚେଷ୍ଟା କରନ୍ତି ତେବେ, ଇସ୍ରାଏଲ ସୈନିକ (ଆଇଡିଏଫ୍) ହାତରେ ଧାରା ପଡ଼ିବାର ଆଶଙ୍କା ରହିଛି । ଏମାନଙ୍କୁ ସୁରକ୍ଷିତ ଭାବେ ବାହାରିବାକୁ ଅନୁମତି ଦିଆଯିବ ନାହିଁ ବୋଲି ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ କହିଛନ୍ତି । ଏମାନଙ୍କୁ ବାହାର କରିବା ପାଇଁ ହମାସ ସହ କୌଣସି ଚୁକ୍ତି ହୋଇନାହିଁ ବୋଲି ଇସ୍ରାଏଲ ସେନା ତରଫରୁ କୁହାଯାଇଛି । ଇସ୍ରାଏଲ ସେନା ସୁଡଙ୍ଗରୁ ବାହାରିବା ରାସ୍ତା ବନ୍ଦ କରିଦେଇଛି । ଏବେ ହମାସ ଯୋଦ୍ଧା ଆତ୍ମସମର୍ପଣ କରିବା ଛଡ଼ା ଅନ୍ୟ କୌଣସି ଉପାୟ ନାହିଁ । ନେହେଲେ ସମସ୍ତଙ୍କୁ ମାରି ଦିଆଯିବ ବୋଲି ଆଇଡିଏଫ୍ ଚିଫ୍ ଅଫ୍ ଷ୍ଟାଫ୍ ଏୟାଲ ଜମୀର କହିଛନ୍ତି । ଯଦି ସେମାନେ ଆତ୍ମସମର୍ପଣ କରନ୍ତି ତେବେ, ସେମାନଙ୍କୁ ତେଇମାନ ମିଲିଟାରୀ ଠିକଣାକୁ ନିଆଯିବ । ଅନ୍ୟପଟେ ଏହି ହମାସ ଯୋଦ୍ଧାଙ୍କୁ ବାହାରକୁ ବାହାର କରାଯାଇଥିବା ରିପୋର୍ଟକୁ ନେତାନ୍ୟାହୁ ଖଣ୍ଡନ କରିଛନ୍ତି । ଫସି ରହିଥିବା ଏହି ଯୋଦ୍ଧା ହମାସ ଓ ଇସ୍ରାଏଲ ମଧ୍ୟରେ ହୋଇଥିବା ଶାନ୍ତି ଚୁକ୍ତି ବିଷୟରେ କିଛି ଜାଣିନାହାନ୍ତି ବୋଲି କୁହାଯାଇଛି । ଗତ ଦୁଇବର୍ଷ ଧରି ଚାଲିଥିବା ଇସ୍ରାଏଲ- ହମାସ ଯୁଦ୍ଧରେ ଏପର୍ଯ୍ୟନ୍ତ ୬୭ ହଜାରରୁ ଊର୍ଦ୍ଧ୍ୱ ଲୋକ ମୃତ୍ୟୁବରଣ କରିଥିବା ବେଳେ ଏକ ଲକ୍ଷ ୭୦ ହଜାର ଲୋକ ଆହତ ହୋଇଛନ୍ତି । ମୃତକଙ୍କ ମଧ୍ୟରେ ୨୦ ହଜାର ଛୋଟପିଲା ସାମିଲ ରହିଛନ୍ତି । ଇସ୍ରାଏଲ ମଧ୍ୟ ଗାଜାର ୭୫ ପ୍ରତିଶତ ଅଞ୍ଚଳକୁ ନିଜ ନିୟନ୍ତ୍ରଣକୁ ନେଇଥିଲା ।

● ପାଇଲଟଙ୍କ ବାପାଙ୍କୁ ସୁପ୍ରିମକୋର୍ଟଙ୍କ ସାନ୍ତ୍ୱନା

## ଆପଣଙ୍କ ପୁଅର ଦୋଷ ନାହିଁ; ଅପବାଦ ମୁଣ୍ଡାଇବେନି

ଅହମଦାବାଦ ବିମାନ ଦୁର୍ଘଟଣା

ନୂଆଦିଲ୍ଲୀ, ୭ ।୧୧(ଏଜେନ୍ସି): ଅହମଦାବାଦ ବିମାନ ଦୁର୍ଘଟଣା ମାମଲାରେ ସୁପ୍ରିମକୋର୍ଟ ପୁଣିଥରେ ପାଇଲଟ୍‌ଙ୍କ କୌଣସି ଭୂମିକା ନାହିଁ ବୋଲି କହିଛନ୍ତି । ଏହି ଦୁର୍ଘଟଣା ପାଇଁ ପାଇଲଟ୍‌ଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇପାରିବ ନାହିଁ । ପାଇଲଟ୍ ସୁମୀତ ସଭରୱାଲଙ୍କ ୯୧ ବର୍ଷୀୟ ପିତା ପୁଷ୍କର ରାଜ ସଭରୱାଲଙ୍କ ଆବେଦନର ଶୁଣାଣି କରି ସୁପ୍ରିମକୋର୍ଟ ଏହି କଥା କହିଛନ୍ତି । ପୁଷ୍କରଙ୍କୁ କୋର୍ଟ ସାନ୍ତ୍ୱନା ଦେଇଛନ୍ତି । ଆପଣଙ୍କ ପୁଅର କୌଣସି ଦୋଷ ନାହିଁ ଓ ଆପଣ ଅପବାଦ ମୁଣ୍ଡାଇବେନି ବୋଲି କୋର୍ଟ ତାଙ୍କୁ କହିଛନ୍ତି । ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜଷ୍ଟିସ ଜୟମାଲ୍ୟା ବାଗଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ, ଏହି ଦୁର୍ଘଟଣାରେ ପାଇଲଟଙ୍କ ତ୍ରୁଟି ଥିଲା ବୋଲି ଦେଶରେ କେହି ଭାବୁନାହାନ୍ତି । ପୁଣି ଦୁର୍ଘଟଣା ପ୍ରାରମ୍ଭିକ ଯାଞ୍ଚ୍ ରିପୋର୍ଟରେ ମଧ୍ୟରେ ପାଇଲଟ୍‌ଙ୍କ ବରୋଧରେ କୌଣସି ଅଭିଯୋଗ କରାଯାଇନାହିଁ ବୋଲି କୋର୍ଟ କହିଛନ୍ତି । ପୁଷ୍କର ଏହି ବିମାନ ଦୁର୍ଘଟଣାର ସ୍ୱତନ୍ତ୍ର ଯାଞ୍ଚ୍ କରିବାକୁ ଦାବି କରିଛନ୍ତି । ଏହାକୁ ଭିତ୍ତି କରି କୋର୍ଟ କେନ୍ଦ୍ର ସରକାର ଓ ବେସାମରିକ ବିମାନ ଚଳାଚଳ ନିର୍ଦ୍ଦେଶାଳୟ (ଡିଜିସିଏ) ଠାରୁ ଜବାବ ମାଗିଛନ୍ତି । ଏହି ଆବେଦନ ଉପରେ ନଭେମ୍ବର ୧୦ରେ ଅନ୍ୟଏକ ମାମଲା ସହିତ ପୁଣି ଶୁଣାଣି ହେବ । ଉଲ୍ଲେଖଥାଉ କି, ଗତ ଜୁନ୍ ୧୨ରେ ଏୟାର ଇଣ୍ଡିଆର ବିମାନ ଅହମଦାବାଦରୁ ଲଣ୍ଡନ ଯାଉଥିବା ଏଆଇ ୧୭୧ ଟେକ୍‌ଅଫ୍ କରିବାର କିଛି ସମୟ ମଧ୍ୟରେ ଦୁର୍ଘଟଣା ସମ୍ମୁଖୀନ ହୋଇଥିଲା । ଏଥିରେ ୨୩୦ ଯାତ୍ରୀ ଓ ୧୨ କ୍ରୁ ମେମ୍ବରଙ୍କ ସମେତ ୨୧୪ ଜଣ ଲୋକ ପ୍ରାଣ ହରାଇଥିଲେ । ପୁଣି ଯେଉଁଠାରେ ବିମାନ ଖସିଥିଲା ସେଠାରେ ୨୯ ଜଣ ଲୋକ ମୃତ୍ୟୁବରଣ କରିଥିଲେ । ଏହି ଦୁର୍ଘଟଣାରେ ଗୁଜରାଟର ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୟ ରୁପାଣୀ ମଧ୍ୟ ପ୍ରାଣ ହରାଇଥିଲେ ।

## ଆବ୍ରାହମ୍ ଚୁକ୍ତିରେ ସାମିଲ ହେବ କାଜାଖସ୍ତାନ

ୱାଶିଂଟନ, ୭ ।୧୧(ଏଜେନ୍ସି): ଆଉ ଏକ ମୁସ୍‌ଲିମ ଦେଶ ଇସ୍ରାଏଲ ସହିତ ଆବ୍ରାହମ ଚୁକ୍ତିରେ ସାମିଲ ହେବାକୁ ଯାଉଛି । କେନ୍ଦ୍ର ଏସୀୟ ଦେଶ କାଜାଖସ୍ତାନ ଏହି ଆବ୍ରାହମ ଶାନ୍ତି ଚୁକ୍ତିରେ ସାମିଲ ହେବ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଗୁରୁବାର ଘୋଷଣା କରିଛନ୍ତି । ଇସ୍ରାଏଲ ଓ ମୁସ୍‌ଲିମ ବହୁଳ ଦେଶମାନଙ୍କ ମଧ୍ୟରେ ସମ୍ପର୍କକୁ ସାମାନ୍ୟ ଓ ଶତ୍ରୁତା ତଥା ସଂଘର୍ଷକୁ କମ୍ କରିବା ଏହି ଆବ୍ରାହମ ଚୁକ୍ତିର ମୂଳ ଉଦ୍ୟେଶ । ଆବ୍ରାହମ ଇହୁଦୀ, ମୁସଲମାନ ଓ ଖ୍ରୀଷ୍ଟିଆନ ଧର୍ମର ପୈଗମ୍ବର ରହିଥିବାରୁ ତାଙ୍କ ନାମରେ ଏହି ଚୁକ୍ତି ନାମିତ କରାଯାଇଛି । ଏ ନେଇ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ଓ କାଜାଖସ୍ତାନ ରାଷ୍ଟ୍ରପତି କାସିମ-ଜୋମାର୍ଟ ତୋକାୟେଭଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି ବୋଲି ଟ୍ରମ୍ପ କହିଛନ୍ତି । ଖୁବ୍‌ଶୀଘ୍ର ଏହି ଚୁକ୍ତି ସ୍ୱାକ୍ଷର ନେଇ ତାରିଖ ଘୋଷଣା କରାଯିବ ଓ ଅନ୍ୟ କେତୋଟି ଦେଶ ମଧ୍ୟ ଏହି ଚୁକ୍ତିରେ ସାମିଲ ହେବାକୁ ଇଚ୍ଛା ପ୍ରକାଶ କରିଛନ୍ତି ବୋଲି ଟ୍ରମ୍ପ କହିଛନ୍ତି । ଉଲ୍ଲେଖଥାଉ କି, ଟ୍ରମ୍ପଙ୍କ ପ୍ରଥମ କାର୍ଯ୍ୟକାଳରେ ୨୦୨୦ରେ ଏହି ଆବ୍ରାହାମ ଚୁକ୍ତିର ଆରମ୍ଭ ହୋଇଥିଲା । ସେତେବେଳେ ଟ୍ରମ୍ପଙ୍କ କହିବା ଅନୁଯାୟୀ ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ) ଓ ବାହାରିନ ଭଳି ଆରବ ଦେଶ ଇସ୍ରାଏଲ ସହିତ ସମ୍ପର୍କ ସ୍ଥାପନ କରିଥିଲେ ।

## ଆସନ୍ତା ବର୍ଷ ଭାରତ ଆସିପାରନ୍ତି ଟ୍ରମ୍ପ

ୱାଶିଂଟନ, ୭ ।୧୧(ଏଜେନ୍ସି): ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆସନ୍ତା ବର୍ଷ ଭାରତ ଆସିପାରନ୍ତି । ଟ୍ରମ୍ପ ଏ ନେଇ ଗୁରୁବାର ସୂଚନା ଦେଇଛନ୍ତି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ସହିତ ତାଙ୍କର ଭଲଭାବେ କଥାବାର୍ତ୍ତା ଚାଲୁ ରହିଛି ଓ ଦୁଇ ଦେଶ ମଧ୍ୟରେ ବାଣିଜ୍ୟ ଚୁକ୍ତି ନେଇ ଚର୍ଚ୍ଚା ଗଠନମୂଳକ ଭାବେ ଆଗକୁ ବଢ଼ୁଛି ବୋଲି ସେ କହିଛନ୍ତି । ହ୍ୱାଇଟ ହାଉସ୍‌ର ଓଭାଲ କାର୍ଯ୍ୟାଳୟରେ ଗଣମଧ୍ୟମଗୁଡିକ ସହ କଥା ହେବା ବେଳେ ସେ ପୁଣି ଥରେ ମୋଦୀଙ୍କୁ ନିଜର ଏକ ଭଲ ବନ୍ଧୁ ଓ ଉତ୍ତମ ବ୍ୟକ୍ତି ବୋଲି ଅଭିହିତ କରିଥିଲେ । ଆମ ମଧ୍ୟରେ ପ୍ରାୟ କଥାବାର୍ତ୍ତା ଚାଲିଛି । ସେ ରୁଷଠାରୁ ତୈଳ କ୍ରୟର ପରିମାଣକୁ କମାଇଛନ୍ତି । ଭାରତ ଆସିବାକୁ ସେ ମୋତେ ନିମନ୍ତ୍ରଣ ଦେଇଛନ୍ତି ଓ ଭାରତ ଯିବାକୁ ଚାହୁଁଛି ବୋଲି ଟ୍ରମ୍ପ କହିଛନ୍ତି । ଏକ ପ୍ରଶ୍ନ ଉତ୍ତର ଦେଇ ସେ ଆସନ୍ତାବର୍ଷ ହିଁ ଭାରତ ଆସିପାରିନ୍ତି ବୋଲି କହିଛନ୍ତି ।

## ୧୮୦୦ କୋଟି ଟଙ୍କା ଜମି ଦୁର୍ନୀତିରେ ଫସିଲେ ଅଜିତ ପାୱାରଙ୍କ ପୁଅ

ମୁମ୍ବଇ, ୭ ।୧୧(ଏଜେନ୍ସି): ମହାରାଷ୍ଟ୍ରର ଉପ ମୁଖ୍ୟମନ୍ତ୍ରୀ ଅଜିତ ପାୱାରଙ୍କ ପୁଅ ପାର୍ଥ ପାୱାରଙ୍କ କମ୍ପାନୀ ସହିତ ଜଡିତ ଏକ ଜମି କିଣାବିକା ଦୁର୍ନୀତିକୁ ସାମ୍ନାକୁ ଆସିଛି । ଏଥିରେ ପାର୍ଥ ଏହି ବିବାଦରେ ଫସିଥିବା ବେଳେ ଅଜିତ ବ୍ୟାକ୍‌ଫୁଟ୍‌କୁ ଆସିଛନ୍ତି । ପାର୍ଥଙ୍କ କମ୍ପାନୀ ଏକ ଜମି କିଣାବିକା ମାମଲାରେ ଅନିୟମିତତା କରିଛି ବୋଲି ଅଭିଯୋଗ ହୋଇଛି । ଅଭିଯୋଗର ଗମ୍ଭୀରତାକୁ ହୃଦୟଙ୍ଗମ କରି ସରକାର ଏକ ଉଚ୍ଚସ୍ତରୀୟ ଯାଞ୍ଚ୍ କମିଟି ଗଠନ କରିଛନ୍ତି । ଆଗାମୀ ୮ ଦିନ ମଧ୍ୟରେ କମିଟି ଅନ୍ତିମ ରିପୋର୍ଟ ଦାଖଲ କରିବ ବୋଲି ଆଶା କରାଯାଉଛି । ଏହି ମାମଲାରେ ସବ-ରେଜିଷ୍ଟ୍ରାରଙ୍କ ତଥାକଥିତ ଭୂମିକାକୁ ନେଇ ତାଙ୍କୁ ନିଲମ୍ବନ କରାଯାଇଛି । ଏବେ ଏହି ମାମଲା ନେଇ ଅଜିତ ସଫେଇ ଦେଇଛନ୍ତି । ପୁଣେରେ ଏହି କୋଟି କୋଟି ଟଙ୍କା ଜମି କିଣା ନେଇ ଆମର କୌଣସି ଯାଏଆସେ ନାହିଁ ବୋଲି ସେ କହିଛନ୍ତି । ନିୟମର ଉଲ୍ଲଂଘନ କରିଥିବା କୌଣସି ବ୍ୟକ୍ତିଙ୍କୁ ସେ ସମର୍ଥନ କରୁନାହାନ୍ତି ବୋଲି କହିଛନ୍ତି ।

୧,୮୦୦ କୋଟି ଟଙ୍କାର ଏହି ଜମି କିଣାବିକାକୁ ନେଇ ଇନ୍ସପେକ୍ଟର ଜେନେରାଲ ଅଫ୍ ରେଜିଷ୍ଟ୍ରେସନ (ଆଇଜିଆର) ଏକ ରିପୋର୍ଟ ମୁମ୍ବଇର ଅତିରିକ୍ତ ମୁଖ୍ୟ ଶାସନ ସଚିବଙ୍କ ନିକଟକୁ ପଠାଇଥିଲେ । ପୁଣେ ମୁନ୍ଧୱା ଅଞ୍ଚଳରେ ହୋଇଥିବା ଏହି ଜମି କିଣାବିକା ମାମଲାରେ ବ୍ୟାପକ ଅନିୟମିତତା ହୋଇଥିବା ଏହି ରିପୋର୍ଟରେ ଉଲ୍ଲେଖ କରାଯାଇଥିଲା । ୪୩ ଏକର ଅର୍ଥାତ ୧୭.୫



ହେକ୍ଟର ପରିମିତ ଏହି ଜମି ରାଜ୍ୟ ସରକାରଙ୍କର ବୋଲି ଜଣାପଡ଼ିଛି । ଏହାକୁ ପାର୍ଥ ପାୱାରଙ୍କ କମ୍ପାନୀ ଆମେଡିଆ ଏଣ୍ଟରପ୍ରାଇସ୍ ଏଲ୍‌ଏଲ୍‌ପିକୁ ମାତ୍ର ୩୦୦ କୋଟି ଟଙ୍କାରେ ବିକ୍ରି କରାଯାଇଥିଲା । କିନ୍ତୁ ଏହି ଜମିର ପ୍ରକୃତ ମୂଲ୍ୟ ୧,୮୦୦ କୋଟି ଟଙ୍କା ବୋଲି କୁହାଯାଇଛି । ୧୫ ବର୍ଷ ତଳେ ଏହି ଜମିକୁ ଇଣ୍ଡିଆନ ବଟାନିକାଲ ସର୍ଭେକୁ ଲିଜ୍‌ରେ ଦିଆଯାଇଥିଲା । ପରେ ଏହି ଲିଜ୍‌କୁ ୫୦ ବର୍ଷ ପାଇଁ ଅର୍ଥାତ ୨୦୩୮ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଥିଲା । ଏହା ସତ୍ତ୍ୱେ ଏହି ଜମି କିପରି କିଣାବିକା ହେଲା ସେ ନେଇ ପ୍ରଶ୍ନ ଉଠିଛି । ଏବେ ଏ ନେଇ ରାଜନୀତି ଆରମ୍ଭ ହୋଇଛି । ଶାସକ ମହାଯୁତିକୁ ଟାର୍ଗେଟ କରିଛି ବିପକ୍ଷ ଦଳ ।





ନୂଆପଡ଼ାରେ ସ୍ନେହାଙ୍ଗିନୀଙ୍କ ପାଇଁ ପ୍ରଚାର ମଇଦାନରେ ବିଜେଡି ସଭାପତି ନବୀନ ପଟ୍ଟନାୟକ

## ୮୪ତମ ଭାରତୀୟ ସଡ଼କ କଂଗ୍ରେସ ଉଦ୍‌ଘାଟିତ

# ଦୁର୍ଘଟଣାରେ ଦିନକୁ ୪୨୦ ମୃତ୍ୟୁ: ଗଡ଼କରୀ



- ତ୍ରୁଟିପୂର୍ଣ୍ଣ ଡିପିଆର୍ ବଢ଼ାଉଛି ସଡ଼କ ଦୁର୍ଘଟଣା
- ବିଶ୍ୱରେ ଏକନମ୍ବର ହେବ ଭାରତର ସଡ଼କ ନେଟୱର୍କ
- ଗୁଣବତ୍ତା ପାଇଁ ସ୍ୱଚ୍ଛ ଓ ଦୁର୍ନୀତିମୁକ୍ତ ବ୍ୟବସ୍ଥା ଆବଶ୍ୟକ
- କେନ୍ଦ୍ରୀୟ ସଡ଼କ ଭିତ୍ତିଭୂମି ପାଣ୍ଠିରୁ ଓଡ଼ିଶା ପାଇଁ ୧୦୦୦ କୋଟି
- ହାଇଡ୍ରୋଜେନ ଚାଳିତ ୧୦ ପ୍ରକଳ୍ପରୁ ଓଡ଼ିଶାରେ ଗୋଟିଏ

**ଭୁବନେଶ୍ୱର,୭।୧୧(ସମିସ):** ପ୍ରତିବର୍ଷ ଦେଶରେ ୧ ଲକ୍ଷ ୮୦ ହଜାର ଦୁର୍ଘଟଣା ମୃତ୍ୟୁ ଘଟୁଛି। ହାରାହାରି ଦିନକୁ ମୃତ୍ୟୁସଂଖ୍ୟା ୪୨୦। ତେଣୁ ଆମକୁ ପରିବହନ କ୍ଷେତ୍ରରେ ରୂପାନ୍ତରଣ କରିବାର ଆବଶ୍ୟକ ଅଛି। ପ୍ରଦୂଷଣ ମୁକ୍ତ ପରିବହନକୁ ପ୍ରୋତ୍ସାହିତ କରିବାର ଆବଶ୍ୟକତା ରହିଛି। ଆମକୁ ସଡ଼କ ସୁରକ୍ଷା, ରୋଡ଼ ଇଞ୍ଜିନିୟରିଂ ପ୍ରତି ଧ୍ୟାନ ଦେବାକୁ ପଡ଼ିବ। ଏଥିରେ ତ୍ରୁଟି ବିଚ୍ୟୁତି ଆଦୌ ଗ୍ରହଣୀୟ ନୁହେଁ। ଡିପିଆରରେ ତ୍ରୁଟି କାରଣରୁ ଅନେକ ଦୁର୍ଘଟଣା ଘଟୁଛି। ଏଥିରେ ସୁଧାର ଆଣିବା ଲାଗି ଇଞ୍ଜିନିୟର ଏବଂ ପେଶାଦାରମାନେ ସମ୍ବେଦନଶୀଳ ହୁଅନ୍ତୁ। ବ୍ଲାକ ସ୍ପଟକୁ ଚିହ୍ନଟ ସହ ଏହାର ମରାମତି କରନ୍ତୁ ବୋଲି ଆହ୍ୱାନ ଦେଇଛନ୍ତି କେନ୍ଦ୍ର ସଡ଼କ ପରିବହନ ମନ୍ତ୍ରୀ ନୀତିନ ଗଡ଼କରୀ।

ଶୁକ୍ରବାର ସ୍ଥାନୀୟ ଜୟଦେବ ଭବନଠାରେ ୮୪ତମ ଭାରତୀୟ ସଡକ କଂଗ୍ରେସ ସମାବେଶକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରି ଶ୍ରୀ ଗଡକରୀ କହିଛନ୍ତି ଯେ ଆମେ ଟେକ୍ନୋଲୋଜି ବ୍ୟବହାର କରି ଉତ୍ତମ ମାନର ସଡ଼କ ନିର୍ମାଣ ପାଇଁ ପ୍ରୟାସ କରୁଛୁ। ଭାରତର ସଡ଼କ ନେଟୱର୍କ ବିଶ୍ୱରେ ଏକ ନମ୍ବର ହେବାକୁ ଯାଉଛି। ଉନ୍ନତ ସଡ଼କ ବିକଶିତ ହେଲେ ବାଣିଜ୍ୟ, ବ୍ୟବସାୟ ଓ ଶିଳ୍ପର ଆଗମନ ହୋଇଥାଏ। ଏସବୁକୁ ପ୍ରୋତ୍ସାହନ ମିଳିଲେ ପୁଞ୍ଜିନିବେଶ, ରୋଜଗାର ସୃଜନ ଏବଂ ଆର୍ଥିକ ଅଭିବୃଦ୍ଧିର ମାର୍ଗ ପ୍ରଶସ୍ତ ହୁଏ। ସଡ଼କ ନିର୍ମାଣ କ୍ଷେତ୍ରରେ ଅର୍ଥ କିମ୍ବା ସମ୍ବଳର ଅଭାବ ନାହିଁ। ସଡ଼କ ପରିବହନ ଏବଂ ରାଜପଥ ମନ୍ତ୍ରଣାଳୟ ବର୍ତ୍ତମାନ ସୁଦ୍ଧା ସର୍ବାଧିକ ୨ ଲକ୍ଷ ୮୭ ହଜାର କୋଟି ଟଙ୍କାର ବଜେଟ୍ ଆବଣ୍ଟନ ହାସଲ କରିଛି। ଅର୍ଥ ଖର୍ଚ୍ଚ କରିବାକୁ ହେଲେ ସକରାତ୍ମକ ଚିନ୍ତା ଓ ଚିନ୍ତା ସହ ଶୀଘ୍ର ନିଷ୍ପତ୍ତି ନେବା ଦରକାର ବୋଲି ଉଲ୍ଲେଖ କରି ସେ ଓଡ଼ିଶା ପାଇଁ ୧୦୦୦ କୋଟି ଟଙ୍କାର କେନ୍ଦ୍ରୀୟ ସଡ଼କ ଭିତ୍ତିଭୂମି ପାଣ୍ଠି ଘୋଷଣା କରିଛନ୍ତି। ଏହାସହ ସବୁଜ ହାଇଡ୍ରୋଜେନ ଚାଳିତ ବାହନ ଚଳାଚଳ ପାଇଁ ଦେଶରେ ଯେଉଁ ୧୦ଟି ପ୍ରକଳ୍ପ କାର୍ଯ୍ୟକାରୀ କରାଯାଉଛି, ସେଥିମଧ୍ୟରୁ ଗୋଟିଏ ଓଡ଼ିଶାରେ ରହିଛି ବୋଲି ସୂଚନା ଦେଇଛନ୍ତି।

ସେ ଆହୁରି ମଧ୍ୟ କହିଥିଲେ ଯେ ପ୍ରତିବର୍ଷ ଦେଶରେ ୧ ଲକ୍ଷ ୮୦ ହଜାର ଦୁର୍ଘଟଣା ମୃତ୍ୟୁ ଘଟୁଛି। ଗୋଟିଏ ଦିନରେ ୪୨୦ ଜଣଙ୍କର ମୃତ୍ୟୁ ଘଟୁଛି। ମୃତକଙ୍କ ମଧ୍ୟରେ ୬୬ ପ୍ରତିଶତ କେବଳ ୧୮ରୁ ୩୬ ବର୍ଷୀୟ ବୟସ୍କ ରହିଛନ୍ତି। ପରିବହନ କ୍ଷେତ୍ରରେ ରୂପାନ୍ତରଣର ଆବଶ୍ୟକତା ରହିଛି। ଆମକୁ ସଡ଼କ ସୁରକ୍ଷା, ରୋଡ଼ ଇଞ୍ଜିନିୟରିଂ ପ୍ରତି ଧ୍ୟାନ ଦେବାକୁ ପଡ଼ିବ। ଏଥିରେ ତ୍ରୁଟି ବିଚ୍ୟୁତି ଆଦୌ ଗ୍ରହଣୀୟ ନୁହେଁ। ଡିପିଆରରେ ତ୍ରୁଟି କାରଣରୁ ଅନେକ ଦୁର୍ଘଟଣା ଘଟୁଛି। ଏଥିରେ ସୁଧାର ଆଣିବା ଲାଗି ଇଞ୍ଜିନିୟର ଏବଂ ପେସାଦାରମାନେ ସମ୍ବେଦନଶୀଳ ହୁଅନ୍ତୁ। ବ୍ଲାକ ସ୍ପଟକୁ ଚିହ୍ନଟ ସହ ଏହାର ମରାମତି କରିବାକୁ ମୁଁ ହାତଯୋଡି ଅନୁରୋଧ କରୁଛି ବୋଲି ସେ କହିଥିଲେ।

କାର୍ଯ୍ୟକ୍ରମରେ ଯୋଗ ଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି ଯେ ୨୦୩୬ ସୁଦ୍ଧା ସମୃଦ୍ଧ ଓଡ଼ିଶା ଗଠନ ପାଇଁ ଆମେ ଓଡ଼ିଶାର ଅର୍ଥନୀତିକୁ ମଜବୁତ୍ କରୁଛୁ। ଏଥିପାଇଁ ଆମ ସରକାର ବନ୍ଦର, ସଡ଼କ, ରେଳ ଏବଂ ବିମାନ ପରିବହନ କ୍ଷେତ୍ରର ବିକାଶ ଦିଗରେ ଉଦ୍ୟମ ଅବ୍ୟାହତ ରଖିଛି। ୨୦୨୫-୨୬ ଆର୍ଥିକ ବର୍ଷରେ କେନ୍ଦ୍ର ସରକାର ଓଡ଼ିଶା ପାଇଁ ୧୩ ହଜାର ୬୯ କୋଟି ଟଙ୍କାର ଜାତୀୟ ରାଜପଥ ମଞ୍ଜୁର କରିଛନ୍ତି। ୫ ବର୍ଷ ମଧ୍ୟରେ ଆମ ସରକାର ୭୫ ହଜାର କିଲୋମିଟର ସଡକ ନିର୍ମାଣ ପାଇଁ ଲକ୍ଷ୍ୟ ରଖିଛନ୍ତି ବୋଲି ସେ ମତବ୍ୟକ୍ତ କରିଛନ୍ତି।ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ଭାରତୀୟ ସଡକ କଂଗ୍ରେସର ସଭାପତି ପ୍ରଫେସର ମନୋରଞ୍ଜନ ପରିଡା, ମହାସଚିବ ରାହୁଲ ଗୁପ୍ତା, ରାଜ୍ୟ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ପ୍ରମୁଖ ନିଜର ଅଭିଭାଷଣ ରଖିଥିଲେ।

## ହେଲିକପ୍ଟର ଉଡ଼ାଣ ଅନୁମତି ପ୍ରଦାନରେ ୨ ଘଣ୍ଟା ବିଳମ୍ବ

# ବିମାନବନ୍ଦରରେ ଅପେକ୍ଷା କଲେ ନବୀନ

**ଭୁବନେଶ୍ୱର,୭।୧୧(ସମିସ):** ନୂଆପଡ଼ା ଗସ୍ତରେ ଯିବା ପାଇଁ ବିରୋଧୀ ଦଳ ନେତା ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କୁ ବିମାନବନ୍ଦରରେ ଅନେକ ସମୟ ଅପେକ୍ଷା କରିବାକୁ ପଡ଼ିଛି। ନୂଆପଡା ଯିବା ପାଇଁ ନବୀନଙ୍କ ପାଇଁ ଯେଉଁ ହେଲିକପ୍ଟର ବ୍ୟବସ୍ଥା ହୋଇଥିଲା, ତାହାକୁ ଅନୁମତି ମିଳିବାରେ ବିଳମ୍ବ ହେତୁ ନବୀନଙ୍କ ଗସ୍ତ ବିଳମ୍ବିତ ହୋଇଥିଲା। ସକାଳ ୯ଟା ୩୦ରେ ନବୀନଙ୍କ ହେଲିକପ୍ଟର ଯିବାକୁ ଥିବା ବେଳେ ଏହାକୁ ଦିନ ୧୧ଟା ୩୦ରେ ଅନୁମତି ଦିଆଯାଇଥିଲା। ଯାହାକୁ ନେଇ ତୀବ୍ର ଅସନ୍ତୋଷ ପ୍ରକାଶ କରିଛି ବିଜେଡି।

ଅନ୍ୟପଟେ ନବୀନଙ୍କ ହେଲକପ୍ଟରକୁ ଜାଣିଶୁଣି କ୍ଲିଅରାନ୍ସ ଦିଆଯାଇ ନଥିବା ନେଇ ବିଜେଡି ଅଭିଯୋଗ କରିଛି। ନବୀନଙ୍କ ଲୋକପ୍ରିୟତା ଦେଖି ବିରୋଧୀ ବିଜେପି ଛାନିଆ ହୋଇଯାଇଛି। ନବୀନଙ୍କ ପ୍ରଥମ ଜନସଭା ତଥା କୋମନା ସଭା ସମୟରେ ବିଜେପି ଏହି ସଭାକୁ ଭଣ୍ଡୁର କରିବା ପାଇଁ ବହୁ ଉଦ୍ୟମ କରିଥିଲା। ଏହା ସତ୍ତ୍ୱେ ହଜାର ହଜାର ଲୋକ ଏକାଠି ହୋଇ ନବୀନଙ୍କ ହାତମୁଠାକୁ ଟାଣ କରିଥିଲେ। ଏହି ହୀନ ଉଦ୍ୟମ ସରକାରଙ୍କର ସଫଳ ହେବ ନାହିଁ ଏହାର ଜବାବ ନୂଆପଡ଼ାବାସୀ ଦେବେ ବୋଲି ବିଜେଡି ଯୁବ ସଭାପତି ଚିନ୍ମୟ ସାହୁ କହିଛନ୍ତି।

ଏ ସଂକ୍ରାନ୍ତରେ ଭୁବନେଶ୍ୱର ବିମାନବନ୍ଦର ନିର୍ଦ୍ଦେଶକ ପ୍ରସନ୍ନ ପ୍ରଧାନ କହିଛନ୍ତି ଯେ ନବୀନଙ୍କ ଫ୍ଲାଇଟ୍ ଅପରେଟର ଫ୍ଲାଇଟ୍ ପ୍ଲାନ୍ ସବମିଟ୍ କରି ନ ଥିବାରୁ ଏୟାର ଡିଫେନ୍ସ କ୍ଲିଅରାନ୍ସମିଳିନଥିଲା। ପରେ କୋଲକତାରୁ ନମ୍ବର ନିଆଯାଇଥିଲା। ଏଥିପାଇଁ ପ୍ରାୟ ୨୫ମିନିଟ୍ ବିଳମ୍ବ ହୋଇଛି ବୋଲି ବିମାନବନ୍ଦର କର୍ତ୍ତୃପକ୍ଷ କହିଛନ୍ତି।

# ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଦମ୍ପତି ଡିଜିଟାଲ୍ ଆରେଷ୍ଟ

## ୧୦ ଦିନରେ ଠକ ଲୁଟିନେଲେ ଦେଢ଼ କୋଟି

**ଭୁବନେଶ୍ୱର, ୭।୧୧ (ସମିସ):** ସାଇବର ଅପରାଧୀଙ୍କ ମାୟାଜାଲରେ ପଡ଼ି ୧୦ ଦିନରେ ପ୍ରାୟ ଦେଢ଼ କୋଟି ଟଙ୍କା ହରାଇଛନ୍ତି ଏକ ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଦମ୍ପତି। ଉଭୟଙ୍କୁ ୧୦ଦିନ ଧରି ଡିଜିଟାଲ୍ ଆରେଷ୍ଟ କରି ଅପରାଧୀମାନେ ଯାବତୀୟ ମାନସିକ ନିର୍ଯାତନା ଦେବା ପରେ ଉଭୟ ମାନସିକ ଭାବରେ ଭାଙ୍ଗି ପଡ଼ିଛନ୍ତି। ତେବେ ସ୍ଥାନୀୟ ଲୋକ ଓ ସମ୍ପର୍କୀୟମାନେ ୧୦ଦିନ ଧରି ଯୋଗାଯୋଗ କରିବାରେ ବିଫଳ ହେବା ପରେ ସହିଦ ନଗର ପୁଲିସ ସହାୟତାରେ ଦମ୍ପତିଙ୍କୁ ଉଦ୍ଧାର କରିଛି। ପୁଲିସ ଏହି ମାମଲାକୁ କ୍ରାଇମବ୍ରାଞ୍ଚକୁ ହସ୍ତାନ୍ତର କରିଛି। ଏହି ଘଟଣା ରାଜଧାନୀରେ ଆଲୋଡ଼ନ ସୃଷ୍ଟି କରିଛି।

ସୂଚନା ମୁତାବକ ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ବିଜୟ କୁମାର ସାହୁ ଏବଂ ତାଙ୍କ ପତ୍ନୀ ଭିଏସ୍‌ଏସ୍‌ନଗର ହାଉସିଂ ବୋର୍ଡ କଲୋନୀରେ ରହୁଛନ୍ତି। ସେମାନଙ୍କ ପରିବାର ଅନ୍ୟ ସଦସ୍ୟମାନେ ବିଦେଶରେ ରୁହନ୍ତି। ଘରୋଇ ସହାୟକମାନେ ସବୁ ସମୟରେ ତାଙ୍କ ଘର କାମ କରିବାକୁ ଯିବା ଆସିବା କରନ୍ତି। ପତିପତ୍ନୀ ଘରେ ଥିଲା ବେଳେ ୧୦ଦିନ ତଳେ ବିଜୟଙ୍କ ଫୋନ୍‌କୁ ଏକ ଭିଡିଓ କଲ୍ ଆସିଥିଲା। ନମ୍ବରଟିରେ ଦେଶ ବାହାରର ପିନ୍ କୋଡ୍ ଥିଲା। ପ୍ରଥମେ କୌଣସି ଏକ ବାହାନା ଦେଖାଇ ଅପରାଧୀମାନେ ତାଙ୍କୁ ଡରାଇଥିଲେ। ମାତ୍ର ପରେ ସାଇବର ଅପରାଧୀମାନେ ପୁଣି ଥରେ ଭିଡିଓ କଲ୍ କରିଥିଲେ। ଏଥର କିନ୍ତୁ ସାଇବର ଅପରାଧୀମାନେ ନିଜକୁ କଷ୍ଟମ୍ ବିଭାଗର ଅଧିକାରୀ ବୋଲି ପରିଚୟ ଦେଇଥିଲେ। ବିଜୟଙ୍କ ନାମରେ ବିଦେଶରୁ ଏକ ପାର୍ସଲରେ ଆସିଛି। ଏହି ପାର୍ସଲରେ କିଛି ଡ୍ରଗ୍ସ କିମ୍ବା ଅପରାଧ ସମ୍ବନ୍ଧୀୟ ପଦାର୍ଥ ରହିଛି। ଏଣୁ ଏହି ମାମଲାକୁ ବମ୍ବେ କ୍ରାଇମ୍‌ବ୍ରାଞ୍ଚକୁ ହସ୍ତାନ୍ତର କରାଯାଇଛି।

ଏହାପରେ ସାଇବର ଅପରାଧୀମାନେ ମୁମ୍ବାଇ କ୍ରାଇମ୍‌ବ୍ରାଞ୍ଚର ଅଧିକାରୀ ବେଶରେ ଥିବା ବସନ୍ତ ନାମକ ଜଣେ ବ୍ୟକ୍ତି ସହ କଥା ହୋଇଥିଲେ। ସେମାନଙ୍କ ପରିଚୟ ପତ୍ର ଏବଂ ବ୍ୟାଙ୍କ ଆକାଉଣ୍ଟ ନମ୍ବର ମଧ୍ୟ ବତାଇଥିଲେ। ବିଦେଶରେ ତାଙ୍କ ପରିବାର ଲୋକେ କେଉଁଠି ରହୁଛନ୍ତି। କେଉଁ ବ୍ୟାଙ୍କରେ ତାଙ୍କର ଆକାଉଣ୍ଟ ରହିଛି। ଏଭଳି କିଛି ବ୍ୟକ୍ତିଗତ ତଥ୍ୟ ପ୍ରଦାନ କରି ସେ ମୁମ୍ବାଇ କ୍ରାଇମ୍‌ବ୍ରାଞ୍ଚ ଅଧିକାରୀ ବୋଲି ବିଜୟଙ୍କ ମନରେ ବିଶ୍ୱାସ ଜନ୍ମାଇବାରେ ସଫଳ ହୋଇଥିଲେ। ପାର୍ସଲଟି ମୁମ୍ବାଇ ସହରରେ ଅପରେଟ୍ କରୁଥିବା କ୍ରାଇମ୍ ସିଣ୍ଡିକେଟ୍‌ର ପାର୍ସଲ। ଏହି ସିଣ୍ଡିକେଟ୍‌ରେ ଥିବା କିଛି ସଦସ୍ୟମାନଙ୍କୁ ଗିରଫ କରାଯାଇଛି। ଗିରଫ ଅଭିଯୁକ୍ତମାନେ ବିଜୟଙ୍କ ନାମ ନେଇଛନ୍ତି। ଏହାସହ ବିଜୟଙ୍କ ବିରୋଧରେ ଯଥେଷ୍ଟ ପ୍ରମାଣ ମଧ୍ୟ ରହିଛି। ଏଣୁ ବିଜୟଙ୍କୁ ମଧ୍ୟ ଗିରଫ କରାଯାଉଛି ବୋଲି କ୍ରାଇମ୍‌ବ୍ରାଞ୍ଚ ବେଶରେ ଥିବା ଅପରାଧୀ କହିଥିଲା। ତତ୍‌କ୍ଷଣାତ୍ ଏକ ଡିଜିଟାଲ ଆରେଷ୍ଟ ୱାରେଣ୍ଟ ଜାରି ହୋଇଥିଲା। ଏହା ଦେଖି ବିଜୟ ଭାଙ୍ଗି ପଡ଼ିଥିଲେ। ମୁଁ କିଛି କରି ନାହିଁ। ମୋର କୌଣସି କ୍ରାଇମ୍ ସିଣ୍ଡିକେଟ୍ ସହ ଲିଙ୍କ୍ ନାହିଁ। ମୋର କିଛି ଦୋଷ ନାହିଁ ବୋଲି ବାରମ୍ବାର ନେହୁରା ହୋଇଥିଲେ।

ଅପରାଧୀମାନେ ଦମ୍ପତିଙ୍କୁ ନିଜ କବଜାକୁ ନେଇ ଯାଇଥିଲେ। ସେମାନଙ୍କ ଏକାଧିକ ଡକ୍ୟୁମେଣ୍ଟ ଯାଞ୍ଚ କରୁଥିଲେ ଓ ୧୦ଦିନ ମଧ୍ୟରେ ପ୍ରାୟ ଦେଢ଼ କୋଟି ଟଙ୍କା ଲୁଟି ନେଇଥିଲେ। ଗିରଫ ହୋଇଥିବାରୁ ସେମାନେ କାହା ସହ କଥା ହୋଇ ପାରିବେନି ବୋଲି ଧମକ ଦେଇଥିଲେ। ତାଙ୍କ ପରିବାରର ସହାୟକ ଏବଂ ସ୍ଥାନୀୟ ଲୋକେ ଯେତେ ଯୋଗାଯୋଗ କଲେ ମଧ୍ୟ ଉଭୟ ଡରରେ କବାଟ ଖୋଲି ନ ଥିଲେ। ଦିନ ବିତିବା ପରେ ଶେଷରେ ସହାୟକମାନଙ୍କୁ ସନ୍ଦେହ ହେଲା। ଏହାପରେ ସେମାନେ ପଡୋଶୀ ଏବଂ ସମ୍ପର୍କୀୟମାନଙ୍କୁ ଜଣାଇଥିଲେ। ଘଟଣାସ୍ଥଳରେ ସହିଦନଗର ପୁଲିସ ପହଞ୍ଚିଥିଲେ ବି ସେମାନେ କବାଟ ଖୋଲି ନ ଥିଲେ। ଶେଷରେ ଛାତ ଉପରେ ଥିବା ଏକ ଗଳା ବାଟରେ ପୁଲିସ ଘର ଭିତରକୁ ପ୍ରବେଶ କରିଥିଲା। ଅପରାଧୀମାନେ ତୁରନ୍ତ କଲ୍ କାଟି ଦେଇଥିଲେ।

# ରାଷ୍ଟ୍ରପ୍ରେମ, ତ୍ୟାଗ ଓ ବୀରତ୍ୱର ପ୍ରତୀକ 'ବନ୍ଦେ ମାତରମ୍': ମୁଖ୍ୟମନ୍ତ୍ରୀ



**ଭୁବନେଶ୍ୱର, ୭।୧୧(ସମିସ):** ବନ୍ଦେ ମାତରମ୍ କେବଳ ଗୀତ ନୁହେଁ; ଏହା ରାଷ୍ଟ୍ରପ୍ରେମ, ତ୍ୟାଗ ଓ ବୀରତାର ପ୍ରତୀକ। ବଙ୍କିମ ଚନ୍ଦ୍ର ଚଟ୍ଟୋପାଧ୍ୟାୟଙ୍କ 'ଆନନ୍ଦ ମଠ' ଉପନ୍ୟାସରୁ ଜନ୍ମ ନେଇଥିବା ଏହି ଗୀତ ସ୍ୱାଧୀନତା ସଂଗ୍ରାମ ସମୟରେ ଦେଶବାସୀଙ୍କ ମନରେ ଜାଗୃତି, ଉତ୍ସାହ ଓ ବୈପ୍ଳବିକ ମନୋଭାବ ଜାଗ୍ରତ କରିଥିଲା। ରାଷ୍ଟ୍ରଗୀତ 'ବନ୍ଦେ ମାତରମ୍'ର ୧୫୦ବର୍ଷପୂର୍ତ୍ତି ଉପଲକ୍ଷେ ଆୟୋଜିତ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଏହା କହିଛନ୍ତି।

ଶୁକ୍ରବାର ଲୋକସେବା ଭବନରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଏହି ଗୀତର ଲୋକପ୍ରିୟତା ଓ ପ୍ରଭାବକୁ ଦେଖି ବ୍ରିଟିଶ ଶାସକମାନେ ବନ୍ଦେ ମାତରମ୍‌କୁ ବ୍ୟାନ୍ କରିଥିଲେ, ଯାହା ଏହି ଗୀତର ଶକ୍ତିର ସ୍ପଷ୍ଟ ପ୍ରମାଣ। ଆମେ କେଉଁ ଭାଷା, କେଉଁ ଧର୍ମ ବା କେଉଁ ଅଞ୍ଚଳର ହେଲେ ବି, ଦେଶପ୍ରେମ ବିନା ଦେଶର ଉନ୍ନତି ଅସମ୍ଭବ। ବନ୍ଦେ ମାତରମ୍ ଆମ ହୃଦୟରେ ସେହି ଦେଶପ୍ରେମର ଅଗ୍ନିକୁ ପୁନଃଜାଗ୍ରତ କରେ। ଯୁବପିଢ଼ି, ଛାତ୍ରଛାତ୍ରୀଙ୍କ ମଧ୍ୟରେ ଦେଶପ୍ରେମ ଜାଗ୍ରତ କରିବା ପାଇଁ ଏହାକୁ ବର୍ଷବ୍ୟାପୀ ପାଳନ ଖୁବ୍ ଗୁରୁତ୍ୱପୂର୍ଣ୍ଣ। ଆଗାମୀ ଏକବର୍ଷ ଧରି ସମସ୍ତ ଜିଲ୍ଲାରେ ସ୍କୁଲ, କଲେଜ, ସରକାରୀ ଓ ବେସରକାରୀ ସଂଗଠନମାନଙ୍କ ମାଧ୍ୟମରେ ସାମୂହିକ ଗାନ, ସାଂସ୍କୃତିକ ଆୟୋଜନ ଓ ସଚେତନତା କାର୍ଯ୍ୟକ୍ରମ କରାଯିବାକୁ ଯୋଜନା କରାଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

## ଆୟକର ଠକେଇ ମାମଲା

# ଉତ୍କଳ ବିଲଡର୍ସର ୪ ନିର୍ଦ୍ଦେଶକ ଓ ଆକାଉଣ୍ଟାଣ୍ଟଙ୍କୁ ଜେରା

**ଭୁବନେଶ୍ୱର, ୭।୧୧(ସମିସ):** ଆୟକର ଠକେଇ ମାମଲାରେ ଉତ୍କଳ ବିଲଡର୍ସର ୪ ଜଣ ନିର୍ଦ୍ଦେଶକ ରାକେଶ ଭୁରା, ଅଞ୍ଜନାଦେବୀ ଭୁରା, ସନ୍ଦୀପ କୁମାର ଦେବ ଏବଂ ଅମିତ କୁମାର ଦେବ ଏବଂ ଆକାଉଣ୍ଟାଣ୍ଟଙ୍କୁ ଆୟକର ବିଭାଗ ପକ୍ଷରୁ ଜେରା କରାଯାଇଛି। ଜେରାବେଳେ ନିର୍ଦ୍ଦେଶକମାନଙ୍କ ଠାରୁ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିଥିବା ବିଭାଗ ପକ୍ଷରୁ ସୂଚନା ମିଳିଛି।

ରାଜ୍ୟର ଅନ୍ୟତମ ଶ୍ରେଷ୍ଠ ବିଲଡର ସଂସ୍ଥା ଉତ୍କଳ ବିଲଡର ଉପରେ ଗତ ୪ ତାରିଖରୁ ଆୟକର ବିଭାଗ ରେଡ୍ କରିଥିଲା। ସହିଦନଗର ସ୍ଥିତ ମାଲିକଙ୍କ ଘର, ସଂସ୍ଥାର ମୁଖ୍ୟ କାର୍ଯ୍ୟାଳୟ ସମେତ ଏକାଧିକ ସ୍ଥାନରେ ରେଡ୍ ହୋଇଥିଲା। ଭୋର ୫ଟାରୁ ଆରମ୍ଭ ହୋଇଥିବା ଆୟକର ରେଡ୍ ପ୍ରାୟ ୧୨ ଘଣ୍ଟା ଧରି ଚାଲିଥିଲା। ଉକ୍ତ ସଂସ୍ଥା ବହୁ କୋଟି ଟଙ୍କା ଟିକସ ଫାଙ୍କିବା ଥିବା ଆୟକର ଚୋରି କରିଥିବା ନେଇ ବିଭାଗ ଅନୁମାନ କରୁଛି।

## ଆଇଓସିଏଲ୍ ନାଫ୍‌ଥା କ୍ରାକର୍ ପ୍ରକଳ୍ପ ଜମି ମୂଲ୍ୟାୟନ ବିବାଦ

# ଓଡ଼ିଶା ସରକାରଙ୍କୁ ସୁପ୍ରିମକୋର୍ଟଙ୍କ ନୋଟିସ୍

**ପାରାଦୀପ, ୭।୧୧ (ସମିସ):** ଆଇଓସିଏଲ୍ ନାଫ୍‌ଥା କ୍ରାକର ପ୍ରକଳ୍ପ ନିମନ୍ତେ ଜମି ଅଧିଗ୍ରହଣ ମୂଲ୍ୟାୟନକୁ ନେଇ ସୃଷ୍ଟି ହୋଇଥିବା ବିବାଦ ସୁପ୍ରିମକୋର୍ଟରେ ପହଞ୍ଚିଛି। ମା' ବନରାଇ କୃଷକ ଏକତା ସଂଘ ପକ୍ଷରୁ ଆଗତ ଏକ ସ୍ୱତନ୍ତ୍ର ଲିଭ୍ ପିଟିସନର ବିଚାର କରି ସୁପ୍ରିମକୋର୍ଟ ଏହି ପ୍ରସଙ୍ଗରେ ରାଜ୍ୟ ସରକାରଙ୍କୁ ନୋଟିସ ଜାରି କରିଛନ୍ତି।

ସୂଚନା ଅନୁସାରେ ଫତେପୁର ପଞ୍ଚାୟତରେ ଆଇଓସିଏଲ୍ ପ୍ରସ୍ତାବିତ ନାଫ୍‌ଥା କ୍ରାକର୍ ପ୍ରକଳ୍ପ ପାଇଁ ପ୍ରାୟ ୭୨୧.୯୩ ଏକର ଜମି ଅଧିଗ୍ରହଣ ନିମନ୍ତେ ଓଡ଼ିଶା ସରକାରଙ୍କ ଦ୍ୱାରା ଗ୍ରହଣ କରାଯାଇଥିବା ଜମି ମୂଲ୍ୟାଙ୍କନ ପ୍ରକ୍ରିୟାକୁ ଚାଲେଞ୍ଜ କରିଛି ବନରାଇ କୃଷକ ଏକତା ସଂଘ। ଫତେପୁର ଗ୍ରାମର ୮୬.୬୪ ଏକର ଏବଂ ପ୍ରତାପପୁର ୬୩୫.୨୯ ଏକର ଜମି ଅଧିଗ୍ରହଣ ନିମନ୍ତେ ସରକାର ଯେଉଁ ମୂଲ୍ୟାୟନ କରିଛନ୍ତି, ତାହା ତ୍ରୁଟିପୂର୍ଣ୍ଣ ବୋଲି ଆବେଦନରେ ଦର୍ଶାଯାଇଛି। ଚାଷୀ ସଂଗଠନ ଅନୁସାରେ ଏହି ମୂଲ୍ୟାୟନ ବର୍ତ୍ତମାନର ବଜାର ଦର ତୁଳନାରେ ଯଥେଷ୍ଟ କମ୍। ତେଣୁ ସମସ୍ତ ପ୍ରଭାବିତ ଜମିମାଲିକଙ୍କ ଅଧିକାରକୁ ବଜାୟ ରଖି ଏକ ନିରପେକ୍ଷ ଏବଂ ସଚ୍ଛ ପ୍ରକ୍ରିୟା ସୁନିଶ୍ଚିତ କରିବା ପାଇଁ ଆବେଦନକାରୀମାନେ ଦାବି କରିଛନ୍ତି। ଆଜିର ଚାଷୀମାନଙ୍କ ପକ୍ଷରୁ ଆଇନଜୀବୀ ଗୌରବ ଅଗ୍ରୱାଲ, ପ୍ରଣବ ଗୁପ୍ତା, ଅଭିଷେକ ଦାଶ, ଅମ୍ରିତା ମିଶ୍ର, ଆୟୁଷ ଖଣ୍ଡେଲୱାଲ ପ୍ରମୁଖ ମୂଲ୍ୟାଙ୍କନ ପ୍ରକ୍ରିୟା ମନମୁଖୀ, ଅସ୍ୱଚ୍ଛ ଏବଂ ପ୍ରାକୃତିକ ନ୍ୟାୟର ନୀତି ବିରୋଧୀ ବୋଲି ଅଦାଲତରେ ଯୁକ୍ତି ବାଢ଼ିଛନ୍ତି। ମାମଲାର ଶୁଣାଣି କରି ସୁପ୍ରିମକୋର୍ଟ ଏହି ପ୍ରସଙ୍ଗରେ ରାଜ୍ୟ ସରକାରଙ୍କୁ ଜବାବ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଅନ୍ୟପକ୍ଷରେ ଅଦାଲତ ନିର୍ଦ୍ଦେଶକୁ ମା' ବନରାଇ କୃଷକ ଏକତା ମଞ୍ଚ ସ୍ୱାଗତ କରିଛି।

## ନୀଳମାଧବ ବିକାଶ ପ୍ରକଳ୍ପ ବିପର୍ଯ୍ୟସ୍ତ

# ପାଚେରିରେ ଶୁଖୁଛି ଶାଢ଼ି, ପାହାଚରେ ବଡ଼ି

**ନୟାଗଡ଼/ଖଣ୍ଡପଡ଼ା, ୭।୧୧ (ସମିସ):** ମହାପ୍ରଭୁ ଜଗନ୍ନାଥଙ୍କ ଆଦିପୀଠ ନୟାଗଡ଼ ଜିଲ୍ଲା କଣ୍ଟିଲୋ ନୀଳମାଧବ ପୀଠ ଉନ୍ନତି ଓ ବିକାଶ ପାଇଁ ପୂର୍ବ ସରକାର ଯୋଜନା ପ୍ରସ୍ତୁତ କରିଥିଲେ। ଶହେ କୋଟି ଟଙ୍କାରୁ ଉର୍ଦ୍ଧ୍ୱ ବ୍ୟୟବରାଦ ହୋଇଥିବା ବେଳେ ପ୍ରଥମ ପର୍ଯ୍ୟାୟରେ ୩୦ କୋଟି ଟଙ୍କା ମଞ୍ଜୁର କରାଯାଇଥିଲା। ଏହି ଅର୍ଥକୁ ବ୍ୟୟ କରି ଅନେକ ଉନ୍ନତୀକରଣ କାର୍ଯ୍ୟ କରାଯାଇଥିଲା। କିନ୍ତୁ ସାଧାରଣ ନିର୍ବାଚନ ପରଠାରୁ ଏହି କାର୍ଯ୍ୟ ଧୀରେଧୀରେ ଧିମା ହୋଇ ଏବେ ସମ୍ପୂର୍ଣ୍ଣ ବନ୍ଦ ହୋଇଯାଇଛି। ଯେତିକି ବି ବିକାଶମୂଳକ କାର୍ଯ୍ୟ ହୋଇଥିଲା, ରକ୍ଷଣାବେକ୍ଷଣ ଓ ସୁରକ୍ଷା ଅଭାବରୁ ତାହା ବିପର୍ଯ୍ୟସ୍ତ ହୋଇଗଲାଣି।



ନୀଳମାଧବ ପୀଠ ଉନ୍ନତି ପାଇଁ ସମ୍ପୂର୍ଣ୍ଣ ମନ୍ଦିରକୁ ସ୍ୱଚ୍ଛ ଧଳା ରଙ୍ଗ କରାଯାଇଥିଲା। କିନ୍ତୁ ଭକ୍ତମାନଙ୍କ ସଚେତନତା ଅଭାବରୁ ମନ୍ଦିର କାନ୍ଥ ସାରା ସିନ୍ଦୂର ଦାଗ ଜଳଜଳ ଦେଖାଯାଉଛି। ମନ୍ଦିର ପରିସରରେ ସ୍ୱଚ୍ଛତା ପ୍ରତି ଆଦୌ ଧ୍ୟାନ ଦିଆଯାଉନାହିଁ। ବେଢ଼ା ଭିତରେ ଦୀପ, ଭୋଗ, ଖେଳଣା ଓ ଆଇସକ୍ରିମ ଦୋକାନ ଖୋଲିଛି। କୋଟିକୋଟି ଟଙ୍କା ବ୍ୟୟରେ ହୋଇଥିବା ଏହି ରୂପାନ୍ତରଣ କାର୍ଯ୍ୟର ଅବସ୍ଥା ଦେଖିଲେ, ରାଜ୍ୟ ତଥା ଦେଶ ବାହାରୁ ଆସୁଥିବା ପର୍ଯ୍ୟଟକ ନାକ ଟେକୁଛନ୍ତି। ଖାଲି ସେତିକି ନୁହେଁ, ଭକ୍ତଙ୍କ ପାଇଁ ନିର୍ମାଣ ହୋଇଥିବା ଲିଫ୍ଟ ଆଦୌ ବ୍ୟବହାର ହେଉନାହିଁ। ରାଷ୍ଟ୍ରପତିଙ୍କ ଗସ୍ତ ପାଇଁ ଦିନଟିଏ ଲିଫ୍ଟ କାର୍ଯ୍ୟକ୍ଷମ ହୋଇଥିବା ବେଳେ ଏବେ ତାହା ବନ୍ଦ ଅବସ୍ଥାରେ ରହିଛି। ମନ୍ଦିର ଆଲୋକୀକରଣ ବ୍ୟବସ୍ଥା ବି ଫେଲ୍ ମାରିବାକୁ ବସିଛି। ପାର୍କଠାରୁ ଆରମ୍ଭ କରି ଦୟଣାଚୋରି ବଗିଚା ପର୍ଯ୍ୟନ୍ତ ସବୁଠି ବିପର୍ଯ୍ୟସ୍ତ ଅବସ୍ଥା କଣ୍ଟିଲୋବାସୀଙ୍କୁ ଚିନ୍ତାରେ ପକାଇଛି। ଦୟଣାଚୋରି ବଗିଚାରେ ଲାଜକୁଳି ଲତା ମାଡ଼ି ଯାଇଥିବା ବେଳେ ସେଥିରେ ତାଲା ଝୁଲୁଛି। ପାର୍କରେ ଲାଇଟ୍ ବ୍ୟବସ୍ଥା ସଠିକ୍ ନଥିବା ଦେଖିବାକୁ ମିଳିଛି। ଏହାସହ ପୁନରୁଦ୍ଧାର ହୋଇଥିବା ଚାପ ପୋଖରୀ ଭିତର ଓ ବାହାରେ କୁଢ଼କୁଢ଼ ଆବର୍ଜନା ଦେଖିବାକୁ ମିଳିଛି।

ନୀଳମାଧବ ବିକାଶ ପ୍ରକଳ୍ପରେ ଏକ ମାର୍କେଟ୍ କମ୍ପ୍ଲେକ୍ସ ନିର୍ମାଣ କରାଯାଇଥିବା ବେଳେ ତାହା ଅବ୍ୟବହୃତ ହୋଇ ପଡ଼ିରହିଛି। ନୀଳମାଧବ କ୍ଷେତ୍ରକୁ ପ୍ରତ୍ୟେକ ଦିନ ରାଜ୍ୟ ଓ ରାଜ୍ୟ ବାହାରୁ ହଜାର ହଜାର ପର୍ଯ୍ୟଟକ ଆସୁଥିବା ବେଳେ ଏସବୁ ବିପର୍ଯ୍ୟସ୍ତ ଅବସ୍ଥା ଦେଖି ସ୍ଥାନୀୟ ଲୋକଙ୍କୁ ପ୍ରଶ୍ନ ପଚାରି ମନକୁ ସନ୍ତୁଷ୍ଟ କରୁଛନ୍ତି। ନୀଳମାଧବ ବିକାଶ ପ୍ରକଳ୍ପରେ ଅନେକ ଯୋଜନା ରହିଥିବା ବେଳେ ଏଥିପ୍ରତି ସରକାର ଆଦୌ ଧ୍ୟାନ ନଦେବା, ହୋଇଥିବା କାମର ସୁରକ୍ଷା ଓ ରକ୍ଷଣାବେକ୍ଷଣ କରାନଯିବା ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି। ନୀଳମାଧବ ମନ୍ଦିର ପରିକ୍ରମା ପାଇଁ ରହିଥିବା ଯୋଜନା କେବେ କାର୍ଯ୍ୟକାରୀ ହେବ ବୋଲି ସ୍ଥାନୀୟ ବାସିନ୍ଦା ପ୍ରଶ୍ନ କରୁଛନ୍ତି। ମନ୍ଦିର ଚାରି ପାଖରେ ଘର କରି ରହିଥିବା ସେବାୟତଙ୍କୁ ଅନ୍ୟତ୍ର ସ୍ଥାନାନ୍ତର କରାଯାଇ, ପାହାଚ ଚାରିପାଖରେ ପରିକ୍ରମା ରାସ୍ତା ନିର୍ମାଣ କାର୍ଯ୍ୟ ଆଦୌ ଆରମ୍ଭ ହୋଇପାରିନାହିଁ। ଐତିହ୍ୟସଂପନ୍ନ ନୀଳମାଧବ ପୀଠର ଆଧ୍ୟାତ୍ମିକ ପରିବେଶ ନଷ୍ଟ ହେବାକୁ ବସିଥିବା ବେଳେ ଜିଲ୍ଲା ପ୍ରଶାସନ କିମ୍ବା ଦେବୋତ୍ତର ବିଭାଗ ଏଥିପ୍ରତି ଆଡ଼ ଆଖିରେ ଚାହୁଁନାହିଁ। ମନ୍ଦିର ନିକଟରେ ଆବଶ୍ୟକ ଶୌଚାଳୟ ସୁବିଧା ନାହିଁ। ବ୍ରହ୍ମାଦୀ ପାହାଡ଼ ଉପରେ ଅବସ୍ଥିତ ନୀଳମାଧବ ପୀଠ ପୁରୀ ଶ୍ରୀମନ୍ଦିର ଭଳି ରୂପାନ୍ତରିତ ହେବ ବୋଲି ଜିଲ୍ଲାବାସୀ ଆଶା ରଖିଥିଲେ। ସେହି ଆଶା ଧୂଳିସାତ ହୋଇଥିବା ବେଳେ ସ୍ଥାନୀୟ ବିଧାୟକ ମଧ୍ୟ ଏଥିପ୍ରତି ଧ୍ୟାନ ଦେଉନଥିବା ଜନସାଧାରଣ ଅଭିଯୋଗ କରିଛନ୍ତି।

# ରେଳ ଫାଟକ ରାସ୍ତା ବିପର୍ଯ୍ୟସ୍ତ; ପର୍ଯ୍ୟଟକ ହୀନସ୍ତା



ସାକ୍ଷୀଗୋପାଳ,୭।୧୧(ସମିସ): ଦୀର୍ଘ ଏକ ମାସରୁ ଊର୍ଦ୍ଧ୍ୱ ହେବ ସାକ୍ଷୀଗୋପାଳ-ଅଲଗୁମ ରାସ୍ତାର ସାକ୍ଷୀଗୋପାଳ ବଜାର ମଧ୍ୟରେ ଥିବା ରେଳ ଫାଟକ ନମ୍ବର (କେପି-୨୭) ରାସ୍ତା ଖାଲଢିପ ଅବସ୍ଥାରେ ରହିଛି। ଫଳରେ ଜନସାଧାରଣ ଓ ତୀର୍ଥ ଯାତ୍ରୀମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବିଶେଷ କରି ରୋଗୀ ନେଇ ଯାଉଥିବା ଆମ୍ବୁଲାନ୍ସ ପାଇଁ ସମସ୍ୟା ହେଉଛି। ସେହିପରି ପର୍ଯ୍ୟଟକଙ୍କୁ ନେଇ ଆସୁଥିବା ବାହାର ରାଜ୍ୟର ବସ୍‌ଗୁଡ଼ିକର ଚାଳକ ନାହିଁନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବାଇକ୍ ଗୁଡ଼ିକ ଏହି ଖାଲଢିପ ରାସ୍ତାରେ ହଠାତ ଅଟକି ଯାଉଛି। ଫଳରେ ଗାଡ଼ିର ଷ୍ଟାର୍ଟ ବନ୍ଦ ହୋଇଯିବାରୁ ପଛରୁ ଆସୁଥିବା ଗାଡ଼ି ଧକ୍କା ହୋଇ ଚାଳକ ଆହତ ହେଉଛନ୍ତି। ବାଇକ୍‌ରେ ଯାଉଥିବା ମହିଳା ଆରୋହୀମାନେ ବାଇକ୍‌ରୁ ପଡ଼ି ଖଣ୍ଡିଆଖାବରା ହେଉଛନ୍ତି। ଏହି ସମସ୍ୟା ଦୀର୍ଘ ମାସାଧିକ କାଳ ହୋଇଥିଲେ ବି ଏହାର ସ୍ଥାୟୀ ମରାମତି କରାଯାଉନାହିଁ। ଅସ୍ଥାୟୀ ଭାବେ ବାରମ୍ବାର କାମ ହେବା ଯୋଗୁଁ ବହୁତ ସମୟ ଧରି ରେଳ ଫାଟକ ବନ୍ଦ ରହୁଛି। ଏହି ସମସ୍ୟା ବାବଦରେ ସାକ୍ଷୀଗୋପାଳ ରେଳ ଷ୍ଟେସନର ଷ୍ଟେସନ ମାଷ୍ଟରଙ୍କ ସହିତ ଆଲୋଚନା କରିବାରୁ ସେ ଇଞ୍ଜିନିୟରଙ୍କ ସହିତ କଥା ହେବାକୁ କହିଥିଲେ। ଇଂଜିନିୟର ବାବୁଙ୍କୁ ଦରଖାସ୍ତ ଦେବାକୁ କହିଥିଲେ। ଅନ୍ୟପକ୍ଷରେ ସାକ୍ଷୀଗୋପାଳର ସ୍ଥାନୀୟ ବାସିନ୍ଦା ଏବଂ ସାକ୍ଷୀଗୋପାଳ ମନ୍ଦିରକୁ ପ୍ରତିଦିନ ହଜାର ହଜାର ତୀର୍ଥଯାତ୍ରୀ ଏହି ରାସ୍ତା ଦେଇ ଯିବା ଆସିବା ସମୟରେ ଅସୁବିଧା ଭୋଗୁଥିବାରୁ ସାକ୍ଷୀଗୋପାଳ ବଜାର ରେଳ ଫାଟକ ରାସ୍ତାକୁ ତୁରନ୍ତ ମରାମତି କରିବାକୁ ଜନସାଧାରଣ ଦାବି କରିଛନ୍ତି।

■ ଅମିନ, ଆର୍‌ଆଇ ପରୀକ୍ଷାରେ ସର୍ଭର ସମସ୍ୟା ଘଟଣା

## 'ମଙ୍ଗଳା ଆଇଟିସିକୁ ବଦ୍‌ନାମ କରିବାକୁ ଷଡ଼ଯନ୍ତ୍ର'




କାକଟପୁର,୭।୧୧(ସମିସ): ଗୁରୁବାର ପୁରୀଜିଲ୍ଲା କାକଟପୁରର ମା' ମଙ୍ଗଳା ଆଇଟିସି ପରୀକ୍ଷା କେନ୍ଦ୍ରରେ ହୋଇଥିବା ଆର୍‌ଆଇ, ଅମିନ ପରୀକ୍ଷା ସାମାନ୍ୟ ବିଳମ୍ବ ହେଲେ ମଧ୍ୟ ସୁଚାରୁରୂପେ କରାଯାଇଥିଲା। ପରୀକ୍ଷା ପରିଚାଳନାକୁ ନେଇ ପରୀକ୍ଷାର୍ଥୀ କିମ୍ବା ସେମାନଙ୍କ ଅଭିଭାବକ କୌଣସି ପ୍ରତିକ୍ରିୟା ପ୍ରକାଶ କରି ନଥିବାବେଳେ ସ୍ଥାନୀୟ କିଛି କୁଚକ୍ରୀ ଗୋଷ୍ଠୀଙ୍କ ନେତୃତ୍ୱରେ ଏହି ପରୀକ୍ଷା କେନ୍ଦ୍ର ବିରୋଧରେ କିଛି ଗଣମାଧ୍ୟମ ସାମ୍ନାରେ ବିରୋଧାଭାସ ପ୍ରକାଶ କରିଥିଲେ। ତେବେ ଏ ସଂକ୍ରାନ୍ତରେ ଓଏସ୍‌ଏସ୍‌ଏସ୍‌ସିର ପରୀକ୍ଷା ନିୟନ୍ତ୍ରକ ଓ ସମ୍ପୃକ୍ତ କେନ୍ଦ୍ରର କର୍ତ୍ତୃପକ୍ଷଙ୍କୁ ପଚାରିବାରେ କିଛି କୁଚକ୍ରୀ ଗୋଷ୍ଠୀଙ୍କ ଏଭଳି ଆରୋପ ପ୍ରତ୍ୟାରୋପର କୌଣସି ସତ୍ୟତା ନାହିଁ। ଏହା କେବଳ ପରୀକ୍ଷା କେନ୍ଦ୍ରକୁ ବଦ୍‌ନାମ କରିବାକୁ ଏକ ଚକ୍ରାନ୍ତ ବୋଲି ଦର୍ଶାଇବା ସହିତ ସମ୍ପୃକ୍ତ ବ୍ୟକ୍ତଙ୍କ ବିରୋଧରେ ଏକ ଲିଖିତ ଅଭିଯୋଗ କାକଟପୁର ଥାନାରେ କରାଯାଇଥିବା ପ୍ରକାଶ କରିଛନ୍ତି। ଉକ୍ତ ପରୀକ୍ଷା କେନ୍ଦ୍ରରେ ସରକାରଙ୍କ ବିଭିନ୍ନ ଉଚ୍ଚ ପଦସ୍ଥ ପଦବୀ ନିମନ୍ତେ ସ୍ୱଚ୍ଛ, ଶୃଙ୍ଖଳିତ ଓ ବ୍ୟବସ୍ଥିତ ଭାବେ ପରୀକ୍ଷା କରାଯାଇ ଉଚ୍ଚ ପ୍ରଶଂସିତ ହୋଇଥିବା ସେ କହିଛନ୍ତି।

## ନିଗମାନନ୍ଦ ମହିଳା ମହାବିଦ୍ୟାଳୟରେ 'ବନ୍ଦେ ମାତରମ୍'



ନିମାପଡ଼ା,୭।୧୧(ସମିସ): ନିମାପଡ଼ା ବ୍ଲକ ଚାରିଛକସ୍ଥିତ ନିଗମାନନ୍ଦ ମହିଳା ମହାବିଦ୍ୟାଳୟ ପରିସରରେ ରାଷ୍ଟ୍ର ଆରାଧନା ଓ ଦେଶପ୍ରୀତିର ଐକ୍ୟତାନ "ବନ୍ଦେ ମାତରମ୍'ର ୧୫୦ ତମ ବର୍ଷ ପୂର୍ତ୍ତି ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ପ୍ରଫେସର ମିତ୍ରା ମହାପାତ୍ରଙ୍କ ଅଧ୍ୟକ୍ଷତାରେ "ବନ୍ଦେ ମାତରମ' ଗାନ ପୂର୍ବକ କାର୍ଯ୍ୟକ୍ରମର ଶୁଭାରମ୍ଭ କରାଯାଇଥିଲା। ଅଧ୍ୟକ୍ଷା ସମସ୍ତଙ୍କୁ ରାଷ୍ଟ୍ରର ଐକ୍ୟତା ଓ ମାତୃଭୂମିର ସେବା ପାଇଁ ଉତ୍ସର୍ଗୀକୃତ ହେବା ପାଇଁ ଆହ୍ୱାନ କରିଥିଲେ। ଏହି କାର୍ଯ୍ୟକ୍ରମ ଅବସରରେ ମହାବିଦ୍ୟାଳୟ ପରିସରରେ ଦେଶାରେବାଧ ପ୍ରବନ୍ଧ, କୁଇଜ, ସଂଗୀତ, ବକ୍ତୃତା ଓ ପୋଷ୍ଟର ମେକିଂ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର ଇଂରାଜୀ ବିଭାଗର ବରିଷ୍ଠ ଅଧ୍ୟାପିକା ଶ୍ରୀମତୀ ଇତିଶ୍ରୀ ସାହୁ କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ। ମହାବିଦ୍ୟାଳୟର ସମସ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଓ ଛାତ୍ରୀ ଏଥିରେ ଯୋଗଦେଇଥିଲେ।

## ବ୍ୟବସାୟୀଙ୍କୁ ସୁହାଉଛି ଡିଜିଟାଲ କଣ୍ଟା;ଓଜନ ମାପରେ ଠକେଇ

ନୟାହାଟ,୭।୧୧(ସମିସ):

ନୟାହାଟ ଅଞ୍ଚଳରେ ନିମାପଡ଼ା ଓଜନ ଓ ମାପ ବିଭାଗ ପକ୍ଷରୁ ନିୟମିତ ଚଢ଼ଉ ହେଉ ନ ଥିବାରୁ ଅସାଧୁ ବ୍ୟବସାୟୀ ଓଜନ ଓ ମାପରେ ଠକେଇ କରୁଛନ୍ତି। ନୟାହାଟ ଅଞ୍ଚଳରେ ମାଛ, ମାଂସ, ପନିପରିବା, ଡାଲି, ଚାଉଳ ଏମିତିକି ସୁନା, ରୁପାରେ ମଧ୍ୟ ଓଜନରେ ଗ୍ରାହକଙ୍କୁ ଠକେଇ କରାଯାଉଥିବା ଅଭିଯୋଗ ହେଉଛି। ନୟାହାଟ ଅଞ୍ଚଳର ସାପ୍ତାହିକ ହାଟରେ ପନିପରିବା ଓଜନରେ ଠକେଇ ଦ୍ୱାରା ଗଣ୍ଡଗୋଳ ହେବାର ଅନେକ ନଜିର୍ ରହିଛି। ଏନେଇ ବାରମ୍ବାର ଅଭିଯୋଗ ହେଲେ ମଧ୍ୟ କାର୍ଯ୍ୟାନୁଷ୍ଠାନ ଶୂନ୍। ଅସାଧୁ ବ୍ୟବସାୟୀଙ୍କୁ ଡିଜିଟାଲ କଣ୍ଟା ଅଧିକ ଫାଇଦା ହେଉଛି। ପୂର୍ବରୁ ବ୍ୟବସାୟୀମାନେ କଣ୍ଟାପାଲ ଓ ବଟକରା ମାଧ୍ୟମରେ ଜିନିଷ ଗ୍ରାହକଙ୍କୁ ବିକ୍ରି କରୁଥିବାବେଳେ ପ୍ରତି ବର୍ଷ ଓଜନ ଓ ମାପ ବିଭାଗ ପକ୍ଷରୁ ନବୀକରଣ କରାଯାଉଥିଲା। ଯେଉଁମାନେ କରୁ ନ ଥିଲେ ସେମାନଙ୍କୁ ଦଣ୍ଡିତ କରାଯାଉଥିଲା। କଣ୍ଟାରେ ରଙ୍ଗ ଦିଆଯିବା ସହ ବଟକରାରେ ସୀସା ଧାତୁ ଦିଆଯାଇ ଠିକ୍ କରାଯାଉଥିଲା। ଏବେ କିନ୍ତୁ ଡିଜିଟାଲ କଣ୍ଟାରେ ଗ୍ରାହକଙ୍କୁ ଠକିବା ଅଧିକ ସୁବିଧା ହେଉଛି। ଡିଜିଟାଲ କଣ୍ଟାକୁ ଆଉ ଓଜନ ଓ ମାପ ବିଭାଗ କାର୍ଯ୍ୟାଳୟକୁ ନେବାକୁ ପଡୁନି। ଡିଜିଟାଲ କଣ୍ଟା ମାଧ୍ୟମରେ ରୌପ୍ୟ ପ୍ଲେଟ୍‌ରେ ଓଜନ ମାପ ବିଭାଗର କର୍ମଚାରୀ ଷ୍ଟାମ୍ପ୍ ମାରି ନିଜର ଦାୟିତ୍ୱ ସାରିଦେଉଛନ୍ତି। କିନ୍ତୁ କଣ୍ଟା ଠିକ୍ ଅଛି କି ନାହିଁ ବିଭାଗ ପକ୍ଷରୁ ଯାଞ୍ଚ କରାଯାଉ ନ ଥିବା ଗ୍ରାହକମାନେ ଅଭିଯୋଗ କରିଛନ୍ତି। ସୁନା, ରୁପା ଭଳି ମୂଲ୍ୟବାନ ଜିନିଷ ଓଜନରେ ଠକେଇ ହେଉଥିବାବେଳେ ଖାଉଟି ସାମଗ୍ରୀ ପଡ଼ିକାର୍ଡଧାରୀଙ୍କୁ ଡିଲର୍‌ମାନେ ମଧ୍ୟ ଓଜନରେ ଠକେଇ କରୁଛନ୍ତି। ଏ ଦିଗରେ ମାପ ଓଜନ ବିଭାଗୀୟ କର୍ତ୍ତୃପକ୍ଷ ଚଢ଼ଉ କରିବାକୁ ଦାବି ହେଉଛି।

## ଧାନରେ ରୋଗ ପୋକ; କାମ ଦେଉନି କୀଟନାଶକ



ବଲଙ୍ଗା,୭।୧୧(ସମିସ): ଚଳିତ ଖରିଫ ଧାନ ଚାଷ ଆରମ୍ଭରୁ ଚାଷୀ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହୋଇ ଆସୁଛନ୍ତି। ତଥାପି କ୍ରମାଗତ ବର୍ଷା ଓ ଅନୁକୂଳ ପାଣିପାଗ ଯୋଗୁଁ ଆଶାଜନକ ଉତ୍ପାଦନ ପାଇଁ ଚାଷୀ ଆଶା ରଖିଛନ୍ତି। ତେବେ ଏବେ ଦେଖାଦେଇଛି ରୋଗପୋକ। ଏବେ ଧାନ ଗଛରୁ କେଣ୍ଡା ବାହାରିବା ସମୟ ହୋଇଥିବାବେଳେ ଏହି ସମୟରେ ରୋଗ ପୋକ ଲାଗିଲେ ସମ୍ପୂର୍ଣ୍ଣ ଧାନ ଚାଷ ବାଧାପ୍ରାପ୍ତ ଆଶଙ୍କା ରହିଛି। ପୋକଗୁଡ଼ିକ ଗଛ ମୂଳରେ ମେଞ୍ଚା ହୋଇ ରହୁଥିବାବେଳେ ପତ୍ରଗୁଡ଼ିକୁ ଶୁଷ୍କ କରିଦେଉଛନ୍ତି। ବହୁତ ପରିମାଣର ପତ୍ର ଗଛରୁ ଖସି ପଡୁଛି। ରୋଗ ଯୋଗୁଁ ଆବଶ୍ୟକତା ଅନୁଯାୟୀ ଗଛ ବଢ଼ି ପାରୁନାହିଁ। କୃଷି ବିଭାଗ ପକ୍ଷରୁ ଆବଶ୍ୟକୀୟ ପରାମର୍ଶ ମିଳୁନଥିବାରୁ କୀଟନାଶକ ବ୍ୟବସାୟୀ ଉପରେ ଚାଷୀମାନେ ନିର୍ଭର କରୁଛନ୍ତି। ଅନେକ ମୁନାଫା ଖୋର ବ୍ୟବସାୟୀ ନିର୍ଦ୍ଧାରିତ କୀଟନାଶକ ଦେଉ ନଥିବାରୁ ଏହା କାର୍ଯ୍ୟ କରୁନଥିବାରୁ ଚାଷୀ ଅଯଥା ଖର୍ଚ୍ଚାନ୍ତ ହେଉଛନ୍ତି। ଅନେକ ଚାଷୀ କୀଟନାଶକ ପକାଉଥିଲେ ମଧ୍ୟ ତାହା କାମ ଦେଉ ନଥିବାରୁ କୌଣସି ସୁଫଳ ମିଳୁନାହିଁ। ବଲଙ୍ଗା ଅନ୍ତର୍ଗତ ଉଚ୍ଛୁପୁର, ବଲଙ୍ଗା, ବଳରାମପୁର ଗଡ଼, ରୂପଦେଇପୁର, ନୂଆସନ୍ଥ, କୋଟକୁସାଙ୍ଗ ପ୍ରଭୃତି ଅନେକ ପଞ୍ଚାୟତରେ ଏଭଳି ସ୍ଥିତି ଦେଖାଦେଇଛି। ଜିଲ୍ଲାପାଳ ଓ ଜିଲ୍ଲା କୃଷି ଅଧିକାରୀ ତ୍ୱରିତ ପଦକ୍ଷେପ ନେବାକୁ ହରିହର ବରାଳ, ବ୍ରଜକିଶୋର ଦାଶ, ବାଉରୀବନ୍ଧୁ ଦାସ, ରମେଶ ପ୍ରଧାନ ପ୍ରମୁଖ ଚାଷୀ ଦାବି କରିଛନ୍ତି। ପରିସ୍ଥିତି ସୁଧାର ନଆସିଲେ ଖରିଫ ଧାନ ଉତ୍ପାଦନ ହ୍ରାସ ହେବା ଆଶଙ୍କା ରହିଛି ବୋଲି ସେମାନେ କହିଛନ୍ତି।

## କ୍ରୀଡ଼ା ପ୍ରତିଭା ସଂଘମିତ୍ରାଙ୍କୁ ଶୁଭେଚ୍ଛା



ସାକ୍ଷୀଗୋପାଳ,୭।୧୧(ସମିସ): ଚଳିତ ମାସରେ କେନ୍ଦୁଝରରେ ଅନୁଷ୍ଠିତ ରାଜ୍ୟ ବିଦ୍ୟାଳୟସ୍ତରୀୟ ଉଷୁ ପ୍ରତିଯୋଗିତାରେ ସ୍ୱର୍ଣ୍ଣ ପଦକ ପାଇଥିବା ସତ୍ୟବାଦୀ ବ୍ଲକ୍ ରାୟଚକ୍ରଧରପୁର ସରକାରୀ ଉଚ୍ଚ ବିଦ୍ୟାଳୟର ଦଶମ ଶ୍ରେଣୀ ଛାତ୍ରୀ ସଂଘମିତ୍ରା ମନ୍ଦୋଇଙ୍କୁ ଉକ୍ତ ବିଦ୍ୟାଳୟ ପକ୍ଷରୁ ଆୟୋଜିତ ବିଜ୍ଞାନ ମେଳା ଉତ୍ସବରେ ସମ୍ମାନିତ କରାଯାଇଛି। ଛାତ୍ରୀ ସଂଘମିତ୍ରା ଉକ୍ତ ବିଦ୍ୟାଳୟରେ ଜଣେ ମେଧାବୀ ଛାତ୍ରୀ ହୋଇଥିବା ବେଳେ କ୍ରୀଡ଼ା କ୍ଷେତ୍ରରେ ସଫଳତା ହାସଲ କରି ଉକ୍ତ ବିଦ୍ୟାଳୟର ଗୌରବ ବୃଦ୍ଧି କରିଛନ୍ତି। ବ୍ଲକ, ଜିଲ୍ଲା, ରାଜ୍ୟସ୍ତରରେ ଏହି କ୍ରୀଡ଼ା ପ୍ରତିଭା ଜଣଙ୍କ ଉଷୁରେ ବିଜୟ ହାସଲ କରି ନିକଟରେ ଜାତୀୟ ସ୍ତର ଅର୍ଥାତ ଜାମ୍ମୁ କାଶ୍ମୀରରେ ଅନୁଷ୍ଠିତ କ୍ରୀଡ଼ା ପ୍ରତିଯୋଗିତାରେ ଅଂଶଗ୍ରହଣ କରି ଫେରିଛନ୍ତି। ତେଣୁ ତାଙ୍କର ସଫଳ ଭବିଷ୍ୟତ ଓ ଜାତୀୟସ୍ତର କ୍ରୀଡ଼ାରେ ସଫଳତା କାମନା କରି ଉକ୍ତ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ମନସ୍ୱିନୀ ମହାପାତ୍ରଙ୍କ ସମେତ ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ଏହି ଛାତ୍ରୀଙ୍କୁ ଶୁଭେଚ୍ଛା ଜଣାଇବା ସହ ଉତ୍ସାହିତ କରିଥିଲେ। କ୍ରୀଡ଼ା ଶିକ୍ଷୟିତ୍ରୀ ମୌସୁମୀ ଦାସଙ୍କ ତତ୍ତ୍ୱାବଧାନରେ ଛାତ୍ରୀ ସଂଘମିତ୍ରା ପ୍ରଶିକ୍ଷଣ ନେଉଥିଲେ।

## ପାରାୟଣ ଓ ପ୍ରବଚନ ଉଦ୍‌ଯାପିତ



କଣସ,୭।୧୧(ସମିସ): କଣାସ ବ୍ଲକ୍‌ର କାନପୁରସ୍ଥିତ ସିଦ୍ଧବଳରାମଙ୍କ ପୀଠରେ ବାର୍ଷିକ ଯଜ୍ଞ ଓ ପ୍ରବଚନ ଅନୁଷ୍ଠିତ ହୋଇଛି। ଜଳାଧିବାସ, ସାଲାପ୍ରବେଶ, ସୂର୍ଯ୍ୟପୂଜା, ଆହୁତି ସହ ପ୍ରତ୍ୟହ ଭାଗବତ ପ୍ରବଚନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କବିକସ୍ତୁରୀ ଦିଲ୍ଲୀପ ଶ୍ରୀଚନ୍ଦନ, ଶରତ ରାଉତ, ଲିଙ୍ଗରାଜ ପାଇକରାୟ ପ୍ରବଚନ ଦେଇଥିଲେ। ପୂଜ୍ୟପୂଜା ସଂସଦ ରାଜ୍ୟ ସଭାପତି କୃଷ୍ଣ ଜଗଦ୍ଦେବ ପ୍ରତ୍ୟହ ସଭା ସଞ୍ଚାଳନ କରିଥିଲେ। ସେହିପରି ବାଲିପାଟଣା ଗ୍ରାମରେ ୪୩ତମ ଶ୍ରୀରାମ ଚରିତ ମାନସ ପାରାୟଣ ଓ ପ୍ରବଚନ ଜ୍ଞାନଯଜ୍ଞ ଅନୁଷ୍ଠିତ ହୋଇଯାଇଛି। ଏଥିରେ ପ୍ରବକ୍ତା ଭାବେ ପଣ୍ଡିତ ନାରାୟଣ ଦାସ, କବିକସ୍ତୁରୀ ଦିଲ୍ଲୀପ ଶ୍ରୀଚନ୍ଦନ, ରବି ହୋତା ପ୍ରମୁଖ ପ୍ରବକ୍ତା ଭାବେ ଯୋଗଦେଇ ନଅ ଦିନ ପ୍ରବଚନ ଦେଇଥିଲେ। ଗ୍ରାମବାସୀ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ନିମାପଡ଼ାରେ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର



ନିମାପଡ଼ା,୭।୧୧(ସମିସ): ନିମାପଡ଼ାସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଆଜି ନିମାପଡ଼ା ପଞ୍ଚାୟତ ସମିତି ତରଫରୁ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର-୨୦୨୫ ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମଟି ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ଓଡ଼ିଶା ସରକାରଙ୍କ ସୌଜନ୍ୟତା ଓ ପିଙ୍ଗଳାକ୍ଷୀ ପବ୍ଲିକ ୱେଲ୍‌ଫେୟାର ଅର୍ଗାନାଇଜେସନ ନିମାପଡ଼ାର ମିଳିତ ସହଯୋଗରେ ସଫଳତାର ସହ ସମାପନ ହୋଇଯାଇଛି। ଏହି ଭିନ୍ନକ୍ଷମ ଚିହ୍ନଟ ଓ ମୂଲ୍ୟାଙ୍କନ ପ୍ରକ୍ରିୟାରେ ୪୬୫ଜଣ ବାଧିତ, ୮୫ଜଣ ଦୃଷ୍ଟିବାଧିତ, ୯୭ଜଣ ଶ୍ରବଣ ବାଧିତ, ୧୧୦ଜଣ ବୌଦ୍ଧିକ ଦିବ୍ୟାଙ୍ଗ ପଞ୍ଜିକୃତ କରାଇ ବିଭାଗୀୟ ଡାକ୍ତରଙ୍କ ଦ୍ୱାରା ମୋଟ ୭୫୭ଜଣଙ୍କର ମୂଲ୍ୟାଙ୍କନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ନିମାପଡ଼ା ପଞ୍ଚାୟତ ସମିତି ଅଧ୍ୟକ୍ଷ ଶଙ୍କର ଭୋଇ, ସମ୍ମାନିତ ଅତିଥିଭାବେ ସାଂସଦଙ୍କ ଏନ୍‌ଏସି ପ୍ରତିନିଧି ମୀନଲତା ମହାନ୍ତି, ବ୍ଲକ୍ ଉପାଧ୍ୟକ୍ଷା ଅନସୂୟା ମହାନ୍ତି, ବିଡିଓ ଡଃ ଅଭିଜିତ ଷଡ଼ଙ୍ଗୀ, ଏନ୍‌ଏସି କାର୍ଯ୍ୟନିର୍ବାହୀ ଅଧିକାରୀ ଚିନ୍ମୟ କୁମାର ଦାସ, ଏବିଡିଓ ପ୍ରିୟଦର୍ଶିନୀ ବରାଳ, ଅତିରିକ୍ତ ତହସିଲଦାର କେ.ଭେଙ୍କେଟେଶ୍ୱର ରାଓ, ପିପିଡବ୍ଲୁଓ ସମ୍ପାଦକ ଗଗନ ବିହାରୀ ଦାସ, ଯୁଗ୍ମ ସମ୍ପାଦକ ପବିତ୍ର କୁମାର ମହାପାତ୍ର, କୋଷାଧ୍ୟକ୍ଷ ପଦ୍ମଲୋଚନ ମହାନ୍ତି ପ୍ରମୁଖ ଯୋଗ ଦେଇଥିଲେ।

## କଣାସରେ ସ୍କାଉଟ୍‌ସ୍ ଓ ଗାଇଡ୍‌ସର ପ୍ରତିଷ୍ଠା ଦିବସ



କଣାସ,୭।୧୧(ସମିସ): କଣାସ ବ୍ଲକ ସିରେଇ ଗ୍ରାମପଞ୍ଚାୟତର ସିରେଇ ଗ୍ରାମରେ ପ୍ରତିଷ୍ଠିତ ବିଶ୍ୱନାଥ ସ୍ମୃତି ବିଦ୍ୟାନିକେତନର ସ୍କାଉଟ୍ ଭବନରେ ଆଜି କଣାସ ବ୍ଲକର ବିଭିନ୍ନ ସ୍କୁଲର ସ୍କାଉଟ୍‌ସ, ଗାଇଡ୍‌ସଙ୍କୁ ନେଇ ସ୍କାଉଟ୍, ଗାଇଡ୍ ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ସଭାରେ ସମାଜସେବୀ ସୁକାନ୍ତ କିଶୋର ସାମନ୍ତରାୟ ସଭାପତି ଭାବେ ଯୋଗଦେଇ ବିଶ୍ୱ ସ୍କାଉଟ୍‌ସ, ଗାଇଡ୍‌ସ ପ୍ରତିଷ୍ଠା ଦିବସର ସ୍ମୃତିଚାରଣ କରିଥିଲେ। ପ୍ରଧାନଶିକ୍ଷକ ଧନ୍ୟବାଦ ଅର୍ପଣ କରିବାପରେ ସ୍କାଉଟ୍, ଗାଇଡି ଛାତ୍ରଛାତ୍ରୀ ଶୋଭାଯାତ୍ରାରେ ଯାଇ କଣାସ ବ୍ଲକ, ତହସିଲ କାର୍ଯ୍ୟାଳୟ, ଥାନା, ଡାକ୍ତରଖାନା, ବ୍ୟାଙ୍କ, ଅଦାଲତ, ବିଦ୍ୟୁତ୍ ବିଭାଗ, ଅଗ୍ନିଶ୍ରମ କାର୍ଯ୍ୟାଳୟକୁ ଯାଇ ଟୋକନ୍ ଫ୍ଲାଗ ଲଗାଇ ସମ୍ବର୍ଦ୍ଧନା ଜଣାଇଥିଲେ। ସମାଜରେ ଭଲ ମଣିଷଟିଏ ହେବା ପାଇଁ ସ୍କାଉଟ୍‌ସ ଗାଇଡସରେ ଦୀକ୍ଷିତ ହେବା ନିମନ୍ତେ ସମ୍ମାନସ୍ପଦ ଓ ପୂଜ୍ୟସ୍ପଦ ବ୍ୟକ୍ତି ଭାବେ ପିଲାମାନଙ୍କୁ ଆର୍ଶୀବାଦ ପ୍ରଦାନ କରିଥିଲେ।

## ଦୁର୍ଘଟଣାରେ ଅପରିଚିତ ବ୍ୟକ୍ତିଙ୍କ ମୃତ୍ୟୁ

ସାକ୍ଷୀଗୋପାଳ,୭।୧୧(ସମିସ):

ପୁରୀ-ଭୁବନେଶ୍ୱର ଜାତୀୟ ରାଜପଥର ସତ୍ୟବାଦୀ ଥାନା ଅନ୍ତର୍ଗତ ସାକ୍ଷୀଗୋପାଳ ବସଷ୍ଟାଣ୍ଡ ନିକଟସ୍ଥ ବଡ଼କାଞ୍ଜିଆ ଛକ ନିକଟରେ ଅଜଣା ଗାଡ଼ି ଦୁର୍ଘଟଣାରେ ଜନୈକ ବ୍ୟକ୍ତିଙ୍କ ମୃତ୍ୟୁ ଘଟିଛି। ତାଙ୍କର ପରିଚୟ ଜଣାପଡ଼ିନାହିଁ। ଦୁର୍ଘଟଣାରେ ସେ ଗୁରୁତର ହୋଇଥିବାବେଳେ ସ୍ଥାନୀୟ ଲୋକେ ସାକ୍ଷୀଗୋପାଳ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ମାତ୍ର କାର୍ଯ୍ୟରତ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସତ୍ୟବାଦୀ ଥାନାରେ ଭାରତୀୟ ନ୍ୟାୟ ସଂହିତା ଧାରା ୨୮୧/୧୦୬ ମାମଲା ରୁଜୁ ହୋଇ ତଦନ୍ତ ଜାରି ରହିଛି। ମୋକଦ୍ଦମା ନମ୍ବର ୩୮୮/୨୦୨୫ରେ ଏହି ମୃତ ବ୍ୟକ୍ତିଙ୍କର ଚିହ୍ନଟ ନିମନ୍ତେ ସତ୍ୟବାଦୀ ପୁଲିସ ଫଟୋ ଜାରି କରିଛନ୍ତି। ଯଦି କୌଣସି ସହୃଦୟ ବ୍ୟକ୍ତି ଉକ୍ତ ବ୍ୟକ୍ତିଙ୍କର ନାମ ଓ ଠିକଣା ଜାଣିଥିବେ ତେବେ ସତ୍ୟବାଦୀ ଥାନାକୁ ଯୋଗାଯୋଗ କରିବାକୁ ଅନୁରୋଧ କରାଯାଇଛି।

## ବନ୍ଦେ ମାତରମ୍‌ର ୧୫୦ ତମ ବର୍ଷପୂର୍ତ୍ତି




ବଲଙ୍ଗା,୭।୧୨(ସମିସ): ବଲଙ୍ଗା ମହାବିଦ୍ୟାଳୟର ସମ୍ମିଳନୀ କକ୍ଷରେ ଜାତୀୟ ସଙ୍ଗୀତ ବନ୍ଦେ ମାତରମ୍‌ର ୧୫୦ତମ ଜୟନ୍ତୀ ଉତ୍ସବ ଅଧ୍ୟକ୍ଷ ପ୍ରଭାତ କୁମାର ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଛି। ଏଥିରେ ସାମୂହିକ ଜାତୀୟ ସଙ୍ଗୀତ ଗାନ କରାଯାଇଥିଲା। ଏହି ଅବସରରେ ମୁଖ୍ୟ ଅତିଥି ଭାବେ ଉତ୍କଳ ବିଶ୍ୱବିଦ୍ୟାଳୟର ସିଡିସି ମହାବିଦ୍ୟାଳୟର ବିକାଶ ପରିଷଦର ନିର୍ଦ୍ଦେଶକ ଡଃ କବୀର ମୋହନ ସେଠୀ ଏବଂ ଉପକୂଳ ସଚିବ ଡଃ କୀର୍ତ୍ତି ରଞ୍ଜନ ମଲ୍ଲିକଙ୍କ ସମେତ ୨୫୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଜାତୀୟ ସଙ୍ଗୀତକୁ ସ୍ମୃତିରେ ରଖି ତାହାର ମହତ୍ତ୍ୱ ହୃଦୟଙ୍ଗମ କରିବା ପାଇଁ ଅତିଥିମାନେ ଛାତ୍ର ଛାତ୍ରୀମାନଙ୍କୁ ପ୍ରେରିତ କରିଥିଲେ। ଅଧ୍ୟାପକ ଓ କର୍ମଚାରୀମାନେ ସାମିଲ ହୋଇଥିଲେ।

ପ୍ରଥମ ଶ୍ରାଦ୍ଧବାର୍ଷିକୀ ଉପଲକ୍ଷେ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତ ଶ୍ରୀକାନ୍ତ କୁମାର ମହାନ୍ତି
କାଳୀମେଘା, ତିହିଡ଼ି, ଭଦ୍ରକ
ଆବିର୍ଭାବ : ୨୫-୦୫-୧୯୬୨ / ତିରୋଧାନ : ୦୮-୧୧-୨୦୨୪
ଆପଣଙ୍କ ଅମର ଆତ୍ମାର ସଦଗତି ନିମନ୍ତେ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା
ଶୋକସନ୍ତପ୍ତ: ପୁତ୍ର-ମାନବେଶ, କନ୍ୟା- ଶ୍ରୀବଲ୍ଲୀ, ବନ୍ଧୁ ଓ ପରିବାରବର୍ଗ

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ସାମ୍ବାଦିକ ଭାଗବତ ସ୍ୱାଇଁଙ୍କୁ 'ସୁରେନ୍ଦ୍ରନାଥ ସ୍ମୃତି ସମ୍ମାନ'



କାକଟପୁର/ଅସ୍ତରଙ୍ଗ,୭।୧୧(ସମିସ): ଅସ୍ତରଙ୍ଗ ବ୍ଲକ୍ ଅନ୍ତର୍ଗତ ପ୍ରସିଦ୍ଧ ପର୍ଯ୍ୟଟନସ୍ଥଳୀ ପୀର ଜାହାନିଆ ବେଳାଭୂମିଠାରେ ଆୟୋଜିତ ବେଳାଭୂମି ସାହିତ୍ୟ ସଂସଦ କାର୍ଯ୍ୟକ୍ରମରେ କାକଟପୁରର ସମାଜ ସାମ୍ବାଦିକ ଭାଗବତ ସ୍ୱାଇଁ ସୁରେନ୍ଦ୍ରନାଥ ସ୍ମୃତି ସମ୍ମାନରେ ସମ୍ମାନିତ ହୋଇଛନ୍ତି। ପ୍ରସିଦ୍ଧ ବୋଇତ ବନ୍ଦାଣ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସାହିତ୍ୟ ଆସରରେ ଅସ୍ତରଙ୍ଗ ତହସିଲଦାର ପ୍ରିୟଙ୍କା ପ୍ରିୟଦର୍ଶିନୀ ପତି, ସମିତିସଭ୍ୟ ବିମ୍ବାଧର ବିଶ୍ୱାଳ, ଅନୁଷ୍ଠାନର ସଭାପତି ଚିତ୍ତରଞ୍ଜନ ବିଶ୍ୱାଳ, ସମ୍ପାଦକ ଦୁଃଶାସନ ନାୟକ, ଅନ୍ୟତମ ଅତିଥି ଭାବେ ବ୍ୟଙ୍ଗକବି ସମ୍ପଦ ରଥ ପ୍ରମୁଖ ଅତିଥି ଭାବେ ଯୋଗଦେଇ ବିଭିନ୍ନ ବର୍ଗରେ ପାରିଦର୍ଶିତା ଲାଭ କରିଥିବା ସାମ୍ବାଦିକ ଓ କବିମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ।

# ଶ୍ରୀକ୍ଷେତ୍ର ସିଟି

୭/୧୧/୨୦୨୫ (ଶୁକ୍ରବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୩୧,୨୮୪/- ସୁନା: ୦୪.୦୫୦ ଗ୍ରାମ୍ ରୁପା: ୩୨.୩୦୦ ଗ୍ରାମ୍



ଛୋଟ ଆୟ ବଡ଼ ହୃଦୟ

## ସିଏମ୍ ରିଲିଫ୍ ଫଣ୍ଡକୁ ମା' ପୁଅ ଦେଲେ ୧୦ ହଜାର

ପୁରୀ,୭।୧୧(ସମିସ): ସହଯୋଗ ମନୋବୃତ୍ତି ଥିଲେ ଯେ କୌଣସି ଉପାୟରେ ଆପଣ ଅନ୍ୟକୁ ସାହାଯ୍ୟ କରିପାରିବେ। ଏମିତି ଲୋକ ଅଛନ୍ତି ଯେଉଁମାନଙ୍କ ପାଖରେ ରହିଛି କୋଟି କୋଟି ଟଙ୍କା। ହେଲେ ଅନ୍ୟକୁ ସାହାଯ୍ୟ କରିବା କଥା ପଡିଲେ ସେମାନେ ମୁହଁ ଲୁଚାଇ ଦିଅନ୍ତି। ସେମିତି କିଛି ଲୋକ ଅଛନ୍ତି ଯେଉଁମାନେ ଦୈନିକ ପରିଶ୍ରମ କଲେ ପେଟ ପୋଷନ୍ତି, କିନ୍ତୁ ଅନ୍ୟକୁ ସାହାଯ୍ୟ କରିବାରେ ସେ ଅଧିକ ଆନନ୍ଦିତ ହୁଅନ୍ତି। ଏମିତି



ଛୋଟ ଆୟ ଏବଂ ବଡ଼ ହୃଦୟର ମଣିଷ ହେଉଛନ୍ତି ପୁରୀର ଦୀପକ ଶତପଥୀ ଓ ତାଙ୍କ ମା' ସତ୍ୟଭାମା ଶତପଥୀ। ଶୁକ୍ରବାର ମା'ପୁଅ ଅତିରିକ୍ତ ଜିଲ୍ଲାପାଳଙ୍କୁ ରେଡ୍‌କ୍ରସ ଓ ମୁଖ୍ୟମନ୍ତ୍ରୀ ରିଲିଫ ଫଣ୍ଡକୁ ୫ହଜାର ଲେଖାଏ ୧୦ହଜାର ଟଙ୍କା ପ୍ରଦାନ କରିଛନ୍ତି। ଏହା ସମାଜ ପାଇଁ ନିଶ୍ଚିତ ପ୍ରେରଣାଦାୟୀ, କାରଣ ଦୀପକ ପୂଜା ପାଠ କରି ଚଳୁଥିବାବେଳେ ତାଙ୍କ ମନରେ ସହଯୋଗ କରିବାର ଦୃଢ ଇଚ୍ଛାଶକ୍ତି ରହିଛି। ଚଳିତବର୍ଷ ତାଙ୍କ ଜେଜେ ବାପା ଆରମ୍ଭ କରିଥିବା ଭାଗବତ ସପ୍ତାହକୁ ୫୦ବର୍ଷ ପୂରିବ। ଦୀପକଙ୍କ ପିତା ହରିହର ଶତପଥୀ ତାଙ୍କ ଜେଜେ ରଘୁନାଥ ୧୯୭୫ରେ ଆରମ୍ଭ କରିଥିଲେ ଭାଗବତ ସପ୍ତାହ। ନରେନ୍ଦ୍ର କୋଣ ପତିତପାବନ ଘାଟରେ ଭାଗବତ ସପ୍ତାହ କରନ୍ତି। ପ୍ରତିବର୍ଷ ଭଳି ଭାଗବତ ସପ୍ତାହ ମାର୍ଗଶୀର ପଞ୍ଚମୀରୁ ଆରମ୍ଭ ହୋଇ ମାର୍ଗଶୀର ସଂକ୍ରାନ୍ତି ଦିନ ଶେଷ ହେବ।

ବନ୍ଦେ ମାତରମ୍‌ର ୧୫୦ବର୍ଷ ପୂର୍ତ୍ତି

## 'ବନ୍ଦେ ମାତରମ୍ ପ୍ରତ୍ୟେକ ଭାରତୀୟଙ୍କ ହୃଦୟର ସ୍ପନ୍ଦନ'

ପୁରୀ,୭।୧୧(ସମିସ): ପୁରୀ ଜିଲ୍ଲାସ୍ତରୀୟ ରାଷ୍ଟ୍ର ଗୀତ ବନ୍ଦେ ମାତରମ୍‌ର ୧୫୦ ବର୍ଷ ପୂର୍ତ୍ତି କାର୍ଯ୍ୟକ୍ରମ ଶୁକ୍ରବାର ଓସୱାନ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅଧ୍ୟକ୍ଷତା କରି ଜିଲ୍ଲାପାଳ ଦିବ୍ୟ ଜ୍ୟୋତି ପରିଡା ବନ୍ଦେ ମାତରମ୍ କେବଳ ଏକ ରାଷ୍ଟ୍ର ଗୀତ ନୁହେଁ ଏହା ପ୍ରତେକ ଭାରତୀୟଙ୍କ ହୃଦୟର ସ୍ପନ୍ଦନ ଓ ଆତ୍ମା ବୋଲି କହିଥିଲେ। ଯେଉଁଠି ଯେଉଁଠି ବି ରାଷ୍ଟ୍ର ପ୍ରତି ଦେଶପ୍ରେମ, ସମର୍ପଣ, ବୀରତ୍ୱ ଓ ସେବାର କଥା ଉଠିଛି ପ୍ରତ୍ୟେକ ଭାରତୀୟଙ୍କ କଣ୍ଠରୁ ବନ୍ଦେ ମାତରମ୍ ଧ୍ୱନି ଉଚ୍ଚାରିତ ହୋଇ ସମସ୍ତଙ୍କୁ ପ୍ରେରଣା ଦେଇଛି, ସାହସ ଦେଇଛି ବୋଲି ସେ କହିବା ସହ ବନ୍ଦେ ମାତରମ୍‌ର ରଚୟିତା ବଙ୍କିମ ଚନ୍ଦ୍ର ଚାଟାର୍ଜୀଙ୍କ ସ୍ମୃତିପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଉପ ନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ବନ୍ଦେ ମାତରମ୍ ରଚନାର ପୃଷ୍ଠଭୂମି ସମ୍ପର୍କରେ ସୂଚନା ଦେଇ ବଙ୍କିମ ଚନ୍ଦ୍ର ଚାଟାର୍ଜୀଙ୍କ ରଚିତ ପ୍ରସିଦ୍ଧ ଆନନ୍ଦ ମଠ ଉପନ୍ୟାସର ଏହା ଏକ କବିତା ବୋଲି ମତ ଦେଇଥିଲେ। ଏଥିରେ ସନ୍ୟାସୀ ବିପ୍ଳବକୁ ଆଧାର କରି ଦେଶାତ୍ମବୋଧ ଜାଗ୍ରତ କରିବାର ପ୍ରଚେଷ୍ଟା ଅତ୍ୟନ୍ତ ଉଚ୍ଚକୋଟୀର। ଏହା ସାମାଜିକ ଶୃଙ୍ଖଳାର ପ୍ରେରଣା କବିତା ସହ ଦେଶପ୍ରେମକୁ ଉଦ୍‌ବୁଦ୍ଧ କରାଉଥିବା ଏକ ଚମତ୍କାର ରଚନା। ବଙ୍କିମ ଚନ୍ଦ୍ର ଯାଜପୁରର ତତ୍କାଳୀନ ଉପଜିଲ୍ଲାପାଳ ବା ଏସ୍‌ଡିଏମ ଭାବେ ୧୮୮୨ରୁ ୧୮୮୪ ପର୍ଯ୍ୟନ୍ତ କାର୍ଯ୍ୟ ନିର୍ବାହ କରିଥିଲେ ବୋଲି ଶ୍ରୀ ସେଠୀ ସୂଚନା ଦେଇଥିଲେ। ପରେ ବନ୍ଦେ ମାତରମ୍ ଭିଡିଓ ପ୍ରଦର୍ଶନ ସହ ସାମୁହିକ ଭାବେ ବନ୍ଦେ ମାତରମ୍ ସଙ୍ଗୀତ ଗାନ କରାଯାଇଥିଲା। ଓସୱାନ ମାଧ୍ୟମରେ ସମସ୍ତ ବ୍ଲକରେ ଅଧିକାରୀ ଓ କର୍ମଚାରୀ ମାନେ ଯୋଡି ହୋଇ ବନ୍ଦେ ମାତରମ ଗାନ କରିଥିଲେ। ପରେ ଆଭାସୀ ମାଧ୍ୟମରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ବନ୍ଦେ ମାତରମ୍ ସମ୍ପର୍କରେ ଅଭିଭାଷଣ ପ୍ରଦାନ କରିବା ସହ ବନ୍ଦେ ମାତରମ ଏକ ସ୍ୱପ୍ନ, ଏକ ସନ୍ଦେଶ, ଏକ ପ୍ରେରଣା, ଏକ ଜାଗରଣ, ଏକ ଅନୁଭବ, ଏକ ଅଦଭୁତ ରୋମାଞ୍ଚ, ଯାହା ପ୍ରତିଟି ହୃଦ କୁ ଆଲୋକିତ ଓ ଆଲୋଡିତ କରେ। ବଦଳୁଥିବା ଭାରତର ଏହା ଏକ ଅବିଶ୍ୱନୀୟ ଅଗ୍ରଗତି ଯାହା ନିଜେ ନିଜର ଭାଗ୍ୟ ବିଧାତା ହେବାର ପ୍ରେରଣା ସଙ୍ଗୀତ ବୋଲି କହିଥିଲେ।



କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ପ୍ରଶାସନ ଶରତ ଚନ୍ଦ୍ର ବେହେରା, ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ଡ. ଶରତ ଚନ୍ଦ୍ର ମହାପାତ୍ର, ପୌର ନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରା, ଉପ ଜିଲ୍ଲାପାଳ ରାଜକିଶୋର ଜେନା, ରାଷ୍ଟ୍ରୀୟ ବିଜ୍ଞାନ କେନ୍ଦ୍ରର ଡିଆଇଓ ବିଶ୍ୱନାଥ ପଣ୍ଡା, ଡେପୁଟି କଲେକ୍ଟର ପ୍ରିୟଦର୍ଶିନୀ ମଲ୍ଲିକ, ଅନୁସ୍ରବ ଗନ୍ତାୟତ, ସହଦେବ ସାହୁ, ଅତିରିକ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡା. ବିନୋଦ ରଥ, ଜିଲ୍ଲା ମଙ୍ଗଳ ଅଧିକାରୀ ମମତାରାଣୀ ପରିଡା, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ମନୋଜ କୁମାର ତ୍ରିପାଠୀ ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲା ସଂସ୍କୃତି ଅଧିକାରୀ ହେମନ୍ତ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ଜିଲ୍ଲା ସ୍କୁଲରେ ହକି ଶତବାର୍ଷିକୀ ପାଳିତ



ପୁରୀ,୭।୧୧(ସମିସ): ପୁରୀ ଜିଲ୍ଲା ସ୍କୁଲ୍ "ହକି ଗ୍ରାସ୍ ରୁଟ୍ ସେଣ୍ଟର୍'ରେ ଶୁକ୍ରବାର ହକି ଶତବାର୍ଷିକୀ ପାଳନ କରାଯାଇଛି। ଭାରତରେ ସର୍ବ ପ୍ରଥମେ ୧୯୨୫ ମସିହାରେ ହକି ଖେଳ ଆରମ୍ଭ ହୋଇଥିଲା। ଏଥି ମଧ୍ୟରେ ୧୦୦ ବର୍ଷ ଅତିକ୍ରାନ୍ତ ହୋଇସାରିଛି। ଭାରତ ସମଗ୍ର ବିଶ୍ୱରେ ଅନେକ ଥର ଚାମ୍ପିଅନ ହେବା ସହ ଆଜି ମଧ୍ୟ ଏହି ଖେଳରେ ଦିଗ୍‌ବିଜୟୀ ଯୋଦ୍ଧା ରୂପେ ନିଜର ଆଧିପତ୍ୟ ଜାରି ରଖିଛି। ଏହି ଅବସରରେ ପୁରୀ ଜିଲ୍ଲା ସ୍କୁଲର ହକି ଖେଳାଳୀମାନେ ବାଳକ ଓ ବାଳିକା ଉଭୟ ବିଭାଗରେ ବନ୍ଧୁତ୍ୱପୂର୍ଣ୍ଣ ମ୍ୟାଚ୍ ଆୟୋଜନ କରି ଶତବାର୍ଷିକୀ ଦିବସକୁ ପାଳନ କରିଛନ୍ତି। ଏଥିରେ ପୁରୀ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ବିଭାଗ ଅଧିକାରୀ ସନ୍ତୋଷ କୁମାର ସେଠୀ ମୁଖ୍ୟଅତିଥି ଭାବେ ଯୋଗଦେଇ କ୍ରୀଡ଼ାବିତ୍ ମାନେ ନିଜର ଅଧ୍ୟବସାୟ ଜାରି ରଖିଲେ ନିଶ୍ଚିତ ଭାବେ ସଫଳତା ପାଇ ପାରିବେ ଓ ଦେଶ ତଥା ରାଜ୍ୟର ସମ୍ମାନ ଅକ୍ଷୁର୍ଣ୍ଣ ରଖିପାରିବେ ବୋଲି ସେମାନଙ୍କୁ ଉତ୍ସାହିତ କରିଥିଲେ। ସମ୍ମାନିତ ଅତିଥି ଜିଲ୍ଲା କ୍ରୀଡ଼ା ଅଧିକାରୀ ଚନ୍ଦନ କୁମାର ସାହୁ କ୍ରୀଡ଼ାବିତମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ ଓ କ୍ରୀଡ଼ା କ୍ଷେତ୍ରରେ ଯଥା ସମ୍ଭବ ସାହାଯ୍ୟ ପ୍ରଦାନ ପାଇଁ ପ୍ରତିଶ୍ରୁତି ଦେଇଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାବେ ଶିକ୍ଷକ ବିଦ୍ୟାଧର ମିଶ୍ର ଉପସ୍ଥିତ ରହି ଖେଳାଳୀମାନଙ୍କୁ ବକ୍ତବ୍ୟ ପ୍ରଦାନ କରିଥିଲେ। ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ବିଶ୍ୱଜିତ୍ ବାନାର୍ଜୀ ଏଥିରେ ଅଧ୍ୟକ୍ଷତା କରିବା ସହ ବିଦ୍ୟାଳୟ ସବୁକ୍ଷେତ୍ରରେ ଖେଳାଳୀମାନଙ୍କୁ ସହଯୋଗ ପ୍ରଦାନ ପାଇଁ ନିର୍ଭର ପ୍ରତିଶ୍ରୁତି ଦେଇ ମନୋବଳ ବଢ଼ାଇଥିଲେ। ଅତିଥିମାନେ କ୍ରୀଡ଼ାବିତ୍ ମାନଙ୍କୁ ଚାମ୍ପିଅନ ଓ ରନର୍ସପ୍ ଟ୍ରଫି ପ୍ରଦାନ କରିବା ସହ ଉଭୟ ବାଳକ ଓ ବାଳିକା ବିଭାଗର ଖେଳାଳୀଙ୍କୁ ମ୍ୟାନ୍ ଅଫ୍ ଦି ମ୍ୟାଚ ଟ୍ରଫି ମଧ୍ୟ ପ୍ରଦାନ କରିଥିଲେ। ଏହି ମ୍ୟାଚ କୋଚ୍‌ଦ୍ୱୟ ଗୌତମ ନାୟକ ଓ ରାଜୁ ଗୌଡଙ୍କ ଦ୍ୱାରା ପରିଚାଳନା କରାଯାଇଥିଲା। ସମସ୍ତ କାର୍ଯ୍ୟକ୍ରମ ଜିଲ୍ଲା ସ୍କୁଲ୍‌ର ପ୍ରାକ୍ତନ କ୍ରୀଡା ଶିକ୍ଷକ ଗୋପାଳ ଚନ୍ଦ୍ର ପରିଡାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା ଓ ସେ ସମସ୍ତଙ୍କୁ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ଶୀଳଯୁକ୍ତ ଜୀବନଚର୍ଯ୍ୟା ହିଁ ମାନବ ଜୀବନ

ପୁରୀ,୭।୧୧(ସମିସ): ସ୍ଥାନୀୟବୁଦ୍ଧ ମନ୍ଦିରଠାରେ 'ବୋଧିଚକ୍ର' ତରଫରୁ ମାସିକ ଆଲୋଚନାଚକ୍ର "ଶୀଳଯୁକ୍ତ ଜୀବନ ଚର୍ଯ୍ୟା' ସମ୍ପର୍କରେ ସଭାପତି ଇଂଜିନିୟର ଗିରିଜା ଶଙ୍କର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଏକ ସଭା ଅନୁଷ୍ଠିତ ହୋଇଯାଇଛି। ପ୍ରାରମ୍ଭରେ କବି ଶଙ୍କର୍ଷଣ ପରିଡା ଓ କବି ହରେ କୃଷ୍ଣପ୍ରଧାନୀଙ୍କ ବିୟୋଗରେ ନୀରବ ପ୍ରାର୍ଥନା ସହ ବୁଦ୍ଧ ବନ୍ଦନା କରାଯାଇଥିଲା। ସଭାପତି କହିଲେ, ଶୀଳଯୁକ୍ତ ଜୀବନ ଚର୍ଯ୍ୟାରେ ଆଚରଣ, ଉଚ୍ଚାରଣ, ସମାଧି, ପ୍ରଜ୍ଞା ସହ ସୁଦୃଢ଼ପୁତ ଜୀବନ ଯାପନର ହିଁ ମୋକ୍ଷ। ଉପସଭାପତି ଅଧ୍ୟାପକ ଡ. ବଳରାମ ଦାଶ ଶୀଳଯୁକ୍ତ ଜୀବନ ହିଁ ମାନବ ଜୀବନ। ଏହା ସେବା, ତ୍ୟାଗ, ସମର୍ପଣ ଓ ସଂଯମତା ଦ୍ୱାରା ହିଁ ସମ୍ଭବ ବୋଲି ମତ ପ୍ରକାଶ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବାସୁଦେବ ସାହୁ, ସମାଜସେବୀ ପୂର୍ଣ୍ଣ ଚନ୍ଦ୍ର ସାହୁ, ଅଧ୍ୟାପକ ଦେବରାଜ ପ୍ରଧାନ, ଅଶୋକ କୁମାର ଆଢ଼ିୟ, ବିଶ୍ୱନାଥ ମିଶ୍ର, ସାରଙ୍ଗଧର ଷଡଙ୍ଗୀ, ପଣ୍ଡିତ ପ୍ରମୋଦ କୁମାର ଦାଶ ଅଂଶଗ୍ରହଣ କରି ବୌଦ୍ଧ ଦର୍ଶନ, ମୁକ୍ତି ଓ ଏହାର ସାମାଜିକ ଆବଶ୍ୟକତା ସମ୍ପର୍କରେ ଆଲୋଚନା କରିଥିଲେ। କୋଟେଶ ଚନ୍ଦ୍ର ପାତ୍ର, ଗଂଜିତା ମହାପାତ୍ର, ସୁନନ୍ଦା ମିଶ୍ର, ପଦ୍ମିନୀ ପାତ୍ର, ରୀନା ପାତ୍ର ଉପସ୍ଥିତ ଥିଲେ। ଉମେଶ ଚନ୍ଦ୍ର ପାତ୍ର ଧନ୍ୟବାଦ ପ୍ରଦାନ କରିଥିଲେ।

ହୋଟେଲରୁ ପର୍ଯ୍ୟଟକଙ୍କ ମୃତଦେହ ଉଦ୍ଧାର ଘଟଣା

## ହତ୍ୟା ଅଭିଯୋଗ ଆଣିଲେ ପରିବାର ଲୋକେ

ପୁରୀ,୭।୧୧(ସମିସ): ପୁରୀ ବୁଲିବାକୁ ଆସିଥିବା ରାଉରକେଲା ନେତାଜୀ ନଗରର ଚିନ୍ମୟ ସାମଲଙ୍କ ମୃତଦେହକୁ ଗୁରୁବାର ଖୁଣ୍ଟିଆ ସାହିରେ ଥିବା ରାଧାରାଣୀ ନିବାସ ନାମକ ଏକ ହୋଟେଲରୁ ପୁଲିସ ଜବତ କରିଥିଲା। ଏବେ ମୃତକଙ୍କ ପରିବାର ଲୋକେ ତାଙ୍କ ପୁଅକୁ ହତ୍ୟା କରାଯାଇଥିବା ଅଭିଯୋଗ କରିଛନ୍ତି। ଚିନ୍ମୟଙ୍କ ଜଣେ ସାଙ୍ଗ ମଧ୍ୟ ଆସି ଏହି ହୋଟେଲ୍‌ରେ ରହିଥିଲେ। ଏ ନେଇ ଏସ୍‌ପି ସୂଚନା ପ୍ରଦାନ କରି କହିଛନ୍ତି ଯେଉଭୟ ୫ ତାରିଖରେ ଆସି ରହିଥିଲେ। ୬ ତାରିଖରେ ସନ୍ଦେହ ହେବାରୁ ହୋଟେଲ କର୍ତ୍ତୃପକ୍ଷ ଯାଞ୍ଚ କରି ଚିନ୍ମୟଙ୍କ ମୃତ୍ୟୁ ହୋଇଥିବା ଜାଣିବାକୁ ପାଇଥିଲେ। ଉକ୍ତ କୋଠରିରୁ ସିରିଞ୍ଜ ଓ ଆଣ୍ଟି ଆଲର୍ଜିର୍ ମେଡିସିନ୍ ମିଳିଥିଲା। ଉଭୟ ମୁସ୍କାନ ନାମକ ଏକ ନିଶା ନିବାରଣ କେନ୍ଦ୍ରରେ ରହିଥିଲେ। ସେଠାରୁ ଆସିବା ପରେ ପୁରୀ ଆସି ରହିଥିଲେ। କିନ୍ତୁ ତାଙ୍କ ସାଙ୍ଗ କାହାକୁ ନଜଣାଇ ଭୋରରରୁ ପଳାଇଥିଲେ। ପୁଲିସ ପକ୍ଷରୁ କେସ ନଂ ୬୦୧/୨୫ରେ ଏକ ମାମଲା ରୁଜୁ ହୋଇଛି। ପୁଲିସ ଅଧିକ ତଦନ୍ତ କରୁଛି।

● ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ ସୁରଭି

## ପ୍ରତିଭା ଦେଖାଇଲେ ଛାତ୍ରଛାତ୍ରୀ

ପୁରୀ,୭।୧୧(ସମିସ): ସମଗ୍ର ଶିକ୍ଷା ପୁରୀ ଜିଲ୍ଲା ପକ୍ଷରୁ ଶୁକ୍ରବାର ପୁଲିସ ଉଚ୍ଚ ବିଦ୍ୟାଳୟ ପରିସରରେ ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଏକ ବର୍ଣ୍ଣାଢ୍ୟ ପରିବେଶରେ ପାଳିତ ହୋଇଯାଇଛି। ଏଥିରେ ୧୦ଟି ପ୍ରତିଯୋଗିତାରେ କନିଷ୍ଠ, ବରିଷ୍ଠ ଓ ଉଚ୍ଚ ମାଧ୍ୟମିକ ବର୍ଗର ୧୧ଟି ବ୍ଲକର ୪୦୭ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ୬୦୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀଙ୍କ ସମେତ ଗାଇଡ ଶିକ୍ଷକ ଏବଂ ଅଭିଭାବକ ଯୋଗଦେଇଥିଲେ। ପ୍ରତିଯୋଗିତା ମଧ୍ୟରେ ବିତର୍କ, ପ୍ରବନ୍ଧ, ସଙ୍ଗୀତ, ଚିତ୍ରାଙ୍କନ, ହସ୍ତକଳା ଓ ଚିତ୍ରକଳା,




କୁଇଜ୍, ସାଂସ୍କୃତିକ କାର୍ଯ୍ୟକ୍ରମ ପ୍ରଭୃତି ଆୟୋଜନ କରାଯାଇଥିଲା। ବ୍ଲକସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ଜିଲ୍ଲାସ୍ତରରେ ଭାଗ ନେଇଥିଲେ। ଜିଲ୍ଲାସ୍ତରରେ ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ରାଜ୍ୟସ୍ତରରେ ସୁରଭି କାର୍ଯ୍ୟକ୍ରମରେ ଚଳିତ ନଭେମ୍ବର ୧୨ରୁ ୧୪ ତାରିଖରେ ଯୋଗଦେବେ।

ସମଗ୍ର ଶିକ୍ଷା ପୁରୀର ସଂଯୋଜକ ତଥା ଜିଲ୍ଲା ଶିକ୍ଷାଧିକାରୀ ଦୀପକ କୁମାର ପାଢୀଙ୍କ ଅଧ୍ୟକ୍ଷତାରେ ସଭା ପର୍ବର ପ୍ରଥମ ଅଧିବେଶନରେ ପ୍ରଥମେ ବନ୍ଦେ ମାତରମ୍ ଗାନ କରାଯାଇଥିଲା। ବିଶ୍ୱମ୍ଭର ବିଦ୍ୟାପୀଠର କୁନିକୁନି ଛାତ୍ରଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ଗାନ କରାଯାଇଥିଲା। ବିଶିଷ୍ଟ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଶରତ ଚନ୍ଦ୍ର ବେହେରା ଯୋଗଦେଇ ଦିବସର ଉଦ୍ଦେଶ୍ୟ ଏବଂ ଆବଶ୍ୟକତା, ସୃଜନଶୀଳତା ଉପରେ ଗୁରୁତ୍ୱ ଦେଇ ବକ୍ତବ୍ୟ ପ୍ରଦାନ କରିଥିଲେ। ବରେଣ୍ୟ ଅତିଥି ଭାବେ ପୁରୀ ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନ ଅଧ୍ୟକ୍ଷ ସନ୍ତୋଷ କୁମାର ପରିଡା, ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଦ୍ୱିତୀକାନ୍ତ ପ୍ରଧାନ, ପୁରୀ ବିଇଓ ପ୍ରମୋଦ କୁମାର କର ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀ ମାନଙ୍କୁ ଉତ୍ସାହିତ କରିଥିଲେ। ପ୍ରତିଟି ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀମାନଙ୍କୁ ମାନପତ୍ର ଓ ପୁରସ୍କୃତ କରାଯାଇଥିଲା। ଉତ୍ସବରେ ଶିକ୍ଷକ ମହେନ୍ଦ୍ର କୁମାର ଦାସ ଏବଂ କଳ୍ପନା ମିଶ୍ର ମଞ୍ଚ ପରିଚାଳନା କରିଥିଲେ। ଶେଷରେ କାର୍ଯ୍ୟକ୍ରମ ସଂଯୋଜକ ବରଦା ପ୍ରସନ୍ନ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ। ପ୍ରାକ୍ତନ ମଣ୍ଡଳ ଶିକ୍ଷା ଅଧିକାରୀ ବିଜୟ କୁମାର ପଣ୍ଡା ସହଯୋଗ କରିଥିଲେ।

## ତୀର୍ଥଯାତ୍ରାରେ ଯିବେ ୧୨୭ ବରିଷ୍ଠ ନାଗରିକ

ପୁରୀ,୭।୧୧(ସମିସ): ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନାରେ ପୁରୀ ଜିଲ୍ଲାର ୧୨୭ ଜଣ ଯାତ୍ରୀ ଉଜୟିନୀ ଓ ଓମ୍‌କାରେଶ୍ୱର ଗସ୍ତରେ ଯିବେ। ସେମାନଙ୍କୁ ସହଯୋଗ ପାଇଁ ୪ ଜଣ ସହାୟକ ଅଧିକାରୀ ମଧ୍ୟ ସେମାନଙ୍କ ସହ ଯିବେ ବୋଲି ଅତିରିକ୍ତ ଜିଲ୍ଲାପାଳ ପ୍ରୋଟୋକଲ ନିଳମାଧବ ଭୋଇ ସୂଚନା ଦେଇଛନ୍ତି। ଶୁକ୍ରବାର ସର୍କିଟ ହାଉସ୍‌ରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ଭୋଇଙ୍କ ଅଧ୍ୟକ୍ଷତାରେ ବରିଷ୍ଠ ତୀର୍ଥଯାତ୍ରାରେ ଯିବା ବ୍ୟବସ୍ଥା ସମ୍ପର୍କରେ ଆଲୋଚନା କରାଯାଇଥିଲା। ସମସ୍ତଙ୍କୁ ସ୍ୱାଗତ କରି ପର୍ଯ୍ୟଟନ ସହକାରୀ ନିର୍ଦ୍ଦେଶକ ସରୋଜ କାନ୍ତ ପ୍ରଧାନ ଅନ୍‌ଲାଇନ ମାଧ୍ୟମରେ କେବଳ ଆବେଦନ ଆହ୍ୱାନ କରାଯାଇଥିଲା। ପ୍ରଥମ ପର୍ଯ୍ୟାୟରେ ୧୨୭ ଜଣ ଅଯୋଧ୍ୟା ଓ ବାରାଣସୀ ପରିଭ୍ରମଣ କରି ଶୃଙ୍ଖଳିତ ଭାବେ ଫେରି ଆସିଛନ୍ତି ବୋଲି ସେ ସୂଚନା ଦେଇଥିଲେ। ନିୟମ ଅନୁସାରେ ଅନ୍‌ଲାଇନ ମାଧ୍ୟମରେ ମିଳିଥିବା ଆବେଦନ ପତ୍ରକୁ ଯାଞ୍ଚ କରାଯାଇଥାଏ। ଏହି ଆବେଦନକାରୀଙ୍କୁ କମ୍ପ୍ୟୁଟର ଲଟେରୀ ପ୍ରକ୍ରିୟା ଅନୁସାରେ ଚିହ୍ନଟ କରାଯାଇ ଦୁଇଟି ପର୍ଯ୍ୟାୟରେ ତୀର୍ଥଯାତ୍ରା ପାଇଁ ପ୍ରେରଣ କରାଯାଇଥାଏ। ପ୍ରଥମ ପର୍ଯ୍ୟାୟ ତୀର୍ଥଯାତ୍ରୀ ଯାତ୍ରା ସାରି ଫେରି ଆସିଛନ୍ତି। ଏବେ ଦ୍ୱିତୀୟ ପର୍ଯ୍ୟାୟ ପାଇଁ ରାଣ୍ଡେମାଇଜେସନରେ ଯୋଗ୍ୟ ତୀର୍ଥଯାତ୍ରୀଙ୍କୁ ଚିହ୍ନଟ କରାଯାଇଛି। ପର୍ଯ୍ୟଟନ ବିଭାଗ ପକ୍ଷରୁ ସେମାନଙ୍କୁ ବିସ୍ତୃତ ସୂଚନା ଦିଆଯିବ। ସେମାନେ ନଭେମ୍ବର ୨୫ରୁ ନଭେମ୍ବର ୩୦ ପର୍ଯ୍ୟନ୍ତ ଭ୍ରମଣରେ ଯିବେ। ତେବେ ଲଟେରୀ ମାଧ୍ୟମରେ ଯୋଗ୍ୟ ବିବେଚିତ ତୀର୍ଥଯାତ୍ରୀଙ୍କୁ ୨୪ ତାରିଖରେ ପର୍ଯ୍ୟଟନ କାର୍ଯ୍ୟାଳୟରେ ପହଞ୍ଚିବାକୁ ହେବ। ପରେ ସ୍ୱାସ୍ଥ୍ୟ ପରୀକ୍ଷା କରାଯିବା ସହ ସେମାନଙ୍କୁ ସ୍ୱତନ୍ତ୍ର ଗାଡ଼ିରେ ଭୁବନେଶ୍ୱର ପଠାଯିବ। ଭୁବନେଶ୍ୱରରୁ ସେମାନେ ୨୫ ତାରିଖରୁ ଯାତ୍ରା ଆରମ୍ଭ କରିବେ। ଯଦି ଯୋଗ୍ୟ ବିବେଚିତଙ୍କ ମଧ୍ୟରୁ କୌଣସି ସମସ୍ୟା ପାଇଁ ଯାତ୍ରୀ ନ ଯାଇ ପାରନ୍ତି ତେବେ ରାଣ୍ଡମାଇଜେସନ ମାଧ୍ୟମରେ ଚୟନ ହୋଇଥିବା ଅପେକ୍ଷା ତାଲିକାରୁ ଯାତ୍ରୀଙ୍କୁ ଗ୍ରହଣ କରାଯାଇ ତୀର୍ଥଯାତ୍ରାରେ ପଠାଯିବ। ବୈଠକରେ ଅତିରିକ୍ତ ଜିଲ୍ଲା ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀ ଡା. ବିନୋଦ ରଥ, ସୂଚନା ଓ ଲୋକ ସମ୍ପର୍କ ଉପ ନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ, ଜିଲ୍ଲା ମଙ୍ଗଳ ଅଧିକାରୀ ମମତାରାଣୀ ପରିଡା, ଅତିରିକ୍ତ ପରିବହନ ଅଧିକାରୀ ଦେବାଶିଷ ପଣ୍ଡା, ପ୍ରୋଗ୍ରାମ ଅଫିସର ସୁହାଗୀ ହେମ୍ବ୍ରମ ପ୍ରମୁଖ ଉପସ୍ଥିତ ଥିଲେ।



## ସ୍କାଉଟ୍ ଗାଇଡର ପ୍ରତିଷ୍ଠା ଦିବସ ପାଳିତ

ପୁରୀ,୭।୧୧(ସମିସ): ପ୍ରତିବର୍ଷ ନଭେମ୍ବର ୭କୁ ଭାରତ ସ୍କାଉଟସ୍ ଓ ଗାଇଡ୍‌ର ପ୍ରତିଷ୍ଠା ଦିବସ ଭାବେ ପାଳିତ ହୋଇଆସୁଛି। ଚଳିତ ବର୍ଷ ୭୫ବର୍ଷ ପୂର୍ତ୍ତି ଉପଲକ୍ଷେ ସାରା ଦେଶର ସମସ୍ତ ସ୍କାଉଟ ଓ ଗାଇଡ ସଙ୍ଗଠନର ସଦସ୍ୟମାନେ ଅତ୍ୟନ୍ତ ଆନନ୍ଦ ସହକାରେ ପ୍ରତିଷ୍ଠା ଦିବସକୁ ପାଳନ କରିଛନ୍ତି। ଏହି ଦିବସଟିକୁ ସ୍ମରଣୀୟ କରିବା ପାଇଁ ପୁରୀ ଜିଲ୍ଲାର ସମସ୍ତ କବ୍, ବୁଲ୍ ସ୍କାଉଟ ଗାଇଡ୍, ରୋଭର ରେଞ୍ଜର ତଥା ସମସ୍ତ ଶିକ୍ଷକ ଓ ଶିକ୍ଷୟିତ୍ରୀ ସଚେତନତା ରାଲି କରିବା ସହିତ ସ୍କାଉଟ ଏବଂ ଗାଇଡ୍‌ର ୭୫ବର୍ଷ ପୂର୍ତ୍ତି ଉପଲକ୍ଷେ ସ୍ୱତନ୍ତ୍ର ଭାବେ ତିଆରି ହୋଇଥିବା ସ୍ମାରକୀ ଚିତ୍ରଟିକୁ ସମସ୍ତଙ୍କୁ ପ୍ରଦାନ କରିବା ପାଇଁ ଜିଲ୍ଲା ସ୍କାଉଟ ସଚିବ ମହେନ୍ଦ୍ର




କୁମାର ବିଶ୍ୱାଳଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇଯାଇଛି। ଏହି ଅବସରରେ ପୁରୀ ସହରର ସମସ୍ତ ବିଦ୍ୟାଳୟର ଏକ ମିଳିତ ଶୋଭାଯାତ୍ରା ବଳଗଣ୍ଡି ସରକାରୀ ଉଚ୍ଚ ବିଦ୍ୟାଳୟଠାରୁ ଆରମ୍ଭ ହୋଇ ସହର ପରିକ୍ରମା କରିଥିଲା। ପରେ ଜିଲ୍ଲା ସ୍କାଉଟ ମୁଖ୍ୟ କମିଶନର ଦୀପକ କୁମାର ପାଢ଼ୀଙ୍କ ନିର୍ଦ୍ଦେଶରେ ଜିଲ୍ଲାର ସମସ୍ତ ବିଦ୍ୟାଳୟରେ ଏହିଦିନଟିକୁ ସ୍ମରଣୀୟ କରିବା ଉଦ୍ଦେଶ୍ୟରେ ବୃକ୍ଷରୋପଣ କରାଯାଇଛି। ଏଥିରେ ଜିଲ୍ଲା ସ୍କାଉଟ ସଙ୍ଗଠକ ଦେବାଶିଷ ମିଶ୍ର, ଗାଇଡ୍ ସଂଗଠକ ମିନାକ୍ଷୀ ମିଶ୍ର, ସ୍କାଉଟ ମାଷ୍ଟର ନିରଞ୍ଜନ ରିପୁ, ସତ୍ୟନାରାୟଣ ପ୍ରଧାନ, ପ୍ରକାଶ ଚନ୍ଦ୍ର ଦାଶ, ନିରଞ୍ଜନ ପରିଡା, ଗାଇଡ କ୍ୟାପଟେନ ସସ୍ମିତା ରାଉତରାୟ, ଭାଗ୍ୟଶ୍ରୀ ସେଠୀ, ମୌସୁମୀ ମହାପାତ୍ର, ସୁଶାନ୍ତି ମହାପାତ୍ର, ଅଞ୍ଜଳି ପରିଡା, ରୋଭର ଲିଡର ପ୍ରଶାନ୍ତ କୁମାର ମୁଦୁଲି, ରେଞ୍ଜର ଲିଡର ରେଖା ମାନସିଂହ, ଆରତୀ ମହାନ୍ତି ଯୋଗଦେଇଥିଲେ।

ସିପିଏସ୍‌ରେ ନୂତନ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ

## ଫାର୍ମାସିଷ୍ଟ ବୃତ୍ତିରେ ଭୁଲ୍ ଆଦୌ ଗ୍ରହଣୀୟ ନୁହେଁ



ପୁରୀ,୭।୧୧(ସମିସ): ବାଲିଗୁଆଳିସ୍ଥିତ କଲେଜ ଅଫ୍ ଫାର୍ମାସ୍ୟୁଟିକାଲ ସାଇନସେସ୍ (ସିପିଏସ୍) ମହାବିଦ୍ୟାଳୟରେ ୨୦୨୫ ଶିକ୍ଷା ବର୍ଷରେ ସ୍ନାତକୋତର ଫାର୍ମାସୀ ପାଠ୍ୟକ୍ରମରେ ନାମ ଲେଖାଇଥିବା ନୂତନ ଛାତ୍ରଛାତ୍ରୀଙ୍କ ଉଦ୍ଦେଶ୍ୟରେ ତିନିଦିନିଆ ସ୍ୱାଗତ ସଭା ଆରମ୍ଭ ହୋଇଛି। ଗୁରୁବାର ପ୍ରଥମ ଦିନ ସଭା କାର୍ଯ୍ୟକୁ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରଫେସର ଡ. ଅମୀୟକାନ୍ତ ମିଶ୍ର, ଚେୟାରପର୍ସନ ଅନିମା ଦାସ, ମହାବିଦ୍ୟାଳୟର ନିର୍ଦ୍ଦେଶକ ପ୍ରଫେସର ଡ. ସନ୍ତୋଷ କୁମାର ମହାପାତ୍ର, ଅନ୍ୟତମ ନିର୍ଦ୍ଦେଶକ ଡ. ଗଣେଷ ଦାସ, ଉପାଧ୍ୟକ୍ଷ ସଞ୍ଜୟ କୁମାର ନାୟକ, ଫାର୍ମାକଲୋଜି ବିଭାଗର ମୁଖ୍ୟ ଡ. ନିକୁଞ୍ଜ କିଶୋର ମିଶ୍ର ଓ ଇ-୨୪ ହସ୍‌ପିଟାଲର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଇଂ. ରାଜେଶ କୁମାର ମିଶ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ ଶୁଭାରମ୍ଭ କରିଥିଲେ। ଫାର୍ମାସୀ ପାଠ୍ୟକ୍ରମ ଯାହାକି ଭବିଷ୍ୟତରେ ଛାତ୍ରଛାତ୍ରୀମାନଙ୍କୁ ଲୋକମାନଙ୍କ ଜୀବନ ରକ୍ଷା କରିବାରେ ସମର୍ଥ କରାଇଥାଏ। ସେଥିପାଇଁ ଏହା ଅନ୍ୟ ପାଠ୍ୟକ୍ରମଠାରୁ ଭିନ୍ନ। ଫାର୍ମାସୀ ପାଠ୍ୟକ୍ରମ ଦ୍ୱାରା ଛାତ୍ରଛାତ୍ରୀମାନେ ଔଷଧ ପ୍ରସ୍ତୁତ କରିବାର ପ୍ରଣାଳୀ, ଔଷଧକୁ ରୋଗୀମାନଙ୍କ ଶରୀରରେ କିପରି ଏବଂ କେତେ ପରିମାଣରେ ପ୍ରୟୋଗ କରାଯିବ ତାହା ଶିକ୍ଷାଲାଭ କରିଥାନ୍ତି । ଫାର୍ମାସିଷ୍ଟ ଏପରି ଏକ ବୃତ୍ତି ଯେଉଁଥିରେ ଭୂଲ ଆଦୌ ଗ୍ରହଣୀୟ ନୁହେଁ। ଭୁଲ୍ କରିବା ଦ୍ୱାରା ଜଣେ ରୋଗୀର ଜୀବନ ମଧ୍ୟ ଚାଲିଯିବାର ସମ୍ଭାବନା ଥାଏ। ତେଣୁ ସମସ୍ତ ଛାତ୍ରଛାତ୍ରୀ ଫାର୍ମାସୀ ପାଠକୁ ମନଦେଇ ପଢ଼ିବା ଲାଗି ଅତିଥି ପରାମର୍ଶ ଦେଇଥିଲେ। ଅଧ୍ୟାପକ ଜଶସ୍ୱୀ ରାୟ ମଞ୍ଚ ପରିଚାଳନା କରିଥିବାବେଳେ ଅଧ୍ୟାପିକା ସୁନୀତା ମିଶ୍ର, ରାଜଶ୍ରୀ ମହାନ୍ତି, ସଂଚୟିତା ମଣ୍ଡଳ, ବିଦୁସ୍ମିତା ପ୍ରଧାନ, ଅଧ୍ୟାପକ ଅସିତ୍ କୁମାର ଷଡ଼ଙ୍ଗୀ, ତୃପ୍ତି ରଞ୍ଜନ ପାଢ଼ୀ ଓ ଅଫିସ୍ ପରିଚାଳକ ସରୋଜ ବିହାରୀ ମିଶ୍ର ପ୍ରମୁଖ ଏହି ସ୍ୱାଗତ ସଭାକୁ ପରିଚାଳନାରେ ସହଯୋଗ କରିଥିଲେ। ଅଧ୍ୟାପକ ବସନ୍ତ ବେହେରା ଧନ୍ୟବାଦ ଦେଇଥିଲେ।


**TPCODL**
TP CENTRAL ODISHA DISTRIBUTION LIMITED
(A Joint Venture of Tata Power and Government of Odisha)

**TP CENTRAL ODISHA DISTRIBUTION LIMITED**
A Joint Venture of Tata Power and Govt. of Odisha, 1st Floor, Anuj Building, Plot No.29, Satya Nagar, Bhubaneswar, Odisha - 751007


**NOTICE INVITING TENDER:** NIT No: TPCODL/2025-26/NIT/11

Bids are invited from eligible bidders for the following tenders:

| Sl. No. | Tender Enquiry No. | Tender Description |
|---|---|---|
| 1 | TPCODL/P&S/2025-26/1000006886 | Rate Contract for Supply of Printing Stationary for 2 Years |
| 2 | TPCODL/CCG/2025-26/1000006925 | PO for supply of MS Windows Licenses |
| 3 | TPCODL/CCG/2025-26/1000006981 | RC for SITC of DC Routers under TPSODL & TPNODL |

For more details like bid due date, EMD, tender fee, bid opening date etc. of the Tenders, please visit "Tender" section at TPCODL website **https://www.tpcentralodisha.com**. All tenders will be available on TPCODL website. Future communication / corrigendum to tender documents, if any, shall be available on TPCODL website. IT is suggested to track aforesaid website for said NIT details

# ସମ୍ପାଦକୀୟ



ଜୀବନ ଅତି ସରଳ, ଆମେ ହିଁ ତା'କୁ ଜଟିଳ କରୁଛେ।
-କନଫୁସିୟସ୍

ସକାଳ THE SAKALA

## ଆରମ୍ଭରୁ ବିଲକ୍ଷଣ

ଉତ୍କଳୀୟ ନୌବାଣିଜ୍ୟର ଐତିହ୍ୟ, ପରମ୍ପରା ଓ ସଂସ୍କୃତିର ପ୍ରତୀକାତ୍ମକ ନିଦର୍ଶନ କଟକ ବାଲିଯାତ୍ରା ପ୍ରତିବର୍ଷ ନୂଆ ରୂପ ଓ ରଙ୍ଗରେ ସଂପ୍ରସାରିତ ହୋଇ ଚାଲିଛି। ତେଣୁ କିଛି ନା କିଛି ସମସ୍ୟା ଉପୁଜିବ ଏବଂ ପରବର୍ତ୍ତୀ ବର୍ଷ ତାହାକୁ ସଂଶୋଧନ କରାଯିବ। କିନ୍ତୁ ଏହା ଅର୍ଥ ନୁହେଁ ଯେ ବ୍ୟବସ୍ଥାରେ ସଂକୋଚନ କରି ତାହାର ଗରିମାକୁ କ୍ଷୁଣ୍ଣ କରାଯିବ। ସହରବାସୀ, ଲୋକ ପ୍ରତିନିଧିଙ୍କ ଅନୁରୋଧ ଓ ଅଦାଲତୀୟ ହସ୍ତକ୍ଷେପ ସତ୍ତ୍ୱେ ଏଥର ଉପର ପଡ଼ିଆରେ ଆୟୋଜନକୁ ସଂକୋଚନ କରାଯାଇଛି। ରାଜନୀତିର ରଙ୍ଗ ପରିବର୍ତ୍ତନରେ ମୁଖ୍ୟତୋରଣ ତା'ର ପାରମ୍ପରିକ ଆକର୍ଷଣ ଓ ଚମକ୍ ହରାଇଥିବା ଅଭିଯୋଗ ସହିତ ଜନତାଙ୍କ ମଧ୍ୟରେ ଚାପା ଅସନ୍ତୋଷ ସୃଷ୍ଟି ହୋଇଛି।

ଅଲିଖିତ ପରମ୍ପରା ଓ ବ୍ୟବସ୍ଥା ଅନୁଯାୟୀ ବାଲିଯାତ୍ରା ଆୟୋଜନରେ ସିଏମ୍‌ସି, ସିଡିଏ ଓ ଜିଲ୍ଲା ପ୍ରଶାସନର ମିଳିତ ଭୂମିକା ରହିଆସିଛି। କିନ୍ତୁ ଏଥର ଉଦ୍‌ଘାଟନ ଉତ୍ସବରେ କଟକ ମହାନଗର ନିଗମର ଭୂମିକାକୁ ଉଦ୍ଦେଶ୍ୟମୂଳକ ଭାବେ ଗୌଣ କରାଯାଇଛି। ମେୟର ଅନୁପସ୍ଥିତ ରହିଥିବା ବେଳେ ସିଏମସି ଓ ସିଡିଏ ଉଭୟଙ୍କୁ ପ୍ରତିନିଧିତ୍ୱ କରୁଥିବା କମିସନର ନିରବରେ ମଞ୍ଚ ତଳେ ବସି ରହିଥିବା ଦେଖାଯାଇଛି। ଜିଲ୍ଲା ପ୍ରଶାସନ ହିଁ ରାଜ୍ୟ ଉନ୍ନୟନ କମିଶନରଙ୍କ ନିର୍ଦ୍ଦେଶରେ ସବୁକିଛି କରୁଛି। ବାଲିଯାତ୍ରାର ଉଦ୍‌ଘାଟନ ଉତ୍ସବରେ ମେୟରଙ୍କ ଅନୁପସ୍ଥିତିରୁ ବାରି ହୋଇପଡ଼ିଛି କେଉଁଠି ନା କେଉଁଠି ଅସଂଲଗ୍ନ କାର୍ଯ୍ୟଧାରା ନେଇ ଅସନ୍ତୋଷ ମୁଣ୍ଡ ଟେକୁଛି। ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାରେ କ୍ଷମତା ପରିବର୍ତ୍ତନ ସ୍ୱାଭାବିକ। କିନ୍ତୁ ଏହାର ଅର୍ଥ ନୁହେଁ କଟକର ନଗରପାଳ ବା ମେୟର ବିରୋଧୀଦଳର ହୋଇଥିବାରୁ ଦାୟିତ୍ୱ ନିର୍ବାହରେ କଟକଣା ପ୍ରୟୋଗ କରାଯିବ। ଦୁଇ ଦଳ ମଧ୍ୟରେ ଥିବା ରାଜନୈତିକ ବିରୋଧାଭାସର ପ୍ରତିଫଳନ ବାଲିଯାତ୍ରା ଆୟୋଜନକୁ ପ୍ରଭାବିତ କରିବା ଉଚିତ୍ ହୋଇନାହିଁ। ପ୍ରତିବାଦର ସ୍ୱର କ୍ଷୀଣ ହେଲେ ମଧ୍ୟ ଏହାର ଗୁଞ୍ଜରଣ ସୁଦୂରପ୍ରସାରୀ ହେବା ଅସମ୍ଭବ ନୁହେଁ।

ଚଳିତ ବାଲିଯାତ୍ରା ଉତ୍ସବ ଆୟୋଜନରେ ଲୋକପ୍ରତିନିଧିଙ୍କ ପ୍ରାଧାନ୍ୟ ପରିବର୍ତ୍ତେ ବାବୁରାଜ୍‌ର ଇଙ୍ଗିତ ଓ ନିୟନ୍ତ୍ରଣରେ କାର୍ଯ୍ୟ ଚାଲିଛି। ଏକଥା ସତ ଯେ ବ୍ୟବସ୍ଥାଗତ ଶୃଙ୍ଖଳା ଦାୟିତ୍ୱରେ ସବୁକାଳେ ଅଧିକାରୀମାନେ ରହିଆସିଛନ୍ତି। କିନ୍ତୁ ଏହାର ଅର୍ଥ ନୁହେଁ ଲୋକ ପ୍ରତିନିଧିଙ୍କୁ ସଂପୂର୍ଣ୍ଣ ରୂପେ ଏଡ଼ାଇଯାଇ ପ୍ରଶାସନ ସବୁ ନିଷ୍ପତ୍ତି ଗ୍ରହଣ କରିବ। ମେୟର ଏହି ସହରର ପ୍ରଥମ ନାଗରିକ। ବାଲିଯାତ୍ରା ଭଳି ପାରମ୍ପରିକ ଉତ୍ସବରୁ ସେ କାହିଁକି ଓ କେଉଁ ପରିସ୍ଥିତିରେ ନିଜକୁ ନିବୃତ୍ତ କରାଇଲେ? ତାଙ୍କୁ ଉଦ୍ଦେଶ୍ୟମୂଳକ ଭାବେ ଅସମ୍ମାନିତ କରିବାର ଅପଚେଷ୍ଟା ହୋଇନାହିଁ ତ? ନିଜକୁ ନିନ୍ଦା ଓ ଅପବାଦରୁ ଦୂରେଇ ରଖିବା ପାଇଁ ସେ ଶ୍ରେୟ ମଣି ନାହାନ୍ତି ତ? ଏଭଳି ଅନେକ ପ୍ରଶ୍ନ ଉଠିଛି। ନୂଆପଡ଼ା ଉପନିର୍ବାଚନ ପ୍ରଚାରରେ ସେ ବ୍ୟସ୍ତ ଅଛନ୍ତି କହି ମେୟର ଲଘୁ ମନ୍ତବ୍ୟ ଦେବାର ଯଥାର୍ଥତା କେତେ ତାହା ସହରବାସୀ ନିଶ୍ଚୟ ଅନୁଭବ କରୁଥିବେ।

ସଂକୀର୍ଣ୍ଣ ରାଜନୀତି ପାଇଁ ପ୍ରଶାସନିକ ଅଧିକାରୀଙ୍କୁ ପ୍ରୟୋଗ ଓ ସେମାନଙ୍କ ମଧ୍ୟରେ ବିଭେଦ ସୃଷ୍ଟି କରିବାର ଯେଉଁ ପ୍ରୟାସ ହୋଇଛି ତାହା ଆଗାମୀ ଦିନର ସହରବାସୀଙ୍କ ବୃହତ୍ତର ସ୍ୱାର୍ଥହାନି. ଘଟାଇବ। ଉଭୟ ନିନ୍ଦା ଓ ପ୍ରଶଂସା ପାଇଁ ଜିଲ୍ଲା ପ୍ରଶାସନ ହିଁ ହକ୍‌ଦାର। ମନେ ରଖିବାକୁ ହେବ ଯେ ପ୍ରଶଂସା ସାଉଁଟିବ କ୍ଷମତା ଏବଂ ନିନ୍ଦାର ନଡ଼ିଆ ଭାଙ୍ଗିବ ପ୍ରଶାସନ ମୁଣ୍ଡରେ। ●

## ଗୁମର ଖୋଲିବ କେବେ?

ଗତ ଜୁନ ମାସରୁ କେନ୍ଦ୍ର ସରକାର ଆସନ୍ତା ଖରିଫ ଓ ରବି ଋତୁରେ ଧାନ ସଂଗ୍ରହର ବର୍ଦ୍ଧିତ ସର୍ବନିମ୍ନ ସହାୟକ ମୂଲ୍ୟ ଘୋଷଣା କରିଛନ୍ତି। ପ୍ରଚଳିତ ବ୍ୟବସ୍ଥା ଅନୁଯାୟୀ ନଭେମ୍ବର ପହିଲାରୁ ଖରିଫ ଧାନ ସଂଗ୍ରହ ଆରମ୍ଭ ହେବା କଥା। ତାହାକୁ ଦୃଷ୍ଟିରେ ରଖି ସରକାର ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗକୁ କେନ୍ଦ୍ର ସରକାରଙ୍କ ନିଷ୍ପତ୍ତି ସଂପର୍କରେ ଅବଗତ କରିଛନ୍ତି। ଧାନର ବର୍ଦ୍ଧିତ ସଂଗ୍ରହ ମୂଲ୍ୟ କ୍ୱିଣ୍ଟାଲ ପିଛା ୨,୩୦୦ରୁ ୨,୩୬୯ ଟଙ୍କାକୁ ବୃଦ୍ଧି ପାଇଛି। ଇଏ ହେଉଛି ସାଧାରଣ କିସମ ଧାନର ଦର। ଗ୍ରେଡ୍ ଏ କିସମ ଧାନର କ୍ୱିଣ୍ଟାଲ ପିଛାମୂଲ୍ୟ ୨,୩୮୯ ଟଙ୍କାକୁ ବୃଦ୍ଧି ପାଇଛି। ଏବର୍ଷର ଖରିଫ ଋତୁରେ ଅକ୍ଟୋବର ଶେଷ ପର୍ଯ୍ୟନ୍ତ ବାତ୍ୟା ସହ କ୍ରମାଗତ ବର୍ଷା ଲାଗି ରହିଥିବାରୁ ଧାନ ଅମଳ ସ୍ୱାଭାବିକ ଭାବେ ବିଳମ୍ବିତ ହେବ। ଯେତେଦୂର ସମ୍ଭବ ଡିସେମ୍ବର ପୂର୍ବରୁ ମଣ୍ଡି ଖୋଲିବା ସମ୍ଭବ ହେବ ନାହିଁ।

ଏ କ୍ଷେତ୍ରରେ ଆମ ରାଜ୍ୟ ପରିସ୍ଥିତି ସଂପୂର୍ଣ୍ଣ ଅଲଗା। କେନ୍ଦ୍ର ନିର୍ଦ୍ଧାରିତ କ୍ୱିଣ୍ଟାଲ୍ ପିଛା ମୂଲ୍ୟ ଉପରେ ସରକାର ୮୦୦ ଟଙ୍କା ବୋନସ ବା ଇନପୁଟ ସହାୟତା ଦେଉଛନ୍ତି। ଗତ ଖରିଫ ଓ ରବି ଋତୁରେ ସରକାର ଦୁଇ କିସମର ଧାନ କ୍ୱିଣ୍ଟାଲ ପିଛା ୩୧୦୦ ଓ ୩୧୨୦ ଟଙ୍କାରେ ସଂଗ୍ରହ କରିଛନ୍ତି। କିନ୍ତୁ ଏବର୍ଷ ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ବୃଦ୍ଧି ପାଇଥିବାରୁ ସରକାର ଯଦି ୮୦୦ ଟଙ୍କା ବୋନସ ନିଷ୍ପତ୍ତିରେ ସ୍ଥିର ରହିବେ ତେବେ ସାଧାରଣ ଧାନ କ୍ୱିଣ୍ଟାଲ ପିଛା ମୂଲ୍ୟ ୩୧୬୯ ଟଙ୍କା ଓ ଏ ଗ୍ରେଡ ଧାନ ମୂଲ୍ୟ ୩୧୮୯ ଟଙ୍କା ଚାଷୀଙ୍କୁ ଦେବାକୁ ପଡ଼ିବ। କିନ୍ତୁ ସରକାର ଏନେଇ କୌଣସି ସ୍ପଷ୍ଟ ନିଷ୍ପତ୍ତି ଗ୍ରହଣ କରିନାହାନ୍ତି। ଯେତେଦୂର ମନେ ହୁଏ ନୂଆପଡ଼ା ବିଧାନସଭା ନିର୍ବାଚନ ମଣ୍ଡଳୀରେ ଉପନିର୍ବାଚନ ପ୍ରକ୍ରିୟା ଜାରି ରହିଥିବାରୁ ଉଦ୍ଦେଶ୍ୟମୂଳକ ଭାବେ ଠୋସ ନିଷ୍ପତ୍ତି ଗ୍ରହଣକୁ ସରକାର ଏଡ଼ାଇ ଯାଇଛନ୍ତି। ସରକାର ଯଦି ଧାନର ବର୍ଦ୍ଧିତ ମୂଲ୍ୟ ସହ ୮୦୦ ଟଙ୍କା ବୋନସ ଦେବାର ଅଛି ତାହାକୁ ବିଧିବଦ୍ଧ ଭାବେ ଘୋଷଣା କରି ନିର୍ବାଚନ ଫାଇଦା ହାସଲ କରିପାରିଥା'ନ୍ତେ। ଏଥିରେ ମଧ୍ୟ ଆଦର୍ଶ ନିର୍ବାଚନ ଆଚରଣବିଧି ଉଲ୍ଲଘଂନ ହେବାର ଆଶଙ୍କା ଊଣା। କାରଣ ଏହା କେନ୍ଦ୍ର ସରକାରଙ୍କ ଜୁନ ମାସର ନିଷ୍ପତ୍ତି। ଯେତେଦୂର ମନେ ହୁଏ ସରକାର ଏ ସଂପର୍କରେ ବିଧିବଦ୍ଧ ବିଜ୍ଞପ୍ତି ଜାରି ନ କରି ଗଣମାଧ୍ୟମ ସହାୟତାରେ ନିଜର ପ୍ରଚାର କରିଛନ୍ତି। କିନ୍ତୁ ବିଶ୍ୱସ୍ତ ସୂତ୍ରରୁ ହସ୍ତଗତ ହୋଇଥିବା ତଥ୍ୟ କୁହେ ଯେ ରାଜ୍ୟ ସରକାର ଧାନର ବର୍ଦ୍ଧିତ ମୂଲ୍ୟ ସେହି ୮୦୦ ଟଙ୍କା ବୋନସ୍‌ରୁ କାଟି ଚାଷୀଙ୍କୁ ଦେବେ। କହିବାକୁ ଗଲେ ଦୁଇ କିସମ ଧାନର କ୍ୱିଣ୍ଟାଲ ପିଛା ମୂଲ୍ୟ ଅପରିବର୍ତ୍ତିତ ରହିବ।

ରାଜ୍ୟ ସରକାରଙ୍କ ପାଇଁ ବାଳକା ଚାଉଳ ଏବେ ବୋଝ ହୋଇ ରହିଛି। ଭାରତୀୟ ଖାଦ୍ୟ ନିଗମ ଚାଉଳ ଉଠାଇବାକୁ ଅରାଜି ହେଉଥିବାରୁ ଏବଂ ପର୍ଯ୍ୟାପ୍ତ ଭଣ୍ଡାରଣ ସୁବିଧା ନଥିବାରୁ ବଳକା ଚାଉଳ ସରକାର ନେବେ କୁଆଡ଼େ? ଏବେ ରାଜ୍ୟରେ ୧୩ ଲକ୍ଷ ଟନ୍ ଚାଉଳ ବଳକା ରହି ଥିବା ବେଳେ ପୂର୍ବବର୍ଷ ଭଳି ଏଥର ମଧ୍ୟ ସରକାରଙ୍କ ପାଇଁ ୯୩ ଲକ୍ଷ ଟନ ଧାନ ସଂଗ୍ରହ କରିବାର ବାଧ୍ୟବାଧକତା ରହିଛି। ଏହା ଉପରେ ପୁଣି ନିର୍ବାଚନୀ ପ୍ରତିଶ୍ରୁତି ଅନୁଯାୟୀ ଇନ୍‌ପୁଟ୍ ସହାୟତା ରାଜ୍ୟ ସରକାରଙ୍କ ପାଇଁ ବୋଝ ହୋଇଥିବ। ବୋଧହୁଏ ଏହି ଗୁମରକୁ ଲୁଚାଇବା ପାଇଁ କ୍ରୟମୂଲ୍ୟକୁ ଅସ୍ପଷ୍ଟ ରଖାଯାଇଛି। ଗୁମର କେବେ ଖୋଲିବ ତାହାକୁ ଅପେକ୍ଷା! ●

## ଅର୍ଥନୈତିକ ବିକାଶ ଓ ସୁସ୍ଥ ଜୀବନକାଳ

ଡାକ୍ତର ନିତ୍ୟାନନ୍ଦ ସ୍ୱାଇଁ

ବିଗତ ବିଂଶ ଶତାବ୍ଦୀରେ ଘଟିଯାଇଛି ଦୁଇଟି ବିଶ୍ୱଯୁଦ୍ଧ। ବ୍ୟାପିଛି ଅନେକ ମହାମାରୀ। ଏହାସତ୍ତ୍ୱେ ମଣିଷର ପ୍ରତ୍ୟାଶିତ ଜୀବନକାଳ ବୃଦ୍ଧି ପାଇଛି ପୃଥିବୀର ସର୍ବତ୍ର। ଏହା ସମ୍ଭବ ହୋଇପାରିଛି ଜୀବନଯାପନ ପ୍ରଣାଳୀରେ ଉନ୍ନତି ଏବଂ ରୋଗ ନିବାରଣ, ରୋଗ ନିର୍ଣ୍ଣୟ ଓ ରୋଗ ଚିକିତ୍ସାରେ ଉନ୍ନତି ଯୋଗୁଁ। ଉପଲବ୍ଧ ହେଲା ବିଶୁଦ୍ଧ ଜଳ। ଉନ୍ନତ ହେଲା ପରିମଳ ବ୍ୟବସ୍ଥା। ଖାଦ୍ୟାଭାବ ଆଉ ଉତ୍କଟ ରୂପ ଧାରଣ କଲାନି। ବୃଦ୍ଧି ପାଇଲା ଶିକ୍ଷାର ପ୍ରସାର। ଜନସାଧାରଣଙ୍କ ଆୟ ବଢ଼ିଲା। ବୃତ୍ତିଗତ ଜୀବନ ହୋଇପାରିଲା ଅଧିକ ନିରାପଦ। ସମାଜରେ ମହିଳାମାନଙ୍କ ସ୍ଥିତିରେ ଉନ୍ନତି ସଂଘଟିତ ହେଲା। ବିଶେଷ କରି ଶିକ୍ଷାଗତ ଓ ଅର୍ଥନୈତିକ ବିକାଶ ହିଁ ସବୁ ସାମ୍ମୁଖ୍ୟରେ ପ୍ରଗତିକୁ ତ୍ୱରାନ୍ୱିତ କରିଦେଲା। ଏହା ମଧ୍ୟ ବିଜ୍ଞାନ ଓ ପ୍ରଯୁକ୍ତିର ବିକାଶରେ ତ୍ୱରକର ଭୂମିକା ନିର୍ବାହ କଲା।

ସେହି ଏକାସମୟରେ ଏସିଆ, ଆଫ୍ରିକା ଓ ଆମେରିକାର ଅଧିକାଂଶ ଅଧିବାସୀ ଔପନିବେଶିକ ଶାସନରୁ ମୁକ୍ତ ହୋଇ ଜୀବନରେ ପ୍ରଥମ ଥର ପାଇଁ ଚାଖିଲେ ସ୍ୱାଧୀନତାର ସ୍ୱାଦ। ସେମାନେ ସ୍ଥିର କଲେ ସେମାନଙ୍କ ପ୍ରଗତିର ଧାରା। ବହୁରୋଗ ନିବାରିତ ହୋଇଗଲା, ବହୁ ଜୀବନ ରକ୍ଷା ପାଇଗଲା। ଫଳରେ ବୃଦ୍ଧି ପାଇଚାଲିଲା ଆୟୁକାଳ। ମାତ୍ର ବହୁ ବ୍ୟାଧି ମଧ୍ୟ ଛାଡ଼ି ଦେଇଗଲା ତା'ର ପାଦଚିହ୍ନ। ତଥାକଥିତ ଆରୋଗ୍ୟ ବ୍ୟକ୍ତିଠାରେ ପରେ ପରିଲକ୍ଷିତ ହେଲା ଅସୁସ୍ଥତା ଜନିତ ଶାରୀରିକ ଅସାମର୍ଥ୍ୟ। ସେ ସଂପୂର୍ଣ୍ଣ କାର୍ଯ୍ୟକ୍ଷମ ରହିପାରିଲାନି। ଅବନତି ଘଟିଲା ତା'ର ଜୀବନ ନିର୍ବାହର ମାନରେ। ଫଳରେ ସେ ଅନ୍ୟମାନଙ୍କ ଉପରେ ନିର୍ଭରଶୀଳ ହୋଇ ବଞ୍ଚିବା ପାଇଁ ବାଧ୍ୟ ହେଲା। ଏହି ଦୀର୍ଘକାଳୀନ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ କରିଦେଲା ପରିବାରର ଆର୍ଥିକ ସ୍ଥିତିକୁ।

ବିଂଶ ଶତାବ୍ଦୀର ଦ୍ୱିତୀୟାର୍ଦ୍ଧରେ ବିଜ୍ଞାନ ଓ ପ୍ରଯୁକ୍ତିବିଦ୍ୟା କ୍ଷେତ୍ରରେ ସଂଘଟିତ ହେଲା ଅସାଧାରଣ ପ୍ରଗତି। ହ୍ରାସ ପ୍ରାଇଲା ସଂକ୍ରାମକ ରୋଗଗୁଡ଼ିକର ହାର। କିନ୍ତୁ ଖାଦ୍ୟାଭାବ ଜନିତ ରୋଗ ଏବଂ ମାତୃ ଓ ଶିଶୁସ୍ୱାସ୍ଥ୍ୟରେ ସମାନୁପାତିକ ଉନ୍ନତି ପରିଲକ୍ଷିତ ହୋଇ ନପାରିବା କାରଣରୁ ଅସୁସ୍ଥତା, ଶାରୀରିକ ଅସାମର୍ଥ୍ୟ ଏବଂ ମୃତ୍ୟୁହାର ଆଶାନୁରୂପ ଭାବରେ ହ୍ରାସ ପାଇଲାନି। ବରଂ ରାଜୁତି ଚଳେଇବା ଆରମ୍ଭ କରିଦେଲା ହୃଦ୍‌ଘାତ, ମସ୍ତିଷ୍କାଘାତ, ମଧୁମେହ, ଦୀର୍ଘକାଳୀନ ଶ୍ୱାସତନ୍ତ୍ରୀ ରୋଗ, କର୍କଟ, ଯକୃତ ଓ ବୃକ୍କ ରୋଗ, ଆଣ୍ଠୁଗଣ୍ଠି ଯନ୍ତ୍ରଣା, ଚକ୍ଷୁ-ନାସା-କର୍ଣ୍ଣ ଆଦିର ରୋଗମାନ। ବିଂଶ ଶତାବ୍ଦୀର ଶେଷ ଆଡ଼କୁ ଉଭା ହେଲା ପୃଥୁଳତା ବା ଓବେସିଟି। ପୃଥିବୀର ବହୁ ରାଷ୍ଟ୍ରରେ ଏହି ପୃଥୁଳତା ବଡ଼ ଆତଙ୍କଜନକ ଭାବରେ ବୃଦ୍ଧି ପାଇବା ଆରମ୍ଭ ହୋଇଗଲା।

ଏହିସବୁ ରୋଗର ଅଧିକାଂଶକୁ କୁହାଗଲା ଜୀବନଶୈଳୀ ରୋଗ ବା ଲାଇଫ୍ ଷ୍ଟାଇଲ ଡିଜିଜେସ୍। ମୁଖ୍ୟତଃ ଆର୍ଥିକ ଲାଭକୁ ଦୃଷ୍ଟିରେ ରଖି ବ୍ୟବସାୟୀ ଗୋଷ୍ଠୀ ଏହାକୁ ଜନସାଧାରଣଙ୍କ ଉପରେ ଲଦି ଦେଲେ ଏବଂ ଜନସାଧାରଣ ଏହାକୁ ବିନାଦ୍ୱିଧାରେ ଗ୍ରହଣ କରିନେଲେ। ତମାଖୁଜାତୀୟ ପ୍ରଦାର୍ଥ, ଅତିପ୍ରକ୍ରିୟାକୃତ ଖାଦ୍ୟଦ୍ରବ୍ୟ, ଅଧିକ ଶର୍କରା ପଡ଼ିଥିବା ଖାଦ୍ୟ ଓ ପାନୀୟ, ମଦ୍ୟ, ମାଦକ ଦ୍ରବ୍ୟ ଇତ୍ୟାଦିର ବ୍ୟବହାର ବିପର୍ଯ୍ୟସ୍ତ କରିଦେଲା ଶାରୀରିକ ଓ ମାନସିକ ସ୍ୱାସ୍ଥ୍ୟକୁ। ଆକର୍ଷଣୀୟ ବିଜ୍ଞାପନଗୁଡ଼ିକ ଦ୍ୱାରା ପ୍ରଲୁବ୍ଧ ହୋଇ ଜନସାଧାରଣ ଏଗୁଡ଼ିକରେ ଜାଲରେ ପଡ଼ିଗଲେ ଏବଂ ବିପତ୍ତିକୁ ଆମନ୍ତ୍ରଣ କରିବସିଲେ ନିଜ ଉପରକୁ। ତା'ସାଙ୍ଗକୁ ବୃଦ୍ଧିପାଇଲା ଯାନବାହନର ସଂଖ୍ୟା। ଘରେ ଘରେ ଶୋଭାପାଇଲା ଟେଲିଭିଜନ। ଇଣ୍ଟରନେଟ ହୋଇପଡ଼ିଲା ହାତବାରିସୀ। ଫଳରେ ଜନସାଧାରଣ ଶାରୀରିକ ଶ୍ରମରୁ ଏକ ରକମର ମୁକ୍ତ ପାଇ ଉପଭୋଗ କରିଚାଲିଲେ ଶ୍ରମବିହୀନ ଜୀବନ। ଡିଜିଟାଲ ଦୁନିଆ ସହ ଜନସାଧାଣଙ୍କ ସଂପୃକ୍ତି ବୃଦ୍ଧି ପାଇଚାଲିବାରୁ ସେମାନେ ଆବେଗିକ ସଂପର୍କ ସ୍ଥାପନରୁ ବିଚ୍ଛିନ୍ନ ହୋଇପଡ଼ିଲେ। ଏପରି ପ୍ରବଣତା ବେଶୀ ବୃଦ୍ଧି ପାଇଛି ମୁଖ୍ୟତଃ ଯୁବଗୋଷ୍ଠୀ ଭିତରେ। ଅଧିକାଂଶ ରାଷ୍ଟ୍ରରେ ସଡ଼କ ଦୁର୍ଘଟଣା ଏକ ପ୍ରଧାନ ସମସ୍ୟା ଭାବେ ଉଭା ହୋଇଥିବା ବେଳେ ଆଶାତୀତ ଭାବରେ ବୃଦ୍ଧି ପାଇ ଚାଲିଛି ହତ୍ୟା ଓ ଆତ୍ମହତ୍ୟା ହାର। ସବୁଠାରେ ଲୋକେ ଏବେ ବାୟୁ ପ୍ରଦୂଷଣରେ ଅତିଷ୍ଠ। ନୂଆ ନୂଆ ବ୍ୟାଧିମାନଙ୍କୁ ଜନ୍ମ ଦେଇଚାଲିଛି ଜଳବାୟୁ ପରିବର୍ତ୍ତନ ଏବଂ ଏହା ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏକ ଆହ୍ୱାନ ରୂପେ ଉଭା ହୋଇପଡ଼ିଲାଣି।

ଏକବିଂଶ ଶତାବ୍ଦୀରେ ସଭ୍ୟତାର ଏହି ବିକୃତ ପ୍ରଗତି ଫଳରେ ପ୍ରତ୍ୟାଶିତ ଆୟୁକାଳ ବା ଜୀବନକାଳ ବୃଦ୍ଧି ପାଇଛି ସିନା, କିନ୍ତୁ ପଛେଇ ଯାଇଛି ସୁସ୍ଥ ପ୍ରତ୍ୟାଶିତ ଆୟୁକାଳ ବା ସୁଦୀର୍ଘ ସୁସ୍ଥ ଆୟୁକାଳ। ବିଶ୍ୱସ୍ୱାସ୍ଥ୍ୟ ସଂସ୍ଥା ଆନୁକୂଲ୍ୟରେ ୧୯୫ଟି ରାଷ୍ଟ୍ରରେ କରାଯାଇଥିବା ଏକ ଅନୁଧ୍ୟାନରୁ ପ୍ରକାଶ ଯେ ୨୦୦୦ ରୁ ୨୦୧୯ ମସିହା ଭିତରେ ପ୍ରତ୍ୟାଶିତ ଆୟୁକାଳ ଏବଂ ପ୍ରତ୍ୟାଶିତ ସୁସ୍ଥ ଆୟୁକାଳ ମଧ୍ୟରେ ରହିଥିଲା ୯.୬ ବର୍ଷର ବ୍ୟବଧାନ। ପୁରୁଷମାନଙ୍କ ତୁଳନାରେ ମହିଳାମାନଙ୍କ କ୍ଷେତ୍ରରେ ଏହି ବ୍ୟବଧାନ ଥିଲା ୨.୪ ବର୍ଷ ଅଧିକ। ପ୍ରତ୍ୟାଶିତ ଆୟୁକାଳ ଓ ପ୍ରତ୍ୟାଶିତ ସୁସ୍ଥ ଆୟୁକାଳ ମଧ୍ୟରେ ସର୍ବାଧିକ ବ୍ୟବଧାନ ପରିଲକ୍ଷିତ ହୋଇଥିଲା ଯୁକ୍ତରାଷ୍ଟ୍ର ଆମେରିକାରେ (୧୨.୪ ବର୍ଷ) ଏବଂ ୟୁକେରେ (୧୧.୩ ବର୍ଷ)। ଅର୍ଥନୈତିକ ପ୍ରଗତି କାରଣରୁ ଏହି ରାଷ୍ଟ୍ର ଦୁଇଟିରେ ପ୍ରତ୍ୟାଶିତ ଆୟୁକାଳ ବୃଦ୍ଧି ପାଇଥିବା ବେଳେ ସେହି ବର୍ଦ୍ଧିତ ଆୟୁକାଳରେ କିନ୍ତୁ ସେମାନେ ସୁସ୍ଥ ଜୀବନ ଉପଭୋଗ କରିପାରି ନଥିଲେ। ଅନ୍ୟପକ୍ଷରେ ଅବିକଶିତ ଦେଶଗୁଡ଼ିକରେ ପ୍ରତ୍ୟାଶିତ ଆୟୁକାଳ ଓ ପ୍ରତ୍ୟାଶିତ ସୁସ୍ଥ ଆୟୁକାଳ ମଧ୍ୟରେ ବ୍ୟବଧାନ ଥିଲା ଊଣା। ତେଣୁ ସେହିସବୁ ରାଷ୍ଟ୍ରରେ ଉଭୟ ପରିମାପକରେ ଅଧିକ ଉନ୍ନତିର ଆବଶ୍ୟକତା ରହିଛି।

୨୦୦୦-୨୦୧୯ ମସିହାରେ ଭାରତରେ ପ୍ରତ୍ୟାଶିତ ଆୟୁକାଳ ବର୍ଷକୁ ୦.୪୩ ହାରରେ ବୃଦ୍ଧି ପାଇଥିବା ବେଳେ ପ୍ରତ୍ୟାଶିତ ସୁସ୍ଥ ଆୟୁକାଳ ବୃଦ୍ଧି ପାଇଥିଲା ବର୍ଷକୁ ୦.୩୭ ହାରରେ। ପ୍ରତ୍ୟାଶିତ ଆୟୁକାଳ ଓ ପ୍ରତ୍ୟାଶିତ ସୁସ୍ଥ ଆୟୁକାଳର ବ୍ୟବଧାନ ବୃଦ୍ଧି କରିବାରେ ଏହା ହିଁ ଥିଲା କାରଣ। ଭାରତରେ ପ୍ରତ୍ୟାଶିତ ସୁସ୍ଥ ଆୟୁକାଳ ୨୦୨୨ ମସିହାରେ ମୋଟାମୋଟି ଭାବେ ପ୍ରତ୍ୟାଶିତ ଆୟୁକାଳଠାରୁ ଥିଲା ଗୋଟିଏ ଦଶକ ପଛରେ। ଏହି ବ୍ୟବଧାନ ମୋଟ ପୁରୁଷ ଓ ମହିଳାଙ୍କ ମଧ୍ୟରେ ୧୦.୪୯ ବର୍ଷ ଥିବା ବେଳେ ପୁରୁଷମାନଙ୍କ କ୍ଷେତ୍ରରେ ଏହା ଥିଲା ୯.୨୨ ବର୍ଷ ଓ ମହିଳାମାନଙ୍କ କ୍ଷେତ୍ରରେ ୧୧.୭୭ ବର୍ଷ। ୨୦୨୭ ମସିହା ସୁଦ୍ଧା ଭାରତରେ ବିକାଶର ସ୍ତରକୁ ଆହୁରି ବୃଦ୍ଧି କରିବା ପାଇଁ ଲକ୍ଷ୍ୟ ରହିଛି। ସୁତରାଂ ଆମ ନାଗରିକମାନଙ୍କ ପାଇଁ ସ୍ୱାସ୍ଥ୍ୟର ପ୍ରୋତ୍ସାହନ ଓ ସୁରକ୍ଷା ପାଇଁ ଆହୁରି ଅଗ୍ରାଧିକାର ଦେବାକୁ ପଡ଼ିବ। ଏହା ସାକାର ହୋଇ ନ ପାରିଲେ ଭାରତର ଅଧିକତର ବିକାଶ ଫଳବତୀ ହୋଇପାରିବନି କି ଅର୍ଥନୈତିକ ଅତି ଶକ୍ତିଶାଳୀ ରାଷ୍ଟ୍ର ହେବାର ଆକାଂକ୍ଷା ପୂରଣ ହୋଇପାରିବନି। ଭାରତର ବିପୁଳ ଯୁବଶକ୍ତିଙ୍କ ଶାରୀରିକ ଓ ମାନସିକ ସ୍ୱାସ୍ଥ୍ୟକୁ ସୁରକ୍ଷିତ ରଖିପାରିଲେ ହିଁ ଏହି ଲକ୍ଷ୍ୟ ହାସଲ ସମ୍ଭବ।

ଭାରତୀୟମାନଙ୍କ ସ୍ୱାସ୍ଥ୍ୟକୁ ବିପନ୍ନ କରିବାରେ ଅସ୍ୱାସ୍ଥ୍ୟକର ଖାଦ୍ୟ ହିଁ ପ୍ରଧାନତଃ ଦାୟୀ। ତେଣୁ ଯୋଜନା ପ୍ରଣୟନ ସମୟରେ ଏଥିପ୍ରତି ସମୁଚିତ ଧ୍ୟାନ ଦେବା ବାଞ୍ଛନୀୟ। ସଂପ୍ରତି ଭାରତର ଲୋକସଂଖ୍ୟା ପୃଥିବୀରେ ସର୍ବାଧିକ। ଏମାନଙ୍କ ଏକ ବିରାଟ ଅଂଶ ସେମାନଙ୍କ ଜୀବନର ବହୁବର୍ଷ ନିମ୍ନ ଧରଣର ସ୍ୱାସ୍ଥ୍ୟ ଓ ନିମ୍ନମାତ୍ରାର କର୍ମଦକ୍ଷତା ମଧ୍ୟରେ ଅତିବାହିତ କରିବା ଦେଶର ପ୍ରଗତି ପାଇଁ ଆଦୌ ଅନୁକୂଳ ନୁହେଁ। ତେଣୁ ଜୀବନର ପ୍ରତ୍ୟେକ ପର୍ଯ୍ୟାୟରେ ବ୍ୟାଧି ଓ ଶାରୀରିକ ଅସାମର୍ଥ୍ୟର ବୋଝରୁ ମୁକ୍ତ ରହିବା ନିମିତ୍ତ ନିରନ୍ତର ଭାବେ ସ୍ୱାସ୍ଥ୍ୟର ସୁରକ୍ଷା ଆୟୁକାଳ ଏବଂ ସୁସ୍ଥ ଆୟୁକାଳ ମଧ୍ୟରେ ରହିଥିବା ବ୍ୟବଧାନର ଅନେକାଂଶ ଜାତ ହୋଇଥାଏ ଜୀବନକାଳର ଶେଷ ଦୁଇ ଦଶକରେ। କିନ୍ତୁ ସ୍ୱାସ୍ଥ୍ୟର ଅବକ୍ଷୟ ପ୍ରକ୍ରିୟା ଆରମ୍ଭ ହୋଇଯାଏ କମ ବୟସରୁ। ବୟସ୍କମାନଙ୍କଠାରେ ହୃଦଧମନୀ ରୋଗ ଓ ମଧୁମେହରେ ସଂଘଟିତ ହେଉଥିବା ବିକୃତ ଶାରୀରିକ ପ୍ରକ୍ରିୟା ଆଦ୍ୟ ଜୀବନର ଖାଦ୍ୟାଭ୍ୟାସ ଉପରେ ବହୁଳାଂଶରେ ନିର୍ଭରଶୀଳ।

ତେଣୁ ପରିଣତ ବୟସରେ ବ୍ୟାଧିଭାରକୁ ହ୍ରାସ କରିବା ନିମିତ୍ତ ପ୍ରୟାସ ଆରମ୍ଭ କରିବା ପାଇଁ ପଡ଼ିବ ବୟସର ବହୁପୂର୍ବରୁ ଏବଂ ଏହି ପ୍ରୟାସକୁ ଅବ୍ୟାହତ ରଖିବା ପାଇଁ ପଡ଼ିବ ଜୀବନସାରା। ଜନ ସାଧାରଣଙ୍କଠାରେ ଅନୁକୂଳତମ ସ୍ୱାସ୍ଥ୍ୟକୁ ନିଶ୍ଚିତ କରିବା ନିମିତ୍ତ ସେହି ଅନୁଯାୟୀ ପ୍ରସ୍ତୁତ କରିବାକୁ ପଡ଼ିବ ସ୍ୱାସ୍ଥ୍ୟନୀତି ତଥା ସ୍ୱାସ୍ଥ୍ୟ ସେବା କାର୍ଯ୍ୟକ୍ରମଗୁଡ଼ିକର ସୁପରିଚାଳନା ବ୍ୟବସ୍ଥା। ଏହାକୁ ସୁଚାରୁଭାବେ ରୂପାୟିତ କରିପାରିଲେ ହିଁ ଆମେ ଆୟୁକାଳ ଓ ସୁସ୍ଥ ଆୟୁକାଳ ମଧ୍ୟରେ ରହିଥିବା ବ୍ୟବଧାନକୁ ସଂକୁଚିତ କରିବାରେ ସଫଳ ହୋଇପାରିବା। ●

କଟକ ମୋ: ୯୪୩୭୭୬୬୧୧୭

## ଗଣିତ-ତର୍କର ସଙ୍ଗୀତ

ପୁଣ୍ୟବିନୟ ଦାସ

କିଏ କହେ ଜୀବନ ଏକ ଧୂପକାଠି, ତା'କୁ ସୁଗନ୍ଧିତ କର। କିଏ କହେ ଜୀବନ ଏକ ନାଟକ, ସେଥିରେ ଅଭିନୟ କର। ଆଉ କିଏ କହେ ଜୀବନ ଏକ ଖେଳ, ତା'କୁ ଖେଳ। କିନ୍ତୁ ଜୀବନ ଏକ ଗଣିତ-ତର୍କର ସଙ୍ଗୀତ। ବିନା ଗଣିତରେ ଜୀବନ ନାହିଁ। ବିନା ତର୍କରେ ଜୀବନରେ ସିଦ୍ଧି ନାହିଁ। ଆଉ ସାଙ୍ଗିତିକତା ଜୀବନର ପୁଞ୍ଜି ବା ମୂଳଧନ। ଗାଣିତିକ ନିୟମରେ ସୂର୍ଯ୍ୟ, ଚନ୍ଦ୍ର ଉଦୟ-ଅସ୍ତ ହେବା ପରି ଜୀବନ ଗତିଶୀଳ ହୁଏ। ମଣିଷର ନିତ୍ୟନୈମିତିକ କାର୍ଯ୍ୟଧାରା ଗାଣିତିକ ସୂତ୍ର ଉପରେ ହିଁ ପର୍ଯ୍ୟବସିତ।

ସେହିପରି ତର୍କର ବି ଜୀବନରେ ବହୁଳ ଆବଶ୍ୟକତା ରହିଛି। ବିନା ତର୍କରେ ସିଦ୍ଧି ନାହିଁ। ତର୍କସିଦ୍ଧ ଜୀବନ ହିଁ ଏକ ଶୃଙ୍ଖଳିତ ଜୀବନ। ତର୍କର ପରିଭାଷା ଭିନ୍ନ ଭିନ୍ନ ହୋଇପାରେ। କିନ୍ତୁ ତର୍କ ଆଧାରିତ ଜୀବନ ହେଲେ ମଣିଷ ବୁଦ୍ଧିଦୀପ୍ତ, ଶୃଙ୍ଖଳିତ, ସିଦ୍ଧି ପ୍ରାପ୍ତ ହୋଇପାରେ। ତର୍କରୁ ଦର୍ଶନର ଜନ୍ମ। ଏହି ତର୍କ କରି ମଣିଷ ବିଭିନ୍ନ ଆବିଷ୍କାର ଓ ଉଦଭାବନ କରିପାରିଛି; ସାରା ଦୁନିଆ ସମ୍ପର୍କରେ ଅବଗତ ହୋଇପାରିଛି। ସମଗ୍ର ଜୀବନ ତର୍କସିଦ୍ଧ ଏକ ଗାଣିତିକ ସଙ୍ଗୀତ। ମନ, ବୁଦ୍ଧି, ବିବେକକୁ ନେଇ ଆମେ ପରିଚାଳିତ। ମଣିଷର ମନ ଗଣିତ କରେ। ଭୁଲ ଠିକ ହିସାବ କରେ। ବିଭିନ୍ନ ପ୍ରକାର ସୂତ୍ରକୁ ନେଇ ଗତିଶୀଳ ହୁଏ। ନାନାଦି ପ୍ରୟୋଗ ଜରିଆରେ ଜୀବନକୁ ଗାଣିତିକ ଉପାୟରେ ପରୀକ୍ଷା ନିରୀକ୍ଷା କରେ।

ଗଣିତ ଭିତରେ ତର୍କ ଲୁଚି ରହିଛି। ସେହି ଗାଣିତିକ ସୂତ୍ର ଅନୁସାରେ ଜୀବନରୂପୀ ଗଣିତ ନିଷ୍କର୍ଷରେ ପହଞ୍ଚେ। ଆଉ ଏହି ନିଷ୍କର୍ଷକୁ ନେଇ ମଣିଷ ସଙ୍ଗୀତକୁ ଖୋଜେ। ଖୋଜି ଖୋଜି ଶେଷରେ ସାଙ୍ଗିତିକତା ସିଦ୍ଧାନ୍ତରେ ଉପନୀତ ହୁଏ। ରଙ୍ଗ ରୂପ ରସରେ ଜୀବନକୁ ସଙ୍ଖୋଳେ। ସଙ୍ଗୀତର ମୂର୍ଚ୍ଛନାରେ ଜୀବନକୁ ଉପଭୋଗ କରେ। ନିଜକୁ ଆବିଷ୍କାର କରିବାକୁ ଉଦ୍ୟତ ହୁଏ। ଖୋଜି ଖୋଜି ସେହି ବ୍ରହ୍ମ ସ୍ୱରୂପ ଜୀବନୀ ସତ୍ତାକୁ ଆବିଷ୍କାର କରେ। ନିର୍ଗୁଣ ନିରାକାର ପରଂବ୍ରହ୍ମଙ୍କ ସାକ୍ଷାତରେ ତା'ର ଚକ୍ଷୁ ଉନ୍ମୀଳନ ହୁଏ। ଗଣିତ-ତର୍କର ସଙ୍ଗୀତରେ ଅଭିମନ୍ତ୍ରିତ ଜୀବନଧାରା ପରଂବ୍ରହ୍ମଙ୍କ ସାକ୍ଷାତରେ ସଞ୍ଜୀବନୀ ପାଏ। ଚିଦାନନ୍ଦ ରୂପୀ ସେହି ଶିବଙ୍କ ସାକ୍ଷାତ କରି ଆତ୍ମଦର୍ଶନ କରେ। ଶିବୋହମର ଭାବଧାରାରେ ନିଜର ସାଙ୍ଗିତିକ ଜ୍ୟାମିତିକୁ ସଜାଡ଼େ। ସେ ଭୋଜନ କିମ୍ବା ଭୋକ୍ତା ନୁହେଁ ବୋଲି ହୃଦବୋଧ କରେ। ପୁଣ୍ୟ କିମ୍ବା ପାପ ବି ସେ ନୁହେଁ। ମନ୍ତ୍ର ତୀର୍ଥ କିମ୍ବା ବେଦ କିମ୍ବା ଯଜ୍ଞ ବି ସେ ନୁହେଁ। ମୃତ୍ୟୁ କିମ୍ବା ଶଙ୍କା କିମ୍ବା ଜାତିଭେଦ କିମ୍ବା ପିତା କିମ୍ବା ମାତା କିମ୍ବା ମିତ୍ର କିମ୍ବା ଗୁରୁ କିମ୍ବା ଶିଷ୍ୟ ବି ସେ ନୁହେଁ। ବରଂ ଚିଦାନନ୍ଦ ରୂପୀ ସ୍ୱୟଂ ଶିବ ସ୍ୱରୂପ।

କଳ୍ମଷ ପଙ୍କ ଭିତରେ ରହି ପଦ୍ମ ଯେପରି କୋଟି ଲାବଣ୍ୟନିଧିର ଅଧିକାରୀ ହୋଇଥାଏ, ସେହିପରି ମଣିଷ ପଙ୍କିଳ ସଂସାର ଭିତରେ ରହି ସେହି ଗଣିତ-ତର୍କର ଦୌଡ଼ରେ ନିଜକୁ ହଜାଇ ମଜାଇ ସଙ୍ଗୀତରେ ପାଖୁଡ଼ା ମେଲାଇବା ପରି ଜୀବନକୁ ସଂଚାରିତ କରେ। ଫଳରେ ସସାଗରାଧରା ସେହି ଅଦେଖା ସଂଚରଣ ଭିତରେ ଜୀବନକୁ ସାଉଁଟେ। ଜୀବନସାରା ଦୌଡ଼େ। ଅର୍ଥ ଓ କ୍ଷମତାର ଲୋଭରେ ମଣିଷ ମୋହାବିଷ୍ଟ ହୁଏ। ପଥ ଅପଥ ବିପଥରେ ପଡ଼େ। ମନ ବିମନ କୁମନରେ ପଡ଼ି ସୁମନାଶ୍ରିତ ହୁଏ। ହାନି ଲାଭର ଗୋଲକଧନ୍ଦାରେ ସଙ୍ଗୀତ ଭିତରେ ଆନନ୍ଦ ଖୋଜେ। ଆଉ ସେହି ସଙ୍ଗୀତ ଭିତରେ ଜୀବନ ଜିନ୍ଦାବାଦର ସ୍ୱର ଗୁଣୁଗୁଣାଏ।

ବିନା ସଙ୍ଗୀତରେ ଜୀବନ ନାହିଁ। ବିନା ଗଣିତରେ ତର୍କ ନାହିଁ। ତେଣୁ ଉଭୟ ଗଣିତ ଓ ତର୍କକୁ ନେଇ ସଙ୍ଗୀତର ତାଳେ ତାଳେ ଜୀବନକୁ ଗତିଶୀଳ କରାଇଲେ ସମଗ୍ର ଜୀବନ ଧାରା ନାଚି ଉଠେ। ତାଳ, ଲୟ, ମଣିଷ ସଙ୍ଗୀତ ଗାନ କରେ। କୋମଳ, ଗାନ୍ଧାର, ଭୈରବ ସ୍ୱରରେ ଜୀବନର ତନ୍ତ୍ରୀକୁ ଅଭିମନ୍ତ୍ରିତ କରେ। ଜୀବନର ସଂଜ୍ଞା ଓ ସ୍ୱରୂପ ବୁଝିଗଲେ ମଣିଷ ସଙ୍ଗୀତ ମାଧ୍ୟମରେ ଆତ୍ମଉପଲବ୍ଧି କରିଥାଏ। ସମଗ୍ର ଜୀବନ ଏକ ସଙ୍ଗୀତ ହେଲେ ଏହା ଗଣିତ ଓ ତର୍କ ସିଦ୍ଧ ହେବା ଆବଶ୍ୟକ। କାରଣ ବିନା ଗଣିତରେ ସଙ୍ଗୀତର ସ୍ୱର କିମ୍ବା ତାଳ କିମ୍ବା ଲୟ ସ୍ଥିର ହୋଇନଥାଏ।

ସଙ୍ଗୀତର ବିଭିନ୍ନ ପର୍ଯ୍ୟାୟ ଅନୁରୂପ ଜୀବନ ଗତିଶୀଳ ହେଉଥିବାରୁ ମଣିଷ ସଫଳ ଜୀବନ ଜୀଇଁବାକୁ ଏଥିରେ ହିଁ ସଞ୍ଜୀବନୀ ଖୋଜିବା ଆବଶ୍ୟକ। ତା'ରି ଭିତରେ କିଛି ମୂର୍ଚ୍ଛନା ଦରକାର। ଭକ୍ତି, ପ୍ରେମ, କର୍ମ ପରି ବିଭିନ୍ନ ପର୍ଯ୍ୟାୟରେ ଗତି କରି ମଣିଷ ଗଣିତ-ତର୍କର ସଙ୍ଗୀତ ଗାନ କଲେ ଜୀବନ ମଧୁମୟ ହୋଇପାରିବ। ସାରା ଜୀବନ ସାଙ୍ଗିତିକତାରେ ଭରିଯିବ।

ବେସୁରା ଜୀବନ ଜୀବନ ନୁହେଁ। ସ୍ୱରାବିଷ୍ଟ ହେଲେ ଏହା ଶ୍ରୁତିମଧୁର ହୁଏ। ପଲ୍ଲବିତ ହୁଏ। ସାକାର ହୁଏ। ସାର୍ଥକ ହୁଏ। ତେଣୁ ସେହି ଚିଦାନନ୍ଦରୂପୀ ଶିବ ସ୍ୱରୂପୀ ଆତ୍ମା ଦର୍ଶନ କରିବାକୁ ଯେଉଁ ଗଣିତ-ତର୍କ ଦରକାର ତାକୁ ଆୟତ୍ତ କରିବା ଆବଶ୍ୟକ। ଏଥିଲାଗି ସାଧନା ଦରକାର। ପ୍ରକୃତିର ନିୟମ ଯେପରି ଗଣିତ-ତର୍କ ସିଦ୍ଧାନ୍ତରେ ପର୍ଯ୍ୟବସିତ ସେହି ସାଙ୍ଗିତିକ ନିୟମାନୁସାରେ ମଣିଷ ଜୀବନ ଗତିଶୀଳ ହେଲେ ସଫଳ ହୁଏ। ଦୀର୍ଘସ୍ଥାୟୀ ଓ ଚିରଞ୍ଜୀବୀ ହୁଏ। ସୁଲଳିତ ହୁଏ। ସୁଶ୍ରାବ୍ୟ ହୁଏ। ମନୋରଞ୍ଜନ ସହ କର୍ମ ରଞ୍ଜନ ବି ହୋଇଥାଏ।

ଜନ୍ମରୁ ମୃତ୍ୟୁ ଗଣିତ-ତର୍କର ହିଁ ଏକ ସଙ୍ଗୀତ। କେତେବେଳେ ଗଣିତକୁ ନେଇ ହାନି-ଲାଭ ତ କେବେ ତର୍କକୁ ନେଇ ବାକ-ବିତର୍କ। କିନ୍ତୁ ଏହା ହିଁ ଜୀବନର ସାମ ସଙ୍ଗୀତ। ବିଭିନ୍ନ ଭାବରେ ଗତିଶୀଳ। କେତେବେଳେ ଉତଥିତ କେବେ ନିରବ କେବେ ତଳମୁଖୀ ତ କେବେ ସମାନ୍ତରାଳ। କେବେ ହାସ୍ୟ ତ କେବେ ବୀଭତ୍ସ ତ କେବେ କରୁଣ। ତାରି ଭିତରେ ଜୀବନର ସଙ୍ଗୀତ ଗାନ କରିବାକୁ ପଡ଼େ। ଗଣିତ-ତର୍କର ଜୀବନରେ ହିଁ ଆନନ୍ଦମୁଖୀ ହୁଏ ମଣିଷ। ●

କଟକ, ମୋ: ୯୯୩୮୬୧୧୦୫୩

## ପଦ୍ମପୁର: ପଦ୍ମସମ୍ଭବଙ୍କ ଜନ୍ମସ୍ଥଳ

ପ୍ରବୀର କୁମାର ପଟ୍ଟନାୟକ

ଦ୍ୱିତୀୟ-ବୁଦ୍ଧ କଥା



ତିବ୍ବତୀୟ କିମ୍ବଦନ୍ତୀ ଦର୍ଶାଇଥାଏ ପ୍ରାଚୀନ ଉଡ୍ଡୀୟାନ ଅନ୍ତର୍ଗତ ସମ୍ଭଳ ରାଜ୍ୟର ଧନକୋଷ ନାମକ ହ୍ରଦରେ ଏକ ଫୁଟନ୍ତା ପଦ୍ମଫୁଲ ଉପରେ ଆଠ ବର୍ଷ ବୟସର ବାଳକ ଭାବେ ବସିଥିବା ଅବସ୍ଥାରେ ତାଙ୍କର ଆର୍ବିଭାବ ହୋଇଥିଲା। ପଦ୍ମ ଫୁଲ ଉପରେ ବସିଥିବା ବେଳେ ତାଙ୍କର ଆବିର୍ଭାବ ଯୋଗୁଁ ତାଙ୍କ ନାମ 'ପଦ୍ମସମ୍ଭବ' ହେଇଛି। ସମ୍ଭଳର ରାଜା ଇନ୍ଦ୍ରଭୂତିଙ୍କ ମନ୍ତ୍ରୀ ପ୍ରଥମେ ତାଙ୍କର ସନ୍ଧାନ ପାଇ ରାଜାଙ୍କୁ ଖବର କଲେ। ସେତେବେଳେ ନିଜ ପୁଅର ବିୟୋଗରେ ରାଜା ଅତ୍ୟନ୍ତ ଦୁଃଖ ଓ ମନସ୍ତାପରେ ଥିଲେ। ମନ୍ତ୍ରୀ ଏହି ବାଳକଟି ପାଖରେ ବହୁ ଶୁଭଲକ୍ଷଣ ଦେଖିଥିବାରୁ ରାଜା ଓ ପ୍ରଜାମାନେ ବହୁସଂଖ୍ୟାରେ ହ୍ରଦ କୂଳରେ ଏକାଠି ହୋଇ ବାଳକଟିକୁ ହ୍ରଦ ମଧ୍ୟରୁ ଉଦ୍ଧାର କରି ମହାସମାରୋହରେ ରାଜପ୍ରସାଦକୁ ନେଲେ।

ଏହି ପ୍ରାଚୀନ ସମ୍ଭଳ ବା ସମ୍ବଳକ ରାଜ୍ୟ ହେଉଛି ବର୍ତ୍ତମାନର ଅବିଭକ୍ତ ତଥା ବୃହତ୍ତର ସମ୍ବଲପୁର ଅଞ୍ଚଳ। ସମ୍ବଲପୁର ଜିଲ୍ଲାଟି ଏବେ ସମ୍ବଲପୁର, ଝାରସୁଗୁଡା, ବରଗଡ଼ ଓ ଦେବଗଡ଼ - ଏପରି ଚାରିଗୋଟି ଜିଲ୍ଲାରେ ବିଭକ୍ତ ହେଇଛି। ଏଥିମଧ୍ୟରୁ ସମ୍ବଲପୁର, ଝାରସୁଗୁଡ଼ା ଓ ବରଗଡ଼ ଜିଲ୍ଲା ମହାନଦୀର ତଟବର୍ତ୍ତୀ ଅଞ୍ଚଳ। ସମ୍ବଲପୁର ସହର ମହାନଦୀ କୂଳରେ ହିଁ ଅବସ୍ଥିତ। ସମ୍ବଲପୁର ନିକଟରେ ମହାନଦୀରେ ହୀରାକୁଦ ନଦୀବନ୍ଧ ଯୋଗନା କରାଯାଇଛି ଏବଂ ଏହାର ଜଳଭଣ୍ଡାରକୁ ଲାଗି ତିନୋଟି ଯାକ ତଟବର୍ତ୍ତୀ ଜିଲ୍ଲାର ବହୁଅଞ୍ଚଳ ରହିଛି। ଆହୁରି ଅନେକ ଅଞ୍ଚଳ ଜଳଭଣ୍ଡାର ମଧ୍ୟରେ ବୁଡ଼ିଯାଇଛି।

ସ୍ଥାନୀୟ ପରମ୍ପରା ତଥା ଗବେଷଣା ମୁତାବକ ଖ୍ରୀ ୭୧୭ ରୁ ୭୨୨ ମଧ୍ୟରେ ଧନକୋଷ ହ୍ରଦରେ ପଦ୍ମସମ୍ଭବଙ୍କ ଆବିର୍ଭାବ ଘଟିଥିଲା। ଭୁବନେଶ୍ୱର ମହାବୋଧି ସୋସାଇଟି ସହ ସଂପର୍କିତ ଜଣେ ବୟୋଜ୍ୟେଷ୍ଠ ଗବେଷକ ଏହି ଆବିର୍ଭାବ ଖ୍ରୀ ୭୧୭ରେ ହୋଇଥିଲା ବୋଲି ଦର୍ଶାଇଛନ୍ତି। ଆବିର୍ଭାବ ବେଳକୁ ତାଙ୍କର ବୟସ ଆଠ ବର୍ଷ ହୋଇଥିଲା ଏବଂ ରାଜା ଇନ୍ଦ୍ରଭୂତି ତାଙ୍କଠାରୁ ତାଙ୍କ ପିତାମାତାଙ୍କ ନାମ ଆଦି ସଂଗ୍ରହ କରି ତାଙ୍କର ନିଜର ପ୍ରକୃତ ଜନ୍ମସ୍ଥାନକୁ ସେହି ମହାନଦୀ କୂଳରେ ସମ୍ଭଳ ରାଜପ୍ରସାଦ ରହିଥିବା ହୀରାକୁଦ ଅଞ୍ଚଳର ସ୍ଥାନଠାରୁ ମହାନଦୀର ଉପର ମୁଣ୍ଡରେ କିଛି ଦୂରରେ ଅବସ୍ଥିତ ପଦ୍ମପୁର ନଗରକୁ ଚିହ୍ନଟ କରିଥିଲେ। ଏହି ସ୍ଥାନଟି ଏବେ ଝାରସୁଗୁଡ଼ା ଜିଲ୍ଲାର ଲଖନପୁର ବ୍ଲକ ଅଞ୍ଚଳରେ ଅବସ୍ଥିତ। ମାତ୍ର ଏହି ସ୍ଥାନ ସହ ସମ୍ବଲପୁର ପାଖକୁ ଧରି ଏକ ବୃହତ୍ ଅଞ୍ଚଳ ହୀରାକୁଦ ନଦୀବନ୍ଧର ଜଳଭଣ୍ଡାର ମଧ୍ୟରେ ବୁଡ଼ି ଯାଇଛି। ଏହି ସ୍ଥାନର ସମସ୍ତ ଲୋକ ଉଠି ଯାଇ ନିକଟସ୍ଥ ଛତିଶଗଡ଼ ଅଞ୍ଚଳରେ ତଥା ପାଖାପାଖି ଅଞ୍ଚଳରେ ବାସ କରୁଛନ୍ତି।

ରାଜା ଇନ୍ଦ୍ରଭୂତିଙ୍କ ଦ୍ୱାରା ପ୍ରତିଷ୍ଠିତ ବୌଦ୍ଧ ଦେବୀ ପଦ୍ମାସିନୀଙ୍କ ମନ୍ଦିର ପୁନରୁଦ୍ଧାର ହୋଇ ଏବେ ମଧ୍ୟ ସେହି ବୁଡ଼ିସ୍ଥାନରେ ରହିଯାଇଛି ଏବଂ ଗ୍ରୀଷ୍ମ ଋତୁରେ ଜଳସ୍ତର ତଳକୁ ଖସିଗଲେ ଏବେ ମଧ୍ୟ ସେହି ପ୍ରାଚୀନ ମନ୍ଦିର ଦୃଶ୍ୟମାନ ହେଉଛି। ମାତ୍ର ଦେବୀଙ୍କୁ ଲୋକମାନେ ଉଠାଇ ନେଇ ନୂଆ ବସବାସ କରୁଥିବା ସ୍ଥାନରେ ରଖି ପୂଜା କରୁଛନ୍ତି। (କ୍ରମଶଃ...) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ନବୀନଙ୍କ ହେଲିକପ୍ଟର ବିଳମ୍ବ ପ୍ରସଙ୍ଗ

# ନିର୍ବାଚନ କମିଶନଙ୍କ ଦ୍ୱାରସ୍ଥ ହେଲା ବିଜେଡି



### ବିନା କାରଣରେ ଜାଣିଶୁଣି ବିଳମ୍ବ କରାଯାଇଛି

### ବିଳମ୍ବ ପଛରେ ଶାସକ ବିଜେପିର ହାତ ସନ୍ଦେହ

**ଭୁବନେଶ୍ୱର,୭।୧୧(ସମିସ):** ବିଜେଡି ସଭାପତି ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ହେଲିକପ୍ଟରକୁ ବିମାନ ବନ୍ଦରରେ ଜାଣିଶୁଣି ତଥା ବିନା କାରଣରେ ବିଳମ୍ବ କରାଯିବା ଘଟଣାରେ ରାଜ୍ୟ ନିର୍ବାଚନ ଅଧିକାରୀଙ୍କ ନିକଟରେ ଫେରାଦ ହୋଇଛି ବିଜେଡି। ଶାସକ ବିଜେପିର ପ୍ରତ୍ୟକ୍ଷ ପ୍ରଭାବରେ ସରକାରୀ କଳକୁ ଅପବ୍ୟବହାର କରାଯାଇ ଜାଣିଶୁଣି ନବୀନଙ୍କ ହେଲିକପ୍ଟରକୁ ଅନୁମତି ଦିଆଯାଇ ନାହିଁ। ଯାହା ବିଜେଡି ଓ ଏହାର ନେତା ନବୀନ ପଟ୍ଟନାୟକଙ୍କଙ୍କ ମୁକ୍ତ ପ୍ରଚାର ଅଧିକାର ଉପରେ ରାଜନୈତିକ ଭେଦଭାବ ଏବଂ ପ୍ରତିବନ୍ଧକ ସୃଷ୍ଟି କରୁଛି। ତେଣୁ ଏନେଇ ତଦନ୍ତ କରି ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ବିଜେଡିର ପ୍ରତିନିଧି ଦଳ ଦାବି କରିଛି।

ପ୍ରତିନିଧି ମଣ୍ଡଳୀର ଅଭିଯୋଗ ଅନୁଯାୟୀ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ୭ ତାରିଖରେ ନୂଆପଡ଼ାରେ ପୂର୍ବ ନିର୍ଦ୍ଧାରିତ ପ୍ରଚାର କାର୍ଯ୍ୟକ୍ରମ ବିଜୁ ପଟ୍ଟନାୟକ ବିମାନ ବନ୍ଦରରେ ଅଯଥା ଏବଂ ଜାଣିଶୁଣି ବିଳମ୍ବ କରିବା କାରଣରୁ ବାଧାପ୍ରାପ୍ତ ହୋଇଛି। ଏହି ଗସ୍ତ ପାଇଁ କାର୍ଯ୍ୟସୂଚୀ ବିରୋଧୀ ଦଳ ନେତାଙ୍କ କାର୍ଯ୍ୟାଳୟ ଦ୍ୱାରା ଗତ ୫ ତାରିଖରେ ଜିଲ୍ଲା ମୁଖ୍ୟ ନିର୍ବାଚନ ଅଧିକାରୀ ତଥା ଜିଲ୍ଲାପାଳ, ପୁଲିସ ଡିଜି, ଏସପି(ସିକ୍ୟୁରିଟି) ବିମାନବନ୍ଦର ନିର୍ଦ୍ଦେଶକ ଏବଂ ଡ୍ୟୁଟି ଅଫିସର, ଏୟାର ଟ୍ରାଫିକ କଣ୍ଟ୍ରୋଲ ସମେତ ସମସ୍ତ ସମ୍ପୃକ୍ତ କର୍ତ୍ତୃପକ୍ଷଙ୍କୁ ଆଗୁଆ ସୂଚିତ କରାଯାଇଥିଲା। ତେବେ ଶାସକ ବିଜେପିର ପ୍ରତ୍ୟକ୍ଷ ପ୍ରଭାବରେ ସରକାରୀ ବ୍ୟବସ୍ଥାର ଅପବ୍ୟବହାର ଦ୍ୱାରା ଏହି ସୁଚିନ୍ତିତ ବିଳମ୍ବ ଆଦର୍ଶ ଆଚରଣ ବିଧିର ଏକ ଗୁରୁତର ଉଲ୍ଲଂଘନ ଅଟେ। ବିଶେଷକରି ବିମାନ ବନ୍ଦର ଭଳି ଗୁରୁତ୍ୱପୂର୍ଣ୍ଣ ସାର୍ବଜନୀନ ଭିତ୍ତିଭୂମି ଉପରେ ନିୟନ୍ତ୍ରଣ ମାଧ୍ୟମରେ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କାର୍ଯ୍ୟାନୁଷ୍ଠାନ ବିଜୁ ଜନତା ଦଳ ଓ ଏହାର ନେତା ନବୀନ ପଟ୍ଟନାୟକଙ୍କଙ୍କ ମୁକ୍ତ ପ୍ରଚାର ଅଧିକାର ଉପରେ ରାଜନୈତିକ ଭେଦଭାବ ଏବଂ ପ୍ରତିବନ୍ଧକ ସୃଷ୍ଟି କରୁଛି। ପ୍ରତିନିଧି ଦଳର ଯୁକ୍ତି ଅନୁଯାୟୀ ଏହି ବ୍ୟାଘାତ କାରଣରୁ ବିଜୁ ଜନତା ଦଳ କ୍ଷତି ସହିବ। ପ୍ରଚାର ଅବଧି ଶୀଘ୍ର ସମାପ୍ତ ହେବାକୁ ଯାଉଥିବାରୁ ପ୍ରଚାର କାର୍ଯ୍ୟକ୍ରମ ପୁନଃଧାର୍ଯ୍ୟ କରିବା ଅସମ୍ଭବ ଅଟେ। ଏହା ଦଳର ନିର୍ବାଚନ ପ୍ରଚାରକୁ ସିଧାସଳଖ କ୍ଷତି ପହଞ୍ଚାଉଛି ବୋଲି ପ୍ରତିନିଧି ମଣ୍ଡଳୀ ଅଭିଯୋଗ କରିଛି। ନୂଆପଡ଼ାରେ ସରକାରୀ କଳର ଅପବ୍ୟବହାର ନେଇ ବିଜେଡ଼ି ନେତା ଓ କର୍ମୀମାନେ ବାରମ୍ବାର ଅଭିଯୋଗ କରିବା ସତ୍ତ୍ୱେ ଏନେଇ କୌଣସି ଫଳପ୍ରଦ ଆଖିଦୃଶିଆ ପଦକ୍ଷେପ ନିଆଯାଇନାହିଁ। ଶାସକ ଦଳର ନିର୍ଦ୍ଦେଶରେ ପ୍ରଶାସନିକ ସଂସ୍ଥାଗୁଡ଼ିକ ବିଜେଡ଼ିକୁ ଟାର୍ଗେଟ କରିଚାଲିଛନ୍ତି। ଯାହା ନିର୍ବାଚନ ପ୍ରକ୍ରିୟାର ନିରପେକ୍ଷତା ଏବଂ ବିଶ୍ୱସନୀୟତା ଉପରେପ୍ରଶ୍ନବାଚୀ ସୃଷ୍ଟି କରୁଛି ବୋଲି ବିଜେଡି କ୍ଷୋଭ ପ୍ରକାଶ କରିଛି। ତେଣୁ ନିର୍ବାଚନ ଅଧିକାରୀ ତୁରନ୍ତ ହେଲିକପ୍ଟର ବିଳମ୍ବ ହେବାର କାରଣ ନେଇ ତୁରନ୍ତ ତଦନ୍ତ କରିବା ସହ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ନେବାକୁ ପ୍ରତିନିଧି ମଣ୍ଡଳୀ ଦାବି କରିଛି। ଏହି ପ୍ରତିନିଧି ଦଳରେ ରାଜ୍ୟସଭା ସାଂସଦ ସୁଲତା ଦେଓ, ନାରାୟଣ ଜେନା, ରୀତାଞ୍ଜଳି ପ୍ରଧାନ, ସୋଫିଆ ଆଲାମ, ମିହିର ରାୟ, ପ୍ରଦୀପ ପଣ୍ଡା ଓ ସିଦ୍ଧାନ୍ତ ସାମଲ ପ୍ରମୁଖ ଉପସ୍ଥିତ ଥିଲେ।

# ବାର୍‌ହା ଫାଶରେ ପଡ଼ି ଦୁଇ ଭାଇ ମୃତ

**ଲକ୍ଷ୍ମୀପୁର, ୭।୧୧(ସମିସ):** ବାର୍‌ହା ଶିକାର ପାଇଁ ଲାଗିଥିବା ବିଦ୍ୟୁତ୍ ଫାଶରେ ପଡ଼ି ଦୁଇଜଣଙ୍କର ମୃତ୍ୟୁ ଘଟିଛି। କୋରାପୁଟ ଜିଲ୍ଲା ଲକ୍ଷ୍ମୀପୁର ଥାନା ଅନ୍ତର୍ଗତ ପିପଲପଦର ଗ୍ରାମପଞ୍ଚାର କାନାପାଇ ଗାଁ ଜଙ୍ଗଲରେ ଏହି ଅଘଟଣ ଘଟିଛି। ମୃତକଦ୍ୱୟ ହେଲେ, ଘନିଲା ମାଣ୍ଡିଙ୍ଗା (୨୬) ଓ ତାଙ୍କର ସମ୍ପର୍କୀୟ ଭାଇ କୁମ୍ବର ହିକକା। ଗୁରୁବାର ସନ୍ଧ୍ୟାରେ ଦୁଇଭାଇ ଗାଁ ନିକଟ ଜଙ୍ଗଲକୁ ଯାଇଥିବା ବେଳେ ସେଠାରେ ବାର୍‌ହା ଶିକାର ପାଇଁ ବିଛା ଯାଇଥିବା ବିଦ୍ୟୁତ୍ ଫାଶରେ ପଡ଼ି ଯାଇଥିଲେ। ଘଟଣାସ୍ଥଳରେ ହିଁ ଦୁହିଁଙ୍କ ମୃତ୍ୟୁ ହୋଇଯାଇଥିଲା। ସେମାନଙ୍କ ମଧ୍ୟରୁ ଜଣେ ଜଳି ଯାଇଥିଲେ। ଆଜି ଏହି ଖବର ପ୍ରଘଟ ହେବା ପରେ ଲକ୍ଷ୍ମୀପୁର ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ତନାଘନା କରିଛି। ଶବଦ୍ୱୟକୁ ଜବତ କରି ଲକ୍ଷ୍ମୀପୁର ମେଡିକାଲକୁ ପଠାଇବା ସହ ତଦନ୍ତ ଚଳାଇଛି। ଶୁକ୍ରବାର ବିଳମ୍ବ ହେବା ଯୋଗୁଁ ଶନିବାର ଶବ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ଜଣାପଡ଼ିଛି। କିଏ ଏହି ଫାଶ ବସାଇଥିଲା, ସେନେଇ ପୁଲିସ ଛିନ୍‌ଭିନ୍ ଚଳାଇଛି।

### ବନ ବିଭାଗ ଅବହେଳାରୁ ଜୀବନ ଗଲା

# ହାତୀ ଆକ୍ରମଣରେ ବୃଦ୍ଧ ମୃତ

**ଟାଙ୍ଗୀ, ୭ ୧୧ (ସମିସ)** ବନ ବିଭାଗର ଅବହେଳା ଯୋଗୁଁ ଆଜି ହାତୀ ଆକ୍ରମଣରେ ଜଣେ ବୃଦ୍ଧଙ୍କ ଜୀବନ ଯାଇଛି। ଟାଙ୍ଗୀ-ଚୌଦ୍ୱାର ବ୍ଲକ୍ ସଫା ପଞ୍ଚାୟତ ଅଭୟପୁର ଗ୍ରାମରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତକ ହେଲେ, ଉକ୍ତ ଗ୍ରାମର ବଟକୃଷ୍ଣ ବେହେରା(୬୦)। ସୂଚନାନୁସାରେ, ବଟକୃଷ୍ଣ ଆଜି ଅପରାହ୍ଣ ପ୍ରାୟ ୫ଟାରେ ଗାଁ ନିକଟରେ ଥିବା ଏକ ଆଶ୍ରମକୁ ଯାଉଥିଲେ। ସେହି ସମୟରେ ଗୋଟିଏ ହାତୀ କୁଆଡ଼ୁ ଦୌଡ଼ି ଆସି ତାଙ୍କୁ ଠେଲିଦେଇ ପାଦରେ ଦଳି ଦେଇଥିଲା। ଏଥିରେ ତାଙ୍କର ଗୋଟିଏ ଗୋଡ଼ ଛିଣ୍ଡି ଯାଇଥିଲା। ଖବର ପାଇ ବନ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ତାଙ୍କୁ କଟକ ବଡ଼ ମେଡ଼ିକାଲକୁ ନେଇଥିଲେ ହେଁ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ଆଜିର ଏହି ଅଘଟଣ ପାଇଁ ଗ୍ରାମବାସୀମାନେ ବନ ବିଭାଗକୁ ଦାୟୀ କରିଛନ୍ତି। ସେମାନଙ୍କ କହିବା କଥା, ଅପରାହ୍ଣ ୪ଟାରୁ ଗାଁରେ ଏକ ହାତୀ ଆତଙ୍କ ଖେଳାଉଥିବା ବେଳେ ସ୍ଥାନୀୟ ଫରେଷ୍ଟର୍ ଓ ରେଞ୍ଜରଙ୍କୁ ଅଭିଯୋଗ କରାଯାଇଥିଲା। ଏପରିକି ଗ୍ରାମବାସୀମାନେ ହାତୀର ଫଟୋ ସହ ଅଭିଯୋଗ କରିଥିଲେ। କିନ୍ତୁ ଘଟଣାସ୍ଥଳକୁ କେହି ଆସିନଥିଲେ। ଠିକ୍ ସମୟରେ ବନ ବିଭାଗ ଗାଁରେ ପହଞ୍ଚିଥିଲେ, ବଟକୃଷ୍ଣଙ୍କ ଜୀବନ ରକ୍ଷା କରାଯାଇପାରିଥା'ନ୍ତା ବୋଲି କହିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ...

### ରଙ୍ଗ ମାରିଲେ...

ପ୍ରାର୍ଥୀଙ୍କୁ ଆଶୀର୍ବାଦ କରିବା ସହ ସ୍ନେହାଙ୍ଗିନୀଙ୍କୁ ଶଙ୍ଖ ଚିହ୍ନରେ ଭୋଟ ଦେବାକୁ ଅନୁରୋଧ କରିଥିଲେ। ଦୀର୍ଘ ତିନିଘଣ୍ଟା ଧରି ଚାଲିଥିବା ଏହି ରୋଡ ଶୋ'ରେ ହଜାର ହଜାର ଲୋକ ନବୀନ ପଟ୍ଟନାୟକଙ୍କୁ ସ୍ୱାଗତ କରିଥିଲେ। ରୋଡ ଶୋ' ପରେ ଅପରାହ୍ଣ ୩ଟାରେ ନୂଆପଡ଼ା ବ୍ଲକ୍ ପରକୋଡ଼ ପଞ୍ଚାୟତରେ ଆୟୋଜିତ ବିଶାଳ ଜନସଭାରେ ଯୋଗଦେଇ ଶ୍ରୀ ପଟ୍ଟନାୟକ ବିଜେପି ସରକାରକୁ କଠୋର ଶବ୍ଦରେ ସମାଲୋଚନା କରିଥିଲେ। ସେ କହିଥିଲେ ଯେ ବିଜୁ ଜନତା ଦଳ ସରକାର ସମୟରେ ଶିକ୍ଷା, ସ୍ୱାସ୍ଥ୍ୟ, ଯୋଗାଯୋଗ, ପାନୀୟଜଳ, ଜଳସେଚନ, ଆଦିବାସୀ କଲ୍ୟାଣ ଆଦି ବିଭିନ୍ନ କ୍ଷେତ୍ରରେ ପ୍ରଭୂତ ବିକାଶ ଆସିଥିଲା। ନୂଆପଡାରେ ହଜାର ହଜାର ଏକର ଜମିକୁ ଜଳସେଚନ ଯୋଗାଇ ଦିଆଯାଇଥିଲା। ପାନୀୟ ଜଳ ଯୋଗାଣ କ୍ଷେତ୍ରରେ ପ୍ରଭୂତ ଉନ୍ନତି ଆସିଥିଲା। ତାଙ୍କ ସରକାର ସମୟରେ ହୋଇଥିବା ବିଜୁ ଏକ୍ସପ୍ରେସ ୱେ ଆଜି ନୂଆପଡାର ଆର୍ଥିକ ବିକାଶ ପାଇଁ ସୁଯୋଗ ଆଣିଥିଲା ବୋଲି ନବୀନ କହିଥିଲେ।

ଏହି ଅବସରରେ ୫୦୦ ଦିନ ପୁରଣ କରିଥିବା ବିଜେପି ସରକାର ଲୋକଙ୍କ ପାଇଁ କ'ଣ କରିଛି ବୋଲି ଶ୍ରୀ ପଟ୍ଟନାୟକ ପ୍ରଶ୍ନ କରିଥିଲେ। ୩୦୦ ୟୁନିଟ୍ ମାଗଣା ବିଜୁଳି, ୩୫୦୦ ଟଙ୍କା ପେନସନ, ଚାଷୀ ଭାଇଙ୍କୁ ୟୁରିଆ ସାର, ଯୁବକଙ୍କୁ ଚାକିରି ଆଦି ପ୍ରତିଶ୍ରୁତି ପୂରଣରେ ସରକାର ବିଫଳ ହୋଇଥିବା କହିଥିଲେ। ମିଶନ ଶକ୍ତି ମା'ମାନଙ୍କୁ ଋଣ ନ ମିଳିବା ଓ ଧାନ କିଣାରେ କଟନିଛଟନି ବନ୍ଦ ହୋଇ ନ ଥିବାର ଅସନ୍ତୋଷ ବ୍ୟକ୍ତ କରିଥିଲେ। ବିଏସ୍‌କେୱାଇ କାର୍ଡରେ ଲୋକଙ୍କୁ ସେବା ମିଳୁଥିଲା; କିନ୍ତୁ ଏବେ ଆୟୁଷ୍ମାନ କାର୍ଡରେ କେବଳ ଟେନ୍‌ସନ ମିଳୁଛି ବୋଲି ସେ କ୍ଷୋଭର ସହ କହିଥିଲେ। କୋମନା ସଭାରେ ଲୋକଙ୍କ ମନରେ ଯେଉଁ କ୍ରୋଧ ଓ ଦୁଃଖ ସେ ଦେଖିଥିଲେ ଆଜି ମଧ୍ୟ ନୂଆପଡାରେ ଲୋକଙ୍କ ଆଖିରେ ସେହି କ୍ରୋଧ ଓ ଦୁଃଖ ରହିଛି। ନୂଆପଡାରେ ରହି ନୂଆପଡାବାସୀଙ୍କ ସେବା କରିବା ପାଇଁ ଶ୍ରୀ ପଟ୍ଟନାୟକ ବିଜେଡି ପ୍ରାର୍ଥୀ ସ୍ନେହାଙ୍ଗିନୀ ଛୁରିଆଙ୍କୁ ନିର୍ଦ୍ଦେଶ ଦେଇଥିବା ଉଲ୍ଲେଖ କରି ତାଙ୍କୁ ବହୁ ଭୋଟ ବ୍ୟବଧାନରେ ବିଜୟୀ କରାଇବା ପାଇଁ ଜନସାଧାରଣଙ୍କୁ ନିବେଦନ କରିଥିଲେ। ଗତ ତିନି ତାରିଖ ଦିନ ତାଙ୍କ ସଭାକୁ ଯେପରି ଲୋକ ନ ଆସିପାରିବେ, ସେଥିପାଇଁ ଅନେକ ଚେଷ୍ଟା କରାଯାଇଥିଲା ; କିନ୍ତୁ କୋମନାରେ ଭୋଟର ଭାଇ ଭଉଣୀମାନେ ବହୁ ସଂଖ୍ୟାରେ ତାଙ୍କ ସଭାରେ ଯୋଗ ଦେଇଥିବାରୁ ଶ୍ରୀ ପଟ୍ଟନାୟକ ତାଙ୍କ ଭାଷଣରେ ଧନ୍ୟବାଦ ଜଣାଇଥିଲେ।

ଆଜି ରୋଡ ଶୋ' ଅବସରରେ ଶ୍ରୀ ପଟ୍ଟନାୟକ ରାସ୍ତାର ଦୁଇ ପଟରେ ଥିବା ହଜାର ହଜାର ଶୁଭେଚ୍ଛୁଙ୍କୁ ହାତ ହଲାଇ ଅଭିବାଦନ ଜଣାଇବା ସହ ଖରିଆର ରୋଡର ଡାଗା ଛକ, ବିଜୁ ପଟ୍ଟନାୟକ ଛକ ଓ ଲଖନିଆ ପେଟ୍ରୋଲ୍ ପମ୍ପ ଛକ ମାନଙ୍କରେ ଜନସାଧାରଣଙ୍କୁ ସମ୍ବୋଧିତ କରିଥିଲେ। ସେହିପରି ନୂଆପଡା ଏନଏସି ଅଞ୍ଚଳର ସୂର୍ଯ୍ୟନଗର ଛକ, ଗାୟତ୍ରୀ ମନ୍ଦିର ଛକ ଓ ଏକତା ଛକରେ ମଧ୍ୟ ଶ୍ରୀ ପଟ୍ଟନାୟକ ଜନସାଧାରଣଙ୍କୁ ଉଦ୍‌ବୋଧନ ଦେଇ ସ୍ନେହାଙ୍ଗିନୀଙ୍କୁ ଆଶୀର୍ବାଦ କରିବାକୁ ନୁରୋଧ କରିଥିଲେ। ପାରକୋଟ ଜନସଭାରେ ବିଜେଡିର ବରିଷ୍ଠ ନେତା ଦେବୀ ପ୍ରସାଦ ମିଶ୍ର, ପ୍ରସନ୍ନ ଆଚାର୍ଯ୍ୟ, ସନ୍ତୃପ୍ତ ମିଶ୍ର, ସଂଜୟ ଦାସବର୍ମା, ଅରୁଣ ସାହୁ, ପ୍ରତାପ ଜେନା, ଅରୁଣ ସାହୁ, ଟୁକୁନି ସାହୁ, ଚିନ୍ମୟ ସାହୁ, ଇପ୍ସିତା ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦଳର ବରିଷ୍ଠ ନେତା କ୍ୟାପଟେନ୍ ଦିବ୍ୟ ଶଙ୍କର ମିଶ୍ର, ଶ୍ରୀକାନ୍ତ ସାହୁ, ପ୍ରଦୀପ ସାହୁ, ନିରଂଜନ ବିଶି, ବର୍ଷା ସିଂ ବରିହା, ମନୋହର ରନ୍ଧାରୀ, ସୁଦର୍ଶନ ହରିପାଲ, ଧ୍ରୁବ ଚରଣ ସାହୁ, ପୂର୍ଣ୍ଣଚନ୍ଦ୍ର ସ୍ୱାଇଁ, ଦେବାଶିଷ ମାରାଣ୍ଡି, ସାରଦା ଜେନା, ପ୍ରଶାନ୍ତ ବେହେରା, ନିହାର ବେହେରା, ଦେବାଶିଷ ପଟ୍ଟନାୟକ, ବେଣୁଧର ପ୍ରଧାନ, ସାନନ୍ଦ ମାରାଣ୍ଡି ପ୍ରମୁଖ ଉପସ୍ଥିତ ଥିଲେ।

### ଦିଲ୍ଲୀରେ ୮୦୦...

ଆସିବା କରୁଥିବା ବିମାନଗୁଡିକ ମଧ୍ୟ ବିଳମ୍ବିତ ହୋଇଛି। ଏହି ସମସ୍ୟା କେବେ ସମାଧାନ ହେବ ଓ ସ୍ଥିତି କେବେ ସାମାନ୍ୟ ହେବ ସେ ନେଇ ଦିଲ୍ଲୀ ବିମାନ ବନ୍ଦର କର୍ତ୍ତୃପକ୍ଷ କୌଣସି ସୂଚନା ଦେଇ ନାହାନ୍ତି। ଫ୍ଲାଇଟ୍ ଟ୍ରାକିଂ ପୋର୍ଟାଲରେ ଦିଲ୍ଲୀର ଆକାଶର ଚିତ୍ର ଦେଖିବାକୁ ମିଳୁଛି। ଗୁରୁବାର ସନ୍ଧ୍ୟାଠାରୁ ଏହି ସମସ୍ୟା ଦେଖିବାକୁ ମିଳିଥିଲା। ବିମାନ ବିଳମ୍ବିତ ହେବା କାରଣରୁ ଯାତ୍ରୀ ନାହିଁ ନଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଚେକ୍ ଇନ୍, ଗେଟ୍ ନିକଟରେ ଅପେକ୍ଷା, ବୋର୍ଡିଓ ଲେଟ୍, କନେକସନ ଫ୍ଲାଇଟ୍‌ରୁ ବଞ୍ଚିତ ହେବାର ସମସ୍ୟା ସୃଷ୍ଟି ହୋଇଛି। ଏହା ଦ୍ୱାରା ମଧ୍ୟ ଅପରେସନ ପ୍ରଭାବିତ ହୋଇଛି। ଦିଲ୍ଲୀ ବିମାନ ବନ୍ଦରରେ ପ୍ରତିଦିନ ୧,୫୦୦ ବିମାନ ଯିବା ଆସିବା କରିଥାଏ। ଏହା ଦ୍ୱାର ଏୟାର ଲାଇନ୍ସ ଓ ବିମାନବନ୍ଦର କାର୍ଯ୍ୟପ୍ରଣାଳୀ ବିଳମ୍ବିତ ହୋଇଛି। ଏହି ସମସ୍ୟା କାରଣରୁ ବେଟିଆ, ଲକ୍ଷ୍ନୌ, ଜୟପୁର, ଚଣ୍ଡିଗଡ଼ ବିମାନ ବନ୍ଦର ମଧ୍ୟ ପ୍ରଭାବିତ ହୋଇଛି। ବିମାନ ବିଳମ୍ବିତ ହେବା କାରଣରୁ ଆଗକୁ ଆସିବାକୁ ଥିବା ବିମାନ ଗୁଡିକର କାର୍ଯ୍ୟସୂଚୀ ବିଳମ୍ବିତ ହୋଇଛି।

### ୪୨ ଦିନରେ ବିକ୍ରି...

ଏଥିରେ ଯାତ୍ରୀବାହୀ କାର ଏବଂ ଦୁଇ ଚକିଆ ଯାନ ପାଇଁ ରେକର୍ଡ ପଞ୍ଜିକରଣ ହୋଇଛି। ଜିଏସ୍ଟି ୨.୦ ଲାଗୁ ହେବା ପରେ ଯାନବାହାନ ମୂଲ୍ୟ ହ୍ରାସର ପ୍ରଭାବ ମଧ୍ୟ ଏଥର ବଜାରରେ ଦେଖିବାକୁ ମିଳିଛି। ଏ ସମ୍ପର୍କରେ ଫାଡା ସଭାପତି ସି.ଏସ୍. ବିଘ୍ନେଶ୍ୱର କହିଛନ୍ତି ଯେ, ଚଳିତ ପାର୍ବଣ ଋତୁରେ ହୋଇଥିବା ବିକ୍ରି, ଭାରତର ଅଟୋ କ୍ଷେତ୍ରର ଖୁଚୁରା ବିକ୍ରି ଇତିହାସରେ ସବୁଠୁ ବଡ଼। ଜିଏସ୍ଟି ୨.୦ ଯୋଗୁ ମଧ୍ୟବିତ୍ତ ବର୍ଗଙ୍କ ପାଇଁ ଯାନବାହାନ କିଣିବା ସରଳ ଓ ସହଜ ହୋଇଛି। କମ୍ପାକ୍ଟ ଓ ୪ ମିଟରରୁ କମ୍ ଆକାରର ଗାଡ଼ି ଚାହିଦା ସବୁଠୁ ଅଧିକ ରହିଛି। ଗ୍ରାମାଞ୍ଚଳର ମଧ୍ୟ ଗାଡ଼ି ବିକ୍ରି ଆଖିଦୃଶିଆ ଭାବରେ ବଢ଼ିଛି। ଏହା ବାଦ ଇଲେକ୍ଟ୍ରିକ୍ ଗାଡ଼ି ପ୍ରତି ମଧ୍ୟ ଗ୍ରାହକଙ୍କ ଆଗ୍ରହ ବଢ଼ିଛି। ତିନି ଚକିଆ ଏବଂ କର୍ମସିଆଲ ଇଭି ଗାଡ଼ିର ବିକ୍ରି ଯଥାକ୍ରମେ ୯% ଏବଂ ୧୫% ଅଭିବୃଦ୍ଧି ରେକର୍ଡ କରିଛି।

### ଏସ୍‌ଆଇଟି ବୈଠକରେ...

ବୈଠକରେ ବିଭାଗୀୟ ଅଧିକାରୀ ଉପସ୍ଥାପନ କରିଥିଲେ। ସରକାରଙ୍କ ସୁପାରିସକ୍ରମେ ଏହାର ତଦନ୍ତ ଆଗକୁ ସିବିଆଇ କରିବ। ଏଣୁ, ତଦନ୍ତ ପରେ ଅଧିକ ତଥ୍ୟ ଆସିପାରିବ ବୋଲି ସେ କହିଥିଲେ। ନିକଟ ଅତୀତରେ ଦୁର୍ନୀତି ମାମଲାରେ ବହୁ ସଂଖ୍ୟାରେ ଉଚ୍ଚପଦସ୍ଥ ଅଧିକାରୀ ଧରାପଡ଼ିଛନ୍ତି। ଏପରିକି, ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣାରେ ସରକାରୀ ଅଧିକାରୀ ଧରାପଡ଼ିଥିବା ବେଳେ ଓପିଆରବି ଦ୍ୱାରା ପରିଚାଳିତ ହେଉଥିବା ପୁଲିସ୍ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଳେଙ୍କାରୀ ଘଟଣାରେ ଏଯାଏ କୌଣସି ସରକାରୀ ଅଧିକାରୀଙ୍କୁ ଗିରଫ କରାଯାଇନାହିଁ। ଏହି ଘଟଣାରେ ନିଯୁକ୍ତି ଆଶାୟୀଙ୍କଠାରୁ ବିପୁଳ ଅର୍ଥ କାରବାର ହୋଇଥିବାରୁ ଇଡି ପକ୍ଷରୁ ଏହି ପ୍ରସଙ୍ଗରେ ନଜର ରଖାଯିବା ପାଇଁ ଜଷ୍ଟିସ ପଶାୟତ ଗୁରୁତ୍ୱାରୋପ କରିଥିଲେ।

ସେହିଭଳି ଦୁର୍ନୀତି ନିବାରଣ ଆଇନ ମାମଲାର ଅନ୍ୟ ଦିଗ ବିଷୟରେ ଓ ବିଭିନ୍ନ ବିଭାଗ ମଧ୍ୟରେ ସମନ୍ୱୟ ରକ୍ଷା ନେଇ ନିଆଯାଇଥିବା ପଦକ୍ଷେପ ସଂକ୍ରାନ୍ତରେ ଆଲୋଚନା ହୋଇଥିଲା। ଯେଉଁ ବିଭାଗରେ ଅଧିକ ଦୁର୍ନୀତି ମାମଲା ଧରାପଡୁଛି, ସେହି ବିଭାଗ ପ୍ରତି ଅଧିକ ଧ୍ୟାନ ଦିଆଯିବାକୁ କୁହାଯାଇଛି। ଏସ୍‌ଆଇଟି ଉପାଧ୍ୟକ୍ଷ ଜଷ୍ଟିସ ପଶାୟତଙ୍କ ଅଧ୍ୟକ୍ଷତାରେ ତାଙ୍କ ତେଲେଙ୍ଗାବଜାରସ୍ଥିତ ବାସଭବନରେ ଅନୁଷ୍ଠିତ ବୈଠକରେ ଇଡି, ଭିଜିଲାନ୍ସ, କ୍ରାଇମବ୍ରାଞ୍ଚ, ଭିଜିଲାନ୍ସ ଓ ସିବିଆଇ ଅଧିକାରୀମାନେ ଉପସ୍ଥିତ ଥିଲେ। ପରବର୍ତ୍ତୀ ବୈଠକ ମୁମ୍ବଇଠାରେ ଅନୁଷ୍ଠିତ ହେବ।

### ଶଙ୍କର, ସୁରେଶଙ୍କର...

ବର୍ତ୍ତମାନ ବିଚାର ବିଭାଗୀୟ ରିମାଣ୍ଡରେ ଥିବା ଶଙ୍କର ସହ ସିଲିକନ୍-ଟେକ୍‌ର ମାଲିକ ସୁରେଶ ନାୟକଙ୍କ ମଧ୍ୟ ଉକ୍ତ ପରୀକ୍ଷା କରାଯିବ। ଏହି ପରୀକ୍ଷାର ଲକ୍ଷ୍ୟ ବୟାନ ଯାଞ୍ଚ କରିବା ଏବଂ ମାମଲାର ପ୍ରମୁଖ ଦିଗଗୁଡ଼ିକ ଉପରେ ସ୍ୱଷ୍ଟତା ସଂଗ୍ରହ କରିବା ବୋଲି କ୍ରାଇମବ୍ରାଞ୍ଚ କହିଛି। ରିମାଣ୍ଡ ଅବଧି ଶେଷ ହେବା ପର ମିଛ ଚିହ୍ନଟ ପରୀକ୍ଷା ପାଇଁ କୋର୍ଟରେ ଆବେଦନ କରାଯିବ ବୋଲି ଜଣାଯାଇଛି। ପ୍ରକାଶଥାଉକି, ଉତ୍ତରାଖଣ୍ଡର ନେପାଳ ସୀମା ନିକଟରୁ ଶଙ୍କରକୁ କ୍ରାଇମବ୍ରାଞ୍ଚ ଗିରଫ କରିଥିଲା। ଶଙ୍କର ସହ ଗିରଫ ଆଉ ଜଣେ ଅଭିଯୁକ୍ତ ଅରବିନ୍ଦର ୫ ଦିନିଆ ରିମାଣ୍ଡ ଶନିବାର ଶେଷ ହେଉଛି।

### ହାଇକୋର୍ଟରେ ସତ୍ୟପାଠ...

କରାଯାଇଛି। ପ୍ରକାଶଥାଉକି, ଗତ ଶୁଣାଣି ସମୟରେ ବ୍ରହ୍ମପୁର ଏସ୍‌ପିଙ୍କୁ ସ୍ୱଷ୍ଟୀକରଣ ମାଗିଥିଲେ ହାଇକୋର୍ଟ। ଆଜି ଏସ୍‌ପିଙ୍କ ପକ୍ଷରୁ ଏକ ଲିଖିତ ଜବାବ ଦାଖଲ କରାଯାଇଥିଲା। ଦାଖଲ ଲିଖିତ ଜବାବରେ ଏସପି ସ୍ୱୀକାର କରିଛନ୍ତି ଯେ ପୀତବାସ ପଣ୍ଡା ହତ୍ୟା ଘଟଣା ସହ ଏହି ନିର୍ବାଚନୀ ମକଦ୍ଦମାକୁ ଲିଙ୍କ୍ କରି ସେ ଗଣମାଧ୍ୟମରେ ସାର୍ବଜନୀନ ମନ୍ତବ୍ୟ ଦେଇଥିଲେ। ତେବେ ସତ୍ୟପାଠ ଜରିଆରେ ଏହାକୁ ଦେବାକୁ ଅଦାଲତ କହିଛନ୍ତି। ସତ୍ୟପାଠ ଗ୍ରହଣ କରିବା ପରେ ଏସ୍‌ପିଙ୍କ ଉପରୋକ୍ତ ଆଚରଣ ଅଦାଲତ ଅବମାନନା କି ନୁହେଁ, ତାହାର ବିଚାର କରାଯିବ ବୋଲି ହାଇକୋର୍ଟ କହିଛନ୍ତି। ଏସ୍‌ପିଙ୍କ ଭଳି ଜଣେ ବରିଷ୍ଠ ପୁଲିସ ଅଧିକାରୀ କିଭଳି ଓ କେଉଁ କାରଣ ପାଇଁ ଅଦାଲତରେ ବିଚାରାଧୀନ ଥିବା ମକଦ୍ଦମା ଫଳାଫଳ ସମ୍ପର୍କରେ ଏଭଳି ମନ୍ତବ୍ୟକୁ ସାର୍ବଜନୀନ କଲେ, ସେ ସମ୍ପର୍କରେ ଏସ୍‌ପି ସତ୍ୟପାଠ ଦେବେ।

ମାମଲାରୁ ପ୍ରକାଶ, ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣା ସହ ନିର୍ବାଚନୀ ମକଦ୍ଦମାର ସଂଯୋଗ ରହିଛି ବୋଲି ଏସ୍‌ପି ଏକ ସାମ୍ବାଦିକ ସମ୍ମିଳନୀରେ କହିଥିଲେ। ବ୍ରହ୍ମପୁର ବିଧାୟକଙ୍କ ବିରୋଧରେ ଦାୟର ଏହି ନିର୍ବାଚନୀ ମକଦ୍ଦମା ହତ୍ୟା ଅଭିଯୁକ୍ତ ଶିବଶଙ୍କର ଦାସଙ୍କ ବାସଭବନରେ କାମ କରୁଥିବା ଜଣେ ସହାୟକଙ୍କ ନାମରେ ଦାଖଲ କରାଯାଇଥିଲା। ବାସ୍ତବରେ ଏହାକୁ ଶିବଶଙ୍କର ଦାସ ନିଜେ ଦାଖଲ କରିଥିଲେ। ନିର୍ବାଚନୀ ମକଦ୍ଦମା ପାଇଁ ଆଇନଗତ ଖର୍ଚ୍ଚ ଓ ଓକିଲାତି ଫି' ବିକ୍ରମ ପଣ୍ଡା ଭରଣା କରୁଥିଲେ ବୋଲି ଏସ୍‌ପି ଗଣମାଧ୍ୟମରେ କହିଥିଲେ। ହତ୍ୟା ଘଟଣା ସହ ବିଚାରାଧୀନ ନିର୍ବାଚନୀ ମକଦ୍ଦମାକୁ ଯୋଡ଼ିବା ଅଦାଲତ ଅବମାନନା ବୋଲି ଆବେଦନକାରୀ ହାଇକୋର୍ଟଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ସେ ଦର୍ଶାଇଥିଲେ ଯେ ଗତ ୨୦୨୫ ଅକ୍ଟୋବର ୨୨ରେ ଘରକୁ ଫେରୁଥିବା ବେଳେ କିଛି ପୁଲିସ କର୍ମଚାରୀ ସାଦା ପୋଷାକରେ ରହି ତାଙ୍କୁ ବ୍ରହ୍ମପୁର ପୁଲିସ ବାରାକକୁ ଉଠାଇ ନେଇଥିଲେ। ଏପରିକି ସେଠାରେ ଅଟକ ରଖି ବିଧାୟକଙ୍କ ନାମରେ କାହିଁକି ନିର୍ବାଚନୀ ମକଦ୍ଦମା ଦାୟର କରିଛ ବୋଲି ପଚରାଉଚରା କରିଥିଲେ।

### ଇ-କେୱାଇସି ନେଇଛି...

ଅନୁଯାୟୀ ରିସା ମାଙ୍କିଡ଼ିଆଙ୍କର ଅନ୍ତ୍ୟୋଦୟ ଅନ୍ନ ଯୋଜନା (ଏଏୱାଇ) ରାସନ କାର୍ଡ ଥିଲା। ମାତ୍ର ତାଙ୍କର ଆଧାରକାର୍ଡ ହୋଇପାରି ନ ଥିଲା। ବାରମ୍ବାର ଚେଷ୍ଟା ସତ୍ତ୍ୱେ ଇ-କେୱାଇସି ସମ୍ପୂର୍ଣ୍ଣ ନହେବା କାରଣରୁ ତାଙ୍କୁ ଚାଉଳ ମିଳୁ ନ ଥିଲା। ବିନା ନୋଟିସରେ ତାଙ୍କର ଅନ୍ତ୍ୟୋଦୟ କାର୍ଡକୁ ନିଷ୍କ୍ରିୟ କରାଯାଇଥିବା ବେଳେ ସ୍ଥାନୀୟ ସରକାରୀ ଅଧିକାରୀ ମଧ୍ୟ ଏହାକୁ ଗୁରୁତ୍ୱ ଦେଇ ନ ଥିଲେ। ଓଡ଼ିଶା ରିଲିଫ କୋଡ୍‌ର ନିୟମ ଅନୁଯାୟୀ ଯଦି କୌଣସି ବ୍ୟକ୍ତିର ଅନାହାରରେ ମୃତ୍ୟୁ ହୁଏ ତେବେ ମୃତ୍ୟୁର ୪୮ ଘଣ୍ଟା ମଧ୍ୟରେ ତହସିଲଦାରସ୍ତରର କୌଣସି ସରକାରୀ ଅଫିସର ତଦନ୍ତ କରିବା ବାଧ୍ୟତାମୂଳକ। ହେଲେ ରିସା ମାଙ୍କଡିଆଙ୍କ କ୍ଷେତ୍ରରେ ଏହାକୁ ଅନୁପାଳନ କରାଯାଇ ନାହିଁ । ରିସା ମାଙ୍କିଡିଆଙ୍କ ରାସନ ବହି ଦର୍ଶାଉଛି ଯେ ସେ ଏପ୍ରିଲ୍ ୨୦୨୫ ପର୍ଯ୍ୟନ୍ତ ନିୟମିତ ଭାବରେ ୩୫ କିଲୋ ଚାଉଳ ପାଇଥିଲେ। ମେ' ଏବଂ ଜୁନ୍ ମାସ ପାଇଁ ରାସନ ବହି ପୃଷ୍ଠା ଖାଲି ଥିବାବେଳେ ଜୁଲାଇ ଏବଂ ଅଗଷ୍ଟ ୨୦୨୫ ପାଇଁ ଗୋଟିଏ ବିବାଦୀୟ ଏଣ୍ଟ୍ରି ଅଛି। ପୂର୍ବତନ ସ୍ଥାନୀୟ ୱାର୍ଡମେମ୍ବରଙ୍କ ତଥ୍ୟ ଅନୁଯାୟୀ ତାଙ୍କ ମୃତ୍ୟୁ ପରେ ବ୍ଲକ ଅଧିକାରୀମାନେ କାର୍ଡ ନେଇଛନ୍ତି। ଏହାସହିତ ମିଞ୍ଜରୀ ମାଙ୍କେଡ଼ିଆ (ରିସାଙ୍କ ବୋହୂ)ଙ୍କ ରାସନ କାର୍ଡ ମଧ୍ୟ ବର୍ତ୍ତମାନ ସ୍ଥାନୀୟ ପିଡିଏସ ଡିଲରଙ୍କ ପାଖରେ ଅଛି। ଯାହାକୁ ନେଇ ଏହି ଟିମ୍‌ର ସଦସ୍ୟମାନେ ସନ୍ଦେହ ପ୍ରକଟ କରିଛନ୍ତି। ଅନ୍ୟପଟେ ରିସା ମାଙ୍କିଡିଆଙ୍କ ଅନାହାରଜନିତ ମୃତ୍ୟୁ ଓଡ଼ିଶାରେ ଖାଦ୍ୟ ସୁରକ୍ଷା ଏବଂ ସାମାଜିକ ସୁରକ୍ଷା ବ୍ୟବସ୍ଥା କେତେ ଦୟନୀୟ ଅବସ୍ଥାରେ ଅଛି, ତାହା ଅନୁମେୟ ବୋଲି ସଂଗଠନଗୁଡ଼ିକ କହିଛନ୍ତି। ତେଣୁ ରାଜ୍ୟ ସରକାର ତୁରନ୍ତ ଏହି ଘଟଣାରେ ନିରପେକ୍ଷ ତଦନ୍ତ କରିବା ସହ ବିହିତ କାର୍ଯ୍ୟାନୁଷ୍ଠାନ ନେବାପାଇଁ ସାମ୍ବାଦିକ ସମ୍ମିଳନୀରେ ଦାବି କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ୩ ସଂଗଠନ ପକ୍ଷରୁ ଗୌରାଙ୍ଗ ମହାପାତ୍ର, ରଞ୍ଜିତ ସୁତାର, ସମୀତ ପଣ୍ଡା ଓ ସାମାଜିକ କର୍ମୀ ମଣ୍ଟୁ ଦାଶ ପ୍ରମୁଖ ଉପସ୍ଥିତ ଥିଲେ।


**AFFIDAVIT**

By virtue of an affidavit sworn before the Notary Public, Cuttack Town on Dt. 01/07/2025. I, **Eram Ahamed Saikh,** W/o- Monazir Akhtar, resident of Village-Sayedpur, Ps- Binjharpur, Dist-Jajpur. My name has been wrongly mentioned as **Eram Mushtaque Ahmed Shaikh** in my Passport bearing No-Y3931701. I declare that my self **Eram Ahmed Shaikh** and **Eram Mushtaque Ahmed Shaikh** is one and same person for all purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated-06/11/2025. I, **Santosh Kumar Majhi** (new name) formerly called as Santosh Majhi (old name), S/o Mahadeba Majhi, permanent resident of AT: Digisira, PO: Kushkela, PS: Sindhekela, Dist: Balangir (Odisha), PIN: 767066 now residing at the same place affirm that I have changed my name from **Santosh Majhi** (old name) to **Santosh Kumar Majhi** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I shall be known as **Santosh Kumar Majhi** (new name).

**Santosh Kumar Majhi**

**AFFIDAVIT**

I MOHD ABDUL HASIB ABDUL QAIYUM MOHD/MOHAMMED ABDUL HASIB S/O ABDUL QAIYUM AT: AKHUN MOHALLA, PO- PO- KRUSHNANANDAPUR, PS- TIRTOL, JAGATSINGHPUR-754135, ODISHA DECLARE BY THIS AFFIDAVIT NO- 40752, DATE- 6.11.2025, THAT NOW ONWARDS, I SHALL BE KNOWN AS **MOHAMMAD ABDUL HASIB** FOR ALL FUTURE PURPOSES.

**AFFIDAVIT**

By virtue of an affidavit sworn before the Executive Magistrate, Jajpur, dtd.03.11.2025, I, Abhiram Khandai, S/o Giridhari Khandai, At–Kalaspur, Po–Hasinpur, PS–Jajpur Sadar, Dist–Jajpur, Odisha–755017, do hereby declare that I have changed my name from Abhiram Panda to Abhiram Khandai, Date of Birth: 01/07/1963, for all purposes. Henceforth, I shall be known as Abhiram Khandai.

Sd/- Abhiram Khandai

**AFFIDAVIT**

By virtue of an affidavit sworn before Executive Magistrate, Bhograi, dated: 19/07/2025, I, Malati Jena, Resident of At-Mandarsahi, Po- Sukhasandha Patna, Via- Dehurda, Block-Bhograi, Dist- Balasore, Pin-756036, Odisha declare that I have changed my son name from Pabitra Jen to Ashutosh Jena. Henceforth, he shall be known as **Ashutosh Jena** for all purposes.

**AFFIDAVIT**

By virtue of an affidavit sworn before the Executive Magistrate, Bhograi, dated 06/11/2025 I, Kalpana Mohapatra, W/o. Padmalochan Mohapatra, At. Ghantilodi, Po. Kumarjalina, Ps. Bhograi, Dist. Balasore, Pin-756036, Odisha declare that I have changed the name of my son from Dibyandhu Mohapatra to Dibyanshu Mohapatra. Henceforth, he will be known as **Dibyanshu Mohapatra** for all purposes.

**AFFIDAVIT**

By virtue of an affidavit sworn before the Executive Magistrate, Bhograi, dated 04/11/2025 I, Dhananjay Das, S/o. Narayan Prasad Das, At. Deula, Po. Deulahat, Ps. Bhograi, Dist. Balasore, Pin- 756036, Odisha renounce, relinquish and abandon the use of my minor son's former name Manoranjan Das (old name) instead of Madhujit Das (New name). Henceforth, he will be known as **Madhujit Das** for all purposes.

**AFFIDAVIT**

I, Priyadarsini Swain, aged about 41 years, W/o- Subhransu Behura, resident of At- Tinigharia, Nayabazar, Ps- Madhupatna, Cuttack, Dist- Cuttack, Pin-753004, Odisha declare by this affidavit No. 2274, dtd- 07/11/2025, that now onwards I shall be known as **PRIYADARSHINI SWAIN** for all future purposes.

**AFFIDAVIT**

I, Rashmi Rekha Pradhan, aged about 46 years, W/o- Santosh Kumar Pradhan, Resident of Flat No.: 401, Specific Royal Palace, PO:Sailashreevihar, Bhubaneswar, Dist.: Khorda, Odisha, PIN-751021 declared by this Affidavit No.1369, Dated: 07.11.2025. that now onwards I shall be known as **RASHMI REKHA GARNAIK** or all future Purposes.

**AFFIDAVIT**

By virtue of an Affidavit sworn before the Executive Magistrate Sohela dated 07/11/2025 I Babita Sahoo D/O- Chakradhar Sahu resident of village/Ward Mahabir Pada PO/PS.: Bhawanipatna Dist.: Kalahandi declare that I have changed my name from **Babita Kumari Sahoo** to **Babita Sahoo**. Henceforth I shall be known as **Babita Sahoo** for all purposes.

**AFFIDAVIT**

I, Monali Nayak, aged about 39 years, W/o- Partha Pratim Nayak resident of At- Plot No- 167/5, Gajapati Nagar, Durga Mandap Lane, Press Chhak, Po- Sainik School, Bhubaneswar, Pin-751005, Odisha declare by this affidavit No.108, dtd-19/07/2025, that now onwards I shall be known as **MONALI MALLICK** for all future purposes.

**AFFIDAVIT**

I RANJIT KUMAR JENA/ RANJIT JENA, S/O.: LATE BISWANATH JENA, PLOT NO.: 4249/9268, PANDAV NAGAR, TANKAPANI ROAD, P.S.: BADAGADA, BHUBANESWAR-751018, ODISHA DECLARE BY THIS AFFIDAVIT NO.: 40750 DATE- 6.11.2025, THAT NOW ONWARDS, I SHALL BE KNOWN AS **RANJEET KUMAR JENA** FOR ALL FUTURE PURPOSES.

**AFFIDAVIT**

I TASNIM ARA ABDUL HASIB MOHD W/O MOHAMMAD ABDUL HASIB AT- AKHUN MOHALLA, PO- PO- KRUSHNANANDAPUR, PS- TIRTOL, JAGATSINGHPUR- 754135, ODISHA DECLARE BY THIS AFFIDAVIT NO- 40749, DATE- 6.11.2025, THAT NOW ONWARDS, I SHALL BE KNOWN AS **TASNIM ARA** FOR ALL FUTURE PURPOSES.

**AFFIDAVIT**

By virtue of an affidavit sworn before the Excutive Magistrate and Tahsildar Sohela, on the 30th of October, 2025, I, **Keshaba Sahu,** S/o Suryabali Sahu, resident of Village: Mangalpali, PO: Rengali, PS: Sohela, Dist: Bargarh, PIN-768033, Odisha, declare that I have changed the name of my minor son from **Mukshyajit Sahu** (old name) to **Meyar Sahu** (new name). Henceforth, he shall be known as **Meyar Sahu** for all purposes.

**Keshaba Sahu**



**ପୂର୍ବ ତଟ ରେଳପଥ**

**ଓଭରହେଡ୍ ଟ୍ରାକ୍ସନ ତାରରେ ବିଦ୍ୟୁତ ପ୍ରବାହ ସମ୍ବନ୍ଧୀୟ ସାର୍ବଜନୀକ ଅଧିସୂଚନା** ପ୍ରୋଫର୍ମା-10.01

ପୂର୍ବ ତଟ ରେଳପଥର ନିମ୍ନ ବର୍ଣ୍ଣିତ ସେକ୍ସନର ସମ୍ପୂର୍ଣ୍ଣ ହୋଇଥିବା ସେକ୍ସନରେ ଅବସ୍ଥିତ ରେଳବାଇ ଲାଇନ୍ ଏବଂ ପରିସରକୁ ବ୍ୟବହାର କରୁଥିବା ସମସ୍ତ ବ୍ୟକ୍ତିବିଶେଷଙ୍କୁ ଏତଦ୍ୱାରା ଅବଗତ କରାଇ ଦିଆଯାଉଅଛି ଯେ, ନିର୍ଦ୍ଦିଷ୍ଟ ସେକ୍ସନ ନିମନ୍ତେ ନିର୍ଦ୍ଧାରିତ ତାରିଖରେ କିମ୍ବା ଏହା ପରେ 25,000 ଭୋଲ୍ଟ, 50 Hz, AC ଓଭରହେଡ୍ ଟ୍ରାକ୍ସନ ତାରରେ ବିଦ୍ୟୁତ ପ୍ରବାହ କରାଯିବ। ସେହି ତାରିଖ ଦିନ କିମ୍ବା ତା'ପର ଠାରୁ ଓଭରହେଡ ଟ୍ରାକ୍ସନ ଲାଇନ୍‌ରେ ସବୁ ସମୟ ପାଇଁ ବିଦ୍ୟୁତ ପ୍ରବାହିତ ହେବ । ଏଥିପାଇଁ ଯେକୌଣସି ଅନଧିକୃତ ବ୍ୟକ୍ତି ଉକ୍ତ ଓଭର ହେଡ୍ ଲାଇନ୍ ନିକଟକୁ ଯିବେ ନାହିଁ କିମ୍ବା ତାହାର ଆଖପାଖରେ କୌଣସି କାର୍ଯ୍ୟ କରିପାରିବେ ନାହିଁ।

| ସେକ୍ସନ | ମଣ୍ଡଳ | ବିଦ୍ୟୁତ୍ ପ୍ରବାହ ତାରିଖ |
|---|---|---|
| ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ଼ ମଣ୍ଡଳରେ ତାଳଚେର ରୋଡ଼ ୟାର୍ଡ - ତାଳଚେର ୟାର୍ଡ ଚତୁର୍ଥ ଲାଇନ ଯେଉଁଥିରେ ତାଳଚେର ୟାର୍ଡ (ଓଏଚ୍‌ଇ କି.ମି. 168/14N, ସିଏଚ୍: 168/615.00 (ତାଳଚେର ରୋଡ଼ ୟାର୍ଡ) ଠାରୁ କି.ମି. ତାଳଚେର/1168N, ସିଏଚ୍- (ତାଳଚେର ୟାର୍ଡ) ଅନ୍ତର୍ଭୁକ୍ତ ଅଟେ। | ଖୋର୍ଦ୍ଧା ରୋଡ଼ | 17.11.2025 |

**AC 25 KV ଟ୍ରାକ୍ସନର ପ୍ରଚଳନ "ସଡ଼କ ବ୍ୟବହାରକାରୀମାନଙ୍କ ପାଇଁ ସତର୍କତା"** ପ୍ରୋଫର୍ମା-10.02

ଏତଦ୍ୱାରା ଜନସାଧାରଣଙ୍କ ଅବଗତି ନିମନ୍ତେ ସୂଚାଇ ଦିଆଯାଉଅଛି ଯେ "ପୂର୍ବ ତଟ ରେଳପଥର ଖୋର୍ଦ୍ଧା ରୋଡ଼ ମଣ୍ଡଳର ତାଳଚେର ରୋଡ଼ ୟାର୍ଡ ଚତୁର୍ଥ ଲାଇନ, ତାଳଚେର ୟାର୍ଡ (ସମସ୍ତ ନୂଆ ଲାଇନ, ସିକ୍ ସାଇଡିଂ, ଏଆରଟୀ ସାଇଡିଂ, ଟି-ଆଉଟ୍ / ଏକ୍ସ-ଓଭର ଲାଇନ) ସେକ୍ସନ୍ ଉପରେ 25,000 ଭୋଲ୍ଟ ଏସି ଇଲେକ୍ଟ୍ରିକ୍ ଟ୍ରାକ୍ସନ୍‌ର ଶୁଭାରମ୍ଭ"ସମ୍ବନ୍ଧୀୟ ସମସ୍ତ ଲେଭେଲ କ୍ରସିଂଗୁଡିକ ଠାରେ କୌଣସି ବୋଝେଇ ଯାନ ଜୀବନ୍ତ ଟ୍ରାକ୍ସନ ତାର (କଣ୍ଟାକ୍ଟ ତାର) ସଂସ୍ପର୍ଶରେ ନ ଆସିବା କିମ୍ବା ଏହାର ନିକଟବର୍ତ୍ତୀ ବିପଦାଞ୍ଚଳକୁ ପ୍ରବେଶ ନିଷିଦ୍ଧ ନିମନ୍ତେ ସଡ଼କ ସ୍ତର ଠାରୁ 4.78m ଉଚ୍ଚତା ହାଇଟ୍ ଗେଜ୍ ସ୍ଥାପନ କରାଯାଇଛି, ଯାହାର ଉଚ୍ଚତା ଲେଭେଲ କ୍ରସିଙ୍ଗ୍‌ଗୁଡ଼ିକ ଠାରେ ରେଲ ଲେଭେଲ ଠାରୁ ସର୍ବନିମ୍ନ 5.5m ହେବ।

ତେଣୁ ସର୍ବସାଧାରଣଙ୍କୁ ଏତଦ୍‌ଦ୍ୱାରା ସୂଚାଇ ଦିଆଯାଉଅଛି ଯେ, ସଡ଼କ ଗାଡ଼ିରେ ମାଲ ବୋଝେଇ କରିବା ସମୟରେ ଉପର ଲିଖିତ ଉଚ୍ଚତାକୁ ଧ୍ୟାନରେ ରଖି ମାଲ ବୋଝେଇ କରିବେ ଏବଂ ଏହା ଯେପରି କୌଣସି ପରିସ୍ଥିତିରେ ହାଇଟ୍ ଗେଜ୍ ସୀମା ଉଲ୍ଲଘଂନ ନ କରେ, ସେଥିପ୍ରତି ଦୃଷ୍ଟି ଦେବେ।

ଅଧିକ ଉଚ୍ଚତାରେ ମାଲ୍ ବୋଝେଇ କରିବା ଦ୍ୱାରା ନିମ୍ନଲିଖିତ ବିପଦ ରହିଛି :

1) ହାଇଟ୍ ଗଜ୍ ପ୍ରତି ବିପଦ ଏବଂ ପରିଣାମ ସ୍ୱରୂପ ରେଳ ଲାଇନ୍ ଓ ରାସ୍ତା ଅବରୋଧ ।
2) ପରିବହନ ହେଉଥିବା ମାଲ କିମ୍ବା ଯନ୍ତ୍ରାଂଶ କିମ୍ବା ସେହି ଯାନ ପ୍ରତି ବିପଦ ।
3) ବିଦ୍ୟୁତ ପରିବାହୀ ସଂସ୍ପର୍ଶରେ ଆସିବା ଫଳରେ ବିପଦର ନିକଟବର୍ତ୍ତୀ ହେବା ସହ ଅଗ୍ନି ଭୟ ସହିତ ଜୀବନ ହାନୀର ଆଶଙ୍କା।

PR-157/CI/25-26 ମୁଖ୍ୟ ବିଦ୍ୟୁତ୍ ଯନ୍ତ୍ରୀ (ନିର୍ମାଣ-II), ପୂର୍ବ ତଟ ରେଳପଥ / ଭୁବନେଶ୍ୱର



A-859

**ଓଡ଼ିଶା ସରକାର**
**ଅଧିକ୍ଷଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ**
**ଆଖୁଆପଦା ଜଳସେଚନ ବିଭାଗନ**
Email: akp.irrigationdivision@gmail.com

**'e'-Procurement Notice No. 12/2028-26**

| | | |
|---|---|---|
| 1 | କାର୍ଯ୍ୟ ର ନାମ | : ମରାମତି କାର୍ଯ୍ୟ |
| 2 | ମୋଟ କାର୍ଯ୍ୟ ସଂଖ୍ୟା | : ୧୩ ଗୋଟି କାର୍ଯ୍ୟ |
| 3 | ଅଟକଳ ମୂଲ୍ୟ | : ୪୭.୦୪ ଲକ୍ଷ ରୁ ୮୩.୯୦ ଲକ୍ଷ |
| 4 | ଇ.ଏମ.ଡି (Bid security) ଓ ବିଡ ମୂଲ୍ୟର ଦେୟ ପ୍ରଣାଳୀ | : The bidder shall transfer the required amount of EMD (Bid Security) and cost of Bid by Online through electronic payment as per Govt. of Odisha WDOM No.17254/WE Daled 05.12.2017 as Mentioned in DTCN. |
| 5 | କାର୍ଯ୍ୟ ସମାପ୍ତି ସମୟ | : ୬ ମାସ । |
| 6 | ନିମ୍ନ ଲିଖିତ ଭାବରେ ଅନ୍ୟାନ୍ୟ ବିବରଣୀ : | |
| | I. Procurement Officer | : ଅଧିକ୍ଷଣ ଯନ୍ତ୍ରୀ,ଆଖୁଆପଦା ଜଳସେଚନ ବିଭାଜନ, ଆଖୁଆପଦା |
| | II.ଅନଲାଇନ Biddingର ସମୟସୀମା | :ତା ୦୭.୧୧.୨୦୨୫ ଦିବା ୧୦ ଘଟିକା ରୁ ତା ୨୧.୧୧.୨୦୨୫ ସନ୍ଧ୍ୟା ୫ ଘଟିକା ପର୍ଯ୍ୟନ୍ତ। |
| | III. Technical ଏବଂFinancial bid ଖୋଲାଯିବାର ତାରିଖ ଓ ସମୟ। | :ଅଧିକ୍ଷଣ ଯନ୍ତ୍ରୀ, ଆଖୁଆପଦା ଜଳସେଚନ ବିଭାଜନ ଙ୍କ କାର୍ଯ୍ୟାଳୟ ରେ ତା ୨୪.୧୧.୨୦୨୫ ଦିବା ୧୧.୩୦। |
| | IV. Transparent Lottery ର ତାରିଖ ଓ ସମୟ | : ଅଧିକ୍ଷଣ ଯନ୍ତ୍ରୀ, ଆଖୁଆପଦା ଜଳସେଚନ ବିଭାଜନଙ୍କ କାର୍ଯ୍ୟାଳୟ ରେ ତା ୦୫.୧୨.୨୦୨୫ ଦିବା ୧୧.୦୦ ଘଟିକା ସମୟରେ। |

ଅନଲାଇନ ତଥ୍ୟ ଏହି ୱେବସାଇଟ ର ପ୍ରଦାନ କରାଯାଇଅଛି। www.tendersorissa.gov.in.

ଅଧିକ୍ଷଣ ଯନ୍ତ୍ରୀ
ଆଖୁଆପଦା ଜଳସେଚନ ବିଭାଜନ, ଆଖୁଆପଦା

OIPR-

### ଜିଲ୍ଲାସ୍ତରୀୟ ମାଣ୍ଡିଆ ଦିବସ

# ଚାଷ ନ ଥାଇ ଦିବସ ପାଳନ କାହା ସ୍ୱାର୍ଥରେ

ନୟାଗଡ଼,୭।୧୧(ସମିସ)

ଜିଲ୍ଲା କୃଷି ବିଭାଗ ଶନିବାର ମାଣ୍ଡିଆ ଦିବସ ପାଳନ କରୁଛି। ସରକାରୀ ଅର୍ଥକୁ ଶ୍ରାଦ୍ଧ ଦେଇ ୫ଟି ଏନ୍‌ଜିଓକୁ ପୋଷା ଯାଉଥିବା ବେଳେ ବାସ୍ତବରେ ଜିଲ୍ଲାରେ କେତେ ପରିମାଣର ମାଣ୍ଡିଆ ଚାଷ ହେଉଛି, ତାହା ଭଗବାନ ଜାଣନ୍ତି। ଏନ୍‌ଜିଓ ଗୁଡ଼ିକ କାଗଜପତ୍ରରେ ମାଣ୍ଡିଆ ଚାଷ କରୁଥିବା ବେଳେ ବାସ୍ତବତା ବହୁ ଦୂର ବୋଲି ବାରମ୍ବାର ଅଭିଯୋଗ ହେଉଛି। ଅଭିଯୋଗକୁ ଚାପି ଦେଇ ଏନ୍‌ଜିଓଙ୍କୁ ସୁରକ୍ଷା ଦିଆଯାଉଥିବା ଅଭିଯୋଗ ହେଉଛି। ଗତବର୍ଷ କରାଯାଇଥିବା କେଲେଙ୍କାରୀ ଘଟଣା ରହସ୍ୟ ସକାଳ ସାମ୍ନାକୁ ଆଣିଥିବା ବେଳେ ରାଜ୍ୟ ସରକାର ଏହାର ତଦନ୍ତ କରାଇଥିଲେ। ତଥାପି ଜିଲ୍ଲା କୃଷି ବିଭାଗ ଏଥିପ୍ରତି ଆଦୌ ଦୃଷ୍ଟି ନ ଦେଇ ଚଳିତ ବର୍ଷ ପୁଣି ସମାନ ଏନ୍‌ଜିଓକୁ କାର୍ଯ୍ୟ କରିବାକୁ ଅନୁମତି ପ୍ରଦାନ କରିଛି। ମାଣ୍ଡିଆ ଚାଷ କରୁଥିବା ଚାଷୀଙ୍କୁ ସରକାରଙ୍କ ପକ୍ଷରୁ ଶ୍ରୀପ୍ରଣାଳୀରେ ଚାଷ କଲେ ହେକ୍ଟର ପିଛା ପ୍ରଥମ ବର୍ଷ ୧୦ ହଜାର ଟଙ୍କା ସହାୟତା ମିଳୁଛି। ପରବର୍ଷଠାରୁ ଏହି ଚାଷୀଙ୍କୁ ୭ ହଜାର ୫ ଶହ ଟଙ୍କା ପ୍ରଦାନ କରାଯାଉଛି। ଧାଡ଼ି ଅନୁସାରେ ମାଣ୍ଡିଆ ରୋପଣ କଲେ ଚାଷୀଙ୍କୁ ପ୍ରଥମ ବର୍ଷ ହେକ୍ଟର ପିଛା ୭ ହଜାର ୫ ଶହ ଟଙ୍କା ଏବଂ ପରବର୍ଷଠାରୁ ୫ ହଜାର ଟଙ୍କା ସହାୟତା ମିଳୁଛି। ମାଣ୍ଡିଆ ବିକ୍ରି କରିବା ପାଇଁ ସରକାରଙ୍କ ପକ୍ଷରୁ ମଣ୍ଡି ବ୍ୟବସ୍ଥା କରାଯାଇଛି। ନୟାଗଡ଼ ଜିଲ୍ଲାର ୫ଟି ବ୍ଲକରେ ଶ୍ରୀଅନ୍ନ ଅଭିଯାନ କାର୍ଯ୍ୟକାରୀ ହେଉଥିବା ବେଳେ ଦାୟିତ୍ୱ ନେଇଥିବା ଠିକାସଂସ୍ଥା ଗୁଡ଼ିକ କାଗଜପତ୍ର କରି ନକଲି ଚାଷୀ ପ୍ରସ୍ତୁତ କରି ପୁଣି କେଲେଙ୍କାରୀ କରିବାକୁ ଅଣ୍ଟା ଭିଡ଼ିଥିବା ଦେଖାଯାଇଛି। ନୟାଗଡ଼ ଜିଲ୍ଲା ଭାପୁର ବ୍ଲକରେ ନିଗମ ନାମକ ସଂସ୍ଥାକୁ ଦାୟିତ୍ୱ ଦିଆଯାଇଥିବା ବେଳେ ଉକ୍ତ ବ୍ଲକରେ ଚଳିତ ଖରିଫ୍ ଋତୁରେ ୯ ଶହ ଚାଷୀଙ୍କୁ ସାମିଲ କରି ୩ ଶହ ହେକ୍ଟର ମାଣ୍ଡିଆ ଚାଷ କରାଇବାକୁ ଲକ୍ଷ ଧାର୍ଯ୍ୟ କରାଯାଇଥିଲା। ସେହିଭଳି ଭାବେ ନୂଆଗାଁ ବ୍ଲକରେ ହାମସ୍ ନାମକ ସଂସ୍ଥାକୁ ଦାୟିତ୍ୱ ଦିଆଯାଇଥିବା ବେଳେ ୬ ଶହ ହେକ୍ଟର ଚାଷ ଜମିରେ ୧୨୭୫ ଚାଷୀଙ୍କୁ ସାମିଲ କରିବାକୁ ଟାର୍ଗେଟ ଦିଆଯାଇଥିଲା। ଓଡ଼ଗାଁ ବ୍ଲକରେ ଇ-ଇକୋ ସଲ୍ୟୁସନ୍ ପ୍ରାଇଭେଟ ଲିମିଟେଡ୍ ନାମକ ସଂସ୍ଥା ଦାୟିତ୍ୱ ନେଇଥିବା ବେଳେ ଚଳିତ ଖରିଫ୍ ଋତୁରେ ୬ ହେକ୍ଟର ଜମିରେ ୧୫୬୦ ଜଣ ଚାଷୀଙ୍କୁ ସାମିଲ କରିବାକୁ ଟାର୍ଗେଟ ରହିଥିବା ଜଣାପଡ଼ିଛି। ଗଣିଆ ବ୍ଲକରେ ଜିୟୁସି ନାମକ ସଂସ୍ଥାକୁ ଦାୟିତ୍ୱ ଦିଆଯାଇଥିବା ୧୨ ଶହ ଚାଷୀଙ୍କୁ ସାମିଲ କରି ୬ ଶହ ହେକ୍ଟର ଚାଷ କରିବାକୁ ଟାର୍ଗେଟ ରହିଛି। ଦଶପଲ୍ଲା ବ୍ଲକରେ ନିର୍ମାଣ ଏନ୍‌ଜିଓକୁ ଦାୟିତ୍ୱ ଦିଆଯାଇଥିବା ବେଳେ ୧୭୯୯ ଜଣ ଚାଷୀଙ୍କୁ ନେଇ ୬ ଶହ ହେକ୍ଟର ଜମିରେ ଚାଷ କରିବାକୁ ଲକ୍ଷ ରଖାଯାଇଛି। ଗତବର୍ଷ ଭଳି କାଗଜପତ୍ରରେ ଚାଷୀଙ୍କ ନାଁ ଯୋଡ଼ି ସରକାରଙ୍କ ଅର୍ଥକୁ ବାଟମାରଣା କରିବା କାର୍ଯ୍ୟରେ ଲାଗି ପଡ଼ିଛନ୍ତି। ଏନେଇ ଗତ ଦିଶା ବୈଠକରେ ଜିଲ୍ଲା ପରିଷଦ ଅଧ୍ୟକ୍ଷ ଇଂ.ଦେବାଶିଷ ପଟ୍ଟନାୟକ ପ୍ରଶ୍ନ ଉଠାଇଥିଲେ। ମାଣ୍ଡିଆ ଚାଷ ହେଉନଥିବାରୁ ସେ କ୍ଷୋଭ ପ୍ରକାଶ କରିବା ସହ ଏହାର ତଦନ୍ତ କରିବାକୁ ପ୍ରସ୍ତାବ ରଖିଥିଲେ। ଆଗାମୀ ଦିନରେ ଜିଲ୍ଲା ପରିଷଦ ଷ୍ଟାଣ୍ଡିଂ କମିଟି ମାଣ୍ଡିଆ ଚାଷ ଘଟଣାର ତଦନ୍ତ କରିବ ବୋଲି ସୂଚନା ମିଳିଛି। ଏଠାରେ ପ୍ରକାଶ ଯୋଗ୍ୟ, ଏନଜିଓ ଗୁଡ଼ିକରେ କାର୍ଯ୍ୟରତ କର୍ମଚାରୀମାନେ ଚାଷୀଙ୍କୁ ଧରି ସରକାରୀ ସବସିଡ୍ ହଡ଼ପ କରୁଥିବା ବେଳେ ମାଣ୍ଡିଆ ଚାଷ ଜିଲ୍ଲାରେ ନଗନ୍ୟ ବୋଲି ଜଣାପଡ଼ିଛି। କୃଷି ବିଭାଗର କିଛି କର୍ମଚାରୀ, ଜିଲ୍ଲା ପ୍ରକଳ୍ପ ସଂଯୋଜିକା ଏବଂ ଏନଜିଓ ବ୍ଲକ କୋଡ଼ିନେଟରଙ୍କ ମଧ୍ୟରେ ଭିତିରିଆ କାରବାର ମାଣ୍ଡିଆ ଚାଷକୁ ବିଲୁପ୍ତ କରିବାରେ ସଫଳ ହେବ ବୋଲି ଆଲୋଚନା ହେଉଛି। ଜିଲ୍ଲାରେ ଟାର୍ଗେଟ ପୁରଣ କରିବାକୁ ବାହାର ଜିଲ୍ଲାରୁ ମାଣ୍ଡିଆ କିଣି ମଣ୍ଡି ପରିଚାଳନା କରାଯାଉଥିବା ବିଗତ ଦିନରେ ଦେଖାଯାଇଛି। ସେହି ପନ୍ଥା ଆପଣାଇବା ପାଇଁ ଚଳିତ ବର୍ଷ ମଧ୍ୟ ଯୋଜନା ରହିଥିବା ଅନୁମାନ କରାଯାଉଛି। ଜିଲ୍ଲାର ୫ଟି ବ୍ଲକରେ ୬୭୭୪ ଚାଷୀ ଚଳିତ ବର୍ଷ ମାଣ୍ଡିଆ ଚାଷ କରିବାକୁ ଟାର୍ଗେଟ ରଖାଯାଇଥିବା ଏହି ତାଲିକା ପ୍ରଦାନ କରିବାକୁ କୃଷି ବିଭାଗ କୁଣ୍ଠୁକୁଣ୍ଠୁ ହେଉଛି। ନୟାଗଡ଼ ଜିଲ୍ଲାର ଭାପୁର ବ୍ଲକ ଓ ଓଡ଼ଗାଁ ବ୍ଲକରେ ସବୁଠାରୁ ଅଧିକ କେଲେଙ୍କାରୀ ହେଉଥିବା ଚାଷୀମାନେ ଅଭିଯୋଗ କରିଛନ୍ତି। ଜିଲ୍ଲାରେ ଚାଷ ନଥାଇ ମାଣ୍ଡିଆ ଦିବସ ପାଳନ କାହା ସ୍ୱାର୍ଥରେ ବୋଲି ପ୍ରଶ୍ନ ଉଠିଛି।

## କୁକୁର କାମୁଡ଼ାରେ ୨୫ରୁ ଊର୍ଦ୍ଧ୍ୱ ଆହତ

ଓଡ଼ଗାଁ,୭।୧୧(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଓ ଏନ୍ଏସି ଅଞ୍ଚଳରେ ଗୋଟିଏ ଦିନରେ କୁକୁର କାମୁଡ଼ାରେ ୨୫ଜଣରୁ ଊର୍ଦ୍ଧ୍ୱ ଆହତ ହୋଇଥିବା ଜଣାଯାଇଛି। ୫ ତାରିଖ ବୁଧବାର କାର୍ତ୍ତିକ ପୂର୍ଣ୍ଣିମା ପାଇଁ ଅଞ୍ଚଳରେ ଭିଡ଼ ଲାଗି ରହିଥିବା ବେଳେ ଓଡ଼ଗାଁର ସଚିଦାନନ୍ଦ ସରାବ(୪୭), ମିତ୍ର ବିନ୍ଧୁ ରାଉତରାୟ(୧୩), ଅଙ୍କିତ ବାଡତିଆ (୦୫), ଶୁଭମ୍ ସାହୁ(୧୯), ରଙ୍ଗଣୀପାଟଣାର ପୂର୍ଣ୍ଣଚନ୍ଦ୍ର ପରମାଣିକ, ଗୋଡ଼ିପଲ୍ଲୀର ବରୁଣ ଦାସ(୪୮) ଭଳି ୨୫ରୁ ଊର୍ଦ୍ଧ୍ୱ କୁକୁର କାମୁଡ଼ାର ଶିକାର ହୋଇଥିଲେ।



ଓଡ଼ଗାଁ ସହରରେ କୁକୁରଙ୍କ ସଂଖ୍ୟା ଦ୍ରୁତ ବୃଦ୍ଧି ପାଉଥିବା ଯୋଗୁଁ ମୁଖ୍ୟ ବଜାର ସହିତ ସାହି ଓ ଗଳିରେ କୁକୁର ପଲ୍ଲଙ୍କ ଆକ୍ରମଣାତ୍ମକ ଭଙ୍ଗୀକୁ ଦେଖି ଲୋକ କିମ୍ବା ଶିଶୁମାନେ ଦୌଡ଼ି ଯାଉଥିବା ବେଳେ କେତେକ କୁକୁର ଝାମ୍ପିପଡି ଆକ୍ରମଣ କରୁଥିବା ସମୟରେ ସେଠାରୁ ଖସି ଯିବା ମୁସ୍କିଲ ହୋଇପଡୁଛି। ଅନ୍ୟପକ୍ଷରେ ଗୋଟିଏ ପାଗଳା କୁକୁର ଦିନକରେ ଏକାଧିକ ଲୋକଙ୍କୁ କାମୁଡ଼ି ଥିବାରୁ ସେମାନେ ଓଡ଼ଗାଁ ଡାକ୍ତରଖାନାକୁ ଆସି ଚିକିତ୍ସିତ ହେବା ସହିତ ଇଂଜେକସନ ନେଉଛନ୍ତି। ଗାଁ ମାନଙ୍କରେ ମଧ୍ୟ ଅନୁରୂପ ଭାବେ ଏପରି ଘଟଣା ଘଟୁଛି। ଓଡ଼ଗାଁ ଏନ୍ଏସି ଓ ବ୍ଲକ ପ୍ରଶାସନ ଜନସାଧାରଣଙ୍କୁ ସତର୍କ ରହିବା ପାଇଁ ସୂଚନା ଦେବା ସହିତ ସମସ୍ତ ଆହତମାନେ ଡାକ୍ତରଖାନାରେ ପହଞ୍ଚି ଉପଯୁକ୍ତ ଚିକିତ୍ସା ସୁବିଧା ନେବାର ବ୍ୟବସ୍ଥା କରିବାର ଆବଶ୍ୟକତା ରହିଛି।

## ଢୋଲାଚଣ୍ଡି କ୍ରିକେଟ: ଫାଇନାଲରେ ଏଲପଡ଼ା



ଭାପୁର,୭।୧୧(ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ବଡସହରା ଗ୍ରାମରେ ଚାଲିଥିବା ଢୋଲାଚଣ୍ଡି କ୍ରିକେଟ ଟୁର୍ଣ୍ଣାମେଣ୍ଟ ପ୍ରଥମ ସେମିଫାଇନାଲରେ ଟିକିରିପଡା କ୍ରିକେଟ କ୍ଲବ ଓ ବାପୁଜୀ କ୍ଲବ ଏଲପଡା ପରସ୍ପରକୁ ଭେଟିଥିଲେ। ଟିକିରିପଡା ଦଳ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରି ୧୯.୪ ଓଭରରେ ସମସ୍ତ ୱିକେଟ ହରାଇ ୧୧୩ ରନ କରିଥିଲା। ଜବାବରେ ଏଲପଡ଼ା ଦଳ ୧୭.୧ ଓଭରରେ ୪ ୱିକେଟ ହରାଇ ୬ ୱିକେଟରେ ବିଜୟ ହାସଲ କରିଥିଲା। ବିଜୟୀ ଦଳର ହିମାଂଶୁ ଶେଖର ଖୁଣ୍ଟିଆ ୪ ଓଭର ବୋଲିଂ କରି ୨୭ ରନ ଦେଇ ୫ ୱିକେଟ ଅକ୍ତିଆର କରି ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଆଜିର ମ୍ୟାଚରେ ଅତିଥି ଭାବେ ସମାଜସେବୀ ରାଜକିଶୋର ମହାରଣା, ଶରତ ରଣା, ବଡ଼ସହରା ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବିଜୟ କୁମାର ମଲ୍ଲିକ ଯୋଗଦେଇଥିଲେ। ଆଜିର ମ୍ୟାଚକୁ ପରିଚାଳନା କରିଥିଲେ ସୁଶାନ୍ତ ଦଳବେହେରା ଓ ସରୋଜ ଦାସ୍। ଧାରା ବିବରଣୀ ପ୍ରଦାନ କରିଥିଲେ ବିଶ୍ୱନାଥ ମହାରଣା ଓ ଅଗସ୍ତି ଦାଶ। ସ୍କୋରର ଭାବେ ସତ୍ୟବ୍ରତ ମହାରଣା ଓ ସାଗର ପରିଡ଼ା କାର୍ଯ୍ୟ ସମ୍ପାଦନ କରିଥିଲେ। ଆସନ୍ତାକାଲି ଦ୍ୱିତୀୟ ସେମି ଫାଇନାଲରେ ଆୟୋଜକ ବଡସହରା କ୍ରିକେଟ କ୍ଲବ ଓ ବଘେଇ କ୍ରିକେଟ କ୍ଲବ୍ ମଧ୍ୟରେ ହେବ।

## ୧୨ ଜଣ ପାଇଲେ ରାଜ୍ୟ ସ୍ତରୀୟ ମେଧାବୃତ୍ତି

ଶରଣକୁଳ,୭।୧୧(ସମିସ): ଓଡ଼ିଶା ଶିକ୍ଷା ପରିଷଦ ପକ୍ଷରୁ ଚଳିତ ୨୦୨୫ ଶିକ୍ଷା ବର୍ଷର ତୃତୀୟ, ପଞ୍ଚମ ଓ ସପ୍ତମ ଶ୍ରେଣୀ ରାଜ୍ୟ ସ୍ତରୀୟ ମେଧାବୃତ୍ତି ଫଳାଫଳ ପ୍ରକାଶ ପାଇଥିବା ବେଳେ ଏଥିରେ କେଏସ୍‌ବି ପବ୍ଲିକ ସ୍କୁଲ ଛାତ୍ରଛାତ୍ରୀ ବାଜିମାତ କରିଛନ୍ତି। ଏହି ସ୍କୁଲର ତୃତୀୟ, ପଞ୍ଚମ ଓ ସପ୍ତମ ଶ୍ରେଣୀର ୧୨ ଜଣ ଛାତ୍ରଛାତ୍ରୀ ବୃତ୍ତି ହାସଲ କରିବା ସହିତ ତୃତୀୟ ଶ୍ରେଣୀ ଛାତ୍ର ମହାବୀର ମହିମା ମୁଦୁଲି ରାଜ୍ୟରେ ପ୍ରଥମ ସ୍ଥାନ ଅଧିକାର କରି ବିଦ୍ୟାଳୟ ପାଇଁ ଗୌରବ ଆଣିଛନ୍ତି। ତୃତୀୟ ଶ୍ରେଣୀରେ ମହାବୀର ମହିମା ମୁଦୁଲିଙ୍କ ସହିତ ସାଇ ସମ୍ବିତ, ଆୟୁଷ ସ୍ୱଙ୍ଗଜିତ ସ୍ୱାଇଁ, ପ୍ରିନସେସ ସାହୁ, ପଞ୍ଚମ ଶ୍ରେଣୀରେ ଯଶସ୍ୱିନୀ ଦାଶ, ଅଜିତ ଦାଶ, ଆଲୋକ କୁମାର ଦୋରା, ସ୍ୱୟମ ଓଁକାର ପ୍ରସାଦ ପ୍ରଧାନ ଓ ସପ୍ତମ ଶ୍ରେଣୀରେ ଆଦ୍ୟାଶ୍ମିତା ମଣ୍ଡଳ, ଶିବ ଶକ୍ତି ସାହୁ, ଇପ୍ସିତା ମହାନ୍ତି ଓ ସ୍ୱାଗତ ସମ୍ବିତ ମିଶ୍ର ପ୍ରମୁଖ ଏହି ବୃତ୍ତି ପାଇଛନ୍ତି। ଶୁକ୍ରବାର ସ୍କୁଲ ପରିଚାଳନା କମିଟି ପକ୍ଷରୁ ଆୟୋଜିତ ସମ୍ବର୍ଦ୍ଧନା ସଭାରେ ସମ୍ପାଦକ ପ୍ରଶାନ୍ତ କୁମାର ଦାଶ ଓ ଅଧ୍ୟକ୍ଷ ନୀଳମାଧବ ତ୍ରିପାଠୀଙ୍କ ସହିତ ଶିକ୍ଷକ ଶିକ୍ଷୟିତ୍ରୀ ମାନେ ଯୋଗ ଦେଇ ବୃତ୍ତିଧାରୀ ଛାତ୍ରଛାତ୍ରୀଙ୍କୁ ପୁଷ୍ପଗୁଚ୍ଛ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ।



## 'ବନ୍ଦେ ମାତରମ୍'ର ୧୫୦ ବର୍ଷ ପୂର୍ତ୍ତି ଉତ୍ସବ

ନୟାଗଡ଼,୭।୧୧(ସମିସ): ବଙ୍କିମ ଚନ୍ଦ୍ର ଚଟ୍ଟୋପାଧ୍ୟାୟଙ୍କ ଦ୍ୱାରା ରଚିତ ରାଷ୍ଟ୍ର ଗୀତ 'ବନ୍ଦେ ମାତରମ୍'ର ୧୫୦ ବର୍ଷ ପୂର୍ତ୍ତି ଉପଲକ୍ଷେ ନୟାଗଡ଼ ଜିଲ୍ଲାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସ୍ଥିତ ସଦ୍‌ଭାବନା ଗୃହରେ ଜିଲ୍ଲାପାଳ ଅକ୍ଷୟ ସୁନିଲ ଅଗ୍ରୱାଲ, ଅତିରିକ୍ତ ଜିଲ୍ଲାପାଳ ବିଜୟାନନ୍ଦ ନାୟକ, ଅତିରିକ୍ତ ଜିଲ୍ଲାପାଳ ରୋଜିନା ଦାସ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଲଗ୍ନଜିତ ରାଉତ, ଉପ ଜିଲ୍ଲାପାଳ କର୍ଣ୍ଣଦେବ ସମାଦ୍ଦାରଙ୍କ ଉପସ୍ଥିତିରେ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀ ଓ କର୍ମଚାରୀଗଣ ଲିଙ୍କ୍ ଯୋଗେ ସାମୁହିକ ବନ୍ଦେ ମାତରମ୍ ଗାନ କାର୍ଯ୍ୟକ୍ରମରେ ଯୋଡ଼ି ହୋଇଥିଲେ। ପରେ ପ୍ରଧାନମନ୍ତ୍ରୀଙ୍କ ବକ୍ତବ୍ୟର ସିଧା ପ୍ରସାରଣରେ ସମସ୍ତେ ଉପସ୍ଥିତ ରହି କାର୍ଯ୍ୟକ୍ରମ ବିଷୟରେ ଅବଗତ ହୋଇଥିଲେ। ସେହିପରି ପୌର ପରିଷଦ, ଏନଏସି, ବ୍ଲକ କାର୍ଯ୍ୟାଳୟରେ ଏବଂ ତହସିଲ କାର୍ଯ୍ୟାଳୟଠାରେ ରାଷ୍ଟ୍ରଗୀତ ଗାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି।

**ଖଣ୍ଡପଡ଼ା:** ରାଜ୍ୟ ଉଚ୍ଚଶିକ୍ଷା ବିଭାଗ, ବିଦ୍ୟାଳୟ ଓ ଗଣ ଶିକ୍ଷାବିଭାଗର ନିର୍ଦ୍ଦେଶକ୍ରମେ ଖଣ୍ଡପଡ଼ା ବ୍ଲକ ଅଧୀନ ପ୍ରତ୍ୟେକ ଶିକ୍ଷାନୁଷ୍ଠାନ ଓ ମହାବିଦ୍ୟାଳୟରେ ଛାତ୍ରଛାତ୍ରୀ, ଶିକ୍ଷକ, ଶିକ୍ଷୟିତ୍ରୀ ଅଧ୍ୟାପକ ଓ ଅଧ୍ୟାପିକାମାନେ ଶୁକ୍ରବାର ପୂର୍ବାହ୍ନରେ ରାଷ୍ଟ୍ରୀୟ ଗୀତ 'ବନ୍ଦେ ମାତରମ୍' ଗାନ କରିଥିବା ଜଣାଯାଇଛି। ରାଷ୍ଟ୍ରୀୟ ଗୀତ 'ବନ୍ଦେ ମାତରମ୍'ର ୧୫୦ ବର୍ଷ ପୂର୍ତ୍ତି ଅବସରରେ ଏଭଳି କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିବା ଖଣ୍ଡପଡ଼ା ଗୋଷ୍ଠୀ ଶିକ୍ଷାଧିକାରୀ କୈଳାସ ଚନ୍ଦ୍ର କରଙ୍କ ସୂତ୍ରରୁ ଜଣାପଡିଛି।

## ଭାରତୀୟ ହକିର ଶହେ ବର୍ଷ ପୂର୍ତ୍ତି

ନୟାଗଡ଼,୭।୧୧(ସମିସ): ଭାରତରେ ହକି ଖେଳର ଶତବାର୍ଷିକ ପୂର୍ତ୍ତି ଉଦ୍ଦେଶ୍ୟରେ ନୟାଗଡ଼ ଜିଲ୍ଲାରେ ଏକ ବିଶେଷ ଉତ୍ସବ ଆୟୋଜନ କରାଯାଇଛି। ଏହି ଅବସରରେ ରଣପୁର ହକି ଗ୍ରାସ୍‌ରୁଟ ସେଣ୍ଟରରେ ଏକ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉତ୍ସବରେ ମୁଖ୍ୟ ଆକର୍ଷଣ ସମୂହ ରାଲି ସହ ପୁରୁଷ ଓ ମହିଳା ବିଭାଗର ପ୍ରଦର୍ଶନୀ ହକି ମ୍ୟାଚ ଅନୁଷ୍ଠିତ ହୋଇଛି। ଯାହା ମାଧ୍ୟମରେ ଜିଲ୍ଲାର ଉଦୀୟମାନ ଓ ଅନୁଭବୀ ଖେଳାଳିମାନେ ନିଜ ଦକ୍ଷତା ପ୍ରଦର୍ଶନ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ଜିଲ୍ଲା କ୍ରୀଡ଼ା ଅଧିକାରୀ ସୁଜାତା ସାହୁ, ରଣପୁର ବିସି ହାଇସ୍କୁଲ, ପ୍ରଧାନ ଶିକ୍ଷକ ଅତିଥି ଭାବେ ଉପସ୍ଥିତ ଥିଲେ। ସେମାନେ ଖେଳାଳିଙ୍କୁ ଉତ୍ସାହିତ କରିବା ସହିତ ହକି ଖେଳର ଉନ୍ନତି ସମ୍ପର୍କରେ ନିଜର ମତାମତ ରଖିଥିଲେ। ଶେଷରେ ନୟାଗଡ଼ ଜିଲ୍ଲା ପ୍ରଶାସନ ତରଫରୁ ସମସ୍ତ କ୍ରୀଡାପ୍ରେମୀ, ଛାତ୍ରଛାତ୍ରୀ ଓ ସ୍ଥାନୀୟ ନାଗରିକଙ୍କୁ ଏହି ଐତିହାସିକ ଅବସରରେ ଉପସ୍ଥିତ ହୋଇ ହକି ଖେଳର ଗୌରବ ଉପଭୋଗ କରିଥିବାରୁ ସମସ୍ତଙ୍କୁ ଧନ୍ୟବାଦ ଜ୍ଞାପନ କରାଯାଇଥିଲା।

## ତାଲାଭାଙ୍ଗି ଘରୁ ଲକ୍ଷାଧିକ ଟଙ୍କାର ଚୋରି

ଭାପୁର,୭।୧୧(ସମିସ): ନୟାଗଡ଼ ଜିଲ୍ଲା ଫତେଗଡ଼ ଥାନା ଗୋଳାପୋଖରୀ ପଞ୍ଚାୟତ ନୀଳକଣ୍ଠପ୍ରସାଦ ଗ୍ରାମରେ ବୁଧବାର ରାତିରେ ଜଣଙ୍କ ଘର ତାଲା ଭାଙ୍ଗି ଚୋରି ହୋଇଯାଇଛି। ଗ୍ରାମର ଜଳେଶ୍ୱର ନାୟକ ଏକ ଶୁଦ୍ଧିକ୍ରିୟା କାର୍ଯ୍ୟ ପାଇଁ ବୁଧବାର ସପରିବାର କାଳିକାପ୍ରସାଦ ଗ୍ରାମକୁ ଯାଇଥିଲେ। ଗୁରୁବାର ସକାଳୁ ଆସି ଘରେ ପହଞ୍ଚିବା ପରେ ଦେଖିଲେ ତାଙ୍କ ଘର ତାଲା ଭାଙ୍ଗି କେହି ଦୁର୍ବୃତ୍ତ ଗଡରେଜ ଆଲମାରିରେ ଥିବା ଏକ ସୁନା ହାର, ସୁନା ଚେନ, ଦୁଇଟି ମୁଦି, ରୁପା ପାଉଜି ଓ ନଗଦ ୧୨ ହଜାର ଟଙ୍କା ଚୋରି ନେଇଛି। ଏ ନେଇ ସେ ଭାପୁର ଫାଣ୍ଡିରେ ଲିଖିତ ଅଭିଯୋଗ କରିବା ପରେ ପୁଲିସ ତଦନ୍ତ ଆରମ୍ଭ କରିଛି।

## ମତ୍ସ୍ୟ ଏବଂ ପ୍ରାଣିସମ୍ପଦ ମେଳା



ଗଣିଆ,୭।୧୧(ସମିସ): ଗଣିଆ କିଶୋର ଚନ୍ଦ୍ର ନୋଡାଲ ବିଦ୍ୟାପୀଠ ଖେଳପଡ଼ିଆ ପରିସରରେ ମତ୍ସ୍ୟ ଓ ପ୍ରାଣିସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ଏହି ମେଳାରେ ଭାରପ୍ରାପ୍ତ ବିଡିଓ ଅଙ୍କୁର ଅଭିଳାଶଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ଝୁନା ଜେନା, ସମ୍ମାନିତ ଅତିଥି ଭାବେ ସାଂସଦଙ୍କ ପ୍ରତିନିଧି ଶରତ କୁମାର କର, ଅତିରିକ୍ତ ଜିଲ୍ଲା ମୁଖ୍ୟ ପ୍ରାଣୀସମ୍ପଦ ଅଧିକାରୀ ଡା ରମେଶ କୁମାର ବେହେରା, ଅତିରିକ୍ତ ମତ୍ସ୍ୟ ଅଧିକାରୀ ସଚିତାରାଣୀ କର, ବୈଜ୍ଞାନିକ ଡ. ଅନିଲ କୁମାର ସ୍ୱାଇଁ, ଡା ଅମିୟ କୁମାର ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ। ଏହି ମେଳାରେ ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ସ୍ମୃତିତନୟା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ୮ ଜଣ ଚାଷୀଙ୍କୁ ଏକ ହଜାର ଟଙ୍କା ସହିତ ଉପହାର ପ୍ରଦାନ କରାଯାଇ ସମ୍ମାନିତ କରାଯାଇଥିଲା। ବିଭିନ୍ନ ବିଭାଗର ୧୨ଟି ପ୍ରଦର୍ଶନୀ ଷ୍ଟଲ ପଡିଥିଲା। କାମଧେନୁ ଯୋଜନା ଏବଂ ମତ୍ସ୍ୟ ଯୋଜନାରେ ୩ ଜଣଙ୍କୁ କାର୍ଯ୍ୟାଦେଶ ବଣ୍ଟନ କରାଯାଇଥିଲା। ବ୍ଲକ କଳା ସଂସ୍କୃତି ତରଫରୁ ସରକାରଙ୍କ ବିଭିନ୍ନ ଯୋଜନା ସମ୍ପର୍କରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଭିଡିଓ ମାଧ୍ୟମରେ ସଫଳ ଚାଷୀ ମାନଙ୍କର କାହାଣୀ ଉପସ୍ଥାପନ କରାଯାଇଥିଲା। ଚାଷୀ ମାନେ ନିଜ ନିଜର ଅଭିଜ୍ଞତା ବାଣ୍ଟିଥିଲେ। ୨ ଶହରୁ ଅଧିକ ଜନସାଧାରଣ ଉପସ୍ଥିତ ରହି ଏହି କାର୍ଯ୍ୟକ୍ରମକୁ ଉପଭୋଗ କରିଥିଲେ। ମତ୍ସ୍ୟ ଏବଂ ପ୍ରାଣୀସମ୍ପଦ ବିଭାଗର ସମସ୍ତ ଅଧିକାରୀ ଏହି କାର୍ଯ୍ୟକ୍ରମରେ ସଂପୂର୍ଣ୍ଣ ସହଯୋଗ କରିଥିଲେ।

## ନୟାଗଡ଼ ଜିଲ୍ଲା 'ସକାଳ' ବନ୍ଧୁମିଳନ



ନୟାଗଡ଼,୭।୧୧(ସମିସ): ଦୈନିକ ଖବରକାଗଜ "ସକାଳ' ନୟାଗଡ଼ ଜିଲ୍ଲା ପକ୍ଷରୁ ଆଜି ଏକ ବନ୍ଧୁମିଳନ କାର୍ଯ୍ୟକ୍ରମ କଣ୍ଟିଲୋ ପୂର୍ତ୍ତ ବିଭାଗ ଡାକବଙ୍ଗଳାଠାରେ ଅନୁଷ୍ଠିତ ହୋଇଯାଇଛି। ନୟାଗଡ଼ ଜିଲ୍ଲା ପ୍ରତିନିଧି ଅନୀଲ କୁମାର ପଣ୍ଡାଙ୍କ ଆବାହକତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପ୍ରସାର ବିଭାଗରୁ ସୁଧାଂଶୁ ସାହୁ ଅତିଥି ଭାବେ ଯୋଗ ଦେଇଥିଲେ। ଛାଡ଼ଖାଇ ଅବସରରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ସମସ୍ୟା ଭିତ୍ତିକ ଖବର, ଜନହିତକର ଯୋଜନାରୁ ବଞ୍ଚିତ ହିତାଧିକାରୀଙ୍କ ସମସ୍ୟା ଭିତ୍ତିକ ଖବର ଉପରେ ଧ୍ୟାନ ଦେବାକୁ ଆଲୋଚନା ହୋଇଛି। ଏହି କାର୍ଯ୍ୟକ୍ରମରେ ଖଣ୍ଡପଡ଼ା ପ୍ରତିନିଧି ଜନ୍ମେଜୟ ଦଳେଇ, ଭାପୁର ପ୍ରତିନିଧି ଶୁଭେନ୍ଦ୍ର ପଟ୍ଟନାୟକ, କଣ୍ଟିଲୋ ପ୍ରତିନିଧି ତପନ କୁମାର ମହାପାତ୍ର, ଗଣିଆ ପ୍ରତିନିଧି ଦେବୀପ୍ରସାଦ ଦାଶ, ଦଶପଲ୍ଲା ପ୍ରତିନିଧି ସୁଶାନ୍ତ କୁମାର ସାହୁ, ଶରଣକୁଳ ପ୍ରତିନିଧି ଜୟକୃଷ୍ଣ ସାହୁ, ଓଡ଼ଗାଁ ପ୍ରତିନିଧି ସାରସ କୁମାର ମିଶ୍ର, ରଣପୁର ପ୍ରତିନିଧି ନିରଞ୍ଜନ ମହାପାତ୍ର ପ୍ରମୁଖ ଯୋଗ ଦେଇଥିଲେ।

## ଯାତ୍ରା ଦେଖୁଥିବା ବେଳେ ବାଇକ୍ ଚୋରି

ଓଡ଼ଗାଁ,୭।୧୧(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ଥାନା ବାହାଡ଼ାଝୋଲା ଫାଣ୍ଡି ଡିମିରି ପଲ୍ଲୀରେ ଯାତ୍ରା ଦେଖୁଥିବା ବେଳେ ଜଣେ ଯୁବକଙ୍କ ବାଇକ୍ ଚୋରି ହୋଇଥିବା ନେଇ ଓଡ଼ଗାଁ ଥାନାରେ ଅଭିଯୋଗ ହୋଇଛି। ଡିମିରିପଲ୍ଲୀ ନିକଟ କିମ୍ବିରି ଗ୍ରାମର ସୁଶାନ୍ତ ଜାନି (୩୦) ଗତ ଗୁରୁବାର ଡିମିରିପଲ୍ଲୀ ଯାତ୍ରା ଦେଖିବାକୁ ଯାଇଥିଲେ। ରାତି ପ୍ରାୟ ୯ଟା ବେଳେ ଯାତ୍ରା ସ୍ଥଳ ନିକଟରେ ତାଙ୍କର ବାଇକଟିକୁ ଲକକରି ରଖି ଯାତ୍ରା ଦେଖୁଥିଲେ। କିଛି ସମୟ ପରେ ବାଇକ୍ ରଖିବା ସ୍ଥାନକୁ ଫେରିଆସି ଦେଖିଲା ବେଳକୁ ସେଠାରେ ବାଇକ ନଥିଲା। ଆଖପାଖରେ ଅନେକ ଖୋଜା ଖୋଜି ଓ ବୁଝାସୁଝା କରିବା ପରେ ବାଇକଟି ନମିଳିବାରୁ ଶୁକ୍ରବାର ଓଡ଼ଗାଁ ଥାନାରେ ଶୁଶାନ୍ତ ଜାନି ଅଭିଯୋଗ କରିଥିଲେ।

### ବଢ଼ିଲାଣି ଶୀତ

## ବିଦେଶୀ ପକ୍ଷୀଙ୍କ ଅପେକ୍ଷାରେ ସାତକୋଶିଆ

ନୟାଗଡ଼,୭।୧୧(ସମିସ)

ନୟାଗଡ଼, ବୌଦ୍ଧ, କଟକ ଓ ଅନୁଗୋଳ ଜିଲ୍ଲାର ଅଂଶ ବିଶେଷକୁ ନେଇ ଗଠିତ ସାତକୋଶିଆ ବ୍ୟାଘ୍ର ସଂରକ୍ଷାଣାଞ୍ଚଳ। ଏହା ମଧ୍ୟରେ ମହାନଦୀର ସାତକୋଶିଆ ଗଣ୍ଡ ଅବସ୍ଥିତ। ପ୍ରତିବର୍ଷ ଶୀତଋତୁରେ ଏଠାକୁ ବିଭିନ୍ନ ପ୍ରଜାତିର ବିଦେଶାଗତ ପକ୍ଷୀ ଆସିଥାନ୍ତି। ଏଥର ମଧ୍ୟ ପକ୍ଷୀ ଆସିବା ସମୟ ଆସି ଉପନୀତ ହୋଇଛି। ବିଦେଶୀ ପକ୍ଷୀଙ୍କ ପାଇଁ ସାତକୋଶିଆ ଚଳଚଞ୍ଚଳ ହୋଇପଡୁଥିବା ବେଳେ ସ୍ଥାନୀୟ ପର୍ଯ୍ୟଟକଙ୍କୁ କିନ୍ତୁ ଏହି ଅଞ୍ଚଳ ବୁଲିବାକୁ ସୁଯୋଗ ମିଳୁନଥିବା ଅଭିଯୋଗ ହେଉଛି। ସାତକୋଶିଆକୁ ବିଭିନ୍ନ ସମୟରେ ୪୦ ପ୍ରଜାତିର ବିଦେଶୀ ପକ୍ଷୀ ଆସିଥିବା ନେଇ ବନ୍ୟପ୍ରାଣୀ ବିଭାଗରେ ପକ୍ଷୀଗଣନା ତଥ୍ୟରୁ ଜଣାପଡିଛି। ଏଠାକୁ ଆସୁଥିବା ବିଦେଶାଗତ ପକ୍ଷୀଙ୍କ ମଧ୍ୟରେ ଇଣ୍ଡିଆନ ସ୍କିମର ଅନ୍ୟତମ। ଏହି ପକ୍ଷୀ ମଧ୍ୟପ୍ରଦେଶର ଚମ୍ବଲ ଓ ପୋଙ୍ଗ ଡ୍ୟାମ ଅଞ୍ଚଳରେ ବହୁଳ ଭାବରେ ଦେଖାଯାଇଥାନ୍ତି। ସେହିପରି





ଓଡ଼ିଶା ଚନ୍ଦକା ଡିଭିଜନ୍ ମୁଣ୍ଡୁଳୀ ଓ ଅନୁଗୋଳ ଡିଭିଜନ୍ର ଟିକରପଡା ଏବଂ ଗତ କିଛି ବର୍ଷ ହେଲା ନୟାଗଡ଼ ଜିଲ୍ଲା ସାତକୋଶିଆ ଗଣ୍ଡର ବଡମୁଳଠାରେ ଦେଖିବାକୁ ମିଳୁଛି। ମହାନଦୀର ସାତକୋଶିଆ ଗଣ୍ଡ ବିଦେଶାଗତ ପକ୍ଷୀଙ୍କ ପାଇଁ ଅନୁକୁଳ ହେଉଥିବାରୁ ଏବଂ ଏଠାରେ ପ୍ରଚୁର ପରିମାଣର ଖାଦ୍ୟ ମିଳୁଥିବାରୁ ପକ୍ଷୀମାନେ ଶୀତଋତୁରେ ଏଠାକୁ ଆସି ସମୟ କାଟୁଥିବା ବନ୍ୟପ୍ରାଣୀ ବିଭାଗ ପକ୍ଷରୁ ସୂଚନା ମିଳିଛି। ସାତକୋଶିଆ ଗଣ୍ଡର ଶାନ୍ତ ପରିବେଶ ନୀଳ ଜଳରାଶିରେ ଏହି ପକ୍ଷୀମାନେ ଦଳଦଳ ହୋଇ ଆକାଶ ମାର୍ଗରୁ ତଳକୁ ବିଚରଣ କରୁଥିବା ଦୃଶ୍ୟ ବେଶ୍ ମନୋରମ୍। ଏହାଛଡା ଇଣ୍ଡିଆନ ସ୍କିମର ପକ୍ଷୀଙ୍କ ପିକକ୍ ପିକକ୍ ଶବ୍ଦ ପ୍ରକୃତି ପ୍ରେମୀମାନଙ୍କ ମନରେ ଆନନ୍ଦ ଉଲ୍ଲାସ ଭରିଦେଇଥାଏ। ଏଠାକାର ଶାନ୍ତ ପରିବେଶକୁ ଉପଭୋଗ କରିବା ସହିତ ବିଦେଶାଗତ ରଙ୍ଗବେରଙ୍ଗ ପକ୍ଷୀମାନଙ୍କୁ ଦେଖିବା ପାଇଁ ପ୍ରତିଦିନ ପର୍ଯ୍ୟଟକମାନଙ୍କ ଭିଡ଼ ଜମୁଥିବା ଦେଖିବାକୁ ମିଳିଛି। ସୂଚନାନୁସାରେ, ସାତକୋଶିଆ ଗଣ୍ଡ ନିକଟକୁ ଯିବା ପୂର୍ବରୁ ରାସ୍ତା ପାଶ୍ୱର୍ ତଥା ମହାନଦୀ ଅବବାହିକାରେ ମହାନଦୀ ବନ୍ୟପ୍ରାଣୀ ଡିଭିଜନ କଟେଜ ନିର୍ମାଣ କରିଛି। ପ୍ରାକୃତିକ ଶୋଭାରାଜିରେ ପରିପୂର୍ଣ୍ଣ ଏହି ସ୍ଥାନକୁ ଅନେକ ପର୍ଯ୍ୟଟକ ଆସୁଥିବା ବେଳେ ଯେଉଁ ପର୍ଯ୍ୟଟକ କଟେଜ ବୁକ କରି ରହୁଛନ୍ତି ସେମାନଙ୍କୁ ଜେଟିରେ ନୌକା ଭ୍ରମଣ ଏବଂ ସାଇକଲିଂର ସୁବିଧା ଦିଆଯାଉଥିବା ବେଳେ ସ୍ଥାନୀୟ ପର୍ଯ୍ୟଟକଙ୍କୁ ଭିତରକୁ ଛଡ଼ା ଯାଉନଥିବା ଅଭିଯୋଗ ହେଉଛି। ଯାହାକୁ ନେଇ ସ୍ଥାନୀୟ ପର୍ଯ୍ୟଟକଙ୍କ ଭିତରେ ଅସନ୍ତୋଷ ସୃଷ୍ଟି ହେଉଛି।

## ଲଘୁ ଖଣିଜ ଚାଲାଣ: ୨୪ ଗାଡ଼ି ଜବତ, ୨୭ ଅଟକ

ଖୋର୍ଦ୍ଧା/ଟାଙ୍ଗୀ,୭।୧୧(ସମିସ): ଗତକାଲି ରାତି ପ୍ରାୟ ଗୋଟାଏ ବେଳେ ଟାଙ୍ଗୀ ତହସିଲ ଅଧୀନ କୁହୁଡ଼ି ତଳଗଡ଼ ମୌଜାରେ ଖଣି ବିଭାଗ ଓ ପୁଲିସର ମିଳିତ ଚଢ଼ଉ କରାଯାଇଥିଲା। ଚଢ଼ଉବେଳେ ୨୪ଟି ଗାଡ଼ି ଜବତ ହୋଇଥିବାବେଳେ ୨୭ ଜଣଙ୍କ ନାମରେ ପୁଲିସରେ ଲିଖିତ ଅଭିଯୋଗ ହୋଇଛି। ସୂଚନାଯୋଗ୍ୟ କୁହୁଡ଼ି ତଳଗଡ଼ ମୌଜାରେ ବେଆଇନ ଭାବେ ମାଙ୍କଡ଼ା ପଥର କଟାଯାଇ ବିଭିନ୍ନ ଅଞ୍ଚଳକୁ ଚୋରା ଚାଲାଣ କରାଯାଉଥିବା ସମ୍ପର୍କରେ ଜଣେ ବ୍ୟକ୍ତି ଗତକାଲି ଟାଙ୍ଗୀ ତହସିଲଦାରଙ୍କୁ ଲିଖିତ ଅଭିଯୋଗ କରିବାକୁ ଆସିଥିଲେ। ଏହା ପରେ ରାତି ପ୍ରାୟ ଗୋଟାଏ ସମୟରେ ଖୋର୍ଦ୍ଧା ଖଣି ବିଭାଗ ଅଧିକାରୀ ଜଗନ କୁମାର ବେହେରା, ବାଲୁଗାଁ ଏସ୍‌ଡିପିଓ ସଞ୍ଜୟ କୁମାର ପଟ୍ଟନାୟକ, ଟାଙ୍ଗୀ ଆଇଆଇସି ରବୀନ୍ଦ୍ର କୁମାର ଭୂଜବଳଙ୍କ ନେତୃତ୍ୱରେ କୁହୁଡ଼ି ତଳଗଡ଼ ମୌଜାରେ ଥିବା ମାଙ୍କଡ଼ା ପଥର ଖଣିରେ ଚଢ଼ଉ କରି ୩ଟି ଜେସିବି, ୭ଟି ଟ୍ରକ୍, ୬ଟି ପାୱାର ଟିଲର, ଗୋଟିଏ ଟ୍ରାକ୍ଟର, ୭ଟି ମୋଟରସାଇକଲ ଜବତ କରିଥିବା ଜଣାପଡ଼ିଛି। ଏହି ଚଢ଼ଉ ସମୟରେ କେତେକ ଗାଡ଼ିରେ ଚୋରା ମାଙ୍କଡ଼ା ପଥର ବୋଝେଇ ହୋଇଥିବାବେଳେ ଅନ୍ୟ କେତୋଟିରେ ବୋଝେଇ ପାଇଁ ପ୍ରସ୍ତୁତ ହେଉଥିଲା। ଏହି ସମୟରେ ଚଢ଼ଉ କରାଯାଇ ଗାଡ଼ିଗୁଡ଼ିକ ଜବତ ହେବା ସହ ୨୭ ଜଣଙ୍କୁ ଟାଙ୍ଗୀ ଥାନାରେ ଅଟକ ରଖାଯାଇଛି। ଏ ନେଇ ଖୋର୍ଦ୍ଧା ଖଣି ବିଭାଗୀୟ ଅଧିକାରୀ ଜଗନ କୁମାର ବେହେରାଙ୍କ ଲିଖିତ ଅଭିଯୋଗକ୍ରମେ ଏକ ମାମଲା ରୁଜୁ କରାଯାଇଥିବା ଜଣାପଡ଼ିଛି। ତେବେ ଜବତ ଗାଡ଼ିଗୁଡ଼ିକ କୁହୁଡ଼ି ଫାଣ୍ଡିରେ ଜିମା ଦିଆଯାଇଥିବା ବେଳେ ଜବତ ଗାଡ଼ିଗୁଡ଼ିକୁ କୋର୍ଟ ଚାଲାଣ କରାଯିବ ବୋଲି ସୂଚନା ମିଳିଛି।

## ଖୋର୍ଦ୍ଧାରୋଡ୍ ରେଳ ଷ୍ଟେସନ୍‌ରୁ ୬ ନାବାଳକ ଉଦ୍ଧାର

ଜଟଣୀ,୭।୧୧(ସମିସ): ଖୋର୍ଦ୍ଧାରୋଡ୍ ରେଳ ଷ୍ଟେସନ୍‌ରୁ ୬ଜଣ ନାବାଳକଙ୍କୁ ଉଦ୍ଧାର କରିଛି ପୁଲିସ। ନାବାଳକଙ୍କ ବୟସ ଯଥାକ୍ରମେ ୧୪ରୁ ୧୬ବର୍ଷ ମଧ୍ୟରେ ହେବ। ସେମାନଙ୍କୁ ଉଦ୍ଧାର କରି ସ୍ଥାନୀୟ ସାମାଜିକ ଅନୁଷ୍ଠାନକୁ ହସ୍ତାନ୍ତର କରାଯାଇଛି। ତେବେ କାମ କରିବା ଉଦ୍ଦେଶ୍ୟରେ ସମସ୍ତେ ବିହାର ରାଜ୍ୟରୁ ବେଙ୍ଗାଲୁରୁ ଯାଉଥିବା ଜଣାପଡ଼ିଛି।

ସୂଚନାଯୋଗ୍ୟ ଯେ, କାମ କରିବା ଉଦ୍ଦେଶ୍ୟରେ ୬ଜଣ ନାବାଳକ ବିହାରରୁ ଏସଏମଭିଟି-ବେଙ୍ଗାଲୁରୁ ଏକ୍ସପ୍ରେସ୍ ଟ୍ରେନ୍ ଯୋଗେ ବେଙ୍ଗାଲୁରୁ ଯାଉଥିଲେ। ଖୋର୍ଦ୍ଧାରୋଡ୍ ରେଳ ଷ୍ଟେସନ୍‌ର ୫ନମ୍ବର ପ୍ଲାଟଫର୍ମରେ ନାବାଳକମାନେ ଏଣେତେଣେ ବୁଲୁଥିଲେ। ପୁଲିସ ସନ୍ଦେହ ଅବସ୍ଥାରେ ଅଟକ ରଖି ପଚରାଉଚରା କରିଥିଲା। ସେମାନେ ଠିକ୍ ଭାବେ ନିଜର ପରିଚୟ ଦେଇ ପାରିନଥିଲେ। ପୁଲିସ ସମସ୍ତଙ୍କୁ ଅଟକ ରଖି ଥାନାକୁ ଆଣିଥିଲା। ପଚରାଉଚରା କରିବା ସମୟରେ ସେମାନେ ସମସ୍ତେ ଠିକାଦାର ମାଧ୍ୟମରେ କାମ କରିବାକୁ ବେଙ୍ଗାଲୁରୁ ଯାଉଥିବା କହିଥିଲେ। ପୁଲିସ ସେମାନଙ୍କୁ ଷ୍ଟେସନ୍‌ର ୫ନମ୍ବର ପ୍ଲାଟଫର୍ମରୁ ଉଦ୍ଧାର କରିଛି। ତେବେ ସମସ୍ତ ନାବାଳକଙ୍କୁ ସାମାଜିକ ଅନୁଷ୍ଠାନକୁ ହସ୍ତାନ୍ତର କରାଯାଇ ପରିବାର ଲୋକଙ୍କୁ ଯୋଗାଯୋଗ କରାଯାଇଥିବା ସୂଚନା ମିଳିଛି।

## ୩୭ ଲିଟର ମଦ ଜବତ, ୩ ଗିରଫ

ବେଗୁନିଆ,୭।୧୧(ସମିସ): ଖୋର୍ଦ୍ଧା ଜିଲ୍ଲା ଅବକାରୀ ବିଭାଗ ଅଧୀକ୍ଷକ ସୁମତି ତ୍ରିପାଠୀଙ୍କ ନିର୍ଦ୍ଦେଶ ଓ ସଦର ରେଞ୍ଜ ନିରୀକ୍ଷକ ରାଧାକାନ୍ତ ଭୋଇଙ୍କ ତତ୍ତ୍ୱାବଧାନ ଏବଂ ବେଗୁନିଆ ଅବକାରୀ ଥାନା ଭାରପ୍ରାପ୍ତ ଅଧିକାରୀ ମିତ୍ରବିନ୍ଦା ପରିଡ଼ାଙ୍କ ନେତୃତ୍ୱରେ ୩୭ ଲିଟର ମଦ ଜବତ ସହ ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ବେଗୁନିଆ ଅବକାରୀ ଥାନା ସହକାରୀ ନୀରିକ୍ଷକ ସଞ୍ଜୟ କୁମାର ସୁବୁଦ୍ଧିଙ୍କ ସୂଚନା ଅନୁଯାୟୀ ଶୁକ୍ରବାର ଦିନ ବେଗୁନିଆ ଅବକାରୀ ଥାନା ଅନ୍ତର୍ଗତ ସିକୋ ଗ୍ରାମର ବୈକୁଣ୍ଠ ବାରିକ ୨୦ ଲିଟର, ରତ୍ନାକର ଛୁଆଳ ସିଂହ ୮ ଲିଟର ଓ ରାଇମୂଳ ପାଟଣା ଗ୍ରାମର ନିମାଇଁ ସ୍ୱାଇଁଙ୍କ ଠାରୁ ୯ ଲିଟର ମଦ ଜବତ ସହ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି।

## ଗମ୍ଭାରୀମୁଣ୍ଡାରେ 'ପଲ୍ଲୀରେ ପ୍ରଶାସନ' କାର୍ଯ୍ୟକ୍ରମ

ବାଲୁଗାଁ,୭।୧୧(ସମିସ): ବାଣପୁର ବ୍ଲକ୍ ଅନ୍ତର୍ଗତ ଗମ୍ଭାରୀମୁଣ୍ଡା ପଞ୍ଚାୟତରେ ପଞ୍ଚାୟତସ୍ତରୀୟ ସେବା ସମାଧାନ ସଚେତନତା ତଥା ପଞ୍ଚାୟତସ୍ତରୀୟ ଜନଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଗମ୍ଭାରୀମୁଣ୍ଡା ପଞ୍ଚାୟତରେ ଆୟୋଜିତ ରାଜ୍ୟ ସରକାରଙ୍କ ପଲ୍ଲୀରେ ପ୍ରଶାସନ କାର୍ଯ୍ୟକ୍ରମ ଅନ୍ତର୍ଗତ ଶିବିରରେ ସମୁଦାୟ ୪୫ଟି ସ୍ୱାସ୍ଥ୍ୟ, ଭତ୍ତା, ରାସନ କାର୍ଡ ସମ୍ପର୍କିତ ଅଭିଯୋଗ ପଞ୍ଜୀକରଣ ହୋଇଥିଲା। ସ୍ୱାସ୍ଥ୍ୟ, ମତ୍ସ୍ୟ, ପଶୁ ପାଳନ, ଖାଦ୍ୟ ସୁରକ୍ଷା, ଶିକ୍ଷା, ରାଜସ୍ୱ, କୃଷି, ପାନୀୟଜଳ ଓ ପରିମଳ ବିଭାଗର ଅଧିକାରୀମାନେ ଶିବିରରେ ଉପସ୍ଥିତ ରହି ଅଭିଯୋଗ ଶୁଣାଣି କରିଥିଲେ। ସରକାରଙ୍କ ନିୟମ ଅନୁସାରେ ଶିବିରଟି ସକାଳ ୧୦ଟାରୁ ଆରମ୍ଭ ହୋଇ ଦିନ ୧ଟା ପର୍ଯ୍ୟନ୍ତ ଚାଲିବାକୁ ନିୟମ ଥିବାବେଳେ ଏଥିରେ ସାମାନ୍ୟ ବ୍ୟତିକ୍ରମ ଦେଖାଦେଇଛି। ବହୁ ଅଭିଯୋଗକାରୀ ସକାଳ ୯ଟାରୁ ଅପେକ୍ଷା କରି ବସିଥିବାବେଳେ ବହୁ ଅଧିକାରୀ ବିଳମ୍ବରେ ପହଞ୍ଚିବାରୁ ଶିବିର ପ୍ରାୟ ଦିନ ୧୨ଟା ପରେ ଆରମ୍ଭ ହୋଇଥିଲା। ଫଳରେ ଅଭିଯୋଗକାରୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଥିଲା। ଉକ୍ତ ଶିବିରରେ ବାଣପୁର ଗୋଷ୍ଠୀ ଉନ୍ନୟନ ଅଧିକାରୀ ବିକାଶ ମହାନ୍ତି, ତହସିଲଦାର ଟି.ପଦ୍ମନାଭ ଦୋରା, ବାଣପୁର ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ସଞ୍ଜୟ ମହାନ୍ତି, ସମିତିସଭ୍ୟା ଅନିତା ପ୍ରଧାନ, ସରପଞ୍ଚ ପ୍ରେମାଞ୍ଜଳି ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ।

### ଜମିଲା ଛାଡ଼ଖାଇ; ଆମିଷ ବଜାରରେ ଭିଡ଼

# ଚାହିଦା ପୂରଣ କଲା ଜିଲ୍ଲା ବାହାର ମଟନ, ଆନ୍ଧ୍ର ମାଛ

ଖୋର୍ଦ୍ଧା,୭।୧୧(ସମିସ)



ପବିତ୍ର କାର୍ତ୍ତିକ ମାସରେ ବ୍ରତ ରଖିଥିବା ଲୋକେ ପାଟିରେ କେବେ ଆମିଷ ବାଜିବ ତାକୁ ଉତ୍କଣ୍ଠାର ସହିତ ଅନାଇ ବସିଥିଲେ। ମାତ୍ର ଚଳିତ ବର୍ଷ ଛାଡ ଗୁରୁବାର ପଡ଼ିଥିବାରୁ ବ୍ୟବସାୟୀଙ୍କ ମଧ୍ୟରେ ଏକ ପ୍ରକାର ହତାଶ ଭାବ ଦେଖାଯାଇଥିଲା। କିନ୍ତୁ ପରିଦିନ ଅର୍ଥାତ୍ ଶୁକ୍ରବାର (ଆଜି) ଆମିଷ ଦିନ ପଡ଼ିଥିବାରୁ ଛାଡ ମନାଇବାକୁ ସକାଳୁ ଦିନ ପ୍ରାୟ ୨ଟା ପର୍ଯ୍ୟନ୍ତ ଆମିଷ ଦୋକାନରେ ଗ୍ରାହକଙ୍କ ବେଶ ଭିଡ଼ ଜମିଥିଲା। ଆଉ କିଛି ସପରିବାର, ସାଙ୍ଗ ସାଥିଙ୍କ ସହିତ ପର୍ଯ୍ୟଟନ କ୍ଷେତ୍ର ବରୁଣେଇ, ଭୁଆସୁଣୀ, ଉଗ୍ରତାରା, ରାମଚଣ୍ଡୀ ଭଳି ମନ୍ଦିରରେ ଛାଡ଼ ଅବସରରେ ବଣ ଭୋଜିର ବେଶ ମଜାନେଇଥିବା ଦେଖାଯାଇଛି। ଗ୍ରାହାକଙ୍କ ଚାହିଦା ପୂରଣ କରିବାକୁ ମାଂସ ବ୍ୟବସାୟୀ କନ୍ଧମାଳ, ବାଣିଗୋଛା ଏବଂ ବଉଦ ଭଳି ସ୍ଥାନରୁ ଛେଳି କିଣି ଆଣିଥିବାବେଳେ ବହୁ ପରିମାଣରେ ଆନ୍ଧ୍ରମାଛ ବଜାରେ ଉପଲବ୍ଧ ହୋଇଥିବା ଦେଖାଯାଇଛି।ସ୍ଥାନୀୟ ଅଂଚଳରେ ଥିବା କୁକୁଡ଼ା ଫାର୍ମର ଚିକେନ୍ ବଜାରରେ ମିଳିଥିବାବେଳେ ବଜାରରୁ ଦେଶୀମାଛ ଏକ ପ୍ରକାର ଉଭାନ ହୋଇଯାଇଥିଲା।

ସୂଚନା ଯୋଗ୍ୟ, ଖୋର୍ଦ୍ଧା ସହର ଲୋକ ସଂଖ୍ୟା ପାଖା ପାଖି ୫୦ହଜାର ହୋଇଥିବା ବେଳେ ବଜାରରେ ପ୍ରାୟ ୭୫ରୁ ଉର୍ଦ୍ଧ୍ୱ ଆମିଷ ଦୋକାନ ରହିଛି। ସେହିପରି ଖୋର୍ଦ୍ଧା ଉପକଣ୍ଠ ତୋଟାପଡ଼ା ଠାରୁ ତାପଙ୍ଗ ଛକ ଯାଏଁ ମାଳ ମାଳ ମଟନ ଓ ଚିକେନ ଦୋକାନ ଖୋଲିଥିବା ବେଳେ କାର୍ତିକ ମାସରେ ଆମିଷ ଛାଡ଼ିଥିବା ଲୋକଙ୍କ ଭିଡ଼ ସକାଳୁ ମଟନ, ଚିକେନ ଏବଂ ମାଛ ଦୋକାନରେ ଦେଖାଯାଇଛି। ଏପରିକି ଘଣ୍ଟା ଘଣ୍ଟା ଧରି ସେମାନେ ଦୋକାନ ସମ୍ମୁଖରେ ଠିଆ ହୋଇଥିବା ମଧ୍ୟ ଦେଖିବାକୁ ମିଳିଥିଲା। ଚଳିତବର୍ଷ ଗୁରୁବାର ଛାଡ ପଡ଼ିଥିବାରୁ ଆମିଷ ବ୍ୟବସାୟୀଙ୍କ ମନରେ ବ୍ୟବସାୟ ନେଇ ବିଭିନ୍ନ ଶଙ୍କା ସୃଷ୍ଟି ହୋଇଥିଲ। ମାତ୍ର ଉକ୍ତ ଶଙ୍କା ଆଜି ସେମାନଙ୍କର ଦୂର ହୋଇଥିବା କହିଛନ୍ତି ମଟନ ବ୍ୟବସାୟୀ ସେକ୍ ଇମରାନ। ଶୁକ୍ରବାର ଓ ରବିବାରକୁ ଆଖିଆଗରେ ରଖି କିଛିଦିନ ତଳୁ ସେମାନେ କନ୍ଧମାଳ, ବଉଦ, ବାଣିଗୋଛ ପ୍ରଭୃତି ଅଞ୍ଚଳରୁ ଛେଳି କିଣି ଆଣି ରଖିଥିବା କହିଥିଲେ।

ଆଜି ଖାସି ମାଂସ ଦର ବଜାରରେ ୮ ଶହ ଟଙ୍କା ଥିବାବେଳେ ଚିକେନ (ବ୍ରଏଲର) କିଲୋ ପିଛା ୨୬୦, ପରଲଗା ବର୍ଣ୍ଣରାଜ କୁକୁଡ଼ା ୩୫୦ରୁ ୪ଶହ, ପରଲଗା ଦେଶୀ କୁକୁଡ଼ା କିଲୋ ୪୫୦ଶହ ରୁ ୬ଶହ ରହିଛି। ସେହିପରି ଆନ୍ଧ୍ରରୁ ଆସୁଥିବା ରୋହି ମାଛ ଦର ମଧ୍ୟ ପ୍ରାୟ ୨୦୦ଟଙ୍କା ରୁ ଆରମ୍ଭ କରି ୨୪୦ଟଙ୍କା ଏବଂ ଭାକୁର ମାଛ ଦର ମଧ୍ୟ ପ୍ରାୟ ୨୩୦ଟଙ୍କାରୁ ଆରମ୍ଭ କରି ୨୬୦ଟଙ୍କା ପର୍ଯ୍ୟନ୍ତ ଥିବାବେଳେ ଚିଲିକା ରୋହି କିଲୋ ୩୬୦ ରହିଥିଲା। ଭାକୁର କିଲୋ ପ୍ରତି ୨୪୦, ବେନାମି ଚିଙ୍ଗୁଡି ୪୫୦, ବାଗଦା ଚିଙ୍ଗୁଡି ୫୫୦ ରେ ବିକ୍ରି ହେଉଥିବାବେଳେ ଥିବାବେଳେ ପାଣିଆଖିଆ, ଖାରପାଣିଆ, ମରୁଆ, ଖୁରାଣ୍ଡି, ଇଲିସି ପ୍ରଭୃତି ମାଛ ଚଢ଼ା ଦରରେ ବିକ୍ରି ହୋଇଛି। ଏଥିସହିତ ମିଂଜିଆ, ପୋହଳା, ଛୋଟ ଚିଙ୍ଗୁଡି ଏବଂ କଙ୍କଡା ମଧ୍ୟ ଚଢା ମୂଲ୍ୟରେ ବିକ୍ରି ହୋଇଛି। ଦେଶୀ ମାଛ ଏକ ପ୍ରକାର ବଜାର ରୁ ଉର୍ଭାନ ହୋଇଯାଇଛି। ଯେଉଁ ଦୋକାନ କାଁ ଭାଁ ଦେଶୀ ମାଛ ମିଳୁଛି ତାହା ଚିକେନ ଦର ସାଙ୍ଗେ ସମାନ ରହିଛି। ନଦୀନାଳ ଜଳ ପ୍ରଦୂଷିତ ଏବଂ ଚାଷଜମିରେ କୀଟନାଶକ ଔଷଧ ପକାଇବା ଦ୍ୱାରା ଦେଶୀ ମାଛ ଉତ୍ପାଦନ ହ୍ରାସ ହେବା ଦ୍ୱାରା ଦେଶୀ ମାଛ ବଜାରକୁ ଆସୁନଥିବା ମାଛ ବ୍ୟବସାୟୀ ପ୍ରଫୁଲ ବାରିକ କୁହନ୍ତି।

## ଅବସରପ୍ରାପ୍ତ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ ବିୟୋଗରେ ଶୋକ



ବେଗୁନିଆ,୭।୧୧(ସମିସ): ବେଗୁନିଆ ବ୍ଲକ୍ ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟର ଅବସରପ୍ରାପ୍ତ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ତଥା ଡଙ୍ଗରପଡ଼ା ପ୍ରାଥମିକ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଦାଶରଥି ପ୍ରଧାନଙ୍କ (୬୧) ପରଲୋକ ଘଟିଛି। ସେ ଶିକ୍ଷାଦାନ ସହ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ରହି ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ମଧ୍ୟରେ ପ୍ରିୟ ଭାଜନ ହୋଇ ପାରିଥିଲେ। ପରେ ୨୦୨୨ ରୁ ୨୦୨୪ ପର୍ଯ୍ୟନ୍ତ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଭାବେ କାର୍ଯ୍ୟ କରିଥିଲେ। ତାଙ୍କ ମୃତ୍ୟୁରେ ବିଧାୟକ ପ୍ରଦୀପ କୁମାର ସାହୁ, ସରପଞ୍ଚ ଅକ୍ଷୟ ରାଉତରାୟ, ଶିକ୍ଷାବିତ ପବିତ୍ର ମୋହନ ଖାଡଙ୍ଗା, ଗୋଷ୍ଠୀ ଶିକ୍ଷାଧିକାରୀ ଭାସ୍କର ଲେଙ୍କା, ପ୍ରାଥମିକ ବିଦ୍ୟାଳୟ ସଂଘ (ପିଷ୍ଟା) ସଭାପତି ଅଶୋକ ସାମନ୍ତରାୟ, ଉପ ସଭାପତି ମାନସ ବେହେରା, ସମ୍ପାଦକ ରବୀନ୍ଦ୍ର ନାଥ ସାହୁ, ଶିକ୍ଷକ ବିବେକାନନ୍ଦ ମିଶ୍ର ତଥା ବେଗୁନିଆ ବ୍ଲକ୍‌ର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ, ସାମ୍ବାଦିକ ଯୋଗେଶ୍ୱର ପଣ୍ଡା ଓ ଗୋବିନ୍ଦ ଖୁଣ୍ଟିଆ ପ୍ରମୁଖ ଶୋକ ସନ୍ତପ୍ତ ପରିବାରକୁ ସମବେଦନା ଜଣାଇଛନ୍ତି।

## ଛାଡ଼ଖାଇରେ ମାଛ ବଜାରରେ ଭିଡ଼

ବାଲୁଗାଁ,୭।୧୧(ସମିସ): ଗତକାଲି ଥିଲା ଛାଡ଼ଖାଇ। ମାତ୍ର ମାର୍ଗଶିର ମାସର ପ୍ରଥମ ଗୁରୁବାର ହେତୁ କେହି ଛାଡ଼ ପାଳନ କରିପାରିନଥିଲେ। ଆଜି ଆମିଷ ବାରିରେ ଅସଲ ଛାଡ଼ ପାଳିଥିଲେ ଲୋକେ। ତେଣୁ ସବୁଆଡ଼େ ଆମିଷ ବଜାରରେ ଭିଡ଼ ଦେଖିବାକୁ ମିଳିଥିଲା। ଏହି ପରିପ୍ରେକ୍ଷୀରେ ବାଲୁଗାଁ ଅଞ୍ଚଳରେ ଥିବା ଆମିଷ ବଜାରରେ ବେଶଶ ଭିଡ଼ ଦେଖିବାକୁ ମିଳିଥିଲା। ସକାଳୁ ସକାଳୁ ଚିଲିକା କୂଳ ମାଛ ବଜାରରେ ହଜାର ହଜାର ସଂଖ୍ୟାରେ ଗ୍ରାହକଙ୍କ ଭିଡ଼ ଦେଖିବାକୁ ମିଳିଥିଲା। ଏପରିକି ଯାନବାହନ ଯାତାୟତରେ ବାଧା ସୃଷ୍ଟି ହୋଇଥିଲା। ପ୍ରାୟ ଅଧୋକିଲୋ ମିଟର ରାସ୍ତା ଯାଏଁ ଟ୍ରାଫିକ ସମସ୍ୟା ଲାଗି ରହିଥିଲା। ବାଲୁଗାଁ ଅଞ୍ଚଳରେ କାର୍ଯ୍ୟରତ ସରକାରୀ କର୍ମଚାରୀ ଓ ରାଜନୈତିକ ନେତା ଖୋର୍ଦ୍ଧା ଓ ଭୁବନେଶ୍ୱର ଉପରିସ୍ଥ ଅଧିକାରୀଙ୍କୁ ଏବଂ ମନ୍ତ୍ରୀଙ୍କୁ ଛାଡ଼ଖାଇ ଭେଟିରେ ମାଛ କଙ୍କଡ଼ା ଓ ଚିଙ୍ଗୁଡ଼ି ଉପହାର ଦେବା ଲାଗି ଗୁରୁବାର ଓ ଶୁକ୍ରବାର ଚିଲିକାକୂଳ ମାଛ ବଜାରରେ ଲୋକଙ୍କ ପ୍ରବଳ ଭିଡ଼ ଲାଗି ରହିଥିଲା। ଏହାର ସୁଯୋଗ ନେଇ କେତେକ ମୁନାଫାଖୋର ବ୍ୟବସାୟୀ ଚଢ଼ା ଦରରେ ଏପରିକି ଅନ୍ୟ ଦିନ ତୁଳନାରେ ପ୍ରାୟ ଦେଢ଼ ଗୁଣା ଦରରେ ମାଛ, ଚିଙ୍ଗୁଡ଼ି ଓ କଙ୍କଡ଼ା ବିକ୍ରି କରିବା ପାଇଁ ପଛାଇନଥିଲେ। ଛାଡ଼ଖାଇରେ ମାଛ, ଚିଙ୍ଗୁଡ଼ି ଓ କଙ୍କଡାର ଚାହିଦାକୁ ଆଖିରେ ରଖି କେତେକ ବ୍ୟବସାୟୀ ୨/୩ ଦିନ ପୂର୍ବରୁ ମାଛ ଚିଙ୍ଗୁଡ଼ି ଆଣି ଗୋଦମରେ ମହଜୁଦ କରିବା ସହ ଅନ୍ୟ ମାଛ ସେଣ୍ଟର ତଥା ଆନ୍ଧ୍ର ଓ ପାରାଦୀପ ଓ ହାୱଡ଼ାରୁ ଆଣି ତଟକା ଓ ଚିଲିକା ମାଛ କହି ବିକ୍ରି କରୁଥିବା ଦେଖିବାକୁ ମିଳିଥିଲା।

### ଜିଲ୍ଲାସ୍ତରୀୟ ମାଣ୍ଡିଆ ଦିବସ

## ମାଣ୍ଡିଆ ଭାରତର ଇତିହାସ ଓ ସଂସ୍କୃତି ସହ ଜଡ଼ିତ




ଖୋର୍ଦ୍ଧା,୭।୧୧(ସମିସ): କୃଷି ବିଭାଗ ସମ୍ମିଳନୀ କକ୍ଷରେ ଆଜି ଜିଲ୍ଲାସ୍ତରୀୟ ମାଣ୍ଡିଆ ଦିବସ ମୁଖ୍ୟ ଜିଲ୍ଲା କୃଷି ଅଧିକାରୀ ରବି ନାରାୟଣ ସେନାପତିଙ୍କ ସଭାପତିତ୍ୱ ରେ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ରୂପଶ୍ରୀରାଣୀ ଗୁମାନସିଂ ଯୋଗଦେଇ ମାଣ୍ଡିଆର ବ୍ୟବହାର ଓ ଚାଷ ପ୍ରସାରିତ କରିବା ସହ ବିଶ୍ୱସ୍ତରରେ ପହଞ୍ଚାଇବା ପାଇଁ ଆହ୍ୱାନ କରିଥିଲେ। ସମ୍ମାନିତ ଅତିଥିଭାବେ ପ୍ରକଳ୍ପ ନିର୍ଦ୍ଦେଶକ ଜଳବିଭାଜିକା ଚକ୍ରଧର ମିଶ୍ର, ସହକାରୀ କୃଷି ଯନ୍ତ୍ରୀ ପ୍ରଦୀପ୍ତ ନାୟକ, ସହକାରୀ ନିବନ୍ଧକ ଭାଗବତ୍ ମାରାଣ୍ଡି, କେ.ବି.କେ ବୈଜ୍ଞାନିକ ହରପ୍ରିୟା ନାୟକ ପ୍ରମୁଖ ଯୋଗ ଦେଇଥିଲେ। କେ. ବି. କେ ବୈଜ୍ଞାନିକ ଭାରତର ଇତିହାସ ଓ ସଂସ୍କୃତି ସହ ଜଡ଼ିତ ବୋଲି କହିଥିଲେ। ଏହି ଅବସରରେ ଏଡିଓ ଅଫିସ ପ୍ରାଙ୍ଗଣରେ ଖାଦ୍ୟ ମହୋତ୍ସବ ଆୟୋଜନ କରାଯାଇଥିଲା। ଉତ୍ସବ ରେ ଦୁଇ ଶହରୁ ଅଧିକ ଛାତ୍ରଛାତ୍ରୀ ଏବଂ ଚାଷୀଙ୍କୁ ମାଣ୍ଡିଆ ପ୍ରସ୍ତୁତ ଖାଦ୍ୟ ପରିବେଷଣ କରାଯାଇଥିଲା। ମାଣ୍ଡିଆ କ୍ଷେତ୍ର ରେ ଶ୍ରେଷ୍ଠ ପ୍ରଦର୍ଶନ ପାଇଁ ସଫଳ ଚାଷୀ, କାର୍ଯ୍ୟରତ ଅଂଶୀଦାରମାନଙ୍କୁ ପୁରସ୍କୃତ କରାଯାଇଥିଲା।

ଟାଙ୍ଗୀ ବ୍ଲକ ର ଶ୍ରେଷ୍ଠ ମାଣ୍ଡିଆ କୃଷକ ନୂଆଗଡ଼ ପଞ୍ଚାୟତର ସୁରଥ ବିଶ୍ୱାଳ ଓ ବାଣପୁର ବ୍ଲକ୍‌ର ନୀଳାଦ୍ରିପ୍ରସାଦ ପଞ୍ଚାୟତର ଦାମ ଶବର, ଶ୍ରେଷ୍ଠ ଷ୍ଟଲ ପ୍ରଦର୍ଶନ ଭାବରେ ବାଣପୁର ସହଯୋଗୀ ବେସରକାରୀ ସଂସ୍ଥା ଇଶାନେଶ୍ୱର ଯୁବକ ସଙ୍ଘ, ଟାଙ୍ଗୀ ବ୍ଲକ୍ ର ଶ୍ରେଷ୍ଠ ସହଯୋଗୀ ବେସରକାରୀ ସଂସ୍ଥା ଭାବେ ବିଶ୍ୱ ଜୀବନ ସେବା ସଂଘ ଓ ଶ୍ରେଷ୍ଠ କୃଷକ ଉତ୍ପାଦକ କମ୍ପାନୀ ଭାବେ ବାଲି ହରଚଣ୍ଡୀ ଫାର୍ମର ପ୍ରଡ୍ୟୁସର କମ୍ପାନୀ ଲିମିଟେଡ଼, ଟାଙ୍ଗୀ ବ୍ଲକ ର ଶ୍ରେଷ୍ଠ ଗୋଷ୍ଠୀସମ୍ବଳ ବ୍ୟକ୍ତି ଅନୁପ କୁମାର ବେହେରା, ଶ୍ରେଷ୍ଠ ମହିଳା ଏସ୍.ଏଚ୍. ଜି ଭାବରେ ଟାଙ୍ଗୀ ବ୍ଲକ ର ଉଜ୍ଜଳା ଗୋପୀନାଥ ପୁର ର ଅର୍ଣ୍ଣପୂର୍ଣ୍ଣା ଏସ୍. ଏଚ୍. ଜି ଓ ବାଣ ପୁର ବ୍ଲକ ର ଦେଓଗାଁ ପଂଚାୟତ ର ମା ତାରିଣୀ ଏସ୍. ଏଚ୍. ଜି ଓ ଶ୍ରୀ ଅନ୍ନ ଅଭିଯାନ ର ଶ୍ରେଷ୍ଠ ବ୍ଲକ ଭାବେ ଟାଙ୍ଗି ବ୍ଲକ ର କୃଷି ଅଧିକାରୀ ସୌମେନ୍ଦ୍ର କୁମାର ବେହେରା ପୁରସ୍କୃତ ଓ ସମ୍ମାନିତ କରାଯାଇଥିଲା। ଶ୍ରୀ ଅନ୍ନ ଅଭିଯାନ ର ଜିଲ୍ଲା ସଂଯୋଜିକା ଜେସିକା ସାହୁ ଓ ଟାଙ୍ଗୀ ବ୍ଲକ ସହକାରୀ କୃଷି ଅଧିକାରୀ ଦୁର୍ଗେଶ ପଟ୍ଟନାୟକ କାର୍ଯ୍ୟକ୍ରମ କୁ ପରିଚାଳନା କରିଥିଲେ।

● ଓସ୍ତପୁର- କୋଟପଲା ଗୋଷ୍ଠୀ ସଂଘର୍ଷ ଘଟଣା

## ଉଭୟ ଗାଁ ପୁରୁଷ ଶୂନ୍ୟ, ୧୨ ଜଣଙ୍କୁ ଗିରଫ କଲା ପୁଲିସ

ବେଗୁନିଆ,୭।୧୧(ସମିସ): ଖୋର୍ଦ୍ଧା ଜିଲ୍ଲା ବେଗୁନିଆ ବ୍ଲକ ବାଘମାରୀ ଥାନା ଓସ୍ତପୁର - କୋଟପଲା ଗ୍ରାମର ନାମ ଫଳକ କେହି ଦୁର୍ବୃତ୍ତ ନେଇ ଯାଇଥିବାବେଳେ ଏହାକୁ ନେଇ ଉଭୟ ଗ୍ରାମ ମଧ୍ୟରେ ଗୋଷ୍ଠୀ ସଂଘର୍ଷ ଘଟିଥିଲା। ଏପରିକି



ପ୍ରଶାସନ ପକ୍ଷରୁ ଭାରତୀୟ ନ୍ୟାୟ ସଂହିତାର ୧୬୩ ଧାରା ଜାରି ହୋଇଥିବା ବେଳେ ଗୁରୁବାର ବିଳମ୍ବିତ ରାତ୍ରରେ ପୁଲିସ ଆକ୍ସନ ମୋଡରେ ରହି ଅପ୍ରୀତିକର ପରିସ୍ଥିତି ସୃଷ୍ଟି କରୁଥିବା ବ୍ୟକ୍ତି ବିଶେଷଙ୍କୁ ଚିହ୍ନଟ କରି ୧୮ ଜଣଙ୍କୁ ଧରି ଆଣିଥିଲା। ଯାହା ଫଳରେ ଉଭୟ ଗ୍ରାମର ଲୋକମାନେ ଭୟରେ ଗାଁରୁ ପଳାଇଥିଲେ। ଗାଁ ଏକ ପ୍ରକାର ପୁରୁଷ ଶୂନ୍ୟ ହୋଇ ଯାଇଥିଲା। ତେବେ ୧୮ ଜଣଙ୍କ ମଧ୍ୟରୁ ୧୨ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିବା ବେଳେ ଅନ୍ୟ ମାନଙ୍କୁ ଧରିବା ପାଇଁ ପୁଲିସ ଜାଲ ବିଛାଇ ଥିବାର ଜଣା ପଡ଼ିଛି। ଏହି ଚଢ଼ଉ ଜିଲ୍ଲା ଆରକ୍ଷୀ ଅଧିକାରୀ ବିବେକାନନ୍ଦ ଶର୍ମାଙ୍କ ନିର୍ଦ୍ଦେଶରେ ହୋଇଥିବାବେଳେ ସଦର ରେଞ୍ଜ ଉପଖଣ୍ଡ ଆରକ୍ଷୀ ଅଧିକାରୀ ନିହାର ରଞ୍ଜନ ପ୍ରଧାନଙ୍କ ତତ୍ତ୍ୱାବଧାନରେ ବାଘମାରୀ ଥାନା ଅଧିକାରୀ ଶମ୍ଭୁନାଥ ନାୟକ, ବେଗୁନିଆ ଥାନା ଅଧିକାରୀ ଜ୍ୟୋତି ପ୍ରକାଶ ପଣ୍ଡା, ବୋଲଗଡ଼ ଥାନା ଅଧିକାରୀ ସ୍ନିଗ୍ଧାମୟୀ ବରାଳ, ସଦର ଥାନା ଅଧିକାରୀ କାହ୍ନୁ ଚରଣ ସ୍ୱାଇଁ, ଜଙ୍କିଆ ଥାନା ଅଧିକାରୀ ସୁଶାନ୍ତ ବେହେରା ଓ ଖୋର୍ଦ୍ଧା ଶିଳ୍ପାଞ୍ଚଳ ଥାନା ଅଧିକାରୀ ଉମେଶ ସାହୁଙ୍କ ସହ ପୁଲିସ ବଳ ନିୟୋଜିତ ହୋଇଥିଲେ।

## ୧୫ ଲକ୍ଷ ମୂଲ୍ୟର ବ୍ରାଉନସୁଗର ଜବତ, ୩ ଗିରଫ

ଖୋର୍ଦ୍ଧା,୭।୧୧(ସମିସ): ବ୍ରାଉନସୁଗର ଭାଗବଣ୍ଟା ଚାଲିଥିଲା। ଏହି ସମୟରେ ପୁଲିସ ପହଞ୍ଚି ୩ଜଣଙ୍କୁ ଗିରଫ କରିଛି। ଆଜି ଆଦର୍ଶ ଥାନା ପରିସରରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସଦର ଏସ୍‌ଡିପିଓ ନିହାର ରଞ୍ଜନ ଦାସ ଏହି ସୂଚନା ପ୍ରଦାନ କରିଛନ୍ତି। ଗିରଫ ୩ଜଣ ହେଲେ ହେଲେ ଆଦର୍ଶ ଥାନା ଅନ୍ତର୍ଗତ ସାମନ୍ତରାପୁରର ଆର୍ତ୍ତତ୍ରାଣ ବେହେରା ଓରଫ୍ ଚିଣ୍ଟୁ (୨୫), ଭାଲିଆବାଡ଼ି ହାତିଆଶୁଣି ସାହିର ରିତେଶ ପଟ୍ଟନାୟକ ଓରଫ୍ ଚେପା (୨୩) ଏବଂ ଶିଳ୍ପାଞ୍ଚଳ ଥାନା ମୁକୁନ୍ଦପ୍ରସାଦ ପୋଡ଼ାସାହିର ସୁରେଶ ବେହେରା ଓରଫ ଚଟିଆ (୨୩)। ସେମାନଙ୍କ ଠାରୁ ୧୫୦ଗ୍ରାମ ଓଜନର ବ୍ରାଉନସୁଗର ଜବତ ହୋଇଛି। ଜବତ ବ୍ରାଉନସୁଗର ର ମୂଲ୍ୟ ପ୍ରାୟ ୧୫ଲକ୍ଷ ହେବ ବୋଲି ପୁଲିସ ସୂଚନା ଦେଇଛନ୍ତି। ଏଥିସହିତ ଗିରଫ ୩ଜଣଙ୍କ ଠାରୁ ନଗଦ ୩୪ହଜାର ଟଙ୍କା,୨ଟି ମୋଟର ସାଇକେଲ ଏବଂ ୩ଟି ମୋବାଇଲ ଫୋନ ଜବତ ହୋଇଛି।

## କୁଦିଆରୀରେ ଖେଳ ପ୍ରତିଯୋଗିତା



ଖୋର୍ଦ୍ଧା,୭।୧୧(ସମିସ): କାର୍ତ୍ତିକ ପୂର୍ଣ୍ଣିମା ଉପଲକ୍ଷେ ଜଟଣୀ ପୌରାଂଚଳ ଅନ୍ତର୍ଗତ କୁଦିଆରୀ ରଙ୍ଗଣୀ ସାହିଠାରେ ସୁରଭି ସାମାଜିକ ଅନୁଷ୍ଠାନ ଦ୍ୱାରା ୧୬ ତମ ଖୋଟି ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ପ୍ରଥମ ସ୍ୱାତି ସୁଚରିତା ସେଠି, ଦ୍ୱିତୀୟ ସୁପ୍ରଭା ମଙ୍ଗରାଜ ଓ ପ୍ରତିମା ସେଠି ତୃତୀୟ ହୋଇଥିଲେ। ଏଥିସହିତ ପୁଚି, ଚିତ୍ରାଙ୍କନ ସମେତ ଅନେକ ଖେଳକୁଦ କରାଯାଇଥିଲା। ଆଖ ପାଖ ବିଦ୍ୟାଳୟ ରୁ ପ୍ରାୟ ୩୦୦ ପିଲା ଏଥିରେ ଅଂଶ ଗ୍ରହଣ କରିଥିଲେ। ପ୍ରତିଯୋଗିତାକୁ ଅନୁଷ୍ଠାନ ର ପ୍ରତିଷ୍ଠାତା ସଞ୍ଜୟ ବରିଷଲ, ବାଉରୀ ବନ୍ଧୁ ସେଠି ପ୍ରମୁଖ ପରିଚାଳନା କରିଥିଲେ।

## ଟ୍ରିପଲ 'ଏ' ରେ ଭାରତ ସ୍କାଉଟ୍ ଗାଇଡର ପ୍ରତିଷ୍ଠା ଦିବସ

ଖୋର୍ଦ୍ଧା, ୭।୧୧(ସମିସ): ଖୋର୍ଦ୍ଧା ଉପକଣ୍ଠ ହଳଦିପଦାସ୍ଥିତ ଅଗ୍ରଣୀ ଶିକ୍ଷାନୁଷ୍ଠାନ ଟ୍ରିପଲ 'ଏ' ରେ ଭାରତ ସ୍କାଉଟ୍ ଓ ଗାଇଡ୍‌ସର ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ଏହି ଦିବସରେ ପିଲାମାନଙ୍କର ପ୍ରାର୍ଥନା ସଭାରେ ସ୍କାଉଟ ମାଷ୍ଟର ସୁବୋଧ ମହାପାତ୍ର ଏହି ଦିବସର ତାତ୍ପର୍ଯ୍ୟ ସମ୍ପର୍କରେ କହିଥିଲେ। ବିଦ୍ୟାଳୟର ସ୍କାଉଟ ଗାଇଡ କବ୍ ବୁଲବୁଲ ବିଭାଗ ଦ୍ୱାରା ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହାକୁ ସଂଯୋଜନା କରିଥିଲେ ଗାଇଡ୍ କ୍ୟାପଟେନ୍ ରଚିତା ପଟ୍ଟନାୟକ।

## ଟ୍ରିପଲ 'ଏ'ରେ ବନ୍ଦେ ମାତରମ୍ ଦିବସ

ଖୋର୍ଦ୍ଧା,୭।୧୧(ସମିସ): ଖୋର୍ଦ୍ଧା ଉପକଣ୍ଠ ହଳଦିପଦାସ୍ଥିତ ଅଗ୍ରଣୀ ଶିକ୍ଷାନୁଷ୍ଠାନ ଟ୍ରିପଲ 'ଏ'ରେ କବି ବଙ୍କିମ ଚନ୍ଦ୍ର ଚାଟାର୍ଜୀଙ୍କ ଦ୍ୱାରା ଲିଖିତ "ବନ୍ଦେ ମାତରମ୍‌ର ୧୫୦ ତମ ପୂର୍ତ୍ତି ଦିବସ ପାଳନ କରାଯାଇଛି। ଏହି ଅବସରରେ ବିଦ୍ୟାଳୟର ପ୍ରାର୍ଥନା ସଭାରେ ଏହାକୁ ସମୂହ ସ୍ୱରରେ ଗାନ କରାଯାଇଥିଲା। ଏହି ସଭାରେ ବିଦ୍ୟାଳୟର ଅଧ୍ୟକ୍ଷା ଦୀପ୍ତିମୟୀ ମହାନ୍ତିଙ୍କଠାରୁ ଆରମ୍ଭ କରି ବିଦ୍ୟାଳୟର ସମସ୍ତ କର୍ମକର୍ତ୍ତା ସମେତ ପିଲାମାନେ ଏହି ସଙ୍ଗୀତଟିକୁ ଗାନ କରିଥିଲେ।



### ଜାଗେଶ୍ୱରୀ ସେବା ସମବାୟ ସମିତି

## ସଭାପତି, ସମ୍ପାଦକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି

ବେଗୁନିଆ,୭।୧୧(ସମିସ)



ବେଗୁନିଆ ବ୍ଲକ ଅନ୍ତର୍ଗତ ହଜ ପଞ୍ଚାୟତର ଚାଷୀମାନେ ମା' ଜାଗେଶ୍ୱରୀ ସେବା ସମବାୟ ସମିତିର ସଭାପତି ଓ ସମ୍ପାଦକଙ୍କ ଅନିୟମିତତା କାର୍ଯ୍ୟକଳାପକୁ ନେଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଛନ୍ତି। ଏଥିସହ ଚାରି ଦଫା ସମ୍ବଳିତ ଦାବିପତ୍ର ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି। ସୂଚନା ଅନୁଯାୟୀ ଚଳିତ ବର୍ଷ ସରକାର ଚାଷୀଙ୍କୁ ସାର ବସ୍ତା ପିଛା ୨୬୫ ଟଙ୍କା ୫୦ ପଇସାର ରିହାତି ଦରରେ ଯୋଗାଇ ଦେଉଥିବା ବେଳେ ସମବାୟ ସମିତିର ସଭାପତି ଓ ସମ୍ପାଦକ ମନମୁଖି ଭାବେ ବସ୍ତା ପିଛା ୩୧୦ ଟଙ୍କା ଲେଖାଏଁ ଆଦାୟ କରିଛନ୍ତି। ଏପରିକି ସରକାର ୫ ଏକର ପର୍ଯ୍ୟନ୍ତ ଚାଷୀଙ୍କୁ ଫସଲ ବୀମା ପାଇଁ ମାଗଣା ଘୋଷଣା କରିଥିବା ବେଳେ ୨ ଶହ ଟଙ୍କା ଲେଖାଏଁ ଜୁଲମ କରି ଆଦାୟ, ବାତ୍ୟା ଜନିତ କ୍ଷୟ କ୍ଷତିର ବିମାରାଶି ପ୍ରଦାନରେ ଅହେତୁକ ଭାବେ ଅନିୟମିତତା ସହ ପାତରଅନ୍ତର କରାଯାଇ ଧାର୍ଯ୍ୟ ବୀମା ରାଶିର ୧୫ପ୍ରତିଶତ ବେଆଇନ ଭାବେ ସଭାପତି ଓ ସମ୍ପାଦକ ଆଦାୟ କରିଥିବା ଆନ୍ଦୋଳନକାରୀ ଅଭିଯୋଗ କରିଛନ୍ତି। ସାର ବଣ୍ଟନ ସମୟରେ ଚାଷୀ ପ୍ରବେଶ ଜୟସିଂହଙ୍କୁ ସେବା ସମବାୟ ସମିତିର ସଭାପତି ଓ ସମ୍ପାଦକ ଅଶ୍ଳୀଳ ଭାଷାରେ ଗାଳିଗୁଲଜ ସହ ମାଡ ମାରିବା ସମ୍ପର୍କରେ ଅଭିଯୋଗ କରିଥିଲେ ମଧ୍ୟ ବର୍ତ୍ତମାନ ସୁଦ୍ଧା କେହି କର୍ଣ୍ଣପାତ କରି ନାହାନ୍ତି। ଏଥିରେ ବିଭାଗୀୟ ଅଧିକାରୀଙ୍କ କୋଣଠେସା ନୀତି ଯୋଗୁଁ ଚାଷୀଙ୍କ ମଧ୍ୟରେ

### ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଚାଷୀଙ୍କ ଧାରଣା

ଅସନ୍ତୋଷ ଦେଖା ଦେଇଥିଲା। ଯାହାର ପରିଣାମ ସ୍ୱରୂପ ନିରୁପାୟ ହୋଇ ଶୁକ୍ରବାର ଦିନ ଚାଷୀମାନେ ଏକତ୍ରିତ ହୋଇ ଜିଲ୍ଲାପାଳଙ୍କୁ ଦାବୀ ପତ୍ର ଦେଇ ନିରପେକ୍ଷ ତଦନ୍ତ କରି ଦୋଷୀ ମାନଙ୍କୁ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ନିବେଦନ କରିଛନ୍ତି। ଏହି ଘଟଣାରେ ସେବା ସମବାୟ ସମିତିର ସଭାପତିଙ୍କୁ ଯୋଗାଯୋଗ କରିଥିଲେ ମଧ୍ୟ ସେ ଏହି ଘଟଣାକୁ ଅଗ୍ରାହ୍ୟ କରି ଦେଇଥିଲେ।

# ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ଖୋଲା ଚ୍ୟାଲେଞ୍ଜ

## ପୁଣି ଜବତ ହେଲା ଗୁପ୍ତ କ୍ୟାମେରା



**ପୁରୀ, ୭।୧୧(ସମିସ):** ପୁଣି ଶ୍ରୀମନ୍ଦିର ଭିତରୁ ଜବତ ହୋଇଛି ଗୁପ୍ତ କ୍ୟାମେରା। ଗୁଜରାଟର ଜଣେ ଶ୍ରଦ୍ଧାଳୁ ହିଡେନ୍ କ୍ୟାମେରା ନେଇ ଶ୍ରୀମନ୍ଦିରରେ ପ୍ରବେଶ କରିଥିବା ବେଳେ ଜେଟିପି ଏବଂ ସେବାୟତ ତାଙ୍କୁ ଧରିଛନ୍ତି। ଯୁବକଜଣଙ୍କ ହେଲେ, ଗୁଜରାଟ ଅହମ୍ମଦାବାଦର ଭରତ ପାଣ୍ଡେ। ତାଙ୍କଠାରୁ ଗୁପ୍ତ କ୍ୟାମେରାଯୁକ୍ତ ଚଷମା ଜବତ କରାଯାଇଛି। ଏହି ଘଟଣାରେ ସିଂହଦ୍ୱାର ଥାନା ପୁଲିସ ଭରତଙ୍କୁ ପଚରାଉଚରା କରିଛି। ଅପରପକ୍ଷେ, ଏହି ଘଟଣା ପୁଣିଥରେ ବଡ଼ଦେଉଳର ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ବାରମ୍ବାର ଏଭଳି ଘଟଣା ଘଟୁଥିବାରୁ ଶ୍ରୀମନ୍ଦିର ସେବାୟତ ଓ ବୁଦ୍ଧିଜୀବୀ ଏହାକୁ ନେଇ ଗଭୀର ଉଦ୍‌ବେଗ ପ୍ରକାଶ କରିଛନ୍ତି।

ଶ୍ରୀମନ୍ଦିର ଭିତରକୁ ମୋବାଇଲ, କ୍ୟାମେରା ଆଦି ନେବା ଉପରେ କଡ଼ା କଟକଣା ରହିଛି। ଏହା ସତ୍ତ୍ୱେ ବିଭିନ୍ନ ସମୟରେ ସୁରକ୍ଷାବଳୟକୁ ଭେଦ କରି ମନ୍ଦିର ଭିତରକୁ ଏସବୁ ଯାଉଛି। ଫଳରେ ଅନେକ ସମୟରେ ମନ୍ଦିର ଭିତରର ବହୁ ସମ୍ବେଦନଶୀଳ ଫଟୋ, ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଛି। ବିଭିନ୍ନ ସମୟରେ ଏହା ଜଣାପଡ଼ିବା ପରେ ମନ୍ଦିର ସୁରକ୍ଷା ବ୍ୟବସ୍ଥାକୁ ଅଧିକ କଡ଼ାକଡ଼ି କରାଯାଇଥିବା କୁହାଯାଉଛି। ହେଲେ ବାସ୍ତବତା କିନ୍ତୁ ଭିନ୍ନ। ଶୁକ୍ରବାର ମନ୍ଦିର ଭିତରକୁ ଗୁପ୍ତ କ୍ୟାମେରାଯୁକ୍ତ ଚଷମା ଯିବା ଏହା ପ୍ରମାଣିତ କରୁଛି।

ପୁଲିସ ସୂଚନା ଅନୁଯାୟୀ, ଶୁକ୍ରବାର ଭରତ ଗୁପ୍ତ କ୍ୟାମେରା ସଂଯୋଗ ଥିବା ଚଷମା ପିନ୍ଧି ମନ୍ଦିର ଭିତରକୁ ଯାଇଥିଲେ। ପ୍ରବେଶ ପଥରେ ଏହା ଜଣାପଡ଼ି ନଥିଲା। ତେବେ ଜଗମୋହନ ନିକଟରେ ସନ୍ଦେହ ହେବାରୁ ତାଙ୍କୁ ସେବାୟତ ଓ ଜେଟିପି ଧରିଥିଲେ। ତାଙ୍କୁ ସିଂହଦ୍ୱାର ଥାନାକୁ ହସ୍ତାନ୍ତର କରିଥିଲେ। ସିଂହଦ୍ୱାର ପୁଲିସ ଭରତଙ୍କଠାରୁ ଗୁପ୍ତ କ୍ୟାମେରା ଲାଗିଥିବା ଚଷମାକୁ ଜବତ କରିବା ସହ ତାଙ୍କୁ ପଚରାଉଚରା ମଧ୍ୟ କରାଯାଇଥିଲା। ତେବେ ଏହି ପଚରାଉଚରା କରାଯିବା ପରେ ଆଗାମୀ ଦିନରେ ତଦନ୍ତରେ ସହଯୋଗ କରିବା ସର୍ତ୍ତରେ ତାଙ୍କୁ ଥାନାରୁ ନୋଟିସ୍ ଦେଇ ଛାଡ଼ି ଦିଆଯାଇଛି। ସେପଟେ ଶ୍ରୀମନ୍ଦିର ଭିତରୁ କ୍ୟାମେରା ଜବତ ହେଲେ କୌଣସି ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବାର ଆଇନ ନାହିଁ। କେବଳ ଜରିମାନା ଦେବାର ନିୟମ ରହିଛି। ଏଣୁ ରାଜ୍ୟ ସରକାର ଶ୍ରୀମନ୍ଦିର ଆଇନରେ ତୁରନ୍ତ ପରିବର୍ତ୍ତନ କରି ଏଭଳି ବେଆଇନ କାର୍ଯ୍ୟ କରୁଥିବା ବ୍ୟକ୍ତିବିଶେଷଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ପାଇଁ ନୂଆ ନିୟମ ଆଣିବାକୁ ସାଧାରଣରେ ଦାବି ହୋଇଛି।

## ସେବାୟତ ବେଶରେ ଗର୍ଭଗୃହକୁ ପଶିଲେ

**ପୁରୀ,୭।୧୧(ସମିସ):** ଦିନକୁ ଦିନ ବିପନ୍ନ ହେବାରେ ଲାଗିଛି ଶ୍ରୀମନ୍ଦିର ସୁରକ୍ଷା ବ୍ୟବସ୍ଥା। ମାଳମାଳ ସୁରକ୍ଷା କର୍ମୀ ମନ୍ଦିର ଭିତରେ ଏବଂ ବାହାରେ ପଇଁତରା ମାରୁଛନ୍ତି। ଏହା ସତ୍ତ୍ୱେ ବିଭିନ୍ନ ସମୟରେ ସୁରକ୍ଷା ବ୍ୟବସ୍ଥାକୁ ଚ୍ୟାଲେଞ୍ଜ ଦେବା ଭଳି ଘଟଣା ଘଟୁଛି। ଗୁପ୍ତ କ୍ୟାମେରା ମନ୍ଦିର ଭିତରକୁ ବାରମ୍ବାର ଯାଉଥିବା ବେଳେ ପ୍ରାୟ ଅଧିକାଂଶ ଦିନ ଭକ୍ତ ପକେଟ୍‌ମାରର ଶିକାର ହେଉଛନ୍ତି। ଶୁକ୍ରବାର ମନ୍ଦିର ଭିତରେ ଆଉ ଏକ ଅଭାବନୀୟ ଘଟଣା ଘଟିଛି। ସେବାୟତ ବେଶରେ ଜଣେ ଶ୍ରଦ୍ଧାଳୁ ଧୁକୁଡ଼ି ଦ୍ୱାର ଦେଇ ଗର୍ଭଗୃହକୁ ପ୍ରବେଶ କରିଛନ୍ତି। ଯୁବକଜଣକ ହେଉଛନ୍ତି, ଯାଜପୁର ଶାନ୍ତନୁ ମିଶ୍ର। ତାଙ୍କୁ ଅନ୍ୟ ସେବକମାନେ ଧରିବା ପରେ କଥା ପଦାକୁ ଆସିଥିଲା। ତାଙ୍କୁ ସିଂହଦ୍ୱାର ଥାନା ପୁଲିସକୁ ହସ୍ତାନ୍ତର କରାଯାଇଛି। ଶାନ୍ତନୁଙ୍କୁ ପୁଲିସ ପଚରାଉଚରା କରିବା ପରେ ନୋଟିସ୍ ଦେଇ ଛାଡ଼ି ଦେଇଛି। କେଉଁ ପରିସ୍ଥିତିରେ ଏବଂ କାହିଁକି ସେ ଗର୍ଭଗୃହ ଭିତରକୁ ଯାଇଥିଲେ, ସେ ନେଇ ପୁଲିସ ପଚରାଉଚରା କରିଛି। ହେଲେ ସେ କୌଣସି ସନ୍ତୋଷଜନକ ଉତ୍ତର ଦେଇନଥିବା ସୂଚନା ମିଳିଛି। ଏ ସମ୍ପର୍କରେ ସିଟି ଡିଏସ୍‌ପି ପ୍ରଶାନ୍ତ କୁମାର ସାହୁ କହିଛନ୍ତି, ଗର୍ଭଗୃହକୁ ପ୍ରବେଶ କରିଥିବା ଜଣେ ଯୁବକଙ୍କୁ ଅନ୍ୟ ସେବକମାନେ ଧରିଥିଲେ। ତାଙ୍କୁ ଥାନାକୁ ଆଣି ପଚରାଉଚରା କରାଯିବା ପରେ ନୋଟିସ୍ ଦେଇ ଛାଡ଼ି ଦିଆଯାଇଛି।

## ମାଟ୍ରିକ୍ ପରୀକ୍ଷା ଫର୍ମପୂରଣ ଆଜିଠାରୁ

**କଟକ, ୭ ।୧୧ (ସମିସ):** ୨୦୨୬ ମାଟ୍ରିକ୍ ପରୀକ୍ଷା ପାଇଁ ଫର୍ମପୂରଣ ସଂକ୍ରାନ୍ତରେ ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ) ପକ୍ଷରୁ ଏକ ବିଜ୍ଞପ୍ତି ଜାରି ହୋଇଛି। ଆସନ୍ତା ୮ରୁ ନଭେମ୍ବର ୨୨ ତାରିଖ ରାତି ୧୧ଟା ୪୫ ପର୍ଯ୍ୟନ୍ତ ଅନଲାଇନ୍‌ରେ ରେଗୁଲାର୍ ଓ ଏକ୍ସ-ରେଗୁଲାର୍ ପରୀକ୍ଷାର୍ଥୀଙ୍କ ଫର୍ମପୂରଣ ବିଦ୍ୟାଳୟ ମୁଖ୍ୟଙ୍କ ଦ୍ୱାରା କରାଯିବ। ସେହିଭଳି ପତ୍ରମାଧ୍ୟମ ରେଗୁଲାର୍ ଓ ଏକ୍ସ-ରେଗୁଲାର୍ ପରୀକ୍ଷାର୍ଥୀ ବୋର୍ଡର ଆଞ୍ଚଳିକ କାର୍ଯ୍ୟାଳୟରେ ଉପ-ସମ୍ପାଦକଙ୍କ ଦ୍ୱାରା ଅଫଲାଇନ୍‌ରେ ଫର୍ମପୂରଣ କରାଇବେ ବୋଲି କୁହାଯାଇଛି। ମୁକ୍ତ ବିଦ୍ୟାଳୟ ସାର୍ଟିଫିକେଟ୍ ପରୀକ୍ଷା ପାଇଁ ଫର୍ମପୂରଣ ପ୍ରକ୍ରିୟା ଉପରୋକ୍ତ ଅବଧିରେ ଜିଲ୍ଲା ଓ ବ୍ଲକ୍ ଷ୍ଟଡିସେଣ୍ଟର୍‌ର ମୁଖ୍ୟଙ୍କ ଦ୍ୱାରା ସମ୍ପାଦନ କରାଯିବ। ମଧ୍ୟମା ପରୀକ୍ଷା ପାଇଁ ସଂସ୍କୃତ ଟୋଲ୍‌ର ମୁଖ୍ୟମାନେ ଆସନ୍ତା ୧୨ରୁ ୨୨ ତାରିଖ ପର୍ଯ୍ୟନ୍ତ ଅଫଲାଇନ୍‌ରେ କରିବେ ବୋଲି ବୋର୍ଡ କହିଛି।

## ବେନିୟମ କାର୍ଯ୍ୟ ପାଇଁ ୩ ସେବାୟତ ନିଲମ୍ବିତ

**ପୁରୀ, ୭।୧୧(ସମିସ):** ବେନିୟମ କାର୍ଯ୍ୟ ଏବଂ ଶ୍ରୀମନ୍ଦିର ପ୍ରଶାସନର ନୀତି ଆଦର୍ଶ ଉଲ୍ଲଂଘନ କରୁଥିବା ସେବାୟତଙ୍କ ବିରୋଧରେ କଠୋର୍ ଆଭିମୁଖ୍ୟ ଗ୍ରହଣ କରିଛି ମନ୍ଦିର ପ୍ରଶାସନ। ଗତ ମାସ ବାହାରକାଠ ନିକଟରେ ଯାତ୍ରୀମାନଙ୍କଠାରୁ ବେଆଇନ ଭାବେ ଅର୍ଥ ଆଦାୟ ଏବଂ ଉକ୍ତ ଅର୍ଥକୁ ନେଇ ନିଜନିଜ ଭିତରେ ମାରପିଟ୍ ହୋଇଥିଲା। ଏହାଦ୍ୱାରା ଶ୍ରୀମନ୍ଦିର ଶୃଙ୍ଖଳା, ସୁରକ୍ଷା ଓ ଗରିମା ଗୁରୁତର ଭାବେ ପ୍ରଭାବିତ ହୋଇଥିବାରୁ ସୁଆର ବଡୁସେବକ ନାରାୟଣ ପଣ୍ଡା ଏବଂ ଖୁଣ୍ଟିଆ ସେବକ ରାଜାରାମ ଖୁଣ୍ଟିଆଙ୍କୁ ନିଲମ୍ବିତ କରଯାଇଛି। ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ ଶ୍ରୀଜଗନ୍ନାଥ ମନ୍ଦିର ଆଇନ ୧୯୫୫ର ୨୧ (କ) ଧାରା ଅନୁଯାୟୀ ଦୁହିଁଙ୍କୁ ୨ମାସ ପାଇଁ ନିଲମ୍ବନ କରିଛନ୍ତି। ସେହିଭଳି ଶ୍ରୀମନ୍ଦିର ପରିସରରେ ଡାଲ୍‌ଡା ଘିଅ ବ୍ୟବହାର କରିବାକୁ ପ୍ରରୋଚନା ଦେଇଥିବାରୁ ମହାସୁଆର ସେବକ ବେନା ମହାସୁଆରଙ୍କୁ ମଧ୍ୟ ୨ମାସ ପାଇଁ ସେବା କାର୍ଯ୍ୟରୁ ନିଲମ୍ବନ କରାଯାଇଛି।

**ନାଟମଣ୍ଡପରେ ମାରପିଟ୍ ପାଇଁ ୨ ଓ ଡାଲ୍‌ଡା ଘିଅ ବ୍ୟବହାର ଘଟଣାରେ ଜଣେ ନିଲମ୍ବିତ**

ଉପରୋକ୍ତ ତିନିଜଣ ସେବକଙ୍କୁ ସ୍ପଷ୍ଟ ଭାବେ ଚେତାଇ ଦିଆଯାଇଛି ଯେ ଏହି ନିଲମ୍ବନ ସମୟରେ ସେମାନେ ନିଜେ କିମ୍ବା ଅନ୍ୟ କୌଣସି ସେବାୟତ କିମ୍ବା ବ୍ୟକ୍ତିବିଶେଷଙ୍କ ଦ୍ୱାରା କୌଣସି ପ୍ରକାର ବିଶୃଙ୍ଖଳା କରିବାକୁ ଅପଚେଷ୍ଟା କଲେ ନିଲମ୍ବନ ଅବଧିକୁ ବୃଦ୍ଧି କରାଯିବ। ଏଥିସହ ଆହୁରି ଅଧିକ କଠୋର୍ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଶ୍ରୀମନ୍ଦିର ପରିସରରେ ମହାପ୍ରଭୁଙ୍କ ନୀତିକାନ୍ତି ବା ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଶୃଙ୍ଖଳିତ ଦର୍ଶନରେ କୌଣସି ପ୍ରକାର ବାଧକ ସାଜିଲେ ସମ୍ପୃକ୍ତ ସେବାୟତ କିମ୍ବା ଅନ୍ୟ ବ୍ୟକ୍ତିବିଶେଷଙ୍କୁ ଛଡ଼ାଯିବ ନାହିଁ ବୋଲି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ପାଢ଼ୀ ସ୍ପଷ୍ଟ କରିଛନ୍ତି। ଏଥିସହ ଶ୍ରୀମନ୍ଦିରର ଶୃଙ୍ଖଳା ଏବଂ ଗରିମା ରକ୍ଷା ପାଇଁ ସମସ୍ତଙ୍କର ସହଯୋଗ କାମନା କରିଛନ୍ତି।

## କଳିଙ୍ଗା ଘାଟିରେ ଦୁର୍ଘଟଣା | ବସ୍ ଓଲଟି ମହିଳା ମୃତ, ୫ ଗୁରୁତର

**ଜି.ଉଦୟଗିରି, ୭।୧୧ (ସମିସ):** କନ୍ଧମାଳ ଜିଲ୍ଲା ଜି.ଉଦୟଗିରି ନିକଟସ୍ଥ କଳିଙ୍ଗା ଘାଟି ଅନ୍ଧାରିକୋଟି ନିକଟରେ ଶୁକ୍ରବାର ଭୋର ୪ଟାରେ ଶ୍ରୀରାମ ନାମକ ଏକ ଯାତ୍ରୀବାହୀ ବସ୍ ଓଲଟି ପଡ଼ିବାରୁ ଜଣେ ମହିଳାଙ୍କ ମୃତ୍ୟୁ ହୋଇଥିବା ବେଳେ ୫ଜଣ ଗୁରୁତର ଆହତ ହୋଇଛନ୍ତି। ମୃତ ମହିଳାଜଣଙ୍କ ହେଲେ, ଗଞ୍ଜାମ ଜିଲ୍ଲା ଆସିକା ବାବନପୁରର ସୂର୍ଯ୍ୟକାନ୍ତି ନାୟକ(୫୫)। ଜି.ଉଦୟଗିରି ଥାନା ଅଧିକାରୀ ବିଜୟ କୁମାର ସ୍ୱାଇଁ ଏବଂ ଅଗ୍ନିଶମ ଅଧିକାରୀ ମହେଶ୍ୱର ପ୍ରଧାନଙ୍କ ତତ୍ତ୍ୱାବଧାନରେ ଗୁରୁତର ଏବଂ ମୃତକଙ୍କୁ ଉଦ୍ଧାର କରି ଜି.ଉଦୟଗିରି ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ବରଗଡ଼ରୁ ବ୍ରହ୍ମପୁର ଯାଉଥିବା ବେଳେ ବସ୍‌ଟି ଘାଟିରେ ଭାରସାମ୍ୟ ହରାଇ ଗାର୍ଡୱାଲ୍‌ରେ ପିଟି ହେବା ସହ ଓଲଟି ପଡ଼ିଥିଲା।

କଳିଙ୍ଗା ଘାଟିରେ ସେପ୍ଟେମ୍ବର ୧୬ରେ ହୋଇଥିବା ଭୂ-ସ୍ଖଳନର ୪୭ଦିନ ପରେ ଚଳିତ ମାସ ୧ ତାରିଖରୁ କେବଳ ଦୁଇଚକିଆ ଏବଂ ଚାରିଚକିଆ ଭଳି ହାଲୁକା ଯାନ ଯିବା ପାଇଁ ଅନୁମତି ଥିଲା। ବଡ଼ଗାଡି ବା ଭାରୀଯାନ ଯାତାୟାତ କରିବାକୁ ଏଯାବତ୍ ଅନୁମତି ମିଳିନାହିଁ।

## ନିର୍ବାଚନରେ ଶିଶୁଙ୍କୁ ବ୍ୟବହାର କରୁଛି ବିଜେପି: କଂଗ୍ରେସ

**ଭୁବନେଶ୍ୱର, ୭।୧୧ (ସମିସ):** ନୂଆପଡ଼ା ଉପନିର୍ବାଚନରେ ନିର୍ବାଚନ ଆଦର୍ଶ ଆଚରଣ ବିଧି ଉଲ୍ଲଂଘନ କରି ଶିଶୁମାନଙ୍କୁ ନିର୍ବାଚନ ପ୍ରଚାରରେ ବ୍ୟବହାର କରୁଛି ବିଜେପି। ନିର୍ବାଚନ ପ୍ରଚାର ସମୟରେ ବିଜେପି ପ୍ରାର୍ଥୀ ଜୟ ଢୋଲକିଆ ଓ ତାଙ୍କ ଦଳ ଜାଣିଶୁଣି ଶିଶୁମାନଙ୍କୁ ପ୍ରଚାର କାର୍ଯ୍ୟରେ ବ୍ୟବହାର କରୁଛି। ଏପରି ସଂଗିନ୍ ଅଭିଯୋଗ ଆଣି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ଦ୍ୱାରସ୍ଥ ହୋଇଛି କଂଗ୍ରେସ। କଂଗ୍ରେସର ଏକ ପ୍ରତିନିଧିଦଳ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଲିଖିତ ଅଭିଯୋଗ ଦେଇଛି। ଏଥିରେ ଦର୍ଶାଯାଇଛି ଯେ ଏହି ପ୍ରଚାରରେ ନାବାଳିକା ଝିଅମାନେ ମଧ୍ୟ ଅଛନ୍ତି। ୫ ନଭେମ୍ବରରେ ନୂଆପଡ଼ା ବିଧାନସଭା ଅନ୍ତର୍ଗତ ଖୁଟାବନ ଭେରା ପଞ୍ଚାୟତରେ ଜଣେ ନାବାଳିକା ବିଜେପି ପତାକା ଧରି 'ଜୟ ଢୋଲକିଆ ଜିତିବେ' ବୋଲି ସ୍ଲୋଗାନ ଦେଉଥିବା ଦେଖାଯାଇଛି। ଏହାସହ ଏହିପରି ଶିଶୁମାନଙ୍କ ଦୁରୁପଯୋଗ ନୂଆପଡ଼ା ଅଞ୍ଚଳର ବିଭିନ୍ନ ସ୍ଥାନରେ ହୋଇଥିବା ତଥ୍ୟ ମଧ୍ୟ ମିଳିଛି। ଓଡ଼ିଶା ପ୍ରଦେଶ କଂଗ୍ରେସ ଏହି ଭିଡିଓ ପ୍ରମାଣ ସହ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କୁ ଅଭିଯୋଗ ଦେଇଛି। ଏହିପରି କାର୍ଯ୍ୟ ନିର୍ବାଚନ ଆଚରଣ ନିୟମର ଗୁରୁତର ଉଲ୍ଲଂଘନ ଓ ଆଇନ ଅନୁସାରେ ଦଣ୍ଡନୀୟ ଅପରାଧ। ଶିଶୁମାନଙ୍କୁ ନିର୍ବାଚନ ପ୍ରଚାର କାର୍ଯ୍ୟରେ ନିୟୋଜିତ କରିବା ସଂପୂର୍ଣ୍ଣ ନିଷିଦ୍ଧ ଏବଂ ଏହାର ଉଲ୍ଲଂଘନ କଲେ ଅନୁସାରେ ଦଣ୍ଡ ବ୍ୟବସ୍ଥା ରହିଛି। ତେଣୁ ତୁରନ୍ତ ଏହି ମାମଲାରେ ନିର୍ବାଚନ ଅଧିକାରୀ ବିଜେପି ପ୍ରାର୍ଥୀ ଜୟ ଢୋଲକିଆ ଓ ତାଙ୍କ ଦଳ ବିରୋଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ନିଅନ୍ତୁ ବୋଲି କଂଗ୍ରେସ ଦାବି କରିଛି। ଉକ୍ତ ପ୍ରତିନିଧିଦଳରେ ପ୍ରଦେଶ କଂଗ୍ରେସର ମୁଖପାତ୍ର ସୋନାଲି ସାହୁ, ଡଃ ମନୀଷା ଦାସ ପଟ୍ଟନାୟକ ଓ ମଧୁସ୍ମିତା ଆଚାର୍ଯ୍ୟ ପ୍ରମୁଖ ସାମିଲ ଥିଲେ।

## ଧାର୍ଯ୍ୟ ପରିମାଣଠାରୁ କମ୍ ଖଣିଜ ଦ୍ରବ୍ୟ ଉତ୍ପାଦନ ପାଇଁ ରାଜସ୍ୱ ହାନୀ ପ୍ରସଂଗ

## ଜବାବ ଦାଖଲ ପାଇଁ ହାଇକୋର୍ଟଙ୍କ ନିର୍ଦ୍ଦେଶ

**କଟକ, ୭ ।୧୧ (ସମିସ):** ଖଣି ଲିଜ୍ ଚୁକ୍ତିନାମାରେ ଉଲ୍ଲେଖ ପରିମାଣଠାରୁ କମ୍ ଲୁହାପଥର ଉତ୍ତୋଳନ କରୁଥିବା ଲିଜ୍‌ଧାରୀଙ୍କ ବିରୋଧରେ ସରକାର ୨୦୧୬ର ନିୟମାବଳୀର ନିୟମ-୧୨ ଅନୁସାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଓ ଏହା ଦ୍ୱାରା ରାଜ୍ୟ ସରକାର ରାଜସ୍ୱ ହରାଉଥିବା ଦର୍ଶାଇ ରୁଜୁ ଜନସ୍ୱାର୍ଥ ମାମଲାକୁ ବିଚାର ପାଇଁ ଗ୍ରହଣ କରିଛନ୍ତି ହାଇକୋର୍ଟ। ଏହି ମାମଲାର ଶୁଣାଣି କରି ପ୍ରତିପକ୍ଷ ରାଜ୍ୟ ସରକାରଙ୍କୁ ଜବାବ ଦାଖଲ ପାଇଁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ସିଟିଜେନ୍ସ ଆକ୍ସନ୍ ଫୋରମ୍ ପକ୍ଷରୁ ଦାୟର ଜନସ୍ୱାର୍ଥ ମାମଲାର ଶୁଣାଣି କରି ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ୍.ଏସ୍.ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଇସ୍ପାତ ଓ ଖଣି ବିଭାଗ ସଚିବ, ଖଣି ନିର୍ଦ୍ଦେଶକଙ୍କୁ ନୋଟିସ ଜାରି କରିଛନ୍ତି ଅଦାଲତ। ନଭେମ୍ବର ୧୨କୁ ମାମଲାର ପରବର୍ତ୍ତୀ ଶୁଣାଣି ପାଇଁ ଧାର୍ଯ୍ୟ କରାଯାଇଛି।

ମାମଲାରୁ ପ୍ରକାଶ, ରାଜ୍ୟରେ ୬୩ଟି ବୈଧ ଲୁହାପଥର ଖଣି ଲିଜ୍ ପ୍ରଦାନ କରାଯାଇଛି। ପରିବେଶ ମଞ୍ଜୁରୀ ଅନୁସାରେ ବାର୍ଷିକ ପ୍ରାୟ ୨୪୬ ମିଲିୟନ ଟନ୍ ଆଇରନ୍ ଓର୍ ଉତ୍ପାଦନ କରାଯିବା କଥା। କିନ୍ତୁ ୨୦୨୪-୨୫ ଆର୍ଥିକ ବର୍ଷରେ ମାତ୍ର ୧୫୯ ମିଲିଅନ ଟନ୍ ଖଣିଜ ଦ୍ରବ୍ୟ ଉତ୍ପାଦନ କରାଯାଇଛି। ଲିଜ୍ ସର୍ତ୍ତ ଉଲ୍ଲଂଘନ କରି କମ୍ ପରିମାଣର ଖଣିଜ ଦ୍ରବ୍ୟ ଉତ୍ତୋଳନ କାରଣରୁ ରାଜ୍ୟ ସରକାର ପ୍ରତିବର୍ଷ ୧ହଜାର କୋଟି ଟଙ୍କା ରାଜସ୍ୱ ହରାଉଛନ୍ତି। ଏଣୁ ଉକ୍ତ ଲିଜଧାରୀଙ୍କ ବିରୋଧରେ ନିୟମ ଅନୁସାରେ ରାଜ୍ୟ ସରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ଏପରି ଖଣିରୁ ରାଜ୍ୟ ବା କେନ୍ଦ୍ର ସରକାରଙ୍କ ସଂସ୍ଥା ମାଧ୍ୟମରେ ଖଣିଜ ଦ୍ରବ୍ୟ ଉତ୍ତୋଳନ ପାଇଁ ପଦକ୍ଷେପ ନିଆଯିବା ଆବଶ୍ୟକ ବୋଲି ଆବେଦନକାରୀ ଦର୍ଶାଇଛନ୍ତି। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ସୁପ୍ରିୟ ପାତ୍ର ଓ ସରକାରଙ୍କ ତରଫରୁ ଏଜିଏ ଦେବାଶିଷ ତ୍ରିପାଠୀ ମାମଲା ପରିଚାଳନା କରୁଛନ୍ତି।

## ବ୍ୟାଙ୍କରେ ନକଲି ସୁନା ରଖି ୮୫ଲକ୍ଷ ଋଣ

**ବାଲିଗୁଡ଼ା, ୭।୧୧ (ସମିସ):** ଲୋକେ ବନ୍ଧକ ରଖୁଥିବା ସୁନା ଅସଲି ନା ନକଲି, ତାହା ଯାଞ୍ଚ କରିବା ପାଇଁ ବ୍ୟାଙ୍କ ଆପ୍ରାଇଜର୍ ଭାବେ ନିଯୋଜିତ ହୋଇଥିଲେ। ମାତ୍ର ନିଜେ ଠକାମି କରି ବ୍ୟାଙ୍କକୁ ୮୫ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ଚୂନ ମାରିଦେଲେ। ଏପରି ଜଣେ ଧୂର୍ତ୍ତ ବଣିଆକୁ ବାଲିଗୁଡ଼ା ପୁଲିସ ଆଜି ବ୍ରହ୍ମପୁରରୁ ଗିରଫ କରିଛି। ସେ ହେଲା, ପି. ସତ୍ୟରାମ ଆଚାରୀ। ୩ ଜଣଙ୍କ ନାମରେ ନକଲି ସୁନା ରଖି ସେ ଏପରି ଠକେଇ କରିଥିବା ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ରମେନ୍ଦ୍ର ପ୍ରସାଦ ଆଜି ଏଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

ସୂଚନାନୁସାରେ, ବାଲିଗୁଡ଼ାରେ ସତ୍ୟରାମଙ୍କ ଏକ ସୁନା ଅଳଙ୍କାର ଦୋକାନ ଥିଲା। ସେ ବାଲିଗୁଡ଼ା ୟୁକୋ ବ୍ୟାଙ୍କରେ କିଛି ବର୍ଷ ଧରି ଆପ୍ରାଇଜର୍ ଥିଲେ। ଏହାର ସୁଯୋଗ ନେଇ ନିଜର ସୁନା ଦୋକାନରେ କାମ କରୁଥିବା ୩ କର୍ମଚାରୀଙ୍କ ନାମରେ ୧୪ଗୋଟି ନକଲି ସୁନା ଅଳଙ୍କାର ବନ୍ଧକ ରଖି ୮୫ ଲକ୍ଷ ୮୬ ହଜାର ଟଙ୍କା ଋଣ ନେଇଥିଲେ। କର୍ମଚାରୀମାନେ ଜାଣିବା ପୂର୍ବରୁ ତାଙ୍କ ବ୍ୟାଙ୍କ ଖାତାରୁ ଟଙ୍କା ଉଠାଇ ନେଇଯାଉଥିଲା। ଟଙ୍କା ନ ସୁଝିବାରୁ ୨୦୨୪ରେ ନିଲାମ ପାଇଁ ଯାଞ୍ଚ ହେବାରୁ ଏହା ନକଲି ସୁନା ବୋଲି ଜଣାପଡ଼ିଥିଲା। ଗତ ମେ' ୨୧ ଦିନ ବାଲିଗୁଡା ୟୁକୋ ବ୍ୟାଙ୍କର ଶାଖା ପରିଚାଳକ ମାନସ ରଂଜନ ନାୟକ ବ୍ୟାଙ୍କରେ ନକଲି ସୁନା ଅଳଙ୍କାର ରଖି ଋଣ ନେଇଥିବା ନେଇ ଏତଲା ଦେଇଥିଲେ। ମାମଲା ରୁଜୁ କରି ପୁଲିସ ତଦନ୍ତ ଚଳାଇଥିଲା। ଖବର ପାଇ ଅଭିଯୁକ୍ତ ଆଚାରୀ ଫେରାର ହୋଇଯାଇଥିଲା। ସେ ବ୍ରହ୍ମପୁରରେ ଥିବା ଖବର ପାଇ ପୁଲିସ ଚଢ଼ଉ କରି ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ତେବେ ବାଲିଗୁଡାର କିଛି ବ୍ୟକ୍ତିଙ୍କ ଠାରୁ ମଧ୍ୟ ସେ ଲକ୍ଷାଧିକ ଟଙ୍କା ଧାର ନେଇଥିବା ପୁଲିସ ସୂଚନା ଦେଇଛି।

୨୦୨୪ ସେପ୍ଟେମ୍ବର ମାସରେ ଫୁଲବାଣୀ ୟୁକୋ ବ୍ୟାଙ୍କର ସହକାରୀ ପରିଚାଳକ ଓ ଭଞ୍ଜନଗର ଜଣେ ସୁନାରି ବାଲିଗୁଡା ୟୁକୋ ବ୍ୟାଙ୍କରେ ପହଞ୍ଚି ପୁନର୍ବାର ସୁନାର ଯାଞ୍ଚ କରିଥିଲେ। କିନ୍ତୁ ଏହି ଘଟଣାରେ ବ୍ୟାଙ୍କର କିଛି କର୍ମଚାରୀ ସମ୍ପୃକ୍ତ ଥିବା ସନ୍ଦେହ କରାଯାଉଛି ବୋଲି ମଧ୍ୟ କହିଛନ୍ତି ବାଲିଗୁଡ଼ା ଏସ୍‌ଡିପିଓ ରମେନ୍ଦ୍ର ପ୍ରସାଦ।


## ପୀତବାସ ହତ୍ୟା ମାମଲା | ବିକ୍ରମଙ୍କୁ ସର୍ତ୍ତମୂଳକ ଖଲାସ ପାଇଁ ଆବେଦନ

**ବ୍ରହ୍ମପୁର, ୭ ।୧୧(ସମିସ):** ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ପକ୍ଷରୁ ତାଙ୍କ ଓକିଲ ଗୁରୁବାର ଦାଖଲ କରିଥିବା ଏକ ପିଟିସନ୍‌ର ଶୁକ୍ରବାର ଶୁଣାଣି ହୋଇଛି। ପିଟିସନ୍ ଉପରେ ଉଭୟ ପକ୍ଷର ଶୁଣାଣି ଶେଷ ହୋଇଥିବା ବେଳେ ଆସନ୍ତା ୧୩ ତାରିଖରେ ରାୟ ପ୍ରକାଶ କରିବାକୁ ଦିନ ଧାର୍ଯ୍ୟ କରାଯାଇଥିବା ଜଣାପଡ଼ିଛି।

ସ୍ଥାନୀୟ ଏସଡିଜେଏମ୍‌ଙ୍କ କୋର୍ଟରେ ବିକ୍ରମଙ୍କ ଓକିଲ ବରିଷ୍ଠ ଆଇନଜୀବୀ କୁମାରକାନ୍ତ ବେହେରା ଯୁକ୍ତି ବାଢ଼ିଛନ୍ତି ଯେ ବିନା କୌଣସି ବିଶ୍ୱାସଯୋଗ୍ୟ ତଥା ଠୋସ୍ ପ୍ରମାଣରେ ବିକ୍ରମଙ୍କୁ ପୁଲିସ ଗିରଫ କରିଛି। ପୁଲିସ ପକ୍ଷରୁ କୋର୍ଟଙ୍କୁ କୌଣସି ଠୋସ୍ କାରଣ ବା ପ୍ରମାଣ ଦିଆଯାଇନଥିବାରୁ ବିକ୍ରମଙ୍କ ଗିରଫକୁ ବେଆଇନ ଦର୍ଶାଇ ତାଙ୍କୁ ସର୍ତ୍ତମୂଳକ ଭାବେ ଖଲାସ କରିବାକୁ ଓକିଲ ଶ୍ରୀ ବେହେରା ଯୁକ୍ତି ଉପସ୍ଥାପନ କରିଥିଲେ।

ତେବେ ଏହି ଯୁକ୍ତିକୁ ସରକାରୀ ଓକିଲ ରାଜେନ୍ଦ୍ର ସାବତ ବିରୋଧ କରିଥିଲେ। ବିକ୍ରମଙ୍କ ବିରୋଧରେ ଆବଶ୍ୟକ ପ୍ରମାଣ ଥିବା ସେ ଦର୍ଶାଇଥିଲେ। ଏହି ପିଟିସନ୍ ଉପରେ ଉଭୟପକ୍ଷର ଶୁଣାଣି କରିବା ପରେ କୋର୍ଟ ରାୟକୁ ଆସନ୍ତା ୧୩ ତାରିଖ ପର୍ଯ୍ୟନ୍ତ ସଂରକ୍ଷିତ ରଖିଛନ୍ତି। ସେପଟେ, ବିକ୍ରମଙ୍କୁ ସର୍ତ୍ତମୂଳକ ଖଲାସ ଆବେଦନକୁ ବିରୋଧ କରି ତଥା ଏହି ମାମଲାରେ ସରକାରୀ ଓକିଲଙ୍କୁ ମକଦ୍ଦମା ପରିଚାଳନାରେ ସହଯୋଗ କରିବାକୁ ଶତାଧିକ ଓକିଲ ବରିଷ୍ଠ ଆଇନଜୀବୀ ଶିଶିର ପାଢ଼ୀଙ୍କ ନେତୃତ୍ୱରେ ଏସଡିଜେଏମଙ୍କ କୋର୍ଟରେ ୱକାଲତନାମା ଦାଖଲ କରିଥିବା ଜଣାପଡ଼ିଛି। ଅପରପକ୍ଷେ, ଏହି ହତ୍ୟା ମାମଲାରେ ଗିରଫ ହୋଇଥିବା ୬ଜଣ ଅଭିଯୁକ୍ତଙ୍କ ମଧ୍ୟରୁ ଉମା ବିଶୋୟୀ ଓ ଯୋଗେନ୍ଦ୍ର ରାଉତକୁ ପୁଣି ରିମାଣ୍ଡରେ ନେଇ ଅଧିକ ଜେରା କରାଯିବ ବୋଲି ସୂଚନା ଦେଇଛନ୍ତି ବ୍ରହ୍ମପୁର ଏସପି ଡା. ସର୍ବଣା ବିବେକ ଏମ୍।

## ଅଚ୍ୟୁତ ସାମନ୍ତଙ୍କୁ ୬୯ତମ ସମ୍ମାନସୂଚକ ଡକ୍ଟରେଟ୍



**ଭୁବନେଶ୍ୱର, ୭ ।୧୧ (ସମିସ):** ଶିକ୍ଷାବିତ୍, ସମାଜସେବୀ ତଥା କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କୁ ଏସ୍‌ଆର୍‌ଏମ୍ ବିଶ୍ୱବିଦ୍ୟାଳୟ, ସୋନିପତ ପକ୍ଷରୁ ସମ୍ମାନସୂଚକ ଡକ୍ଟରେଟ୍ ପ୍ରଦାନ କରାଯାଇଛି। ଏସ୍‌ଆର୍‌ଏମ୍ ବିଶ୍ୱବିଦ୍ୟାଳୟର ତୃତୀୟ ସମାବର୍ତ୍ତନ ଉତ୍ସବ ଅବସରରେ ଶିକ୍ଷା ଜରିଆରେ ସମାଜର ବିକାଶ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ନିମନ୍ତେ ଶୁକ୍ରବାର ସାମନ୍ତଙ୍କୁ ଏହି ସମ୍ମାନ ପ୍ରଦାନ କରାଯାଇଛି। ଏହା ହେଉଛି ଶ୍ରୀ ସାମନ୍ତଙ୍କ ୬୯ତମ ସମ୍ମାନସୂଚକ ଡକ୍ଟରେଟ୍।

ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା କୁଳାଧିପତି ଡ. ଟି.ଆର୍. ପାରିଭିନ୍ଦର, କୁଳପତି ପ୍ରଫେସର୍ ପରମଜିତ ଜୟସ୍ୱାଲ ଓ କୁଳସଚିବ ପ୍ରଫେସର୍ ଭି ସାମୁଏଲ୍ ରାଜଙ୍କ ଉପସ୍ଥିତିରେ ଭାରତର ଉପରାଷ୍ଟ୍ରପତି ସି.ପି ରାଧାକ୍ରିଷ୍ଣନ୍ ଶ୍ରୀ ସାମନ୍ତଙ୍କୁ ଏହି ସମ୍ମାନ ପ୍ରଦାନ କରିଥିଲେ। ଏଥିପାଇଁ ଏସ୍‌ଆର୍‌ଏମ୍ ବିଶ୍ୱବିଦ୍ୟାଳୟ, ସୋନିପତର ଶିକ୍ଷା ପରିଷଦ ଏବଂ ପରିଚାଳନା ବୋର୍ଡ ଶ୍ରୀ ସାମନ୍ତଙ୍କ ନାମ ସୁପାରିଶ କରିଥିଲେ ଏବଂ ସର୍ବସମ୍ମତିକ୍ରମେ ଶ୍ରୀ ସାମନ୍ତଙ୍କୁ ଏହି ଡିଗ୍ରୀ ପ୍ରଦାନ କରିବାକୁ ନିଷ୍ପତ୍ତି ନେଇଥିଲେ। ଏସ୍‌ଆରଏମ୍ ବିଶ୍ୱବିଦ୍ୟାଳୟ ଏହାର ପ୍ରଶଂସାପତ୍ରରେ ଶ୍ରୀ ସାମନ୍ତଙ୍କୁ ଶିକ୍ଷା ଜରିଆରେ ସେବା ଓ ମାନବିକତା କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନକୁ ପ୍ରଶଂସା କରାଯାଇଛି। ସମାବର୍ତ୍ତନ ସମାରୋହ ଅବସରରେ ଶ୍ରୀ ସାମନ୍ତ ଏସ୍‌ଆର୍‌ଏମ୍ ବିଶ୍ୱବିଦ୍ୟାଳୟ, ସୋନିପତ କର୍ତ୍ତୃପକ୍ଷଙ୍କୁ କୃତଜ୍ଞତା ଜଣାଇବା ସହ ଏହି ସମ୍ମାନ ଶିକ୍ଷା ଓ ସମାଜସେବା କ୍ଷେତ୍ରରେ କାମ କରିବାକୁ ଆହୁରି ପ୍ରେରଣା ଯୋଗାଇବ ବୋଲି କହିଛନ୍ତି।

# ସରକାରଙ୍କ ଭୁଲ୍; ଦଣ୍ଡ ଭୋଗୁଛନ୍ତି ଆଶାୟୀ

## ଦଳେ ରାସ୍ତାରେ, ଦଳେ କୋର୍ଟରେ

**ଭୁବନେଶ୍ୱର,୭ ।୧୧ (ସମିସ):** ଲିଭ୍ ଟ୍ରେନିଂ ଟିଚର (ଏଲ୍‌ଟିଆର୍) ନିଯୁକ୍ତିରେ ବ୍ୟାପକ ଅସଙ୍ଗତି ରହିଛି। ବିଜ୍ଞପ୍ତି ଅନୁଯାୟୀ ଓଡ଼ିଶା କର୍ମଚାରୀ ପ୍ରବରଣ ଆୟଗ (ଓଏସ୍‌ଏସ୍‌ସି) ପରୀକ୍ଷା ପରିଚାଳନା କରିନାହିଁ। ପୁନଶ୍ଚ ଯେଉଁ ପରୀକ୍ଷା ହୋଇଛି, ସେଥିରେ ସମସ୍ତ ନୀତି ନିୟମକୁ ଜଳାଞ୍ଜଳି ଦିଆଯାଇଛି। ଫଳରେ ମାମଲା କୋର୍ଟରେ ପହଞ୍ଚିବା ସହ ସମ୍ପୂର୍ଣ୍ଣର୍ ନିଯୁକ୍ତି ପ୍ରକ୍ରିୟା ବିଳମ୍ବିତ ହୋଇଛି। ହିନ୍ଦୀ ଶିକ୍ଷକ ପରୀକ୍ଷାକୁ ହାଇକୋର୍ଟ ରଦ୍ଦ କରିଥିବାବେଳେ ସଂସ୍କୃତ ଶିକ୍ଷକ ଆଶାୟୀମାନେ ଦୁଇଦିନ ହେଲା ଓଏସ୍‌ଏସ୍‌ସି କାର୍ଯ୍ୟାଳୟ ସମ୍ମୁଖରେ ଆନ୍ଦୋଳନ ଜାରି ରଖିଛନ୍ତି। ଅପରପକ୍ଷରେ ହିନ୍ଦୀ ପରି ସଂସ୍କୃତ ଶିକ୍ଷକ ପଦ ପାଇଁ ୫ଗୁଣାରୁ ଅଧିକ ଆଶାୟୀ ଆବେଦନ କରିଥିବାବେଳେ ପ୍ରିଲିମିନାରୀ ପରୀକ୍ଷା କରାଯାଇ ନ ଥିବାରୁ ସମ୍ପୂର୍ଣ୍ଣ ନିଯୁକ୍ତି ପରୀକ୍ଷା ରଦ୍ଦ ହେବାର ଆଶଙ୍କା ସୃଷ୍ଟି ହୋଇଛି ।

ଏଲ୍‌ଟିଆର୍ ଶିକ୍ଷକ ନିଯୁକ୍ତିରେ ୭୨୯ଟି ସଂସ୍କୃତ ଶିକ୍ଷକ ପଦ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ଏଥିପାଇଁ ପ୍ରାୟ ୪୯୬୯ ଜଣ ଆଶାୟୀ ଆବେଦନ କରିଥିବା ରାଜ୍ୟ ସରକାରଙ୍କ ପକ୍ଷରୁ ହାଇକୋର୍ଟରେ ସତ୍ୟପାଠ ଦାଖଲ କରାଯାଇଛି। ଅର୍ଥାତ୍ ମୋଟ୍ ପଦ ପାଇଁ ପ୍ରାୟ ୭ଗୁଣା ଆଶାୟୀ ଆବେଦନ କରିଥିଲେ। ଅପରପକ୍ଷରେ ମୋଟ୍ ପଦର ୫ଗୁଣାରୁ ଅଧିକ ଆଶାୟୀ ଆବେଦନ କଲେ ପ୍ରିଲିମିନାରୀ ପରୀକ୍ଷା ହେବା ପରେ ମୁଖ୍ୟ ପରୀକ୍ଷା ହେବ ବୋଲି ସ୍ପଷ୍ଟ ଉଲ୍ଲେଖ କରାଯାଇଛି। ଏହାସତ୍ତ୍ୱେ ଉଭୟ ହିନ୍ଦୀ ଓ ସଂସ୍କୃତ ଆଶାୟୀଙ୍କ ପ୍ରିଲିମିନାରୀ ପରୀକ୍ଷା କରାଯାଇ ନ ଥିଲା। ହିନ୍ଦୀ ଶିକ୍ଷକଙ୍କ ମାମଲା କୋର୍ଟରେ ପହଞ୍ଚିବା ପରେ ସମ୍ପୂର୍ଣ୍ଣ ନିଯୁକ୍ତି ପ୍ରକ୍ରିୟାକୁ ଗତମାସ ୧୬ ତାରିଖରେ ହାଇକୋର୍ଟ ରଦ୍ଦ କରିଛନ୍ତି। ଅନୁରୂପ ଭାବେ ସଂସ୍କୃତ ଶିକ୍ଷକ ପଦ ପାଇଁ ନିଯୁକ୍ତି ପ୍ରକ୍ରିୟାକୁ ରଦ୍ଦ କରି ପ୍ରିଲିମିନାରୀ ପରୀକ୍ଷା କରିବାକୁ କୋର୍ଟରେ ମାମଲା ବିଚାରଧୀନ ରହିଛି। ଅପରପକ୍ଷରେ ସଂସ୍କୃତ ବ୍ୟତୀତ ଅନ୍ୟ ସମସ୍ତ ପଦ ପାଇଁ ଚୂଡ଼ାନ୍ତ ପରୀକ୍ଷା ଫଳ ପ୍ରକାଶ ପାଇଛି। ଆସନ୍ତା ୧୫ ତାରିଖରେ ସେମାନଙ୍କୁ ମୁଖ୍ୟମନ୍ତ୍ରୀ ନିଯୁକ୍ତି ପତ୍ର ବାଣ୍ଟିବେ। ଏଣୁ ସଂସ୍କୃତ ଆଶାୟୀଙ୍କ ପରୀକ୍ଷା ଫଳ ପ୍ରକାଶ କରି ସେମାନଙ୍କୁ ମଧ୍ୟ ନିଯୁକ୍ତି ଦିଆଯାଉ ବୋଲି ଆଶାୟୀମାନେ ଓଏସ୍‌ଏସ୍‌ସି କାର୍ଯ୍ୟାଳୟ ସମ୍ମୁଖରେ ୨ଦିନ ଧରି ଆନ୍ଦୋଳନ କରିଛନ୍ତି। ଓଏସ୍‌ଏସ୍‌ସି ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ କୋର୍ଟରେ ମାମଲା ବିଚାରଧୀନ ରହିଥିବାରୁ ପରୀକ୍ଷା ଫଳ ପ୍ରକାଶ ପାଇନାହିଁ। ଚୂଡ଼ାନ୍ତ ରାୟ ବା କୋର୍ଟଙ୍କ ନିର୍ଦ୍ଦେଶ ବିନା ପରୀକ୍ଷା ଫଳ ପ୍ରକାଶ ପାଇବ ନାହିଁ।

ସରକାରଙ୍କ ତ୍ରୁଟିପୂର୍ଣ୍ଣ ବିଜ୍ଞପ୍ତି ପାଇଁ ଆଶାୟୀମାନେ ଦହଗଞ୍ଜ ହେଉଛନ୍ତି। ପରୀକ୍ଷା ଦେଇ ଚାକିରି ପାଇଁ ଯୋଗ୍ୟ ହୋଇଥିଲେ ମଧ୍ୟ ନିଯୁକ୍ତି ପତ୍ର ଦିଆଯାଉ ନାହିଁ। କେବଳ ଏଲ୍‌ଟିଆର୍ ନୁହେଁ, ପ୍ରତିଟି ନିଯୁକ୍ତି ପରୀକ୍ଷାରେ ବିଭ୍ରାଟ ହେଉଥିବାରୁ ଆଶାୟୀଙ୍କ ମାନସିକ ସ୍ଥିତି ଦୋହଲି ସାରିଛି। ସରକାର ତ୍ରୁଟିଶୂନ୍ୟ ପରୀକ୍ଷା ପରିଚାଳନା କରିବାରେ ବାରମ୍ବାର ବିଫଳ ହେଉଥିବା ଅଭିଯୋଗ ହେଉଛି।

### ୧୬ରେ ହିନ୍ଦୀ ଶିକ୍ଷକଙ୍କ ପ୍ରିଲିମିନାରୀ ପରୀକ୍ଷା

ରଦ୍ଦ ହୋଇଥିବା ଏଲ୍‌ଟିଆର୍ ହିନ୍ଦୀ ଶିକ୍ଷକ ପରୀକ୍ଷା ଆସନ୍ତା ୧୬ତାରିଖରେ ଅନୁଷ୍ଠିତ ହେବ। ଅବିଭକ୍ତ ୧୩ଟି ଜିଲ୍ଲାର ପରୀକ୍ଷାକେନ୍ଦ୍ରରେ ପରୀକ୍ଷା ଦେବେ ଆଶାୟୀ ଛାତ୍ରଛାତ୍ରୀ। ଓଏମ୍‌ଆର୍ ବେସଡ୍ ପରୀକ୍ଷା ପାଇଁ ଆବେଦନ କରିଥିବା ପିଲାମାନେ ଆସନ୍ତା ୧୦ ତାରିଖଠାରୁ ଆଡମିଟ୍ କାର୍ଡ ଡାଉନଲୋଡ୍ କରିପାରିବେ। ଦୁଇ ଘଣ୍ଟାରେ ସମୁଦାୟ ଶହେ ମାର୍କର ପରୀକ୍ଷା ଅନୁଷ୍ଠିତ ହେବ। ଏନେଇ ଓଏସ୍‌ଏସ୍‌ସି ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

## ଓଏସ୍‌ଏସ୍‌ସି କାର୍ଯ୍ୟାଳୟ ସାମ୍ନାରେ ବିକ୍ଷୋଭ



**ଭୁବନେଶ୍ୱର, ୭ ।୧୧ (ସମିସ):** ଏଲ୍‌ଟିଆର୍ ସଂସ୍କୃତ ଶିକ୍ଷକ ଆଶାୟୀମାନେ ଦୁଇଦିନ ଧରି ଓଏସ୍‌ଏସ୍‌ସି କାର୍ଯ୍ୟାଳୟ ସମ୍ମୁଖରେ ଆନ୍ଦୋଳନ କରିଛନ୍ତି। ରାତିରେ କାର୍ଯ୍ୟାଳୟ ସମ୍ମୁଖରେ ଶୋଇବା ସହ ଚୂଡ଼ାନ୍ତ ପରୀକ୍ଷାଫଳ ପ୍ରକାଶ ନ କଲେ ଆନ୍ଦୋଳନରୁ ହଟିବେ ନାହିଁ ବୋଲି ଚେତାବନୀ ଦେଇଛନ୍ତି। ଓଏସ୍‌ଏସ୍‌ସିର ସମସ୍ତ ନିୟମ ଅନୁଯାୟୀ ପରୀକ୍ଷା ଦେଇଥିଲେ ମଧ୍ୟ ସେମାନଙ୍କୁ କାହିଁକି ନିଯୁକ୍ତି ଦିଆଯାଉନି ବୋଲି ଗର୍ଜନ କରିଛନ୍ତି। ଆଶାୟୀଙ୍କ କହିବା କଥା ପରୀକ୍ଷାରେ ଅକୃତକାର୍ଯ୍ୟ ହେଉଥିବା କିଛି ପରୀକ୍ଷାର୍ଥୀ ଉଦ୍ଦେଶ୍ୟମୂଳକ ଭାବେ କୋର୍ଟ ଯାଉଛନ୍ତି। ବିଜ୍ଞପ୍ତିରେ ଏକାଧିକ ତ୍ରୁଟି ସେମାନଙ୍କୁ କେସ୍ କରିବାକୁ ସୁଯୋଗ ଦେଉଛି। ହେଲେ ପରୀକ୍ଷା ଦେଇ ମେଧା ଆଧାରରେ ଚୟନ ହୋଇଥିଲେ ମଧ୍ୟ ସେମାନଙ୍କୁ ନିଯୁକ୍ତି ଦିଆଯାଉନି ବୋଲି ପ୍ରଶ୍ନ କରିଛନ୍ତି। ଅନ୍ୟ ଏଲ୍‌ଟିଆର୍ ପଦ ପାଇଁ କୋର୍ଟରେ ମାମଲା ହୋଇଥିଲେ ମଧ୍ୟ କେସ୍ ନମ୍ବର ପକାଇ ରେଜଲ୍ଟ ପ୍ରକାଶ କରାଯାଇଛି। ତାହେଲେ ସଂସ୍କୃତ ଶିକ୍ଷକଙ୍କ ସହ ବୈମାତୃକ ମନୋଭାବ କାହିଁକି ବୋଲି ସେମାନେ ପ୍ରଶ୍ନ କରିଛନ୍ତି। ସମାନ ବିଜ୍ଞପ୍ତିରେ ଆସନ୍ତା ୧୫ ତାରିଖ ଦିନ ସମସ୍ତେ ନିଯୁକ୍ତି ପତ୍ର ପାଇବାକୁ ଯାଉଥିବାବେଳେ ସେମାନଙ୍କୁ କାହିଁକି ବାଦ୍ ଦିଆଯାଉଛି ବୋଲି ପଚାରିଛନ୍ତି। ମେଧାବୀ ପରୀକ୍ଷାର୍ଥୀଙ୍କ ପ୍ରମାଣପତ୍ର ଯାଞ୍ଚ ପ୍ରକ୍ରିୟା ସରିଛି। ମାମଲା ବିଚାରଧୀନ ଥିଲେ ମଧ୍ୟ ଅନ୍ୟ ବିଷୟରେ ନିଯୁକ୍ତି ପରି କେସ୍ ନମ୍ବର ପକାଇ ସେମାନଙ୍କୁ ମଧ୍ୟ ନିଯୁକ୍ତି ଦେବାକୁ ଆନ୍ଦୋଳନରତ ଆଶାୟୀମାନେ ଦାବି କରିଛନ୍ତି। ଓଏସ୍‌ଏସ୍‌ସି କର୍ତ୍ତୃପକ୍ଷଙ୍କ ସହିତ ଆଲୋଚନା ପରେ ବିଳମ୍ବିତ ସନ୍ଧ୍ୟାରେ ଆନ୍ଦୋଳନ ପ୍ରତ୍ୟାହୃତ ହୋଇଛି।

## ଆଜିର ରାଶିଫଳ

**ମେଷ:** ଆର୍ଥିକ ସମସ୍ୟା ଦେଖା ଦେବ। ଚିନ୍ତାରେ ରହିବେ । ପେଟ ଜନିତ ସମସ୍ୟା ଦେଖା ଦେଇପାରେ। ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ। ଭାଇ ଭଉଣୀଙ୍କ ସହଯୋଗ ମିଳିବ। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ସନ୍ଧ୍ୟାରେ ବନ୍ଧୁଙ୍କ ସହ ବୁଲିବାକୁ ଯିବେ। ନିବେଶ କରିବା ପାଇଁ ଉପଯୁକ୍ତ ସମୟ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପରିବାର ପାଇଁ ସମୟ ବାହାର କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି। ମନ ପ୍ରସନ୍ନ ରହିବ। ମାନସିକ ଚିନ୍ତା ଦୂର ହେବ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ। ଅର୍ଥ ନିବେଶରୁ ଦୂରେଇ ରହିବେ। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେଇପାରେ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମ ଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେଇପାରେ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ଧନୁ:** ଘର ପାଇଁ ନୂଆ ଜିନିଷ କିଣିବେ। ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ।


**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରୁହନ୍ତୁ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଭଗବାନ ଶିବଙ୍କୁ ପୂଜା କରିବେ। ଆୟ ଓ ବ୍ୟୟ ସମାନ ରହିବ। ପୂଜାର୍ଚ୍ଚନାରେ ସମୟ ବିତାଇବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସମସ୍ତ ଇଚ୍ଛା ପୂରଣ ହେବ।

## ଆଜିର ଇତିହାସ

- ୧୯୪୫- ହଂକଂରେ ନୌକା ଦୁର୍ଘଟଣାରେ ୧୫୫୦ ଲୋକଙ୍କ ମୃତ୍ୟୁ।
- ୧୯୬୫- ବ୍ରିଟେନରେ, ହତ୍ୟା ମାମଲାରେ ମୃତ୍ୟୁଦଣ୍ଡକୁ ଉଠାଇ ଦିଆଗଲା।
- ୧୯୮୮-ଚୀନ୍‌ରେ ବିନାଶକାରୀ ଭୂମିକମ୍ପ ଯୋଗୁଁ ୯୦୦ ଲୋକଙ୍କ ମୃତ୍ୟୁ।
- ୨୦୦୦- ବିଲ୍ କ୍ଲିଣ୍ଟନ୍‌ଙ୍କ ପତ୍ନୀ ହିଲାରି କ୍ଲିଣ୍ଟନ୍ ନ୍ୟୁୟର୍କ ସିଟ୍‌ରୁ ଜିତି ରେକର୍ଡ କଲେ।
- ୨୦୦୮- ଭାରତର ପ୍ରଥମ ମାନବ ରହିତ ମହାକାଶଯାନ ଚନ୍ଦ୍ରଯାନ-୧ ଚନ୍ଦ୍ର କକ୍ଷରେ ପହଞ୍ଚିଲା।



## ହୀରା ଖଚିତ ଆଖି

ଫିଲ୍ମ ତଥା ଟିଭିରେ ବେଳେ ବେଳେ ଏମିତି ଚରିତ୍ର ନଜର ଆସିଛନ୍ତି, ଯେଉଁମାନଙ୍କ ଦାନ୍ତ ସୁନାର ହୋଇଥାଏ। ସେହିପରି ବାସ୍ତବ ଜୀବନରେ ବି କିଛି ଧନୀ ଲୋକ ଏମିତି ଥାନ୍ତି, ଯେଉଁମାନେ ସୁନାର ଦାନ୍ତ ଲଗାଇଥାନ୍ତି। ଏହି କ୍ରମରେ ଏବେ ଜଣେ ବ୍ୟକ୍ତି ସୁନା ନୁହେଁ, ବରଂ ହୀରା ଖଚିତ ଆଖି ପାଇଁ ସଭିଙ୍କ ଦୃଷ୍ଟିଆକର୍ଷଣ କରିଛନ୍ତି। ଆଲବାମା ନିବାସୀ ସେଲ୍ଟର ଜୋନ୍ସଙ୍କ ପାଖରେ ବିଶ୍ୱର ସବୁଠୁ ଦାମୀ କୃତ୍ରିମ ଆଖି ଅଛି। ଜୋନ୍ସ ଜଣେ ଗହଣା ଦୋକାନର ମାଲିକ। ସେ ତାଙ୍କ କୃତ୍ରିମ ଆଖିରେ ୨ କ୍ୟାରେଟ୍‌ର ହୀରା ଲଗାଇଛନ୍ତି। ସେ ଡାହାଣ ଚକ୍ଷୁର ଦୃଷ୍ଟିଶକ୍ତି ସମ୍ପୂର୍ଣ୍ଣ ହରାଇବା ପରେ ତାଙ୍କ କୃତ୍ରିମ ଆଖିରେ ହୀରା ଲଗାଇବା ନିଷ୍ପତ୍ତି ନେଲେ। ତେବେ ସେ ଏକ ଭୟାନକ ରୋଗ ଯୋଗୁଁ ନିଜ ଡାହାଣ ଆଖିର ଦୃଷ୍ଟିଶକ୍ତି ହରାଇବା ପରେ କୃତ୍ରିମ ଆଖି ଲଗାଇବାକୁ ଚାହିଁଲେ। ତେଣୁ ଏ ଲାଗି ସେ ବିଶେଷଜ୍ଞ ଜନ୍ ଲିମ୍‌ଙ୍କ ପାଖକୁ ଗଲେ। ଏଠାରେ ଜୋନ୍ସ ଏକ ବିଶେଷ ପ୍ରକାର ଆଖି ତିଆରି ପାଇଁ ବରାଦ ଦେଲେ। ଜୋନ୍ସ ଏମିତି ଏକ ଆଖି ଚାହୁଁଥିଲେ, ଯାହାକି ତାଙ୍କୁ ଜଣେ ଅଳଙ୍କାର ଡିଜାଇନର ବୋଲି ଦର୍ଶାଇ ପାରୁଥିବ। ତାଙ୍କ ଆଖିରେ ଲାଗିଥିବା ହୀରା ଉପରେ ଆଲୋକ ପଡ଼ିଲେ ଚିକ୍‌ମିକ୍ କରେ। ସେହିପରି ସେ ତାଙ୍କର ହୀରା ଆଖି ଯୋଗୁଁ ଯୁଆଡ଼େ ଯାଆନ୍ତି ଚର୍ଚ୍ଚାରେ ରହନ୍ତି। ତେବେ ଏହି କୃତ୍ରିମ ଆଖି ତାଙ୍କ ଜୀବନରେ ନୂଆ ଆଲୋକ ଆଣିଥିବା କହିଛନ୍ତି। ଲିମ୍ ଛଅ ସପ୍ତାହ ଶିଶୁଙ୍କଠାରୁ ଆରମ୍ଭ କରି ୧୦୧ ବର୍ଷ ବୟସ୍କ ପାଇଁ ପ୍ରାୟ ୧୦ ହଜାର କୃତ୍ରିମ ଚକ୍ଷୁ ତିଆରି କରିଛନ୍ତି। ହେଲେ ଜୋନ୍ସଙ୍କର କୃତ୍ରିମ ଆଖି ସବୁଠୁ ଦାମୀ ବୋଲି ଲିମ୍ କହନ୍ତି। ଅନ୍ୟପକ୍ଷରେ ସାମାଜିକ ଗଣମାଧ୍ୟମରେ ଏକଥା ସାମ୍ନାକୁ ଆସିବା ପରେ ଲୋକେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।

## ମା' ହେଲେ କ୍ୟାଟ୍ରିନା



ବିବାହର ଚାରି ବର୍ଷ ପରେ ବଲିଉଡ୍‌ର ପାୱାର କପଲ୍ କାଟ୍ରିନା କୈଫ୍ ଏବଂ ଭିକି କୌଶଲ ମା' ବାପା ହୋଇଛନ୍ତି। ଏହି ଦମ୍ପତି ଆଜି (ନଭେମ୍ବର ୭ ତାରିଖ) ସେମାନଙ୍କର ପ୍ରଥମ ସନ୍ତାନକୁ ସ୍ୱାଗତ କରିଛନ୍ତି। ୪୨ ବର୍ଷୀୟା କ୍ୟାଟ୍ରିନା ଏକ ଶିଶୁ ପୁତ୍ରକୁ ଜନ୍ମ ଦେଇଛନ୍ତି। ଉଭୟ ମା' ଓ ପୁଅଙ୍କ ସ୍ୱାସ୍ଥ୍ୟାବସ୍ଥା ଭଲ ଥିବା ସୂଚନା ମିଳିଛି। କାଟ୍ରିନା ଏବଂ ଭିକି ଉଭୟ ସୋସିଆଲ ମିଡିଆରେ ଏକ ପୋଷ୍ଟ ସେୟାର କରି ପ୍ରଶଂସକଙ୍କ ସହିତ ଏହି ଖୁସି ଖବର ସେୟାର କରିଛନ୍ତି। ପୋଷ୍ଟରେ ଲେଖାଯାଇଛି- "ଆମ ଖୁସିର ବଣ୍ଡଲ୍ ଆସିଗଲା। ଅତ୍ୟନ୍ତ ଆନନ୍ଦ ଏବଂ ଉତ୍ସାହର ସହିତ ଆମେ ଆମ ପୁଅକୁ ସ୍ୱାଗତ କରୁଛୁ। ନଭେମ୍ବର ୭, ୨୦୨୫। କ୍ୟାଟ୍ରିନା ଏବଂ ଭିକି।" ପୋଷ୍ଟ ସେୟାର୍ ହେବା ପରେ ବଲିଉଡ୍ ତାରକାଙ୍କଠାରୁ ଆରମ୍ଭ କରି ପ୍ରଶଂସକଙ୍କ ପର୍ଯ୍ୟନ୍ତ ସମସ୍ତେ ଭିକି ଓ କେଟ୍‌ଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ଚଳିତବର୍ଷ ଆରମ୍ଭରୁ କ୍ୟାଟ୍ରିନା ଗର୍ଭବତୀ ଥିବା କଥା ସାମାଜିକ ଗଣମାଧ୍ୟମରେ ଭାଇରାଲ୍ ହେଉଥିଲେ ମଧ୍ୟ ଏହି ଦମ୍ପତି କିନ୍ତୁ ଗୋପନୀୟତା ବଜାୟ ରଖିଥିଲେ। ଶେଷରେ ସେପ୍ଟେମ୍ବର ୨୦୨୫ରେ, କ୍ୟାଟ୍ରିନା ମା' ହେବାକୁ ଯାଉଥିବା କଥା ଘୋଷଣା କରି ଏହି ଖବର ଉପରେ ବିରାମ ଲଗାଇଥିଲେ।

## ପିଲାଙ୍କ ପାଇଁ ବ୍ୟାଙ୍କ




ଜାପାନ କେବଳ ଟେକ୍ନୋଲୋଜି ଏବଂ ନୂତନ ଜ୍ଞାନ କୌଶଳ ପ୍ରୟୋଗରେ ଆଗରେ ରହିଛି ତାହା ନୁହେଁ; ଏଠାକାର ସ୍ୱଚ୍ଛ ବାତାବରଣ, ସଫା ରାସ୍ତା, ଲୋକଙ୍କ ଜୀବନଶୈଳୀ ଅନ୍ୟମାନଙ୍କୁ ପ୍ରେରଣା ଯୋଗାଇଥାଏ। ଏହି କ୍ରମରେ ଏଠାରେ ପିଲାମାନଙ୍କ ପାଇଁ ଉଦ୍ଦିଷ୍ଟ ବ୍ୟାଙ୍କକୁ ନେଇ ଚର୍ଚ୍ଚା ହେଉଛି। ଜାପାନରେ ପିଲାମାନଙ୍କ ପାଇଁ ରହିଛି ସ୍ୱତନ୍ତ୍ର ବ୍ୟାଙ୍କ। ଏହି ବ୍ୟାଙ୍କଗୁଡ଼ିକ ଭିତରକୁ ପିଲାମାନଙ୍କ ବାପା-ମାଆଙ୍କୁ ମଧ୍ୟ ପ୍ରବେଶ ପାଇଁ ଅନୁମତି ନାହିଁ। କୁନି କୁନି ପିଲାମାନଙ୍କୁ ଛୋଟ ବୟସରୁ ଆର୍ଥିକ ସ୍ତରରେ ସ୍ୱାବଲମ୍ବୀ କରିବା ଉଦ୍ଦେଶ୍ୟରେ ଏଭଳି ଏକ ପରିକଳ୍ପନା କରାଯାଇଛି। ବ୍ୟାଙ୍କରେ ପିଲାମାନେ ନିଜେ ନିଜେ ଟଙ୍କା ଜମା କରିଥାନ୍ତି। ସେମାନଙ୍କୁ ସେମାନଙ୍କ ସଞ୍ଚୟ ଉପରେ ସୁଧ ମିଳିଥାଏ। ଏହାଦ୍ୱାରା ପିଲାମାନେ ଖୁବ୍ କମ୍ ବୟସରୁ ଆର୍ଥିକ ପରିଚାଳନା ଶିଖିପାରନ୍ତି। ଏନେଇ ସାମାଜିକ ଗଣମାଧ୍ୟମରେ ଏକ ଭିଡିଓ ସେୟାର କରାଯାଇଛି। ଏଥିରେ କୁହାଯାଇଛି ଯେ, ପିଲାମାନଙ୍କ ପାଇଁ ଜାପାନ ସମ୍ପୂର୍ଣ୍ଣ ଭାବେ ସୁରକ୍ଷିତ। ଅନ୍ୟ ଦେଶମାନଙ୍କରେ ପିଲାମାନେ ବୟସ୍କଙ୍କ ତତ୍ତ୍ୱାବଧାନରେ ରୁହନ୍ତି। ପିଲାଙ୍କୁ କେଉଁଠିକୁ ଏକାକି ଛଡ଼ାଯାଇ ନ ଥାଏ। ହେଲେ ଜାପାନରେ ଏହାର ବ୍ୟତିକ୍ରମ ଦେଖିବାକୁ ମିଳିଥାଏ। ଏଠାରେ ପିଲାମାନେ ବୟସ୍କଙ୍କ ବିନା ନିଜ କାମ ନିଜେ କରନ୍ତି। ଏକାକି ସ୍କୁଲ ଯାଆନ୍ତି। ଏସବୁ ଜାପାନର ପିଲାମାନଙ୍କ ପାଇଁ ସାଧାରଣ କଥା। କେବଳ ସେତିକି ନୁହେଁ, ଜାପାନରେ ଚୋରି ମାମଲା ବି ଦେଖିବାକୁ ମିଳେନାହିଁ। ଯଦି ଜଣେ ବ୍ୟକ୍ତି ଏଠାରେ ନିଜର ଫୋନ୍, ମନିପର୍ସ କିମ୍ବା ବ୍ୟାଗ୍‌କୁ କେଉଁଠି ଛାଡ଼ି ଦେଇଥାନ୍ତି, ଏକ ଘଣ୍ଟା ପରେ ଉକ୍ତ ସ୍ଥାନରେ ସେହି ସାମଗ୍ରୀ ମିଳିଯାଇଥାଏ। ସେହିପରି ହଜିଯାଇଥିବା ସାମଗ୍ରୀକୁ ଖୋଜିଲେ ଏଠାରେ ମିଳିବାର ଆଶା ଶତ ପ୍ରତିଶତ ରହିଥାଏ।

## ଶିଶୁ





**ପ୍ରଶାନ୍ତ କୁମାର ସାହୁ**

ଶିଶୁଟିଏ ଥିଲେ ଘରେ ସବୁ ଦିନ ପରବ
ଲୋଡ଼ା ନାହିଁ ସୁନା ରୁପା ଲୋଡ଼ା ନାହିଁ ଦରବ।
ଲୋଡ଼ା ନାହିଁ ହୀରା ଲୀଳା ମୋତି ଅବା ମାଣିକ
ଲୋଡ଼ା ନାହିଁ ଜହ୍ନ ତାରା ପୁଅ ଝିଅ ଫରକ।
ଶିଶୁଟିଏ ପରିବାର ଦେଶ ପାଇଁ ଗରବ
ଫେରାଇ ଆଣିବ ଦିନେ ଅତୀତ ଗଉରବ।
ଶିଶୁଟିଏ ଜାଣେ ନାହିଁ ଛନ୍ଦ ଅବା କପଟ
ଶିଖାଇବ ନିତି ତାକୁ ସତ୍ୟ ନ୍ୟାୟ ସୁବାଟ।
ଶୁଣାଇବ ଗୀତ ଗପ ଛୋଟ ଛୋଟ କାହାଣୀ
ଶୁଣାଇବ କେବେ କେବେ ବଡ଼ ଲୋକ ଜୀବନୀ।
ଛାତିରେ ମନରେ ତା'ର ଭରିଦେବ ସାହସ
ସ୍ନେହ ପ୍ରେମେ ବାନ୍ଧିଦେଇ ଭରିଦେବ ଉଲ୍ଲାସ।
ଆଜି ସିନା କଳି ସିଏ କାଲି ଫୁଟି ବାସିବ
ଦୁନିଆଟି ନିଶ୍ଚେ ଦିନେ ତା' ପାଇଁ ହସିବ।

ଇନ୍ଦିପୁର, ଚନ୍ଦନ ମଣ୍ଡପ ସାହି, ଢେଙ୍କାନାଳ
ମୋ- ୯୭୭୭୦୯୦୦୫୬

## ମାର୍ଗଶିର ମାସେ ପ୍ରଥମାଷ୍ଟମୀ ଯେ



**ନିରଞ୍ଜନ ସାହୁ**

ଏଣ୍ଡୁରି ପିଠାଟି ବାସଇ
ପ୍ରଥମ ସନ୍ତାନ ପଢୁଆଁ ହେବାକୁ
ମାମୁଁଘରୁ ସବୁ ଆସଇ ।
ମାମୁଁଘରୁ ଆସେ ନୂତନ ପୋଷାକ
ପ୍ରଥମ ସନ୍ତାନ ପାଇଁକି
ପିଠାମିଠା ବଡ଼ ଶରଧାରେ ଧରି
ମାମୁଁ ଆସିଥାନ୍ତି ଧାଇଁକି ।
କେଉଁ କାଳରୁ ଏ ବିଧି ରହିଅଛି
ମାମୁଁ ଯେ ପଢୁଆଁ କରିବେ
ବଡ଼ ଭଣଜା କି ବଡ଼ ଭାଣିଜୀଙ୍କ
ମନରେ ସନ୍ତୋଷ ଭରିବେ ।
ଘରର ପ୍ରଥମ ସନ୍ତାନ ଉପରେ
ଅନେକ ଦାୟିତ୍ୱ ରହିଛି
ସେଥିପାଇଁ ତାଙ୍କୁ ସ୍ୱତନ୍ତ୍ର ସମ୍ମାନ
ଦେବାକୁ ଦୁନିଆ କହିଛି ।
ପ୍ରଥମାଷ୍ଟମୀରେ ପଢୁଆଁ ହୁଅନ୍ତି
ପ୍ରଥମ ସନ୍ତାନ ଯେତେକ
ଏହି ସମ୍ମାନରେ ସମ୍ମାନିତ ସିଏ
ତାଙ୍କ ଲାଗି କଥା ଏତେକ ।
ନୂଆ ବିରି ନୂଆ ଅରୁଆ ଚାଉଳ
ଯେମିତି ଯେଉଁଠୁ ଆଣିବ
ହଳଦୀ ପତରେ ପିଠା ଗଢ଼ା ହେବ
ପୁର ପଶିଥିବ ଜାଣିବ ।
ଏଣ୍ଡୁରି ପିଠାର ବହୁତ ଆଦର
ପ୍ରଥମ ଅଷ୍ଟମୀ ପରବେ
ପିଲା ଠାରୁ ବୁଢ଼ା, ରଙ୍କ ଠାରୁ ରାଜା
ପିଠା ଖାଇଥାନ୍ତି ସରବେ ।



ନିହଲ ପ୍ରସାଦ, ଢେଙ୍କାନାଳ
ମୋ- ୯୯୩୮୭୪୧୫୮୩

## ପ୍ରହେଳିକା

- ଗୋରା ଶାସକଙ୍କ ବିରୁଦ୍ଧେ ସେହି
ଲଢ଼ିଥିଲେ କାରାବରଣ ସହି
ବାପୁଜୀଙ୍କ ସହ ହାତ ମିଳାଇ
ଇଂରେଜଙ୍କୁ ଦେଲେ ଦେଶୁ ହଟେଇ
ସ୍ୱାଧୀନ ହୋଇଲା ଦେଶ
ପ୍ରଥମ ପ୍ରଧାନମନ୍ତ୍ରୀ ସେ ହୋଇଲେ
କୁହ ତାଙ୍କ ନାମ କିସ।
**ଉତ୍ତର-ଜବାହାରଲାଲ୍ ନେହରୁ**
- ନଭେମ୍ବର ମାସ ଚଉଦ ଦିନ
ହସିଉଠେ ସର୍ବ ଶିଶୁଙ୍କ ମନ
ଚାଚା ନେହରୁଙ୍କ ଜନ୍ମ ଦିବସ
ପାଳନ୍ତି ସଭିଏଁ ହୋଇ ହରଷ
ପରବଟିଏ ସେ ଆମ
ଚାଚାଙ୍କ ଜନମ ଦିନ ସେ ଆସଇ
କୁହ ଦେଖି ତା'ର ନାମ।
**ଉତ୍ତର-ଶିଶୁ ଦିବସ**
- ମଗୁଶିର କୃଷ୍ଣ ଅଷ୍ଟମୀ ଦିନ
ପର୍ବଟିଏ ରାଜ୍ୟେ ହୁଏ ପାଳନ
ଜ୍ୟେଷ୍ଠ ସନ୍ତାନକୁ ମିଳେ ସମ୍ମାନ
ପିନ୍ଧିଥାଏ ସିଏ ନୂଆ ବସନ
ହୁଏ ପୂଜାବିଧି କର୍ମ
ଏଣ୍ଡୁରି ପିଠାର ବାସ ମହକଇ
କୁହ ସେ ପରବ ନାମ।
**ଉତ୍ତର-ପ୍ରଥମାଷ୍ଟମୀ**

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୩୪୬

## ସୁମନ

## ନୂତନ ପ୍ରକାଶ





**ସୁଧାଂଶୁ ଶେଖର ଦ୍ୱିବେଦୀ**

ଶରତ ଋତୁର ମୃଦୁ ସନ୍ଧ୍ୟା। ଗ୍ରାମ୍ୟ ଜୀବନର ନିସ୍ତବ୍ଧତା ମଧ୍ୟରେ ଅନତି ଦୂରରୁ ମୃଦଙ୍ଗର ମୃଦୁ ଶବ୍ଦ ପ୍ରତିଧ୍ୱନିତ ହେଉଥାଏ। ସେଇ ଗାଁରେ ସଂଗ୍ରାମ ନାମକ ବାଳକଟିଏ ରହୁଥାଏ। ସଂଗ୍ରାମ ଅଳ୍ପଭାଷୀ, ଆତ୍ମସଙ୍କୋଚରେ ଗ୍ରସ୍ତ। ବିଦ୍ୟାଳୟରେ କୌଣସି ପ୍ରତିଯୋଗିତା ହେଲେ ଅନ୍ୟ ବିଦ୍ୟାର୍ଥୀ ଉତ୍ସାହ ପୂର୍ବକ ଅଂଶଗ୍ରହଣ କରନ୍ତି କିନ୍ତୁ ସଂଗ୍ରାମ ସବୁବେଳେ ନିରବ ରୁହେ। ତା' ଭିତରର ଆତ୍ମବଳ ଲୁପ୍ତ ହୋଇଯାଇଛି ବୋଲି ସେ ଅନୁଭବ କରେ । ଦିନେ ବିଦ୍ୟାଳୟରେ ବକ୍ତୃତା ପ୍ରତିଯୋଗିତା ହେବ ବୋଲି ଘୋଷଣା ହେଲା। ସଂଗ୍ରାମର ସାଙ୍ଗ ସନ୍ତୋଷ ଖୁସି ହୋଇ କହିଲା- ମୁଁ ମଞ୍ଚକୁ ଯାଇ ବକ୍ତୃତା ଦେବି। ତୁ ଯିବୁ ନା ସଂଗ୍ରାମ ? ସାଙ୍ଗର କଥା ଶୁଣି ସଂଗ୍ରାମ ପୂର୍ବପରି ମୌନବ୍ରତ ଧାରଣ କରି ବସିରହିଲା। ତା'ର ଦୃଷ୍ଟି ଭୂମିରେ ନିବଦ୍ଧ ଥାଏ। ଯେମିତି ଭୟ ଓ ଶଙ୍କା ତାକୁ ଆବୋରି ନେଇଛି। ସନ୍ଧ୍ୟା ସମୟରେ ଘରକୁ ଫେରି ସେ ଜେଜେଙ୍କ ପାଖରେ ବସିଗଲା। ଜେଜେ ସ୍ନେହସିକ୍ତ ସ୍ୱରରେ ପଚାରିଲେ-କ'ଣ ହେଇଛି କିରେ ସଂଗ୍ରାମ? ତୁ ଏମିତି ଚୁପଚାପ୍ ବସିଛୁ ? ସଂଗ୍ରାମ ନମ୍ର ହୋଇ କହିଲା- ଜେଜେ ! ମୋ ମନରେ ପ୍ରବଳ ଇଚ୍ଛା ଥିବା ସତ୍ତ୍ୱେ ମୁଁ ବିଦ୍ୟାଳୟର ବକ୍ତୃତା ପ୍ରତିଯୋଗିତାରେ ଅଂଶଗ୍ରହଣ କରିପାରୁନି। ଜେଜେ ତା' ମନର କଥା ବୁଝି ତାକୁ କୋଳରେ ବସାଇ ଏକ ପୁରୁଣା ପୁସ୍ତକ ବାହାର କଲେ। ପୃଷ୍ଠା ଓଲଟାଇ ଗୋଟେ ଚିତ୍ରକୁ ସଙ୍କେତ କରି କହିଲେ- ବଟବୃକ୍ଷ ପରି ଧୈର୍ଯ୍ୟବାନ ମହାପୁରୁଷ ହେଉଛନ୍ତି ସର୍ଦ୍ଦାର ବଲ୍ଲଭ ଭାଇ ପଟେଲ। ସେ ତାଙ୍କ ଜୀବନରେ ସବୁବେଳେ ଗୋଟେ କଥା କହୁଥିଲେ- ନିଜ ଜୀବନର ମୋଡ଼କୁ ବଦଳାଇବା ପାଇଁ ତୁରନ୍ତ ନୂଆ ନୂଆ ସଂକଳ୍ପ ଆରମ୍ଭ କର। ଜେଜେଙ୍କ ମାର୍ଗଦର୍ଶନରେ ସଂଗ୍ରାମ ମଧ୍ୟରେ ଆତ୍ମବିଶ୍ୱାସ ଜାଗ୍ରତ ହେଲା। ରାତିରେ ଆକାଶର ତାରା ସବୁ ଝିଲମିଲ୍ ହେଉଥାନ୍ତି। ସଂଗ୍ରାମ ନିଜ ପଢ଼ା ଘରେ ବସି ବକ୍ତୃତା ଲେଖୁଥାଏ। ତା' ହୃଦୟରେ ଆଶଙ୍କା ଥାଏ ହେଲେ ମନରେ ଏକ ନୂତନ ପ୍ରକାଶ ସାହାସ ବାନ୍ଧୁଥାଏ। ତା' ପରଦିନ ବିଦ୍ୟାଳୟରେ ପ୍ରତିଯୋଗିତା ଥାଏ। ମଞ୍ଚରେ ପହଞ୍ଚି ସଂଗ୍ରାମର ହୃଦୟ ଧକ୍ ଧକ୍ ହେଲା। ନିଜକୁ ଦୃଢ଼ କରି ଜେଜେଙ୍କ ମାର୍ଗଦର୍ଶନକୁ ମନେ ପକାଇଲା। ଏକ ଦୀର୍ଘ ନିଶ୍ୱାସ ନେଇ ଆତ୍ମବିଶ୍ୱାସର ସହିତ ଧୀର ଓ ନମ୍ର କଣ୍ଠରେ ନିଜ ବକ୍ତୃତା ଆରମ୍ଭ କଲା। ଶବ୍ଦରେ ସ୍ପଷ୍ଟତା ଏବଂ ଭାବର ବିସ୍ତାର ଆସିଗଲା। ସେ ଅନର୍ଗଳ କହି ଚାଲିଲା। ବକ୍ତୃତା ସମାପ୍ତ ପରେ ବିଦ୍ୟାଳୟ ପ୍ରାଙ୍ଗଣରେ ତାଳିର ଧ୍ୱନି ଗୁଞ୍ଜରିତ ହେଉଥାଏ। ସଂଗ୍ରାମକୁ ଜଣା ଯାଉଥାଏ ଆଜି ସେ ନିଜକୁ ଚିହ୍ନିପାରିଛି। ସେହିଦିନଠାରୁ ସେ ଆଉ ମୌନ କି ସଙ୍କୋଚ ବାଳକ ହୋଇ ରହିଲା ନାହିଁ। ଅନ୍ଧାରରୁ ପ୍ରକାଶ ଦିଗକୁ ଅଗ୍ରସର ହେଲା। ଇଚ୍ଛାଶକ୍ତି ଦୃଢ଼ କରି ଯେବେ କୌଣସି କାମ କରେ କି ପାଠ ପଢ଼େ ପୂରା ଉତ୍ସାହରେ ପ୍ରକାଶିତ ହୋଇ ଆଗକୁ ବଢ଼ି ଚାଲିଲା।

ବିସି-୭୪, ସଲ୍ଟ ଲେକ୍, କଳିକତା
ମୋ- ୯୬୮୧୩୭୩୫୧୨

## ଚିତ୍ର ଅଙ୍କନ





**ସିଦ୍ଧ ମାନିସ ସାହୁ**
ପଞ୍ଚମ ଶ୍ରେଣୀ
ଗାଇଡାନ୍ସ ଇଂରାଜୀ ମାଧ୍ୟମ ସ୍କୁଲ
ଡୁମ୍ବୁଡୁମା, ଭୁବନେଶ୍ୱର





**ପ୍ରିୟଲ ଶାହ**
ପ୍ରଥମ ଶ୍ରେଣୀ
ଗୀତାଦେବୀ ଡିଏଭି ପବ୍ଲିକ୍ ସ୍କୁଲ
ଦେଓଘର, ଝାଡ଼ଖଣ୍ଡ





**ଅମ୍ରିତ ସାହୁ**
ପଞ୍ଚମ ଶ୍ରେଣୀ
ଚନ୍ଦନ ମଣ୍ଡପ ସାହି
ସରକାରୀ ପ୍ରାଥମିକ ବିଦ୍ୟାଳୟ
ଇନ୍ଦିପୁର, ଢେଙ୍କାନାଳ





**ଉପମିତା ଦାସ**
ଚତୁର୍ଥ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଦଶରଥପୁର, ଯାଜପୁର

# ଆଜି ସିରିଜ୍ ନିର୍ଣ୍ଣାୟକ ଲଢ଼େଇ

ବ୍ରିସବେନ, ୭ ।୧୧ (ଏଜେନ୍ସି): ଭ୍ରମଣକାରୀ ଭାରତ ଓ ଅଷ୍ଟ୍ରେଲିଆ ମଧ୍ୟରେ ଚଳିତ ଟି-୨୦ ସିରିଜର ଅନ୍ତିମ ତଥା ନିର୍ଣ୍ଣାୟକ ୫ମ ମୁକାବିଲା ଶନିବାର ବ୍ରିସବେନରେ ଖେଳାଯିବ। ଉଭୟ ଘରୋଇ ଅଷ୍ଟ୍ରେଲିଆ ଓ ଭାରତ ପାଇଁ ଏହି ମ୍ୟାଚ୍ ବେଶ୍ ଗୁରୁତ୍ୱବହନ କରୁଛି।

**ଭାରତ-ଅଷ୍ଟ୍ରେଲିଆ ୫ମ ଟି-୨୦**
**ଆରମ୍ଭ: ଅପରାହ୍ଣ ୧ଟା ୪୫**
**ଭେନ୍ୟୁ: ବ୍ରିସ୍‌ବେନ୍**
**ପ୍ରସାରଣ: ଷ୍ଟାର୍ ସ୍ପୋର୍ଟ୍ସ ନେଟ୍‌ୱର୍କ**

୨-୧ରେ ଅଗ୍ରଣୀ ଥିବା ଭାରତ ଏହି ମ୍ୟାଚ୍ ଜିତି ସିରିଜ ବିଜୟୀ ହେବା ଲକ୍ଷ୍ୟରେ ରହିଛି। ଅପରପକ୍ଷରେ ମିଚେଲ ମାର୍ଶଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ପାଇଁ 'କର ବା ମର' ସ୍ଥିତି ସୃଷ୍ଟି କରିଛି। ସିରିଜରେ ପଛୁଆ ଥିବା କଙ୍ଗାରୁ ଦଳ ଏଠାରେ ବିଜୟୀ ହୋଇ ଡ୍ର ରଖିବା ଲକ୍ଷ୍ୟରେ ରହିଛି। ଯଦି ଅଷ୍ଟ୍ରେଲିଆ ପରାସ୍ତ ହୁଏ ତେବେ ସିରିଜ ମଧ୍ୟ ହାତଛଡ଼ା କରିବ। ତେଣୁ ଭାରତ ଅପେକ୍ଷା ଅଷ୍ଟ୍ରେଲିଆ ନିଶ୍ଚିତ ଭାବେ ଏହି ମ୍ୟାଚରେ ଚାପରେ ରହିବ।

ପୂର୍ବରୁ ସିରିଜର କାନବେରାରେ ଖେଳାଯାଇଥିବା ସିରିଜର ପ୍ରଥମ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଥିଲା। ଏହାପରେ ମେଲବୋର୍ଣ୍ଣ ମୁକାବିଲାକୁ ୪ ୱିକେଟରେ ଜିତି ଅଷ୍ଟ୍ରେଲିଆ ୧-୦ରେ ଅଗ୍ରଣୀ ଲାଭ କରିଥିଲା। କିନ୍ତୁ ଭ୍ରମଣକାରୀ ଭାରତ ୩ୟ ଓ ୪ର୍ଥ ମୁକାବିଲାରେ ଦମ୍‌ଦାର ପ୍ରଦର୍ଶନ କରି ଯଥାକ୍ରମେ ୫ ୱିକେଟ୍ ଓ ୪୮ ରନରେ ବିଜୟୀ ହୋଇଥିଲା। ଫଳରେ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱାଧୀନ ଭାରତ ବର୍ତ୍ତମାନ ୨-୧ରେ ଆଗୁଆ ରହିଛି। ଆସନ୍ତାକାଲି ମଧ୍ୟ ଟିମ୍ ଇଣ୍ଡିଆ ଏହି ବିଜୟଧାରାକୁ ବଜାୟ ରଖିବା ସହ ଦୁଇଟି ଉପଲବ୍ଧି ହାସଲ କରିବା ଲକ୍ଷ୍ୟରେ ରହିଛି। ପ୍ରଥମତଃ ଅଷ୍ଟ୍ରେଲିଆ ମାଟିରେ ଦୀର୍ଘ ୧୭ ବର୍ଷ ହେଲା ଟି-୨୦ ସିରିଜ ପରାସ୍ତ ନ ହେବାର ରେକର୍ଡ ବଜାୟ ରଖିବ। ଦ୍ୱିତୀୟରେ ଗତ ଦିନିକିଆ ସିରିଜ ପରାଜୟର ପ୍ରତିଶୋଧ ମଧ୍ୟ ଟି-୨୦ରେ ନେବାକୁ ଭାରତୀୟ ଦଳ ଲକ୍ଷ୍ୟ ରଖିଛି। ତେଣୁ ସୂର୍ଯ୍ୟକୁମାର ଓ ତାଙ୍କ ଦଳ ଟି-୨୦ ସିରିଜକୁ ଦମ୍‌ଦାର ଭାବେ ଫିନିଶ କରିବା ଲକ୍ଷ୍ୟରେ ପଡ଼ିଆକୁ ଓହ୍ଲାଇବେ।

# ଭାରତୀୟ ଫୁଟ୍‌ବଲ୍‌ରେ ଛେତ୍ରୀ ଯୁଗର ଅନ୍ତ

ନୂଆଦିଲ୍ଲୀ, ୭ ।୧୧ (ଏଜେନ୍ସି): ଭାରତୀୟ ଫୁଟ୍‌ବଲର କିମ୍ବଦନ୍ତୀ ଖେଳାଳି ସୁନିଲ ଛେତ୍ରୀଙ୍କ ଅନ୍ତର୍ଜାତୀୟ କ୍ୟାରିୟରର ଅନ୍ତ ଘଟିଛି। ତାଙ୍କୁ ଆଉ ନୀଳ ଜର୍ସି ପରିଧାନ କରି ଜାତୀୟ ଦଳ ପକ୍ଷରୁ ପ୍ରତିନିଧିତ୍ୱ କରୁଥିବାର ଦେଖିବାକୁ ମିଳିବ ନାହିଁ। ଚଳିତ ଏଏଫ୍‌ସି ଏସିଆନ୍ କପ୍-୨୦୨୭ ଫାଇନାଲ ରାଉଣ୍ଡ ଯୋଗ୍ୟତା ପର୍ଯ୍ୟାୟରୁ ଭାରତ ବିଦାୟ ନେବା ସହ ତାଙ୍କର ଅନ୍ତର୍ଜାତୀୟ କ୍ୟାରିୟର ଶେଷ ହୋଇଥିବା ୪୧ ବର୍ଷୀୟ ଛେତ୍ରୀ କହିଛନ୍ତି। ଗତ ବର୍ଷ ଜୁନରେ ଛେତ୍ରୀ ପ୍ରଥମେ ଅନ୍ତର୍ଜାତୀୟ ଫୁଟ୍‌ବଲକୁ ଅଲ୍‌ବିଦା କରିଥିଲେ। କୋଲକାତାର ସଲ୍ଟ ଲେକ୍ ଷ୍ଟାଡିୟମରେ ତାଙ୍କୁ ଉଚ୍ଛ୍ୱସିତ ସମ୍ବର୍ଦ୍ଧନା ମଧ୍ୟ ଦିଆଯାଇଥିଲା। କିନ୍ତୁ ଆଇଏସ୍‌ଏଲ୍‌ର ଗତ ସଂସ୍କରଣରେ ଦମ୍‌ଦାର ପ୍ରଦର୍ଶନ କରି ୧୪ଟି ଗୋଲ୍ ଦେବାପରେ ସେ ସମୟରେ ଭାରତୀୟ ଦଳର କୋଚ୍ ଥିବା ମନୋଲୋ ମରକ୍ୟୁଜଙ୍କ ଅନୁରୋଧକ୍ରମେ ଚଳିତ ବର୍ଷ ଜୁନରେ ସେ ତାଙ୍କ ଅବସର ନିଷ୍ପତ୍ତିରେ ପରିବର୍ତ୍ତନ କରିଥିଲେ। ଏଥିସହ ପୁଣିଥରେ ଭାରତୀୟ ଦଳକୁ ପ୍ରତ୍ୟାବର୍ତ୍ତନ କରିଥିଲେ।

ଶୁକ୍ରବାର ଏକ ସାକ୍ଷାତ୍‌କାରରେ ଛେତ୍ରୀ କହିଛନ୍ତି, 'ଯେତେବେଳେ ମୁଁ ଦ୍ୱିତୀୟଥର ଜାତୀୟ ଦଳକୁ ପ୍ରତ୍ୟାବର୍ତ୍ତନ କରିଥିଲି ମୋର କେବଳ ଗୋଟିଏ ଲକ୍ଷ୍ୟ ଥିଲା ଯେ ଏଏଫ୍‌ସି ଏସିଆନ କପ୍‌କୁ ଯୋଗ୍ୟତା ଅର୍ଜନ ଲାଗି ଯଥାସମ୍ଭବ ଯୋଗଦାନ ଦେବି। ଯୋଗ୍ୟତା ଅର୍ଜନ ଲାଗି ଯଦି କୌଣସି ସମ୍ଭାବନା ନ ଥିଲା ତାହାଲେ ହୁଏତ ମୁଁ ପ୍ରତ୍ୟାବର୍ତ୍ତନ କରି ନ ଥାନ୍ତି। ଗାଣିତିକ ଭାବେ ଆମେ ଆଉ ଯୋଗ୍ୟତା ଅର୍ଜନ କରିପାରୁନାହୁଁ। ତେଣୁ ଏହା ଅବସର ନେବାର ଏକ ପ୍ରକୃଷ୍ଟ ସମୟ ବୋଲି ଅନୁଭବ କଲି। କୋଚ୍ ଖଲିଦ ଜମିଲ ସାର୍‌ଙ୍କୁ ମୋର ନିଷ୍ପତ୍ତି ବିଷୟରେ କହିବା ସହଜ ଥିଲା' ବୋଲି ଛେତ୍ରୀ ଏହି ସାକ୍ଷାତ୍‌କାର ସମୟରେ କହିଛନ୍ତି।

## ୭ଥର ଏଆଇଏଫ୍‌ଏଫ୍ ଶ୍ରେଷ୍ଠ ଖେଳାଳି

ସର୍ବଭାରତୀୟ ଫୁଟବଲ୍ ମହାସଂଘ (ଏଆଇଏଫ୍‌ଏଫ୍) ପକ୍ଷରୁ ଛେତ୍ରୀ ୭ଥର ବର୍ଷର ଶ୍ରେଷ୍ଠ ଖେଳାଳି ପୁରସ୍କାର ଜିତିଛନ୍ତି। ସେହିଭଳି ଭାରତକୁ ୩ଥର ନେହରୁ କପ୍ (୨୦୦୭, ୨୦୦୯, ୨୦୧୨), ୩ଥର ସାଫ୍ ଚାମ୍ପିଅନସିପ୍ (୨୦୧୧, ୨୦୧୫ ଓ ୨୦୨୧), ଥରେ ଏଏଫ୍‌ସି ଚ୍ୟାଲେଞ୍ଜ କପ୍ (୨୦୦୮) ବିଜୟୀ କରାଇଛନ୍ତି। ଏହାବାଦ୍ ୨୭ ବର୍ଷ ପରେ ୨୦୧୧ରେ ଭାରତକୁ ଏଏଫ୍‌ସି ଏସିଆନ କପ୍‌କୁ ଯୋଗ୍ୟତା ଅର୍ଜନ କରାଇବାରେ ସେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। କ୍ଲବସ୍ତରରେ ବେଙ୍ଗାଲୁରୁ ଏଫ୍‌ସି ପାଇଁ ସେ ଆଇ-ଲିଗ୍ (୨୦୧୪ ଓ ୨୦୧୬), ଆଇଏସ୍‌ଏଲ୍ (୨୦୧୯), ସୁପର୍ କପ୍ (୨୦୧୮) ଟ୍ରଫି ଜିତିଛନ୍ତି।

## କ୍ୟାରିୟର ଗୋଲ୍

| କାଟାଗୋରୀ | ମ୍ୟାଚ୍ | ଗୋଲ୍ |
|---|---|---|
| ଅନ୍ତର୍ଜାତୀୟ | ୧୫୭ | ୯୫ |
| କ୍ଲବ | ୪୦୨ | ୧୭୭ |
| ମୋଟ୍ | ୫୫୯ | ୨୭୨ |



## ୯୫ ଗୋଲ୍ ସହ ଟପ୍ ସ୍କୋରର

ସିକନ୍ଦରାବାଦ ଜନ୍ମିତ ଛେତ୍ରୀ ପ୍ରଥମେ ୨୦୦୨ରେ ମୋହନ ବାଗାନ ପକ୍ଷରୁ ଖେଳି ଘରୋଇ ଫୁଟବଲରେ ପାଦ ଥାପିଥିଲେ। ଏହାପରେ ୨୦୦୪ରେ ଭାରତୀୟ ୨୦ ବର୍ଷରୁ କମ୍ ଦଳ ଓ ଏହାର ବର୍ଷକ ପରେ ୧୨ ଜୁନ ୨୦୦୫ରେ ପାକିସ୍ତାନ ବିପକ୍ଷରେ ସିନିଅରସ୍ତରରେ ଖେଳି ଛେତ୍ରୀ ପଦାର୍ପଣ କରିଥିଲେ। ଜାତୀୟ ଦଳ ପକ୍ଷରୁ ଦୁଇ ଦଶନ୍ଧି ଧରି ଖେଳିଥିବା ଛେତ୍ରୀଙ୍କୁ ଭାରତୀୟ ଫୁଟ୍‌ବଲର ସର୍ବଶ୍ରେଷ୍ଠ ଖେଳାଳି ଭାବେ ବିବେଚନା କରାଯାଏ। ସେ ଦେଶ ପାଇଁ ୧୫୭ଟି ମ୍ୟାଚ୍ ଖେଳି ୯୫ଟି ଗୋଲ୍ ଦେଇଛନ୍ତି। ଭାରତୀୟ ଫୁଟବଲର ସେ ସର୍ବକାଳୀନ ସର୍ବାଧିକ ସ୍କୋରର ବିବେଚିତ ହୋଇଛନ୍ତି। ସେହିଭଳି ଅନ୍ତର୍ଜାତୀୟ ଫୁଟବଲରେ ସର୍ବାଧିକ ଗୋଲ୍ ଦେବାରେ ସେ କ୍ରିଷ୍ଟିଆନୋ ରୋନାଲ୍ଡୋ (୧୪୩ ଗୋଲ୍) ଲିଓନେଲ ମେସି (୧୧୪), ଇରାନର ଅଲି ଡାଇ (୧୦୮)ଙ୍କ ପଛକୁ ଛେତ୍ରୀ ୪ର୍ଥ ସ୍ଥାନରେ ରହିଛନ୍ତି।

**ହକି ଇଣ୍ଡିଆର ଶତବାର୍ଷିକୀ ଉତ୍ସବ**

# ସାରା ଦେଶରେ ଖେଳାଗଲା ହଜାରେ ମ୍ୟାଚ୍

ନୂଆଦିଲ୍ଲୀ, ୭ ।୧୧ (ଏଜେନ୍ସି): ଭାରତୀୟ ହକିର ସର୍ବୋଚ୍ଚ ସଂସ୍ଥା 'ହକି ଇଣ୍ଡିଆ'ର ୧୦୦ ବର୍ଷ ପୂର୍ତ୍ତିପାଳନ ଶୁକ୍ରବାର ଧୁମ୍‌ଧାମରେ ଜାତୀୟ ରାଜଧାନୀରେ ପାଳିତ ହୋଇଯାଇଛି। ହକି ଇଣ୍ଡିଆର ଖେଳାଯାଇଥିଲା। ହକି ଇଣ୍ଡିଆର ସଭାପତି ଦିଲୀପ ତିର୍କୀ ଭାରତୀୟ ଏକାଦଶର ନେତୃତ୍ୱ ନେଇଥିଲେ। ପ୍ରଥମଥର ଲାଗି ଭାରତୀୟ ପୁରୁଷ ଓ ମହିଳା ଖେଳାଳି ଏକାଠି ଗୋଟିଏ ଦଳ ହୋଇ ମ୍ୟାଚ ଖେଳିଥିଲେ। କରିଥିଲେ। ଏହି ଅବସରରେ ବହୁ ପୂର୍ବତନ ହକି ଖେଳାଳିଙ୍କୁ ସ୍ୱତନ୍ତ୍ର ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା। ଯେଉଁମାନଙ୍କ ମଧ୍ୟରେ ଧ୍ୟାନଚାନ୍ଦଙ୍କ ପୁଅ ଅଶୋକ କୁମାର, ଗୁରବକ୍ସ ସିଂହ, ଅଜିତ୍ ପାଲ୍ ସିଂହ, ଅସଲାମ ଶେର୍



- ହକି ଇଣ୍ଡିଆ ଏକାଦଶକୁ ୩-୧ରେ ହରାଇଲା କ୍ରୀଡ଼ାମନ୍ତ୍ରୀ ଏକାଦଶ
- କଳିଙ୍ଗରେ ଦୀପ୍ତି, ସୁନିତା ଓ ଲିଲିମା ସମ୍ବର୍ଦ୍ଧିତ

ଏହି ଶତବାର୍ଷିକୀ ଲାଗି ମେଜର ଧ୍ୟାନଚାନ୍ଦ ନ୍ୟାସନାଲ ହକି ଷ୍ଟାଡିୟମରେ ଏକ ରଙ୍ଗାରଙ୍ଗ ଉତ୍ସବ ଆୟୋଜିତ ହୋଇଥିଲା। ଏହି ଉତ୍ସବ କ୍ରୀଡ଼ା ଉତ୍କର୍ଷ, ଗର୍ବ ଓ ଏକତାର ଏକ ଶତାବ୍ଦୀକୁ ଚିହ୍ନିତ କରିଥିଲା। ଏହି ଅବସରରେ ଭାରତୀୟ ଏକାଦଶ ଓ କ୍ରୀଡ଼ାମନ୍ତ୍ରୀ ଏକାଦଶ ମଧ୍ୟରେ ୩୦ ମିନିଟ୍ ବିଶିଷ୍ଟ ଏକ ପ୍ରଦର୍ଶନୀ ମ୍ୟାଚ୍ ଏହି ମ୍ୟାଚରେ କ୍ରୀଡ଼ାମନ୍ତ୍ରୀ ମନସୁଖ ମାଣ୍ଡଭୀୟଙ୍କ ନେତୃତ୍ୱରେ ଖେଳିଥିବା କ୍ରୀଡ଼ାମନ୍ତ୍ରୀ ଏକାଦଶ ୩-୧ ଗୋଲ୍‌ରେ ବିଜୟୀ ହୋଇଥିଲା। ସେହିଭଳି ଶତବାର୍ଷିକୀ ଉତ୍ସବ ଅବସରରେ ସାରା ଦେଶରେ ୫୦୦ ଜିଲ୍ଲାରେ ୧୦୦୦ ହକି ପ୍ରଦର୍ଶନୀ ମ୍ୟାଚ୍ ଖେଳାଯାଇଥିଲା। ଯେଉଁଥିରେ ୩୬ ହଜାରରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ ଖାନ, ଜାଫର ଇକବାଲ, ଅସୁନ୍ତ ଲାକ୍ରା ଓ ସୁଭଦ୍ରା ପ୍ରଧାନ ରହିଥିଲେ।

ସେହିଭଳି ଭୁବନେଶ୍ୱରର କଳିଙ୍ଗ ଷ୍ଟାଡିୟମରେ ଆୟୋଜିତ ଏକ ଉତ୍ସବରେ ଓଡ଼ିଶାର ୩ ଅନ୍ତର୍ଜାତୀୟ ମହିଳା ଖେଳାଳି ଦୀପଗ୍ରେସ ଏକ୍କା, ସୁନିତା ଲାକ୍ରା ଓ ଲିଲିମା ମିଞ୍ଜଙ୍କୁ କ୍ରୀଡ଼ା ବିଭାଗର ଅତିରିକ୍ତ ସଚିବ ବିକେ ସ୍ୱାଇଁ ସମ୍ବର୍ଦ୍ଧିତ କରିଥିଲେ।

# ରାଜ୍ୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଉଦ୍‌ଘାଟିତ



ଭୁବନେଶ୍ୱର, ୭ ।୧୧ (ସମିସ): ସ୍ଥାନୀୟ ପୋଖରୀପୁଟସ୍ଥିତ ବିଜୁ ପଟ୍ଟନାୟକ ଇଣ୍ଡୋର ଷ୍ଟାଡିୟମରେ ଓଡ଼ିଶା ବ୍ୟାଡ୍‌ମିଣ୍ଟନ ସଂଘ ଦ୍ୱାରା ରାଜ୍ୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍ ଶୁକ୍ରବାର ଉଦ୍‌ଘାଟିତ ହୋଇଯାଇଛି। ଚାରିଦିନ ବ୍ୟାପୀ ଚାଲିବାକୁ ଥିବା ଏହି ଚାମ୍ପିଅନସିପ୍‌ରେ ୧୫ ଓ ୧୭ ବର୍ଷରୁ କମ୍ ବୟସବର୍ଗରେ ୨୮୦ରୁ ଊର୍ଦ୍ଧ୍ୱ ଖେଳାଳି ଯୋଗଦେଇଛନ୍ତି। ପ୍ରଥମ ଦିନରେ ବାଳକ/ବାଳିକ ସିଙ୍ଗଲ୍ସ, ଡବଲ୍ସ ଓ ମିକ୍ସଡ ଡବଲ୍ସରେ ୮୦ଟି ମ୍ୟାଚ୍ ଖେଳାଯାଇଛି। ପ୍ରାୟ ସମସ୍ତ ସିଡେଡ୍ ଖେଳାଳି ନିଜ ନିଜ ମୁକାବିଲାରେ ବିଜୟୀ ହୋଇ ଦ୍ୱିତୀୟ ରାଉଣ୍ଡରେ ପହଞ୍ଚିଛନ୍ତି। ଶୁକ୍ରବାର ରାଜ୍ୟ କ୍ରୀଡ଼ା ଓ ଯୁବସେବା ବିଭାଗର ବରିଷ୍ଠ ଅଧିକାରୀ ସୋନାଲି ଚାନ୍ଦ ମୁଖ୍ୟ ଅତିଥିଭାବେ ଯୋଗଦେଇ ଏହି ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ବ୍ୟାଡ୍‌ମିଣ୍ଟନ ସଂଘର ସମ୍ପାଦକ ନିଲୀନ କୁମାର, ଉପସଭାପତି ପ୍ରଦୀପ ପଟ୍ଟନାୟକ, ଆୟୋଜକ କମିଟିର ସମ୍ପାଦକ ଅଜିତ ମହାନ୍ତି, ନିର୍ଦ୍ଦେଶକ ଶୁଭମ ନାୟକ, ପର୍ଯ୍ୟବେକ୍ଷକ ଶିବମ ଅଗ୍ରୱାଲ, ସଂଯୋଜକ ତାରାକାନ୍ତ ଦାଶ, ଅବଦୁଲ ହାକିମ, ଜୟପ୍ରକାଶ ଜେନା, ମୁଖ୍ୟ ରେଫରୀ ରୀତା ଦାଶ ଓ ଲକ୍ଷାପତି ନନ୍ଦ ପ୍ରମୁଖ ଉପସ୍ଥିତ ରହିଥିଲେ।

# ପାକିସ୍ତାନକୁ ହରାଇଲା ଭାରତ

ମୋଙ୍ଗକକ୍, ୭ ।୧୧ (ଏଜେନ୍ସି): ହଂକଂରେ ଖେଳାଯାଉଥିବା ୬ ଓଭରବିଶିଷ୍ଟ ହଂକଂ ସିକ୍ସେସ କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ଶୁକ୍ରବାର ଅନୁଷ୍ଠିତ ଏକ ମ୍ୟାଚରେ ଭାରତ ଡିଏଲ୍ ପଦ୍ଧତିରେ ୨ ରନରେ ପାକିସ୍ତାନକୁ ହରାଇଦେଇଛି। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରି ଭାରତ ଦୁଇ ଓପନର ରବିନ ଉଥପ୍ପା (୧୧ ବଲରେ ୨୮ ରନ)ଓ ଭରତ ଚିପିଲି (୧୩ ବଲରେ ୨୪ ରନ)ଙ୍କ ଉପଯୋଗୀ ପାଳି ବଳରେ ୬ ଓଭରରେ ୪ ୱିକେଟ୍ ହରାଇ ୮୬ ରନ କରିଥିଲା। ଅଧିନାୟକ ଦିନେଶ କାର୍ତ୍ତିକ ୬ଟି ବଲରେ ୧୭ ରନ କରି ଅପରାଜିତ ରହିଥିଲେ। ପାକିସ୍ତାନ ପକ୍ଷରୁ ମହମ୍ମଦ ଶାହବାଜ ୨ଟି ୱିକେଟ ହାସଲ କରିଥିଲେ। ଜବାବରେ ପାକିସ୍ତାନ ୩ ଓଭରରେ ଗୋଟିଏ ୱିକେଟ୍ ହରାଇ ୪୧ ରନ କରିଥିବାବେଳେ ବର୍ଷା ହୋଇଥିଲା। ଏହାପରେ ଫଳାଫଳ ପାଇଁ ଡିଏଲ୍ ପଦ୍ଧତିର ସହାୟତା ନିଆଯାଇଥିଲା। ଯେଉଁଥିରେ ଭାରତ ୨ ରନରେ ବିଜୟୀ ହୋଇଥିଲା। ଭାରତ ଏହାର ଶେଷ ମ୍ୟାଚରେ ଶନିବାର କୁଏତକୁ ଭେଟିବ।

**ହଂକଂ ସିକ୍ସେସ**

ଚଳିତ ସଂସ୍କରଣରେ ଅଷ୍ଟ୍ରେଲିଆ, ଦକ୍ଷିଣ ଆଫ୍ରିକା, ଇଂଲଣ୍ଡ, ଶ୍ରୀଲଙ୍କା, ଭାରତ, ପାକିସ୍ତାନ, ବାଂଲାଦେଶ, କୁଏତ, ଆଫଗାନିସ୍ତାନ ଓ ଆୟୋଜକ ହଂକଂକୁ ମିଶାଇ ୧୨ଟି ଦଳ ଅଂଶଗ୍ରହଣ କରୁଛନ୍ତି। ଏହି ଟୁର୍ଣ୍ଣାମେଣ୍ଟ ଆଇସିସି ଅନୁମୋଦିତ ହାସଲ କରିଛି। ୬ ଓଭରବିଶିଷ୍ଟ ଏହି ମ୍ୟାଚରେ ପ୍ରତ୍ୟେକ ଦଳରେ ୬ଜଣ ଲେଖାଏ ଖେଳାଳି ରହିଥାନ୍ତି।

# ଆଇପିଏଲ୍-୧୯ ଖେଳିବେ ଧୋନି: ସିଏସ୍‌କେ

ଚେନ୍ନଇ,୭ ।୧୧(ଏଜେନ୍ସି): ମହେନ୍ଦ୍ର ସିଂ ଧୋନି ଏଥର ମଧ୍ୟ ଆଇପିଏଲ୍ ଖେଳିବେ। ଚେନ୍ନଇ ସୁପର କିଙ୍ଗ୍‌ସ (ସିଏସ୍‌କେ) ତରଫରୁ ଏନେଇ ଶୁକ୍ରବାର ଅଫିସିଆଲ୍ ଭାବେ ସ୍ପଷ୍ଟ କରାଯାଇଛି। ଫଳରେ ଧୋନି ଆଇପିଏଲ ଖେଳିବ କି ଯେଉଁ ଚାଲିଥିବା ଚର୍ଚ୍ଚା ଚାଲିଥିଲା ତାହାର ଅନ୍ତ ଘଟିଛି। ଆଇପିଏଲ୍‌ର ୨୦୨୬ ତଥା ୧୯ତମ ସଂସ୍କରଣରେ ୪୪ ବର୍ଷୀୟ ଧୋନି ଖେଳିବା ବୋଲି ସିଏସ୍‌କେ ମୁଖ୍ୟ କାର୍ଯ୍ୟନିର୍ବାହୀ କାଶି ବିଶ୍ୱନାଥନ୍ କହିଛନ୍ତି। ଧୋନିଙ୍କ ଭଳି ବିଶ୍ୱନାଥନ ମଧ୍ୟ ୨୦୦୮ରୁ ସିଏସ୍‌କେ ସହିତ ଜଡିତ ରହି ଆସିଛନ୍ତି। ଧୋନିଙ୍କ ନେତୃତ୍ୱରେ ସିଏସ୍‌କେ ପାଞ୍ଚଥର (୨୦୧୦, ୨୦୧୧, ୨୦୧୮, ୨୦୨୧ ଓ ୨୦୨୩) ଆଇପିଏଲ ଟାଇଟଲ ହାସଲ କରିଛି। ସେ ସିଏସ୍‌କେ ତରଫରୁ ୨୪୮ଟି ମ୍ୟାଚ୍ ଖେଳି ୪,୮୬୫ ରନ ସଂଗ୍ରହ କରିଛନ୍ତି। ଗତ ସଂସ୍କରଣ ସିଏସକେ ନୈରାଶ୍ୟଜନକ ପ୍ରଦର୍ଶନ କରିଥିଲା ଓ ପଏଣ୍ଟ ତାଲିକାର ସର୍ବନିମ୍ନ ସ୍ଥାନରେ ଥିଲା।

**ଏସିଆ କପ୍ ଟ୍ରଫି ବିବାଦ**

# ସମାଧାନ ଲାଗି କମିଟି ଗଠନ କରିବ ଆଇସିସି

ନୂଆଦିଲ୍ଲୀ, ୭ ।୧୧ (ଏଜେନ୍ସି): ଏସିଆ କପ୍ ଟ୍ରଫି ବିବାଦର ସମାଧାନ ଲାଗି ବିସିସିଆଇ ବଡ଼ ପଦକ୍ଷେପ ନେଇଛି। ରିପୋର୍ଟ ଅନୁସାରେ ଶୁକ୍ରବାର ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି) ବୈଠକରେ ଏସିଆ କପ୍ ଟ୍ରଫି ପ୍ରସଙ୍ଗ ଉଠିଥିଲା। ଦୁବାଇରେ ଅବସ୍ଥିତ ଆଇସିସିର ମୁଖ୍ୟାଳୟରେ ବସିଥିବା ଏହି ବୈଠକରେ ଭାରତୀୟ ଦଳ ଯେପରି ଶୀଘ୍ର ଟ୍ରଫି ଗ୍ରହଣ କରିପାରିବ ସେଥିଲାଗି ମାମଲାର ସମାଧାନ ପାଇଁ କମିଟି ଗଠନ କରାଯିବାକୁ ନିଷ୍ପତ୍ତି ହୋଇଥିଲା। ଏହି ବୈଠକରେ ଆଇସିସିର ସମସ୍ତ ସଦସ୍ୟ କହିଥିଲେ ଯେ ଉଭୟ ଭାରତ ଓ ପାକିସ୍ତାନ କ୍ରିକେଟ ଜଗତ ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଏହି ପ୍ରସଙ୍ଗର ସମାଧାନ ସୌହାର୍ଦ୍ଦ୍ୟପୂର୍ଣ୍ଣ ଭାବରେ ହେବା ଉଚିତ୍। ଏସିଆ କପ୍ ବିବାଦ ସମ୍ପର୍କରେ ଏକ ପ୍ରସ୍ତାବ ଗୃହୀତ ହୋଇଥିଲା। ଯାହା ଅଧିନରେ ଏହି ପ୍ରସଙ୍ଗର ସାମାଧାନ ଲାଗି ଏକ କମିଟି ଗଠନ କରାଯିବ। ଉଲ୍ଲେଖଯୋଗ୍ୟ, ଗତ ସେପ୍ଟେମ୍ବର ୨୮ ତାରିଖରେ ଏସିଆ କପ୍ ଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହୋଇଥିଲା। ଯେଉଁଥିରେ ପାକିସ୍ତାନକୁ ୫ ୱିକେଟରେ ପରାସ୍ତ କରି ଭାରତ ଟ୍ରଫି ଜିତିଥିଲା। ତେବେ ପୁରସ୍କାର ବିତରଣ ଉତ୍ସବରେ ଭାରତୀୟ ଦଳର ଖେଳାଳିମାନେ ଏସିଆ କ୍ରିକେଟ କାଉନସିଲ (ଏସିସି) ମୁଖ୍ୟ ପାକିସ୍ତାନର ମୋହସିନ ନକଭୀଙ୍କ ହାତରୁ ଟ୍ରଫି ଗ୍ରହଣ କରିବାକୁ ମନା କରିଦେଇଥିଲେ। ଷ୍ଟେଜ ଉପରେ ନକଭୀ ଦୀର୍ଘ ସମୟ ଅପେକ୍ଷା କରିଥିଲେ ମଧ୍ୟ ଭାରତୀୟ ଖେଳାଳି ଟ୍ରଫି ଗ୍ରହଣ କରିବାକୁ ଯାଇ ନ ଥିଲେ। ଶେଷରେ ନକଭୀ ଟ୍ରଫି ନେଇ ପଡ଼ିଆ ଛାଡ଼ି ଚାଲିଯାଇଥିଲେ।

# ଫାଓ ଅନୁମତି ବିନା ଟୁର୍ଣ୍ଣାମେଣ୍ଟ ବେଆଇନ

କଟକ,୭ ।୧୧(ସମିସ): କୌଣସି କ୍ଲବ କିମ୍ବା ସଂଗଠନ ଟୁର୍ଣ୍ଣାମେଣ୍ଟ ଆୟୋଜନ କରିବାକୁ ହେଲେ ଜିଲ୍ଲା ସଂଘଠାରୁ ଅନୁମତି ନେବାକୁ ପଡିବ। ଏହାଛଡ଼ା ଫୁଟବଲ ଆସୋସିଏସନ ଅଫ ଓଡ଼ିଶା(ଫାଓ) ପକ୍ଷରୁ ଟୁର୍ଣ୍ଣାମେଣ୍ଟ ପାଇଁ ସ୍ୱୀକୃତି ଦିଆଯିବ। ଯଦି ଏହା ବ୍ୟତୀତ ଟୁର୍ଣ୍ଣାମେଣ୍ଟ ଆୟୋଜନ କରାଯାଏ ତାହେଲେ ଏହାକୁ ବେଆଇନ ଘୋଷିତ କରାଯିବ। ଟୁର୍ଣ୍ଣାମେଣ୍ଟରେ ଭାଗ ନେଇଥିବା ଖେଳାଳି ଏବଂ ଅଫିସିଆଲଙ୍କ ବିରୋଧରେ ଫାଓର ଶୃଙ୍ଖଳା କମିଟି ପକ୍ଷରୁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଆଜି ଫାଓ ପକ୍ଷରୁ ଆୟୋଜିତ ସମନ୍ୱୟ କମିଟି ବୈଠକରେ ଏଭଳି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି।

ଶୁକ୍ରବାର ବାରବାଟୀ ଷ୍ଟାଡିୟମସ୍ଥିତ ଗେଷ୍ଟ ହାଉସ୍‌ରେ ଆୟୋଜିତ ଫାଓର ବୈଠକରେ ସମସ୍ତ କର୍ମକର୍ତ୍ତାଙ୍କ ସମେତ ଟୁର୍ଣ୍ଣାମେଣ୍ଟ କମିଟି, ଚୟନ କମିଟି ସଦସ୍ୟ ଉପସ୍ଥିତ ଥିଲେ। ସନ୍ତୋଷ ଟ୍ରଫି ନିମନ୍ତେ ଆସନ୍ତା ୧୫ଦିନ ମଧ୍ୟରେ ପ୍ରସ୍ତୁତି ଶିବିର ଆରମ୍ଭ କରାଯିବ। ଶିବିରରେ ଭାଗନେବା ପାଇଁ ଚୟନ ହୋଇଥିବା ଖେଳାଳି ପ୍ରତ୍ୟେକଦିନ ଉପସ୍ଥିତ ରହିବାକୁ ବାଧ୍ୟ। ଯଦି କେହି ଏହି ଶୃଙ୍ଖଳା ଭଙ୍ଗ କରନ୍ତି ତାହେଲେ ଫାଓର କୌଣସି ଟୁର୍ଣ୍ଣାମେଣ୍ଟରେ ସେମାନେ ଅଂଶ ଗ୍ରହଣ କରି ପାରିବେ ନାହିଁ ବୋଲି ନିଷ୍ପତ୍ତି ହୋଇଥିଲା। ଜାତୀୟ ପ୍ରତିଯୋଗିତାରେ ରାଜ୍ୟ ଯୁବ ଫୁଟବଲ ଦଳର ପ୍ରଦର୍ଶନ ନେଇ ଦୀର୍ଘ ସମୟ ଆଲୋଚନା କରାଯାଇଥିଲା। ଫାଓ ପକ୍ଷରୁ ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟ ଆୟୋଜନ କରିବାକୁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ଆସନ୍ତା ଜାନୁଆରୀରେ ଓଡ଼ିଶା ମହିଳା ଲିଗ୍ ଖେଳାଯିବ। ଏଥିରେ ୧୨ଟି ଦଳ ଭାଗ ନେବେ। ସମନ୍ୱୟ କମିଟି ବୈଠକରେ ବରିଷ୍ଠ ଉପସଭାପତି ବିଜୟ ଦାସ ଅଧକ୍ଷତା କରିଥିଲେ। ଉପସଭାପତି ବୀରେନ୍ଦ୍ର କୁମାର ବେହେରା, ସହଦେବ ରାଉତ, କୋଷାଧ୍ୟକ୍ଷ ଭକ୍ତବଲ୍ଲଭ ଦାସ, ଯୁଗ୍ମ ସମ୍ପାଦକ ଅଭିଜିତ ପାଲ, ମହମ୍ମଦ ସହିଦ ଜବାର, ବିଶ୍ୱରଞ୍ଜନ ଘଡେଇ, ଶ୍ରଦ୍ଧାଞ୍ଜଳୀ ସାମନ୍ତରାୟ ପ୍ରମୁଖ ଉପସ୍ଥିତ ଥିଲେ।

**ଆଜିଠୁ ବିଦର୍ଭ ବିପକ୍ଷ ରଣଜୀ**

# ଓଡ଼ିଶାର ଚିନ୍ତା ଚୂଡ଼ାନ୍ତ ଏକାଦଶ ଗଠନ

କଟକ,୭।୧୧(ସମିସ): ଡିଫେଣ୍ଡିଂ ଚାମ୍ପିଅନ ବିଦର୍ଭ ବିପକ୍ଷରେ ଚଳିତ ରଣଜୀ ଟ୍ରଫିର ୪ର୍ଥ ଲିଗ୍ ମ୍ୟାଚ୍ ଖେଳିବ ଓଡ଼ିଶା ଦଳ। ଶନିବାର ଠାରୁ ନାଗପୁର ଗ୍ରାଉଣ୍ଡରେ ଏହି ମ୍ୟାଚ୍ ଖେଳାଯିବ। ପ୍ରଥମ ତିନୋଟି ମ୍ୟାଚ୍‌ରୁ ଦୁଇଟି

- ବିଫଳତା ଆଣୁଛି ବ୍ୟାଟିଂ ଲାଇନ୍‌ଅପ୍‌ରେ ପରିବର୍ତ୍ତନ
- ନିରାଶ କରୁଛନ୍ତି ପ୍ରମୁଖ ବୋଲର; ଖେଳି ପାରନ୍ତି ଜାମେଲା
- ରାଜେଶଙ୍କ ବୋଲିଂ ଆଭରେଜ୍ ୨୦୦ ଟପିଛି

ପରାଜୟ ଜାଲରେ ଛନ୍ଦି ହୋଇ ନିଦା ମୁଣ୍ଡାଇଥିବା ଓଡ଼ିଶା ଏହି ଧାରାରୁ ମୁକୁଳିବାକୁ ନିହାତି ଉଦ୍ୟମ କରିବ। ଅନ୍ୟପକ୍ଷରେ ଖେଳାଳିଙ୍କ ମନୋବଳକୁ ଦୃଢ଼ ରଖିବାକୁ ଶୁକ୍ରବାର ମ୍ୟାଚ୍ ପୂର୍ବ ଟିମ୍ ମିଟିଂରେ ଆଲୋଚନା କରାଯାଇଛି। ବିଦର୍ଭ ବିପକ୍ଷ ଶେଷ ୫ଟି ମ୍ୟାଚ୍‌ରେ ଓଡ଼ିଶା ଗୋଟିଏ ହେଲେ ବିଜୟ ସୁଯୋଗ ପାଇନଥିଲେ ସୁଦ୍ଧା



ନାଗପୁର ମୁକାବିଲା ରୋମାଞ୍ଚକ ହେବ ବୋଲି ଅନୁମାନ କରାଯାଇପାରେ। ଅକ୍ଷୟ ୱାଡେକରଙ୍କ ନେତୃତ୍ୱାଧୀନ ବିଦର୍ଭକୁ ଓଡ଼ିଶାର ଶୁଭ୍ରାଂଶୁ ବାହିନୀ କଡା ଟକ୍କର ଦେବା ଲକ୍ଷ୍ୟରେ ରହିଛି।

ନିକଟ ଅତୀତରେ ଶେଷ ହୋଇଥିବା ଇରାନୀ କପ୍‌ରେ ବିଦର୍ଭ ଚାମ୍ପିଅନ ଟାଇଟଲ ହାସଲ କରିବା ପରେ ରଣଜୀ ଟ୍ରଫିରେ ଭାଗ ନେଇଛି। ପ୍ରଥମ ତିନୋଟି ମ୍ୟାଚ୍‌ରୁ ବିଦର୍ଭକୁ ଗୋଟିଏ ବିଜୟ ଏବଂ ୨ଟି ଅମୀମାଂସିତ ଫଳାଫଳ ଦ୍ୱାରା ୧୩ ପଏଣ୍ଟ ମିଳିଛି। ଦଳ ଗ୍ରୁପ-ଏ ଟେବଲର ୨ୟ ସ୍ଥାନରେ ରହିଛି। ଯଶ ରାଥୋଡ, ଅମନ ମୋଖାଡେ, ଧ୍ରୁବ ସୋରେ, ଅକ୍ଷୟ କର୍ଣ୍ଣେୱାର ଦଳର ବ୍ୟାଟିଂ ଭାର ସମ୍ଭାଳିଛନ୍ତି। ଯଶ ଏବଂ ଅମନଙ୍କ ବ୍ୟାଟରୁ ଶତକୀୟ ପାଳି ଦେଖିବାକୁ ମିଳିଛି। ନଚିକେତ ଭୂତେ ହେଉଛନ୍ତି ଦଳର ସଫଳ ବୋଲର। ୩ଟି ମ୍ୟାଚରୁ ସେ ୧୫ଟି ୱିକେଟ ଅକ୍ତିଆର କରିଛନ୍ତି। ହର୍ଷ ଦୁବେ, ପ୍ରଫୁଲ୍ଲ ହିଙ୍ଗେ, ପାର୍ଥ ରେଖାଡେଙ୍କ କାନ୍ଧରେ ବିଦର୍ଭର ଶକ୍ତିଶାଳୀ ବୋଲିଂ ଲାଇନଅପ ଭରସା କରୁଛି। ବିଦର୍ଭକୁ ଟକ୍କର ଦେବା ଓଡ଼ିଶା ପାଇଁ କାଠିକର ପାଠ ହୋଇପାରେ।

ବିଦର୍ଭ ବିପକ୍ଷ ମ୍ୟାଚ୍ ପୂର୍ବରୁ ଓଡ଼ିଶା ଦଳରେ ପରିବର୍ତ୍ତନ ଅଣାଯାଇଛି। ଡାହାଣହାତୀ ପେସ୍ ବୋଲର ସୁନୀଲ କୁମାର ରାଉଳଙ୍କୁ ବାଦ୍ ଦେଇ ଦଳରେ ପେସ୍ ବୋଲର ପ୍ରଶାନ୍ତ ରଣା ଏବଂ ବାମହାତୀ ସ୍ପିନର ଜାମେଲା ଭଞ୍ଜନ ମହାପାତ୍ରଙ୍କୁ ସାମିଲ କରାଯାଇଛି। ପୂର୍ବରୁ ବାଦଲ ବିଶ୍ୱାଳ ଏବଂ ସୁମିତ ଶର୍ମା ପ୍ରମୁଖ ସ୍ପିନର ଭାବେ ଦଳରେ ରହିଛନ୍ତି। ବିଦର୍ଭ ବିପକ୍ଷରେ ସୁମିତଙ୍କୁ ବିଶ୍ରାମ ଦିଆଯାଇ ଜାମେଲାଙ୍କୁ ଚୂଡାନ୍ତ ଏକାଦଶରେ ସାମିଲ କରାଯାଇପାରେ। ତେବେ ଓଡ଼ିଶାର ଭରସାଯୋଗ୍ୟ ପେସ୍ ବୋଲର ରାଜେଶ ମହାନ୍ତିଙ୍କ ବିଫଳତା ଦଳ ପାଇଁ ଚିନ୍ତା ସୃଷ୍ଟି କଲାଣି। ୩ଟି ମ୍ୟାଚ୍‌ରୁ ସେ ମାତ୍ର ଗୋଟିଏ ୱିକେଟ ପାଇଛନ୍ତି। ମୋଟ୍ ୬୦ ଓଭର ବୋଲିଂ କରିଥିବା ରାଜେଶଙ୍କ ଆଭରେଜ ୨୦୭ ରହିଛି। ତାଙ୍କର ପ୍ରତ୍ୟାବର୍ତ୍ତନ ଓଡ଼ିଶା ପାଇଁ ନିହାତି ଆବଶ୍ୟକ ହୋଇଛି। ନବାଗତ ସମ୍ବିତ ବରାଳ ୫ଟି ଏବଂ ବାଦଲ ବିଶ୍ୱାଳ ୬ଟି ୱିକେଟ ଦଖଲ କରି ଅନ୍ୟମାନଙ୍କ ଠାରୁ ଆଗରେ ରହିଛନ୍ତି। ବ୍ୟାଟିଂ ବିଫଳତା ଓଡ଼ିଶା ପାଇଁ ଅନ୍ୟଏକ ଚିନ୍ତାର କାରଣ। ଗୌରବ ଚୌଧୁରୀ, ଶୁଭ୍ରାଂଶୁ ସେନାପତି, ସମ୍ବିତ ବରାଳ, ସନ୍ଦୀପ ପଟ୍ଟନାୟକ, ରାଜେଶ ଧୂପର, ସ୍ୱସ୍ତିକ ସାମଲ, ଗୋବିନ୍ଦ ପୋଦ୍ଦାର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ ସୁଦ୍ଧା ଉଚିତ୍ ସମୟରେ ଦଳ ପାଇଁ ଉପଯୋଗୀ ସାବ୍ୟସ୍ତ ହୋଇପାରିନାହାନ୍ତି। ବିଦର୍ଭ ବିପକ୍ଷରେ ଚୂଡାନ୍ତ ଏକାଦଶ ଗଠନ କରିବା ନେଇ ଓଡ଼ିଶା ଶିବିରରେ ଚିନ୍ତା ବଢ଼ିଥିବା କୁହାଯାଉଛି।


**'ନନ୍ଦିଘୋଷ ଟିଭି'**

ନନ୍ଦିଘୋଷ

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଅଛି।
ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
|---|---|
| ଇନ୍‌ପୁଟ୍ କପି ଏଡିଟର (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଭିଡିଓ ଏଡିଟର୍ -ଡିଜିଟାଲ (୦୨) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| କପି ଏଡିଟର -ଡିଜିଟାଲ (୦୩) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ଡିଜିଟାଲ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ଗ୍ରାଫିକ୍ସ ଡିଜାଇନର -ନ୍ୟୁଜ୍ (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସିଜି ଅପରେଟର (୦୧) | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |
| ସ୍ୱିଚର / ଅନଲାଇନ୍ ଏଡିଟର | ୩ ବର୍ଷର ଅଭିଜ୍ଞତାକୁ ପ୍ରାଥମିକତା ଦିଆଯିବ। |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୧୫ ନଭେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡିକୁ ସାକ୍ଷାତକାର ପାଇଁ ଡକାଯିବ।

ଯୋଗାଯୋଗ: ୯୪୩୭୦୧୬୪୯୯

ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS